


ଆସିବ
ଦବଙ୍ଗ-୪

▸ପୃଷ୍ଠା ୧୧ ଦେଖନ୍ତୁ...


• RNI REGD NO: 42041/83
• www.sakalaepaper.com
• /sakalanews
• /sakalanews
• www.thesakala.in

# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

•VOLUME- 43 •ISSUE-146 •SATURDAY •22 NOVEMBER 2025 •PAGE-12 •₹ 6.00 | PANIKOILI | •ବର୍ଷ-୪୩ •ସଂଖ୍ୟା-୧୪୬ •ଶନିବାର •୨୨ ନଭେମ୍ବର ୨୦୨୫ •ପୃଷ୍ଠା-୧୨ •ଟ.୬.୦୦


## ରେକର୍ଡ ସ୍ତରକୁ ଖସିଲା ଟଙ୍କା ମୂଲ୍ୟ



### ଆମେରିକା ସହ ବାଣିଜ୍ୟ ଆଲୋଚନା ବିଳମ୍ବର ପ୍ରଭାବ

### ୧ ଡଲାର=୮୯.୬୮ ଟଙ୍କା

■ ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଆମେରିକା ସହିତ ବାଣିଜ୍ୟ ଚୁକ୍ତିରେ ବିଳମ୍ବ ଏବଂ ଫେଡେରାଲ୍ ରିଜର୍ଭ ଆଡୁ ସୁଧ ହାରରେ କୌଣସି ହ୍ରାସ ସମ୍ଭାବନା ନ ଥିବା ସମ୍ପର୍କିତ ରିପୋର୍ଟ ଆସିବା ପରେ ଭାରତୀୟ ମୁଦ୍ରା 'ଟଙ୍କା' ମୂଲ୍ୟରେ ହ୍ରାସ ଘଟିଛି। ଫଳରେ ଶୁକ୍ରବାର ଟଙ୍କା ରେକର୍ଡ ସର୍ବନିମ୍ନ ୮୯.୬୮ ସ୍ତରକୁ ଖସିଆସିଛି। ଭାରତ ଏବଂ ଆମେରିକା ଏ ପର୍ଯ୍ୟନ୍ତ ଏକ ବାଣିଜ୍ୟ ଚୁକ୍ତିରେ ପହଞ୍ଚି ନାହାଁନ୍ତି। ଦୁଇ ଦେଶ ମଧ୍ୟରେ ଆଲୋଚନା ଜାରି ରହିଛି। ଆମେରିକା-ଭାରତ ବାଣିଜ୍ୟରେ ବାଧା ଏବଂ ଫେଡେରାଲ୍ ରିଜର୍ଭରୁ ସୁଧ ହାର ହ୍ରାସର ଆଶା ହ୍ରାସ ପାଇବା ଭାରତୀୟ ମୁଦ୍ରାକୁ ପ୍ରଭାବିତ କରୁଛି। ଆମେରିକାରୁ ଆସିଥିବା ଏହି ଆଶ୍ଚର୍ଯ୍ୟ କରିବା ଭଳି ଖବର ଭାରତୀୟ ମୁଦ୍ରାର ଗତିକୁ ବାଧା ଦେଇଛି, ଯାହାର ଫଳସ୍ୱରୂପ ଶୁକ୍ରବାର ଡଲାର ତୁଳନାରେ ଟଙ୍କାର ବିନିମୟ ମୂଲ୍ୟ ଏହାର ସର୍ବନିମ୍ନ ସ୍ତରକୁ ଖସିଆସିଛି। ଶେଷ ଥର ପାଇଁ ଟଙ୍କା ୮୯.୩୪ ସ୍ତରରେ କାରବାର କରିଥିଲା। ଅଗଷ୍ଟ ଶେଷ ଭାଗରେ ଭାରତୀୟ ରପ୍ତାନି ଉପରେ ଆମେରିକାର ଶୁଳ୍କ ଲାଗୁ ହେବା ▸ପୃଷ୍ଠା-୭

## ମେକ୍ସିକୋର ଫାତିମା ବ୍ରହ୍ମାଣ୍ଡ ସୁନ୍ଦରୀ



### ଟପ୍-୩୦ରେ ଭାରତର ମଣିକା ବିଶ୍ୱକର୍ମା

■ ବ୍ୟାଙ୍କକ୍, ୨୧।୧୧ (ଏଜେନ୍ସି): ମେକ୍ସିକୋର ଫାତିମା ବୋସ ପର୍ଣ୍ଣାଣ୍ଡିଜ୍ ଏଥର ବ୍ରାହ୍ମାଣ୍ଡ ସୁନ୍ଦରୀର ଆଖ୍ୟା ହାସଲ କରିଛନ୍ତି। ପ୍ରତିଯୋଗିତାରେ ଥାଇଲାଣ୍ଡର ପ୍ରଭିନାର ସିଂ, ଭେନେଜୁଏଲାର ଷ୍ଟିଫାନି ଆବାସାଲି, ଫିଲିପାଇନ୍ସର ମା ଆହିସ୍ତା ମାନାଲୋ ଓ କୋଟ ଡି ଆଇଭରୀର ଓଲିଭିଆ ୟାସ୍ ଯଥାକ୍ରମେ ପ୍ରଥମ, ଦ୍ୱିତୀୟ, ତୃତୀୟ ଓ ଚତୁର୍ଥ ରନର୍ସଅପ ବିବେଚିତ ହୋଇଥିଲେ। ପ୍ରତିଯୋଗିତାରେ ବିଜୟୀ ହେବା ପରେ ତାଙ୍କୁ ସବୁଆଡୁ ଅଭିନନ୍ଦନର ସୁଅ ଛୁଟିଛି। ୨୫ ବର୍ଷୀୟ ଫାତିମାଙ୍କୁ ମୂର୍ଖ ବୋଲି କୁହାଯିବା କାରଣରୁ ସେ ଏହି ପ୍ରତିଯୋଗିତା ଛାଡି ଚାଲିଯାଇଥିଲେ। କିନ୍ତୁ ପରେ ଏଥିପାଇଁ ଆୟୋଜକ କ୍ଷମା ମାଗିବାରେ ପରେ ପୁଣିଥରେ ▸ପୃଷ୍ଠା-୭

## ଏୟାର ଶୋ'ରେ ତେଜସ୍ ଧ୍ୱଂସ



### ପାଇଲଟ୍ ମୃତ

■ ଦୁବାଇ, ୨୧।୧୧ (ଏଜେନ୍ସି): ଦୁବାଇ ଏୟାର ଶୋ'ରେ ଭାରତୀୟ ବାୟୁସେନାର ତେଜସ ଫାଇଟର ଜେଟ୍ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଅଲ ମକ୍ତୁମ ଏୟାରପୋର୍ଟରେ ଚାଲିଥିବା ଏୟାର ଶୋ'ରେ ଏକ ଡେମୋ ଫ୍ଲାଇଟ୍ ଅବସରରେ ଏହି ଦୁର୍ଘଟଣା ଘଟିଥିଲା। ଶୁକ୍ରବାର ଭାରତୀୟ ସମୟ ଅନୁସାରେ ଅପରାହ୍ଣ ୩.୪୦ରେ ଏହି ଦୁର୍ଘଟଣା ଘଟିଥିଲା। ଏଥିରେ ପାଇଲଟ ମୃତ୍ୟୁବରଣ କରିଛନ୍ତି ବୋଲି ଭାରତୀୟ ବାୟୁସେନା ତରଫରୁ କୁହାଯାଇଛି। ବିମାନ ପଡିବାରେ ପରେ ସେଥିରେ ନିଆଁ ଲାଗିଥିଲା ଓ ବିମାନ ବନ୍ଦରରେ କଳା ଧୂଆଁର ଦେଖାଯାଇଥିଲା। ତେଜସ୍ ବିମାନ କ୍ରାଶ୍ ହେବା ଫଳରେ ଏହାର ଯାଞ୍ଚ ପାଇଁ କୋର୍ଟ ଅଫ୍ ଇନ୍‌କ୍ୱାରୀ ବସାଯାଇଛି। ପାଇଲଟ୍ ନେଗେଟିଭ୍ ଜି-ଫୋର୍ସ ଟର୍ଣ୍ଣରୁ ରିକଭର କରିପାରି ନଥିଲେ। ଫଳରେ ବିମାନ ଉପରୁ ନିୟନ୍ତ୍ରଣ ହରାଇଥିଲେ। ▸ପୃଷ୍ଠା-୭

## ରାଜ୍ୟ କ୍ୟାବିନେଟ୍‌ରେ ୯ ବିଭାଗର ୧୨ ପ୍ରସ୍ତାବକୁ ମୋହର

# ଇ-ଲଟେରୀରେ ଲଘୁ ଖଣିଜ ଲିଜ୍

■ ଭୁବନେଶ୍ୱର, ୨୧।୧୧ (ସମିସ): ଏଣିକି ରାଜ୍ୟରେ ଲଘୁ ଖଣିଜ ସମ୍ପଦର ଆବଣ୍ଟନ ପାଇଁ ନିଲାମ ବ୍ୟବସ୍ଥା ପରିବର୍ତ୍ତେ ପ୍ରଚଳନ ହେବ ଇ-ଲଟେରୀ। ବାଲି ଘାଟ, ପଥର ଖଣି, ମୋରମ ଖଣି ଆଦିକୁ ଇ-ଲଟେରୀ ମାଧ୍ୟମରେ ଆବଣ୍ଟନ ହେବ। ଶୁକ୍ରବାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ରାଜ୍ୟ କ୍ୟାବିନେଟ୍ ବୈଠକରେ ଏ ସଂକ୍ରାନ୍ତ ପ୍ରସ୍ତାବରେ ବାଜିଛି ମୋହର। ଏହା ସହିତ ୟୁନିଫର୍ମ ସେବା କର୍ମଚାରୀ ନିଯୁକ୍ତି ପାଇଁ ଏକ ସ୍ୱତନ୍ତ୍ର ଚୟନ ଆୟୋଗ ଗଠନ ସହ କ୍ୟାବିନେଟ ବୈଠକରେ ୯ ଟି ବିଭାଗର ୧୨ଟି ପ୍ରସ୍ତାବକୁ ଅନୁମୋଦନ ମିଳିଛି।

ସୂଚନା ଅନୁସାରେ ରାଜ୍ୟରେ ଓଡ଼ିଶା ଲଘୁ ଖଣିଜ ରିହାତି ନିୟମ ୨୦୧୬ ରେ ସଂଶୋଧନ ପ୍ରସ୍ତାବକୁ ଅନୁମୋଦନ ମିଳିଛି। ଏହି ସଂଶୋଧନ ଦ୍ୱାରା ରାଜ୍ୟରେ ଲଘୁ ଖଣିଜ ଅନ୍ତର୍ଭୁକ୍ତ ବାଲି, ପଥର ଖଣି ଆଦି ପାଇଁ



**କ୍ୟାବିନେଟ ନିଷ୍ପତ୍ତି**

### ଜଣେ ବ୍ୟକ୍ତିଙ୍କୁ ଗୋଟିଏ ଜିଲ୍ଲାରେ ୩, ସର୍ବାଧିକ ୫ ଲିଜ୍

### ବଢ଼ିଲା ଅନୁସୂଚୀତ ଜାତି ଓ ଜନଜାତି ଶିକ୍ଷାର୍ଥୀଙ୍କ ବୃତ୍ତି

ନିଲାମୀ ପ୍ରକ୍ରିୟା ବନ୍ଦ କରାଯାଇ ଲଟେରୀ ବ୍ୟବସ୍ଥା ଆରମ୍ଭ ହେବ। ନିଲାମ ଯୋଗୁଁ ବହୁତ ଅଧିକ ଦାମ୍‌ରେ ବାଲିଘାଟ ସହ ଅନ୍ୟ ଖଣିଗୁଡ଼ିକ ନିଆଯାଉଛି। ଏହାଦ୍ୱାରା ବଜାରରେ ଏହାର ଦର ଅଧିକ ରହୁଛି। ତେଣୁ ସରକାର ନୂଆ ନୀତି ଆଣିବା ସହ ଲଟେରୀ ଜରିଆରେ ଫ୍ଲୋର୍ ପ୍ରାଇସ୍ ବଦଳରେ ଏକ ଅତିରିକ୍ତ ଚାର୍ଜ ନିର୍ଦ୍ଧାରଣ କରାଯିବ। ଲିଜଧାରୀ ମାନେ ବାଲି, ପଥର, ମୋରମ ଆଦିକୁ କେଉଁ ଦରରେ ବିକ୍ରି କରିବେ ତାହା ମଧ୍ୟ ସରକାର ନିର୍ଦ୍ଧାରଣ ▸ପୃଷ୍ଠା-୭

## ବର୍ଦ୍ଧିଧାରୀଙ୍କ ନିଯୁକ୍ତି ପାଇଁ 'ଓୟୁଏସ୍‌ଏସ୍‌ସି'

■ ଭୁବନେଶ୍ୱର, ୨୧।୧୧ (ସମିସ): ରାଜ୍ୟରେ ସମସ୍ତ ପ୍ରକାର ବର୍ଦ୍ଧିଧାରୀଙ୍କୁ ନିଯୁକ୍ତି ପାଇଁ ଏକ ସ୍ୱତନ୍ତ୍ର ଆୟୋଗ 'ଓଡ଼ିଶା ୟୁନିଫର୍ମ ସର୍ଭିସେସ୍ ଷ୍ଟାଫ୍ ସିଲେକ୍ସନ୍ କମିସନ୍ (ଓୟୁଏସ୍‌ଏସ୍‌ସି)' ଗଠନ ପ୍ରସ୍ତାବକୁ ରାଜ୍ୟ କ୍ୟାବିନେଟ୍ ଅନୁମୋଦନ କରିଛି।

### ସ୍ୱତନ୍ତ୍ର ଆୟୋଗରେ ରହିବେ ଜଣେ ଅଧ୍ୟକ୍ଷ, ୨ ସଦସ୍ୟ

ଗୃହ ବିଭାଗ ସମେତ ଅବକାରୀ ବିଭାଗ, ଜଙ୍ଗଲ, ପରିବେଶ ଓ ଜଳବାୟୁ ପରିବର୍ତ୍ତନ ବିଭାଗ ଏବଂ ବାଣିଜ୍ୟ ଓ ପରିବହନ ବିଭାଗ ଅଧୀନରେ ପୁଲିସ ଏବଂ ଅନ୍ୟାନ୍ୟ ୟୁନିଫର୍ମ ସେବା ପାଇଁ ନିଯୁକ୍ତି ପ୍ରକ୍ରିୟା ପରିଚାଳନା କରିବ। ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗ ଅଧୀନରେ ଏହି ଆୟୋଗ କାର୍ଯ୍ୟ କରିବ। ଏହାସହ ୟୁନିଫର୍ମ ସେବା କର୍ମଚାରୀ ଚୟନ ଆୟୋଗ (ଓୟୁଏସ୍‌ଏସ୍‌ସି) ନିୟମାବଳୀ-୨୦୨୫ ପ୍ରଣୟନ କରିବାକୁ ଶୁକ୍ରବାର ଅନୁଷ୍ଠିତ କ୍ୟାବିନେଟ୍ ବୈଠକରେ ମଞ୍ଜୁରୀ ଦିଆଯାଇଛି। ଏହି ଆୟୋଗରେ ଜଣେ ଅଧ୍ୟକ୍ଷଙ୍କ ▸ପୃଷ୍ଠା-୭

## ଆଜି ସୃଷ୍ଟି ହେବ ଲଘୁଚାପ

### ଶକ୍ତିଶାଳୀ ବାତ୍ୟା ପାଇଁ ପାଗ ଅନୁକୂଳ

■ ଭୁବନେଶ୍ୱର, ୨୧।୧୧ (ସମିସ): ମାଲେସିଆ ନିକଟବର୍ତ୍ତୀ ମଲ୍ଲାକାରେ ସମୁଦ୍ରପତ୍ତନ ଠାରୁ ୫.୮ କି.ମି ବିସ୍ତୀର୍ଣ୍ଣ ଅଞ୍ଚଳରେ ପରିବ୍ୟାପ୍ତ ଥିବା ଘୂର୍ଣ୍ଣିବଳୟ ପ୍ରଭାବରେ ଆସନ୍ତାକାଲି (ଶନିବାର) ଦକ୍ଷିଣ ଆଣ୍ଡାମାନ ସାଗରରେ ଏକ ଲଘୁଚାପ ସୃଷ୍ଟି ହେବ। ପରବର୍ତ୍ତୀ ୪୮ ଘଣ୍ଟାରେ ଏହା ଘନୀଭୂତ ହୋଇ ପଶ୍ଚିମ-ଉତ୍ତରପଶ୍ଚିମ ଦିଗକୁ ଅଗ୍ରସର ହୋଇ ଦକ୍ଷିଣ-ପଶ୍ଚିମ ବଙ୍ଗୋପସାଗରରେ ଅଧିକ ଘନୀଭୂତ ହୋଇ ଅବପାତର ରୂପ ନେବ ବୋଲି ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ କେନ୍ଦ୍ର ପୂର୍ବାନୁମାନ କରିଛି।


ଅନ୍ୟପକ୍ଷରେ ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ମଲ୍ଲାକା ଷ୍ଟ୍ରିଟ୍‌ରେ ଏକ ଦୁର୍ବଳ ଲଘୁଚାପ ସୃଷ୍ଟି ହୋଇ ସାରିଛି। ଶନିବାର ସକାଳ ସୁଦ୍ଧା ଏହା ସଦୃଶ ଲଘୁଚାପରେ ପରିଣତ ହେବ। ୨୬ ତାରିଖ ବେଳକୁ ଏହା ବାତ୍ୟାର ରୂପ ନେଇପାରେ। ଏହା ଶୀଘ୍ର ଘନୀଭୂତ ହୋଇ ଉତ୍ତର ବା ଉତ୍ତର-ଉତ୍ତର ପଶ୍ଚିମ ଦିଗରେ ଗତ କରିବ। ୨୮ରେ ଏହା ଅଧିକ ଶକ୍ତିଶାଳୀ ହୋଇ ଏକ ଭୀଷଣ ବାତ୍ୟାରେ ରୂପ ନେବ ଓ ୨୯ କିମ୍ବା ୩୦ ଏବା ଅତି ଭୀଷଣ ବାତ୍ୟାରେ ପରିଣତ ହେବା ନେଇ ମଧ୍ୟ କିଛି ମଡେଲ୍ ଆକଳନ କରୁଛନ୍ତି। ଅତି ଭୀଷଣ ବାତ୍ୟାରେ ପରିଣତ ହେବା ପରେ ଏହା ଦକ୍ଷିଣ-ପଶ୍ଚିମ ଓ ପଶ୍ଚିମ-କେନ୍ଦ୍ରୀୟ ସଂଲଗ୍ନ ବଙ୍ଗୋପସାଗରକୁ ମୁହାଁଇବ। ବାତ୍ୟା ଅଧିକ ଘନୀଭୂତ ହେବାର ଯଥେଷ୍ଟ ଆଶଙ୍କା ରହିଛି। ଏହାର କାରଣ ଦର୍ଶାଇ ପ୍ରଫେସର ପଶୁପାଳକ କହିଛନ୍ତି ଯେ ଏହା ଆର୍ଦ୍ର, ଉପ-ଉଷ୍ମ ମଣ୍ଡଳରେ ଅବସ୍ଥିତ ହେବା ସହ ଶୁଷ୍କ ବାୟୁର ମଧ୍ୟ ▸ପୃଷ୍ଠା-୭



### ଓଡ଼ିଶା-ଆନ୍ଧ୍ର ଉପରେ ଅଧିକ ପ୍ରଭାବ ଆଶଙ୍କା

### ଓଡ଼ିଶାରେ ସ୍ଥଳଭାଗ ଛୁଇଁବା ନେଇ ସମ୍ଭାବନା

## ଏନ୍‌ଡିଏର ବିହାର ବିଜୟ ବିଧାଣି
## ଧର୍ମେନ୍ଦ୍ରଙ୍କୁ ବିପୁଳ ସମ୍ବର୍ଦ୍ଧନା



■ ଭୁବନେଶ୍ୱର, ୨୧।୧୧ (ସମିସ): ବିହାର ବିଧାନସଭା ନିର୍ବାଚନରେ ଏନ୍‌ଡିଏର ଐତିହାସିକ ବିଜୟର ଅନ୍ୟତମ ନେପଥ୍ୟ ନାୟକ ତଥା ଦଳୀୟ ନିର୍ବାଚନ ପ୍ରଭାରୀ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନଙ୍କୁ ଭୁବନେଶ୍ୱରରେ ଦିଆଯାଇଛି ଉଚ୍ଛ୍ୱସିତ ସମ୍ବର୍ଦ୍ଧନା। ଶୁକ୍ରବାର ଶ୍ରୀ ପ୍ରଧାନ ଓଡ଼ିଶା ଗସ୍ତରେ ଆସିବା ଅବସରରେ ବିମାନବନ୍ଦରରେ ହଜାର ହଜାର କର୍ମୀ, କର୍ମକର୍ତ୍ତା ଓ ସମର୍ଥକ ତାଙ୍କୁ ସ୍ୱାଗତ କରିଛନ୍ତି। ଅନ୍ୟପକ୍ଷରେ ଏହି ସମ୍ବର୍ଦ୍ଧନା ପାଇଁ ଶ୍ରୀ ପ୍ରଧାନ ଦଳୀୟ ନେତା, କର୍ମୀ, ସମର୍ଥକଙ୍କୁ ଗାମୁଛା ହଲାଇ କୃତଜ୍ଞତା ଜଣାଇଛନ୍ତି।

### କଂଗ୍ରେସର ବିଭାଜନ ରାଜନୀତିକୁ ଲୋକେ ପ୍ରତ୍ୟାଖ୍ୟାନ କରିଛନ୍ତି: ଧର୍ମେନ୍ଦ୍ର

### ଶ୍ରୀମନ୍ଦିର ଯାଇ ମହାପ୍ରଭୁଙ୍କ ଆଶୀର୍ବାଦ ନେଲେ

ଗଣମାଧ୍ୟମକୁ ପ୍ରତିକ୍ରିୟା ଦେଇ ସେ କହିଛନ୍ତି ଯେ ଏନଡିଏ ମେଣ୍ଟର ଅଭୁତପୂର୍ବ ବିଜୟ ପାଇଁ ବିହାରବାସୀଙ୍କୁ ଧନ୍ୟବାଦ। ବିହାରବାସୀ ଦେଶକୁ ବିଭାଜନ କରିବା ନିମନ୍ତେ କଂଗ୍ରେସର ନକରାତ୍ମକ ରାଜନୀତିକୁୟ ପ୍ରତ୍ୟାଖ୍ୟାନ କରିଛନ୍ତି। ଅନ୍ୟପକ୍ଷରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ଦୂରଦୃଷ୍ଟି, ବିଜେପି ରାଷ୍ଟ୍ରୀୟ ସଭାପତି ଜେ.ପି ନଡ୍ଡାଙ୍କ ସାଂଗଠନିକ ଦକ୍ଷତା, ବିହାରର ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ନୀତୀଶ କୁମାରଙ୍କ ନେତୃତ୍ୱ ପାଇଁ ଜନସାଧାରଣ ତାଙ୍କୁ ପୁଣି ଥରେ ଆଶୀର୍ବାଦ କରିଛନ୍ତି। ବିହାରରେ ପୁଣି ଥରେ ସେବା ନିମନ୍ତେ ଏନଡ଼ିଏ ସୁଯୋଗ ଦେଇ ବିହାରବାସୀ ପ୍ରଧାନମନ୍ତ୍ରୀଙ୍କ ନେତୃତ୍ୱକୁ ବଡ଼ ସ୍ୱୀକୃତି ଦେଇଛନ୍ତି। ଅନ୍ୟପକ୍ଷରେ ନୂଆପଡ଼ା ଉପନିର୍ବାଚନରେ ବିଜେପି ପ୍ରାର୍ଥୀ ଜୟ ଢୋଲକିଆ ବିଜୟ ନିମନ୍ତେ ଶ୍ରୀ ପ୍ରଧାନ ଓଡ଼ିଶାର ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଓ ରାଜ୍ୟ ବିଜେପି ସଭାପତି ମନମୋହନ ସାମଲଙ୍କୁ ଶୁଭେଚ୍ଛା ଜ୍ଞାପନ କରିଛନ୍ତି। ଏହାପରେ ଶ୍ରୀ ପ୍ରଧାନ ବିମାନବନ୍ଦରରୁ ସିଧା ପୁରୀ ଯାଇ ଶ୍ରୀମନ୍ଦିରରେ ମହାପ୍ରଭୁଙ୍କୁ ଦର୍ଶନ ସହ ଆଶୀର୍ବାଦ ନେଇଛନ୍ତି।

### କାଳ ହେଲା ମିଛିମିଛିକା ଭାତ-ତରକାରୀ ଖେଳ

## ଲୁଣ ଭାବି ଥିମେଟ୍ ଖାଇଦେଲେ ୩ ଶିଶୁ

■ ନୀଳଗିରି, ୨୧।୧୧ (ସମିସ): ଲୁଣ ଭାବି ଥିମେଟ୍ ଖାଇଦେଲେ ୩ ଶିଶୁ। ବାଲେଶ୍ୱର ଜିଲ୍ଲା ନୀଳଗିରି ବ୍ଲକ୍ ମହିଷାପଟ୍ଟା ପଞ୍ଚାୟତ ଶାଳବଣି ଗ୍ରାମରେ ଆଜି ଏହି ଅଘଟଣ ଘଟିଛି। ସେମାନେ ହେଲେ, ଗ୍ରାମର ବାବୁଲା ସିଂଙ୍କ ପୁଅ ଯୁବରାଜ ସିଂ(୮), ଅକ୍ଷୟ ସିଂଙ୍କ ଝିଅ ଇନ୍ଦୁରେଖା ସିଂ(୫) ଓ ରମେଶ ସିଂଙ୍କ ପୁଅ ଘନଶ୍ୟାମ ସିଂ(୪)। ଗୁରୁତର ଅବସ୍ଥାରେ ସେମାନଙ୍କୁ ନୀଳଗିରି ଉପଖଣ୍ଡ ଚିକିତ୍ସାଳୟ ଓ ପରେ ରେମୁଣା ମେଡିକାଲ କଲେଜକୁ ସ୍ଥାନାନ୍ତର କରାଯାଇଥିଲା। କିନ୍ତୁ ସେଠାରେ ଯୁବରାଜର ଅବସ୍ଥା ସଂକଟାପନ୍ନ ହେବାରୁ ତାକୁ କଟକକୁ ସ୍ଥାନାନ୍ତର କରାଯାଇଛି। ସେହିପରି ଘନଶ୍ୟାମକୁ ଆଇସିୟୁରେ ରଖାଯାଇଛି। ▸ପୃଷ୍ଠା-୭

### ଗୁରୁତର ଅବସ୍ଥାରେ ଡାକ୍ତରଖାନାରେ ଭର୍ତ୍ତି

### ଜଣକୁ କଟକ ସ୍ଥାନାନ୍ତର

### ୨୯ ପୁରୁଣା ଆଇନ ଶେଷ; ଲାଗୁ ହେଲା ନୂଆ ଶ୍ରମ କୋଡ୍

## ଶ୍ରମିକଙ୍କୁ ମିଳିବ ନିଶ୍ଚିତ ସାମାଜିକ ସୁରକ୍ଷା

■ ନୂଆଦିଲ୍ଲୀ ୨୧।୧୧ (ଏଜେନ୍ସି): ଏକ ଗୁରୁତ୍ୱପୂର୍ଣ୍ଣ ଘଟଣାକ୍ରମେ ଦେଶରେ ଆଜି ବହୁ ପ୍ରତୀକ୍ଷିତ ଶ୍ରମ କୋଡ୍ ଲାଗୁ ହୋଇଛି। ସମସ୍ତ କ୍ଷେତ୍ରରେ ଶ୍ରମିକ କଲ୍ୟାଣ ବ୍ୟବସ୍ଥାକୁ ମଜଭୁତ କରିବା ଲାଗି ୪ ନୂଆ ଶ୍ରମ ସଂହିତା – ମଜୁରି ସଂହିତା ୨୦୧୯, ଶିଳ୍ପ ସଂହିତା ୨୦୨୦, ସାମାଜିକ ସୁରକ୍ଷା ସଂହିତା ୨୦୨୦ ଏବଂ ବୃତ୍ତିଗତ ନିରାପତ୍ତା, ସ୍ୱାସ୍ଥ୍ୟ ଏବଂ କାର୍ଯ୍ୟ ପରିସ୍ଥିତି ସଂହିତା ୨୦୨୦କୁ ଶୁକ୍ରବାର କାର୍ଯ୍ୟକାରୀ କରାଯାଇଛି। ଏହାଫଳରେ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରଚଳିତ ୨୯ଟି ଶ୍ରମ ଆଇନର ଅନ୍ତ ଘଟିଛି। ନୂଆ ଶ୍ରମ କୋଡ୍ ଲାଗୁ ହେବା ପରେ ଦେଶରେ ଶ୍ରମିକମାନଙ୍କୁ ସୁନିଶ୍ଚିତ ନିଯୁକ୍ତିପତ୍ର, ଠିକ୍ ସମୟରେ ବେତନ, ସର୍ବନିମ୍ନ ବେତନ ଓ ସାମାଜିକ ସୁରକ୍ଷା ଆଦି କ୍ଷେତ୍ରରେ ଗ୍ୟାରେଣ୍ଟି ମିଳିବା ଆଶା କରାଯାଉଛି। ଏଥିଯୋଗୁଁ ଦେଶର ପ୍ରାୟ ୪୦ କୋଟି ଶ୍ରମିକ ଲାଭବାନ ହେବେ। ନୂଆ ଶ୍ରମ କୋଡ୍ ସରକାର ଅନେକ ଗୁରୁତ୍ୱପୂର୍ଣ୍ଣ ସଂଶୋଧନ କରିଛନ୍ତି, ଯେଉଁଥିରେ ଗିଗ୍ ଓ ପ୍ଲାଟଫର୍ମ ୱାର୍କର, ମହିଳା କର୍ମଚାରୀ ଓ ଏମ୍‌ଏସ୍‌ଏମ୍‌ଇ ସେକ୍ଟରରେ କାମ କରୁଥିବା ଶ୍ରମିକଙ୍କୁ ଲାଭ ମିଳିବ। ନୂଆ ଶ୍ରମ ସଂହିତା କାର୍ଯ୍ୟକାରୀ ହେବା ପରେ ନିଯୁକ୍ତି କ୍ଷେତ୍ରରେ ସମସ୍ତ କର୍ମଚାରୀଙ୍କୁ ସୁନିଶ୍ଚିତ ନିଯୁକ୍ତିପତ୍ର ପ୍ରଦାନ, ଲିଖିତ ପ୍ରମାଣପତ୍ରରେ ସ୍ୱଚ୍ଛତା, ଚାକିରି ସୁରକ୍ଷା ଏବଂ ସ୍ଥାୟୀ ନିଯୁକ୍ତିକୁ ସୁନିଶ୍ଚିତ କରାଯିବ। ସମସ୍ତ ଶ୍ରମିକଙ୍କୁ ପିଏଫ୍, ଇଏସଆଇସି, ବୀମା ଏବଂ ଅନ୍ୟାନ୍ୟ ସାମାଜିକ ସୁରକ୍ଷା ସୁବିଧା ମିଳିବ। ଏଥିସହ ସମସ୍ତ ଶ୍ରମିକଙ୍କୁ ସର୍ବନିମ୍ନ ମଜୁରି ଓ ସମୟାନୁଯାୟୀ ▸ପୃଷ୍ଠା-୭

### ଲାଭବାନ ହେବେ ୪୦ କୋଟି ଶ୍ରମିକ

# ଦିଲ୍ଲୀ ବିଶ୍ୱର ସବୁଠାରୁ ପ୍ରଦୂଷିତ ସହର

■ ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଦିଲ୍ଲୀ-ଏନ୍‌ସିଆରରେ ଲଗାତର ଭାବେ ପ୍ରଦୂଷଣ ବଢ଼ିବାରେ ଲାଗିଛି। ଗୁରୁବାର ଦିଲ୍ଲୀର ଏୟାର କ୍ୱାଲିଟି ଇଣ୍ଡେକ୍ସ (ଏକ୍ୟୁଆଇ) ୫୦୬ ଥିଲା ଓ ଏହା ନିହାତି ବିପଜ୍ଜନକ ବିବେଚିତ ହୋଇଛି। ଦିଲ୍ଲୀ ଏବେ ବିଶ୍ୱର ସବୁଠାରୁ ପ୍ରଦୂଷିତ ସହରର ଭାବେ ଅଲୋଡା ନାମ ହାସଲ କରିଛି। ବିଶ୍ୱବ୍ୟାପୀ ବାୟୁ ପ୍ରଦୂଷଣ ମାପୁଥିବା ଅନ୍ତର୍ଜାତୀୟ ସଂସ୍ଥା 'ଆଇକ୍ୟୁଏୟାର'ର ଲାଇଭ ମାନ୍ୟତାରେ ଦିଲ୍ଲୀ ବିଶ୍ୱର ସବୁଠାରୁ ପ୍ରଦୂଷିତ ସହର ଭାବେ ପରିଗଣିତ ହେଉଛି। ବାୟୁରେ ବର୍ଦ୍ଧିତ ପ୍ରଦୂଷଣକୁ ଦୃଷ୍ଟିରେ ରଖି ଦିଲ୍ଲୀ ସରକାର ଏକ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେଇଛନ୍ତି। ନଭେମ୍ବରରେ ଓ ଡିସେମ୍ବରରେ ସବୁ ସ୍କୁଲ୍‌ରେ ସ୍ପୋର୍ଟ୍ସ ଇଭେଣ୍ଟକୁ ବନ୍ଦ କରିଦିଆଯାଇଛି। ପ୍ରଦୂଷଣ କାରଣରୁ ଦିଲ୍ଲୀରେ ସବୁ ପ୍ରକାର କ୍ରୀଡ଼ା ଇଭେଣ୍ଟକୁ ସ୍ଥଗିତ ରଖିବାକୁ କମିଶନ ଫର ଏୟାର କ୍ୱାଲିଟି ମ୍ୟାନେଜମେଣ୍ଟ (ସିଏକ୍ୟୁଏମ୍) ନିର୍ଦ୍ଦେଶ ଦେଇଛି। ଦିଲ୍ଲୀର ପ୍ରଦୂଷିତ ବାୟୁ ଏବେ ପିଲାମାନଙ୍କ ପାଇଁ ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟ ସଙ୍କଟ ସୃଷ୍ଟି କରିଛି ବୋଲି କମିଶନ କହିଛି। ପୂର୍ବରୁ ଅକ୍ଟୋବର ୧୮ରେ ଦିଲ୍ଲୀ- ଏନ୍‌ସିଆରରେ ପ୍ରଦୂଷଣ ପାଇଁ ଦିଲ୍ଲୀରେ କ୍ରୀଡ଼ା ସମ୍ପର୍କିତ ସବୁ ପ୍ରକାର ପ୍ରତିଯୋଗିତାକୁ ବନ୍ଦ କରିବାକୁ ସୁପ୍ରିମକୋର୍ଟ ନିର୍ଦ୍ଦେଶ ଦେଇଥିଲେ।

ସେପଟେ ସାରା ଦେଶରେ ପ୍ରବଳ ଥଣ୍ଡା ଜାରି ରହିଛି। ଶୀତର ପ୍ରକୋପ ବୃଦ୍ଧି ପାଇଥିବାରୁ ଦିଲ୍ଲର ପ୍ରଦୂଷଣ ଆହୁରି ଖରାପ ହୋଇଛି। ଗତ ୨୪ ଘଣ୍ଟା ମଧ୍ୟରେ ଭୋପାଳ, ଇନ୍ଦୋର ସମେତ ମଧ୍ୟପ୍ରଦେଶର ୧୨ଟି ସହରରେ ତାପମାତ୍ରା ୧୦ ଡିଗ୍ରୀ ତଳେ ରହିବାର ରେକର୍ଡ କରାଯାଇଛି। ରାଜଗଡ଼ରେ ତାପମାତ୍ରା ୭.୫ ଡିଗ୍ରୀ ଥିଲା। ଜବଲପୁରରେ ଘନ କୁହୁଡି ଛାଇ ରହିଥିଲା। ଉତ୍ତରାଖଣ୍ଡର ବଦ୍ରିନାଥରେ ତାପମାତ୍ର ମାଇନସ ୬ ଡିଗ୍ରୀ ତଳକୁ ଖସିଛି। ଅଗାମୀ କିଛି ଦିନ ପାଗ ଏହି ଭଳି ରହିବ ବୋଲି ପାଣିପାଗ କାର୍ଯ୍ୟାଳୟ ତରଫରୁ କୁହାଯାଇଛି।



### ଏକ୍ୟୁଆଇ ୫୦୬ରେ ପହଞ୍ଚିଲା

### ସ୍କୁଲ୍‌ରେ କ୍ରୀଡ଼ା ଇଭେଣ୍ଟ ଉପରେ ରୋକ

# ମୁଁ ବୌଦ୍ଧ, କିନ୍ତୁ ଧର୍ମନିରପେକ୍ଷ: ସିଜେଆଇ ଗଭାଇ



ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଭାରତର ପ୍ରଧାନ ବିଚାରପତି (ସିଜେଆଇ) ବିଆର ଗଭାଇଙ୍କୁ ଗୁରୁବାର ବିଦାୟକାଳୀନ ସମ୍ବର୍ଦ୍ଧନା ଦିଆଯାଇଛି। ସେ ୨୩ ତାରିଖରେ ଅବସର ଗ୍ରହଣ କରୁଛନ୍ତି। କିନ୍ତୁ ଆଜି ସୁପ୍ରିମକୋର୍ଟରେ ତାଙ୍କର ଶେଷ କାର୍ଯ୍ୟ ଦିବସ ଥିଲା। ମାତ୍ର କେଇ ମାସର କାର୍ଯ୍ୟକାଳରେ ସେ ଅନେକ ଗୁରୁତ୍ୱପୂର୍ଣ୍ଣ ରାୟ ଦେଇଛନ୍ତି। ଏହା ମଧ୍ୟରେ ବୁଲ୍‌ଡୋଜର କାର୍ଯ୍ୟାନୁଷ୍ଠାନରେ କଟକଣା ପ୍ରମୁଖ ସାମିଲ ରହିଛି। ଆଡଭୋକେଟ୍ସ ଅନ୍ ରେକର୍ଡ ଆସୋସିଏସନ (ଏସସିଏଇଆରଏ) ପକ୍ଷରୁ ଆୟୋଜିତ ବିଦାୟକାଳୀନ ସମ୍ବର୍ଦ୍ଧନାରେ ସିଜେଆଇ କହିଛନ୍ତି ଯେ ମୁଁ ବୌଦ୍ଧ ଧର୍ମକୁ ମାନୁଛି। କିନ୍ତୁ ପ୍ରକୃତରେ ମୁଁ ଧର୍ମନିରପେକ୍ଷ ବ୍ୟକ୍ତି। ହିନ୍ଦୁ, ଶିଖ୍, ଇସ୍‌ଲାମ ସମେତ ସବୁ ଧର୍ମରେ ମୋର ବିଶ୍ୱାସ ରହିଛି। ଏହି ଧର୍ମନିରପେକ୍ଷତା ବିଷୟରେ ମୁଁ ବାପାଙ୍କଠାରୁ ଶିକ୍ଷା କରିଥିଲି। ମୋ ବାପା ସମ୍ପୂର୍ଣ୍ଣ ଭାବେ ଧର୍ମନିରପେକ୍ଷ ଥିଲେ। ସେ ଡ. ବାବା ସାହେବ ଆମ୍ବେଦକରଙ୍କ ଅନୁଗାମୀ ଥିଲେ। ମୁଁ ଛୋଟ ଥିବା ସମୟରେ ବାପାଙ୍କ ସହ ପ୍ରସିଦ୍ଧ ଦରଗା ଏବଂ ଗୁରୁଦ୍ୱାର ଯାଉଥିଲି। ଏଭଳି ଭାବେ ସବୁ ଧର୍ମକୁ ସମ୍ମାନ କରୁଥିବା ପରିବେଶରେ ମୁଁ ବଡ଼ ହୋଇଥିଲି। ପ୍ରାୟ ୨୦ ବର୍ଷ ବିଚାରପତି ରହିବା ପରେ ଆଜି ଯାହା କିଛି ବି ଅଛି, ସବୁ ନ୍ୟାୟପାଳିକା ପାଇଁ ସମ୍ଭବ ହୋଇପାରିଛି। ଏଥିପାଇଁ ଦେଶର ନ୍ୟାୟପାଳିକା ପ୍ରତି ସିଜେଆଇ ଗଭୀର କୃତଜ୍ଞତା ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ ଯେ ୨୪ ତାରିଖରେ ଜଷ୍ଟିସ ସୂର୍ଯ୍ୟକାନ୍ତ ଦେଶର ୫୩ତମ ସିଜେଆଇ ଭାବେ ଶପଥ ଗ୍ରହଣ କରିବେ। ସେ ୧୪ ମାସ ପାଇଁ ଏହି ପଦରେ ରହିବେ। ୨୦୨୭ ଫେବୃଆରୀ ୯ରେ ଅବସର ଗ୍ରହଣ କରିବେ।

# ପାଣିପାଗର ଚରମ ସ୍ଥିତି; ୯ ମାସରେ ଗଲାଣି ୪୦୬୪ ଜୀବନ

ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ଭାରତରେ ପାଣିପାଗ ଜନିତ ଚରମ ସ୍ଥିତି ଦିନକୁ ଦିନ ଉତ୍କଟ ହେବାରେ ଲାଗିଛି। ଏଥିଯୋଗୁଁ ପ୍ରାକୃତିକ ବିପର୍ଯ୍ୟୟ ବଢ଼ିବାରେ ଲାଗିଛି। ଚଳିତ ବର୍ଷ ପ୍ରଥମ ୯ ମାସରେ ଏହା ୪୦୬୪ ଜୀବନ ନେଲାଣି। ଗତ ୪ ବର୍ଷରେ ଏଭଳି ମୃତ୍ୟୁ ୪୮ ପ୍ରତିଶତ ବୃଦ୍ଧି ପାଇଛି। ଦିଲ୍ଲୀର ଥିଙ୍କଟାଙ୍କ ସଂସ୍ଥା 'ସେଣ୍ଟର ଫର ସାଇନ୍ସ ଆଣ୍ଡ ଇନ୍‌ଭାରମେଣ୍ଟ (ସିଏସଇ)' ଏବଂ 'ଡାଉନ ଟୁ ଆର୍ଥ' ରିପୋର୍ଟରେ ଏହି ସୂଚନା ଦିଆଯାଇଛି। ରିପୋର୍ଟ ଅନୁଯାୟୀ, ଏହି ଅବଧିରେ ମଧ୍ୟପ୍ରଦେଶରେ ସର୍ବାଧିକ ଲୋକଙ୍କ ଜୀବନ ଯାଇଛି। ମହାରାଷ୍ଟ୍ରରେ ସର୍ବାଧିକ ୮.୪ ନିୟୁତ ହେକ୍ଟରର ଫସଲ କ୍ଷତିଗ୍ରସ୍ତ ହୋଇଛି। ଗ୍ରୀଷ୍ମ ପ୍ରବାହ, ଶୀତ, ବଜ୍ରପାତ, ଝଡ଼, ପ୍ରବଳ ବର୍ଷା, ବନ୍ୟା ଏବଂ ଭୂସ୍ଖଳନ ଯୋଗୁଁ ୯.୪୭ ନିୟୁତ ଫସଲ ନଷ୍ଟ ହୋଇଛି। ଗତ ଚାରି ବର୍ଷରେ ଏହା ୪୦୦ ପ୍ରତିଶତ ବୃଦ୍ଧି ପାଇଛି। ଗତ ବର୍ଷ ପାଣିପାଗ ଜନିତ ଚରମ ସ୍ଥିତିରେ ୩,୨୩୮ ଜଣ ପ୍ରାଣ ହରାଇଥିବାବେଳେ ୩.୨ ନିୟୁତ ହେକ୍ଟରରେ ଫସଲ ନଷ୍ଟ ହୋଇଥିଲା। ୯୯ ପ୍ରତିଶତ ଦିନରେ କୌଣସି ନା କୌଣସି ପାଣିପାଗ ଜନିତ ଚରମ ସ୍ଥିତି ସୃଷ୍ଟି ହେଉଥିବାବେଳେ ଏପରି ଧନଜୀବନ ହାନି ଘଟୁଛି। ୨୦୨୨ ପରଠାରୁ ୧୮ ରାଜ୍ୟ ଏବଂ କେନ୍ଦ୍ରଶାସିତ ଅଞ୍ଚଳରେ ଏଭଳି ଦିନ ସଂଖ୍ୟା ବଢିବାରେ ଲାଗିଛି।



## ବିହାରରେ ୨ ଲକ୍ଷ ପୋଷ୍ଟାଲ ବାଲଟ୍‌ରୁ ୨୪ ହଜାର ନାକଚ

ନୂଆଦିଲ୍ଲୀ, ୨୧।୧୧(ଏଜେନ୍ସି): ବିହାର ନିର୍ବାଚନ ନେଇ ନିର୍ବାଚନ କମିଶନ ଏକ ନୂଆ ତଥ୍ୟ ପ୍ରଦାନ କରିଛନ୍ତି। ୨ ଲକ୍ଷ ପୋଷ୍ଟାଲ ବାଲଟରୁ ପାଖାପାଖି ୨୪, ୦୦୦ ଭୋଟ ନାକଚ ହୋଇଛି ବୋଲି କମିଶନଙ୍କ ତରଫରୁ ଦିଆ ଯାଇଥିବା ତଥ୍ୟରୁ ଜଣାପଡ଼ିଛି। ନିର୍ବାଚନରେ ମୋଟ୍ ୫.୦୨ କୋଟି ମତଦାନ ହୋଇଥିଲା। ଏଥିରେ ଇଭିଏମ୍ ଓ ପୋଷ୍ଟାଲ ବାଲଟ ସାମିଲ ଥିଲା। ୪.୯୩ କୋଟି ଭୋଟ୍ ବୈଧ ଥିବାବେଳେ ୯.୩୪ ଲକ୍ଷ ଭୋଟ୍ ନାକଚ୍ ହୋଇଛି। ୨.୦୧ ଲକ୍ଷ ପୋଷ୍ଟାଲ ଭୋଟ୍‌ରୁ ୨୩, ୯୮୧ ଭୋଟ୍ ନାକଚ ହୋଇଛି ବୋଲି କୁହାଯାଇଛି। ସେହିପରି ନନ୍ ଅଫ୍ ଦି ଏବଭ ଅର୍ଥାତ ନୋଟା ଭୋଟ ସଂଖ୍ୟା ୯.୧୦ ଲକ୍ଷ ଥିଲା ଏଥିରେ ଇଭିଏମ୍ ଓ ପାଷ୍ଟାଲ ବାଲଟ ଭୋଟ୍ ସାମିଲ ଥିଲା। ନୋଟାର ଭୋଟ ପ୍ରତିଶତ ୧.୮୧ ରହିଛି। ଉଲ୍ଲେଖଥାଉ କି, ୮୫ ବର୍ଷରୁ ଉର୍ଦ୍ଧ୍ୱ ବୟସର ବରିଷ୍ଠ ନାଗରିକ, ଭିନ୍ନକ୍ଷମ ବ୍ୟକ୍ତି ଓ ଯେଉଁ ବ୍ୟକ୍ତିମାନେ ଗୁରୁତ୍ୱପୂର୍ଣ୍ଣ ପଦବୀ ରହି କାର୍ଯ୍ୟ କରୁଥିବା ବ୍ୟକ୍ତି ପୋଷ୍ଟାଲ ବାଲାଟ ମାଧ୍ୟମରେ ମତଦାନ କରିଥାନ୍ତି।

### କର୍ଣ୍ଣାଟକ କଳିକୁ ନେଇ ଶିବକୁମାରଙ୍କ ଟିପ୍ପଣୀ

## ସବୁ ୧୪୦ ବିଧାୟକ ମୋର

ବେଙ୍ଗାଲୁରୁ, ୨୧।୧୧ (ଏଜେନ୍ସି): କର୍ଣ୍ଣାଟକ କଂଗ୍ରେସରେ କ୍ଷମତା କଳି ଜୋର୍ ଧରିଛି। ଉପ-ମୁଖ୍ୟମନ୍ତ୍ରୀ ଡିକେ ଶିବକୁମାରଙ୍କ ସମର୍ଥକ ବୋଲାଉଥିବା କିଛି ବିଧାୟକ କଂଗ୍ରେସ ହାଇକମାଣ୍ଡଙ୍କୁ ଭେଟିବା ପାଇଁ ଦିଲ୍ଲୀରେ ପହଞ୍ଚିବା ପରେ ଏହି ଚର୍ଚ୍ଚା ଜୋର୍ ଧରିଥିଲା। କିଛି ଦିନ ତଳେ ଶିବକୁମାର ମଧ୍ୟ କଂଗ୍ରେସ ଅଧ୍ୟକ୍ଷ ପଦ ଛାଡ଼ିବାକୁ ମନ୍ତବ୍ୟ ଦେଇ ମୁଖ୍ୟମନ୍ତ୍ରୀ ବଦଳିବା ଚର୍ଚ୍ଚାକୁ ଖୋରାକ ଯୋଗାଇ ଥିଲେ। ପ୍ରଥମ ଥର ଡିକେ ଏହା ଉପରେ ଟିପ୍ପଣୀ ଦେଇଛନ୍ତି। ରାଜ୍ୟର ସବୁ ୧୪୦ ବିଧାୟକ ମୋର ବୋଲି ସେ କହିଛନ୍ତି। ଏପରି ଟିପ୍ପଣୀ ଦେଇ ସେ ବଡ଼ ସଙ୍କେତ ଦେଉଥିବା କୁହାଯାଉଛି। ଏହା ମାଧ୍ୟମରେ ସେ କଂଗ୍ରେସ ନେତୃତ୍ୱ ଏବଂ ମୁଖ୍ୟମନ୍ତ୍ରୀ ସିଦ୍ଧରମେୟାଙ୍କ ଉପରେ ଚାପ ପକାଇବାକୁ ପ୍ରୟାସ କରୁଥିବା ଚର୍ଚ୍ଚା ହେଉଛି। ତେବେ ମୁଖ୍ୟମନ୍ତ୍ରୀ ବଦଳିବା ଚର୍ଚ୍ଚାକୁ ଡିକେ ଗୁଜବ କହି ଖଣ୍ଡନ କରି ଦେଇଛନ୍ତି। ଶିବକୁମାର କହିଛନ୍ତି ଯେ ଗୋଷ୍ଠୀ କନ୍ଦଳ ମୋ ରକ୍ତରେ ନାହିଁ। ମୁଖ୍ୟମନ୍ତ୍ରୀ ସିଦ୍ଧରମେୟା ତାଙ୍କ କାର୍ଯ୍ୟକାଳ ଶେଷ କରିବେ। ଏଥିପାଇଁ ତାଙ୍କୁ ଶୁଭେଚ୍ଛା। ମୁଖ୍ୟମନ୍ତ୍ରୀ ନିଜ କ୍ୟାବିନେଟ ଅଦଳବଦଳ କରିବାକୁ ଚାହୁଁଛନ୍ତି। ସେଥିପାଇଁ ବିଧାୟକମାନେ ନିଜ ପାଇଁ ଲବି କରିବାକୁ ହାଇକମାଣ୍ଡଙ୍କୁ ଭେଟିବାକୁ ଯାଇଛନ୍ତି। ରାଜ୍ୟର ସବୁ ବିଧାୟକ ମୋର। ଆମେ ହାଇକମାଣ୍ଡଙ୍କ ନିର୍ଦ୍ଦେଶ ପାଳନ କରୁଛୁ ବୋଲି ବାରମ୍ବାର ମୁଖ୍ୟମନ୍ତ୍ରୀ ଏବଂ ମୁଁ କହିସାରିଛି।

## କାରଖାନାରେ ବିସ୍ଫୋରଣ; ୧୫ ମୃତ

ଇସ୍‌ଲାମାବାଦ୍, ୨୧।୧୧(ଏଜେନ୍ସି): ପାକିସ୍ତାନର ଫୈସଲାବାଦ୍ ନିକଟରେ ଶୁକ୍ରବାର ସକାଳେ ଏକ ବଡ଼ ଧରଣର ଅଘଟଣା ଘଟିଛି। ଏକ ଫ୍ୟାକ୍ଟ୍ରିରେ ଗ୍ୟାସ୍ ଲିକ୍ ହେବା କାରଣରୁ ବଡ଼ ବିସ୍ଫୋରଣ ହୋଇଥିଲା। ଏଥିରେ ୧୫ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ବହୁ ଲୋକ ଆହତ ହୋଇଛନ୍ତି। ପ୍ରଥମେ ବଏଲଣ ଫାଟିଥିବା ଆଶଙ୍କା କରାଯାଉଥିଲା। କିନ୍ତୁ ଏହି ଫ୍ୟାକ୍ଟ୍ରିରେ ବଏଲର ନ ଥିଲା ବୋଲି ପରେ ଜଣାପଡ଼ିଥିଲା। ଗ୍ୟାସ୍ ଲିକ୍ ହେବା କାରଣରୁ ନିଆଁ ଲାଗିଥିଲା ଓ ନିକଟରେ ଥିବା ୟୁନିଟଗୁଡ଼ିକରେ ବିସ୍ଫୋରଣ ହୋଇଥିଲା। ଘଟଣାର ଯାଞ୍ଚ୍ ପାଇଁ ପଞ୍ଜାବ ସରକାର ଏକ ୫ ସଦସ୍ୟ ବିଶିଷ୍ଟ କମିଟ୍ ଗଠନ କରିଛନ୍ତି। ନ୍ୟାସନାଲ ଟ୍ରେଡ ୟୁନିଅନ ଫେଡେରେସନ ପ୍ରତ୍ୟେକ ମୃତକଙ୍କୁ ୩୦ ଲକ୍ଷ ଟଙ୍କା ଅନୁକମ୍ପାମୂଳକ ରାଶି ଦେବ ବୋଲି ଘୋଷଣା କରିଛି। ଏଥିସହ ଆହତଙ୍କୁ ମାଗଣା ଚିକିତ୍ସା ଉପଲବ୍ଧ କରାଇବାକୁ ଫେଡେରେସନ ଦାବି କରିଛି।

### ବଦଳିଲା ବିହାରର କ୍ଷମତା କେନ୍ଦ୍ର

# ମୁଖ୍ୟମନ୍ତ୍ରୀ ନୀତୀଶ 'ଗୃହହୀନ'

- ସମ୍ରାଟ ଚୌଧୁରୀଙ୍କୁ ଗୃହ ଦାୟିତ୍ୱ
- ଜେଡିୟୁ ପାଖରେ ଅର୍ଥ ବିଭାଗ
- ଶ୍ରେୟସୀ ସିଂହ ହେଲେ କ୍ରୀଡ଼ା ମନ୍ତ୍ରୀ



ପାଟନା, ୨୧।୧୧ (ଏଜେନ୍ସି): ବିହାର ବିଧାନସଭା ନିର୍ବାଚନରେ ବୃହତ ବିଜୟ ପରେ ଏନ୍‌ଡିଏ ସରକାର ଗଠନ କରିଛି। ୧୦ମ ଥର ପାଇଁ ମୁଖ୍ୟମନ୍ତ୍ରୀ ଭାବେ ଶପଥ ନେବାର ଦିନକ ପରେ ନୀତୀଶ କୁମାର ନିଜ ମନ୍ତ୍ରିମଣ୍ଡଳରେ ବଡ଼ ପରିବର୍ତ୍ତନ କରିଛନ୍ତି। ଗତ ୨୦ ବର୍ଷ ପରେ ପ୍ରଥମ ଥର ପାଇଁ କ୍ଷମତା କେନ୍ଦ୍ର ବଦଳି ଯାଇଛି। ମୁଖ୍ୟମନ୍ତ୍ରୀ ନୀତୀଶ 'ଗୃହ' ହୀନ ହୋଇଯାଇଛନ୍ତି। ତାଙ୍କ ହାତରୁ ଗୃହ ବିଭାଗ ଛଡ଼ାଇ ନିଆଯାଇଛି। ନୀତୀଶ କ୍ଷମତାରେ ଥିବା ପରଠାରୁ ଗତ ୨୦ ବର୍ଷ ମଧ୍ୟରେ ପ୍ରଥମ ଥର ପାଇଁ ଏପରି ହୋଇଛି। ଗୃହ ବିଭାଗ ଜେଡିୟୁ ପରିବର୍ତ୍ତେ ବିଜେପି ପାଖକୁ ଚାଲି ଯାଇଛି। ଉପ-ମୁଖ୍ୟମନ୍ତ୍ରୀ ସମ୍ରାଟ ଚୌଧୁରୀଙ୍କୁ ଗୃହ ବିଭାଗ ଦାୟିତ୍ୱ ଦିଆଯାଇଛି। ଏହି ପରିବର୍ତ୍ତନକୁ ନୀତୀଶଙ୍କ ସବୁଠାରୁ ବଡ଼ ରାଜନୈତିକ ଦୁର୍ବଳତା ଏବଂ ମେଣ୍ଟରେ ବିଜେପିର ଶକ୍ତି ବୃଦ୍ଧିକୁ ସୂଚାଉଛି।

ଏଥର ନୀତୀଶ କେବଳ ମୁଖା ହୋଇ ରହିବେ। କାରଣ କ୍ଷମତାର ପ୍ରକୃତ ଚାବି ବିଜେପି ହାତକୁ ପଳାଇଛି। ପୁଲିସ ବଳରେ 'ସୁଶାସନ ବାବୁ' ବୋଲାଉଥିବା ନୀତୀଶ ଏବେ ନିଜ ଉପାଧି ହରାଇ ଦେଇଛନ୍ତି। ସେ ପୁଲିସ ବାହିନୀର ସହାୟତାରେ ଅପରାଧିଙ୍କ ଉପରେ ଲଗାମ ଲଗାଇବା ପାଇଁ ପ୍ରସିଦ୍ଧି ଅର୍ଜନ କରିଥିଲେ। ଯାହା ପାଖରେ ଗୃହ ବିଭାଗ ଥାଏ, ସେ ହିଁ ପ୍ରକୃତ ଶାସନ ଚଲାଇ ଥାଏ ବୋଲି ବିହାରରେ କୁହାଯାଇଥାଏ। ଏବେ କ୍ଷମତା ୧ ଅଣେ ମାର୍ଗ ପରିବର୍ତ୍ତେ, ୫ ଦେଶରତ୍ନ ମାର୍ଗକୁ ଚାଲି ଯାଇଛି। ଏବେ ସମ୍ରାଟ ଚୌଧୁରୀ ଅପରାଧୀଙ୍କ ବିରୋଧରେ ସବୁ ନିଷ୍ପତ୍ତି ନେବେ। ତାଙ୍କ ପାଖରେ ଅପରାଧ ନିୟନ୍ତ୍ରଣ, ମାଫିଆଙ୍କ ଉପରେ କାର୍ଯ୍ୟାନୁଷ୍ଠାନ, ଦଙ୍ଗା ନିୟନ୍ତ୍ରଣ, ପୁଲିସ ବ୍ୟବସ୍ଥା, ଗୁଇନ୍ଦା ରିପୋର୍ଟ ଉପରେ ପଦକ୍ଷେପ ନେବାର ଦାୟିତ୍ୱ ରହିବ।

ନିର୍ବାଚନରେ ଏନ୍‌ଡିଏ ଜିତିବା ପରଠାରୁ ବିଜେପି ଏବଂ ଜେଡିୟୁ ମଧ୍ୟରେ ବିଭାଗକୁ ନେଇ ଟଣାଓଟରା ଲାଗି ରହିଥିଲା। ନିର୍ବାଚନ ପୂର୍ବରୁ ବିରୋଧୀ ମେଣ୍ଟ ଇଣ୍ଡିଆରେ ଯେପରି ଆସନ ବଣ୍ଟନକୁ ନେଇ ଟଣାଓଟରା ଲାଗିଥିଲା, ସେପରି ସ୍ଥିତି ଏନ୍‌ଡିଏରେ ବିଭାଗ ବଣ୍ଟନକୁ ନେଇ ସୃଷ୍ଟି ହୋଇଥିଲା। ବିଜେପି ନିଜ ପାଖରେ ଗୃହ ବିଭାଗ, ବିଧାନସଭା ବାଚସ୍ପତି ପଦ, ଅର୍ଥ ବିଭାଗ ଆଦି ରଖିବାକୁ ଚାହୁଁଥିଲା। କିନ୍ତୁ ନୀତୀଶଙ୍କ ଦଳ ଏଥିପାଇଁ ରାଜି ହୋଇ ନ ଥିଲା। ରାଜ୍ୟରେ ଏହି ଭାଗବଣ୍ଟା ନ ଛିଡ଼ିବାରୁ ଦିଲ୍ଲୀ ପର୍ଯ୍ୟନ୍ତ କଥା ଯାଇଥିଲା। ଏପରିକି ଶପଥ ଗ୍ରହଣ ପୂର୍ବ ଦିନ ସ୍ୱରାଷ୍ଟ୍ରମନ୍ତ୍ରୀ ଅମିତ ଶାହା ପାଟନାରେ ପହଞ୍ଚିବା ପରେ ଏହି ପ୍ରସଙ୍ଗ ଆଲୋଚନା ହୋଇଥିଲା। ନୀତୀଶ ଗୃହ ବିଭାଗ ଛାଡ଼ିବାକୁ ରାଜି ନ ଥିବାରୁ ତାଙ୍କୁ ସମସ୍ତେ ବୁଝାଇବାକୁ ଲାଗି ଥିଲେ। ଆଜି ସକାଳୁ ମଧ୍ୟ ଏହାକୁ ନେଇ ଛକାପଞ୍ଝା ଲାଗି ରହିଥିଲା। ଦିନ ଯାକ ଏନ୍‌ଡିଏ ନେତାଙ୍କ ମଧ୍ୟରେ ମାନସମନ୍ଥନ ଚାଲିଥିଲା। ସକାଳେ ବିଜେପିର ମନ୍ତ୍ରୀ ତାଲିକା ନେଇ ସମ୍ରାଟ ଚୌଧୁରୀ ମୁଖ୍ୟମନ୍ତ୍ରୀଙ୍କ ବାସଭବନରେ ପହଞ୍ଚି ଥିଲେ। ଉଭୟ ନେତା ଏଠାରେ ପ୍ରାୟ ୫୦ ମିନିଟ ପର୍ଯ୍ୟନ୍ତ ଆଲୋଚନା କରିଥିଲେ। ଏଠାରେ ସମ୍ରାଟ ମନ୍ତ୍ରୀଙ୍କ ତାଲିକା ନୀତୀଶଙ୍କୁ ଦେଇ ଆସିଥିଲେ। ଏହା ପରେ ଜେଡିୟୁ ପକ୍ଷରୁ କେଉଁ ମନ୍ତ୍ରୀଙ୍କୁ କେଉଁ ବିଭାଗ ଦିଆଯିବ ତାହାକୁ ନେଇ ବଡ଼ ନେତାଙ୍କ ସହ ମୁଖ୍ୟମନ୍ତ୍ରୀ ବୈଠକ କରିଥିଲେ। ବିଜେପି ମାଗିଥିବା ବିଭାଗକୁ ନେଇ ସେ ଦେଢ଼ ଘଣ୍ଟା ପର୍ଯ୍ୟନ୍ତ ଚର୍ଚ୍ଚା କରିଥିଲେ। ଏହି ବୈଠକରେ ଲଲନ ସିଂହ, ସଞ୍ଜୟ ଝା ଏବଂ ବିଜୟ କୁମାର ଚୌଧୁରୀ ସାମିଲ ଥିଲେ। ସନ୍ଧ୍ୟା ପ୍ରାୟ ୫ଟାରେ ନୀତୀଶ ଏବଂ ସମ୍ରାଟ ମନ୍ତ୍ରୀଙ୍କ ତାଲିକା ନେଇ ରାଜଭବନରେ ପହଞ୍ଚି ଥିଲେ। ୫ଟା ୧୫ରେ ଏହି ମନ୍ତ୍ରୀଙ୍କ ତାଲିକା ଜାରି କରାଯାଇଥିଲା।

ଏହା ଅନୁଯାୟୀ ଅର୍ଥ ବିଭାଗ ଜେଡିୟୁକୁ ଦିଆଯାଇଛି। ବିଜେନ୍ଦ୍ର ଯାଦବ ଶକ୍ତି ସହ ଅର୍ଥ ବିଭାଗ ଦାୟିତ୍ୱ ବୁଝିବେ। ଏହା ସହିତ ମଙ୍ଗଳ ପାଣ୍ଡେ ପୁଣିଥରେ ସ୍ୱାସ୍ଥ୍ୟମନ୍ତ୍ରୀ ହୋଇଛନ୍ତି। ପ୍ରଥମ ଥର ପାଇଁ ମନ୍ତ୍ରୀ ହୋଇଥିବା ଜାତୀୟ ଦଳର ସୁଟର ଶ୍ରେୟସୀ ସିଂହଙ୍କୁ ଖେଳ ବିଭାଗ ଦିଆଯାଇଛି। ହାମର ରାଷ୍ଟ୍ରୀୟ ଅଧ୍ୟକ୍ଷ ସନ୍ତୋଷ ସୁମନଙ୍କ ବିଭାଗ ମଧ୍ୟ ବଦଳି ନାହିଁ। ତାଙ୍କ ପାଖରେ ଜଳ ସମ୍ବଳ ବିଭାଗ ରହିଛି। ସେହିପରି ଉପ-ମୁଖ୍ୟମନ୍ତ୍ରୀ ବିଜୟ କୁମାର ସିଂହାଙ୍କ ପାଖରେ ରାଜସ୍ୱ ବିଭାଗ ସହିତ ଖଣି, ରାମକୃପାଳ ଯାଦବଙ୍କୁ କୃଷିମନ୍ତ୍ରୀ କରାଯାଇଛି।

### ସୁପ୍ରିମକୋର୍ଟରେ ଏସ୍‌ଆଇଆର୍ ଉପରେ ଶୁଣାଣି

## ନିର୍ବାଚନ କମିଶନଙ୍କୁ ମାଗିଲେ ଜବାବ



ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି): ସ୍ୱତନ୍ତ୍ର ଭୋଟର ତାଲିକା ଯାଞ୍ଚ ତଥା ଏସଆଇଆର ବିରୋଧରେ କେରଳ ସରକାରଙ୍କ ପକ୍ଷରୁ ଆଗତ ଆବେଦନର ଶୁଣାଣି କରି ସୁପ୍ରିମକୋର୍ଟ ଶୁକ୍ରବାର ନିର୍ବାଚନ କମିଶନ (ଇସି)ଙ୍କୁ ଜବାବ ମାଗିଛନ୍ତି। ୨୬ ତାରିଖରେ ଏହି ମାମଲାର ପରବର୍ତ୍ତୀ ଶୁଣାଣି ହେବ। ଏଥିରେ କେରଳରେ ଏସ୍‌ଆଇଆର ପାଇଁ ଇସି ନେଇଥିବା ନିଷ୍ପତ୍ତିକୁ ବିରୋଧ କରାଯାଇଛି। କେରଳରେ ଡିସେମ୍ବର ଦ୍ୱିତୀୟ ସପ୍ତାହରେ ପୌର ନିର୍ବାଚନ ହେବ। ୨୦୨୬ ମେ'ରେ ବିଧାନସଭା ନିର୍ବାଚନ ହେବାକୁ ଯାଉଛି। ତେଣୁ ଏସ୍‌ଆଇଆରକୁ ସ୍ଥଗିତ ରଖିବାକୁ ସରକାର ଦାବି କରିଥିଲେ। କୁହାଯାଇଥିଲା ଯେ କର୍ମଚାରୀ ଅଭାବରୁ ଏସ୍‌ଆଇଆର କରାଇବାରେ ସମସ୍ୟା ହେଉଛି। ସାମ୍ବିଧାନିକ ନିର୍ବାଚନ ଚାଲିଥିବାବେଳେ ଅଯଥାରେ ତରବରିଆ ଭାବେ ଏସ୍‌ଆଇଆର କରିବା ମତାଧିକାରର ଗଣତାନ୍ତ୍ରିକ ଅଧିକାର ବିରୋଧୀ। କେରଳ ବ୍ୟତୀତ ତାମିଲନାଡୁ ଏବଂ ପଶ୍ଚିମବଙ୍ଗ ସରକାର ମଧ୍ୟ ଏସଆଇଆର ବିରୋଧରେ ଆବେଦନ ଦାଏର କରିଥିଲେ। 'ଇଣ୍ଡିଆନ ମୁସଲିମ ୟୁନିଅନ ଲିଗ' ମଧ୍ୟ ସୁପ୍ରିମକୋର୍ଟଙ୍କ ଦ୍ୱାରସ୍ଥ ହୋଇଛି। ଏ ପର୍ଯ୍ୟନ୍ତ ଏସଆଇଆର ବିରୋଧରେ ୧୦ ଆବେଦନ ଦାଏର ହେଲାଣି।

### ହମାସ ଭଳି ଆକ୍ରମଣ ପାଇଁ ଷଡ଼ଯନ୍ତ୍ର କରୁଥିଲା ଜୈସ

## କଶ୍ମୀର ହସ୍ପିଟାଲ ପାଲଟିଥାନ୍ତା ଅସ୍ତ୍ରଶସ୍ତ୍ର କେନ୍ଦ୍ର



ନୂଆଦିଲ୍ଲୀ, ୨୧।୧୧ (ଏଜେନ୍ସି):ଦିଲ୍ଲୀ ବିସ୍ଫୋରଣକୁ ନେଇ ସୁରକ୍ଷା ଏଜେନ୍ସି ଗୁଡ଼ିକ ବଡ଼ ସୂଚନା ଦେଇଛନ୍ତି। ଆତଙ୍କବାଦୀ ସଂଗଠନ ଜୈସ-ଇ-ମହମ୍ମଦର ଶାଖା ଭାରତରେ ହମାସ ଭଳି ଆକ୍ରମଣ କରିବାକୁ ଷଡ଼ଯନ୍ତ୍ର କରୁଥିଲା ବୋଲି କୁହାଯାଇଛି। ସୁରକ୍ଷା ଏଜେନ୍ସି ସୂତ୍ରରୁ ମିଳିଥିବା ସୂଚନା ଅନୁଯାୟୀ, ଜୈସର ମଡ୍ୟୁଲୋ କଶ୍ମୀରର ଡାକ୍ତରଖାନାଗୁଡ଼ିକୁ ଅସ୍ତ୍ରଶସ୍ତ୍ର ଠିକଣା କରିବାକୁ ପ୍ରୟାସ କରୁଥିଲା। ଏହା ପାଲେଷ୍ଟାଇନ ଆତଙ୍କବାଦୀ ସଂଗଠନ ହମାସ ରଣନୀତି ସହ ମେଳ ଖାଉଛି। ହମାସ ଜନବହୁଳ ଅଞ୍ଚଳ, ହସ୍ପିଟାଲ ଆଦିରେ ନିଜ ଅସ୍ତ୍ରଶସ୍ତ୍ର ରଖିଥାଏ। ଜୈସର ଏହି ନେଟୱର୍କକୁ ଭାଙ୍ଗିବା ପାଇଁ ଶୁକ୍ରବାର ଗାନ୍ଦରବଲ ଏବଂ କୁପୱାଡା ଜିଲ୍ଲାରେ ଥିବା ସରକାରୀ ଡାକ୍ତରଖାନାର ଡାକ୍ତର ଏବଂ ସ୍ୱାସ୍ଥ୍ୟକର୍ମୀଙ୍କ ଲକରର୍ସର ଯାଞ୍ଚ କରାଯାଇଥିଲା। ଏହି ଅଭିଯାନ ବୁଧବାରଠାରୁ ଆରମ୍ଭ ହୋଇଛି। ଏବେ କେଉଁ ହସ୍ପିଟାଲକୁ ଅସ୍ତ୍ରଶସ୍ତ୍ର ଠିକଣା ବନାଇବାକୁ ପ୍ରୟାସ ହେଉଛି ଏବଂ ଯୋଗାଣ ଶୃଙ୍ଖଳ କେଉଁ ପର୍ଯ୍ୟନ୍ତ ବ୍ୟାପିଛି ତାହା ଜାଣିବାକୁ ପ୍ରୟାସ କରାଯାଉଛି। ଅନ୍ୟପକ୍ଷରେ ପାକିସ୍ତାନର ଜୈସ ହ୍ୟାଣ୍ଡଲର ହଞ୍ଜୁଲା ଦିଲ୍ଲୀ ବିସ୍ଫୋରଣ ଅଭିଯୁକ୍ତ ଡ. ମୁଜାମିଲ ସକିଲ ଗନିକୁ ବୋମା ବନାଇବାର ୪୦ ଭିଡିଓ ପଠାଇ ଥିବା ଜଣାପଡ଼ିଛି। ସୋପିଆନର ମୌଲବୀ ଇର୍ଫାନ ଅହମ୍ମଦ ଉଭୟଙ୍କୁ ସାକ୍ଷାତ କରାଇ ଥିଲା। ଏହା ପରେ 'ହ୍ୱାଇଟ କଲାର ଟେରର ମଡ୍ୟୁଲ' ଗଠନ କରାଯାଇଥିଲା। ସେହିପରି ଆତଙ୍କବାଦୀଙ୍କ କେନ୍ଦ୍ର ପାଲଟିଥିବା ଅଲ-ଫଲାହ ୟୁନିଭର୍ସିଟି ନିକଟସ୍ଥ ଧୌଜ ଗାଁର ଏକ ଅଟା କଳକୁ ବୋମା ପ୍ରସ୍ତୁତ ପାଇଁ ବ୍ୟବହାର କରୁଥିଲେ। ଏଠାକାର ଏକ ଟ୍ୟାକ୍ସି ଡ୍ରାଇଭରର ଘରୁ ଅଟା କଳ ଏବଂ କିଛି ଇଲେକ୍‌ଟ୍ରୋନିକ ଜବତ କରାଯାଇଛି। ଏହି ଅଟାକଳରେ ଡ. ମୁଜାମିଲ ୟୁରିଆ ପେଡାଇ ମେସିନରେ ରିଫାଇନ କରୁଥିଲା। ଏହା ପରେ ରାସାୟନିକ ମିଶାଇ ବିସ୍ଫୋରକ ପ୍ରସ୍ତୁତ କରାଯାଉଥିଲା।

## ବାଂଲାଦେଶରେ ଭୂକମ୍ପ; ୬ ମୃତ

ଢାକା, ୨୧।୧୧(ଏଜେନ୍ସି): ବାଂଲାଦେଶରେ ଶୁକ୍ରବାର ସକାଳେ ଭାରତୀୟସମୟଅନୁସାରେ ପାଖାପାଖି ୧୦.୦୮ ମିନିଟ୍‌ରେ ୫.୭ ତୀବ୍ରତାର ଭୂକମ୍ପ ଅନୁଭୂତ ହୋଇଛି। ଏଥିରେ ୬ ଜଣ ଲୋକ ମୃତ୍ୟୁବରଣ କରିଥିବା ବେଳେ ୨୦୦ରୁ ଅଧିକ ଲୋକ ଆହତ ହୋଇଛନ୍ତି। ନରସିଂଡ଼ିର ମାଧବଡ଼ିରେ ଭୂକମ୍ପର କେନ୍ଦ୍ର ଥିଲା। ଏହା ରାଜଧାନୀ ଢାକାଠାରୁ ୨୫ କିମି ଦୂରରେ ଅବସ୍ଥିତ। ଭୂକମ୍ପର ଝଟ୍‌କା ଏତେ ଶକ୍ତିଶାଳୀ ଥିଲେ ୧୦ ମହଲା କୋଠା ମଧ୍ୟ ଅନ୍ୟ ଆଡକୁ ନଇଁ ପଡ଼ିଥିଲା। ଭୂକମ୍ପ ପାଇଁ ମୀରପୁରରେ ଚାଲିଥିବା ବାଂଲାଦେଶ- ଭ୍ରମଣକାରୀ ଆୟର୍ଲାଣ୍ଡ ମ୍ୟାଚ୍‌କୁ କିଛି ସମୟ ସ୍ଥଗିତ ରଖାଯାଇଥିଲା। କୋଲକାତା ପର୍ଯ୍ୟନ୍ତ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। କୋଲକାତାରେ ଶୁକ୍ରବାର ୧୦.୧୦ରେ ୨୦ ସେକେଣ୍ଡ ପର୍ଯ୍ୟନ୍ତ ଭୂକମ୍ପର ଝଟ୍‌କା ଅନୁଭୂତ ହୋଇଥିଲା। ରିକ୍ଟର ସ୍କେଲରେ ଏହାର ତୀବ୍ରତା ୫.୨ ଥିଲ। କୁଚବେହାର, ଦକ୍ଷିଣ ଦିନାଜପୁର, ମଲଦା ଓ ନଦିଆର ଏକାଧିକ ଅଞ୍ଚଳରେ ଭୂକମ୍ପ ଅନୁଭୂତ ହୋଇଥିଲା। ଗାଜିପୁରର ଶ୍ରୀପୁରରେ ଭୂକମ୍ପ ଅବସରରେ ଅଘଟଣ ଘଟିଥିଲା। ଏକ ବହୁତାଲା ବିଶିଷ୍ଟ କୋଠାରୁ ବାହାରିବାକୁ ପ୍ରୟାସ କରିବା ଅବସରରେ ଠେଲାପେଲା ଓ ଦଳଚକଟା ଭଳି ସ୍ଥିତି ସୃଷ୍ଟି ହୋଇଥିଲା। ଏଥିରେ ୧୫୦ ଶ୍ରମିକ ଆହତ ହୋଇଥିଲେ।

## ଦିଲ୍ଲୀ ଦଙ୍ଗାରେ ହୋଇଥିଲା ଟେରର୍ ଫଣ୍ଡିଂ

ନୂଆଦିଲ୍ଲୀ, ୨୧।୧୧(ଏଜେନ୍ସି): ୨୦୨୦ରେ ଅଚାନକ ଦିଲ୍ଲୀ ଦଙ୍ଗା ଆରମ୍ଭ ହୋଇ ନଥିଲା ବୋଲି ଦିଲ୍ଲୀ ପୁଲିସ ଶୁକ୍ରବାର ସୁପ୍ରିମକୋର୍ଟରେ କହିଛନ୍ତି। ପୂର୍ବରୁ ହିଁ ଯୋଜନାବଦ୍ଧ ଭାବେ ଦଙ୍ଗା ସୃଷ୍ଟି କରାଯାଇଥିଲା। ଦଙ୍ଗା ସୃଷ୍ଟି କରିବାକୁ ଟେରର ଫଣ୍ଡିଂ ହୋଇଥିଲା ଓ ପ୍ରଦର୍ଶନକୁ ଜାଣିଶୁଣି ହିଂସା ସୃଷ୍ଟି କରାଯାଇଥିଲା ବୋଲି ଅତିରିକ୍ତ ସଲିସିଟର ଜେନେରାଲ (ଏଏସ୍‌ଜି) ଏସ୍‌ଭି ରାଜୁ ସୁପ୍ରିମକୋର୍ଟରେ କହିଥିଲେ। ଏଏସ୍‌ଜି ରାଜୁଙ୍କ କହିବା ଅନୁଯାୟୀ ତାହିର ହୁସେନ, ଶିଫା- ଉର- ରହମାନ, ମିରନ ହାଇଦର, ଇଶରତ ଜାହାଁ ଓ ଖାଲିଦ ସୈଫି ଦଙ୍ଗା ପାଇଁ ବଡ଼ ପାଣ୍ଠି ଯୋଗାଡ କରିଥିଲେ। ଦଙ୍ଗାପୂର୍ବରୁ ଏକାଧିକ ବୈଠକ ବସିଥିଲା। ଏଥିରେ ହିଂସା ବୃଦ୍ଧି କରିବା, ଚକା ଜାମ୍ କରିବା ଓ ଅତ୍ୟାବଶ୍ୟକୀୟ ସୁବିଧା ସୁଯୋଗକୁ ରୋକିବା ପାଇଁ ଯୋଜନା କରାଯାଇଥିଲା। ବୈଠକରେ ଉତ୍ତରପୂର୍ବର ରାଜ୍ୟକୁ ଭାରତଠାରୁ ଅଲଗା କରିବାକୁ ଷଡଯନ୍ତ୍ର କରାଯାଇଥିଲା। ଜଷ୍ଟିସ ଅରବିନ୍ଦ କୁମାର, ଜଷ୍ଟିସ୍ ଏନ୍‌ଵି ଅଞ୍ଜାରିଆଙ୍କ ଖଣ୍ଡପୀଠରେ ଏହି ଶୁଣାଣି ହୋଇଥିଲା।

## ୟୁକ୍ରେନ ଯୁଦ୍ଧ ରୋକିବାକୁ ଟ୍ରମ୍ପଙ୍କ ୨୮ ସୂତ୍ରୀ ପ୍ରସ୍ତାବ

କିଭ୍/ମସ୍କୋ, ୨୧।୧୧(ଏଜେନ୍ସି): ରୁଷ- ୟୁକ୍ରେନ ଯୁଦ୍ଧ ରୋକିବା ପାଇଁ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏକ ୨୮ ସୂତ୍ରୀ ଶାନ୍ତି ପ୍ରସ୍ତାବ ଦେଇଛନ୍ତି। ଆମେରିକୀୟ ସେନା ସଚିବ ଡାନ ଡ୍ରିସ୍କଲଙ୍କ ୟୁକ୍ରେନ ଗସ୍ତ ଅବସରରେ ଏହି ପ୍ରସ୍ତାବ ସାମ୍ନାକୁ ଆସିଛି। ଗଣମାଧ୍ୟମଗୁଡିକର ରିପୋର୍ଟ ଅନୁସାରେ, ଏହି ପ୍ରସ୍ତାବରେ ୟୁକ୍ରେନର ସୁରକ୍ଷା ଗ୍ୟାରେଣ୍ଟି ଦିଆଯାଇଛି। ତେବେ ଏଥିପାଇଁ ୟୁକ୍ରେନକୁ ନିଜର କେତୋଟି ଅଞ୍ଚଳ ଛାଡିବାକୁ ହେବ। କେବଳ ସେତିକି ନୁହଁ ୟୁକ୍ରେନକୁ ସୈନ୍ୟ ସଂଖ୍ୟା ମଧ୍ୟ କମ୍ କରିବା ସହିତ ନାଟୋ ୟୁକ୍ରନକୁ ସୈନ୍ୟ ପଠାଇବାକୁ ବନ୍ଦ କରିବା ନେଇ ଦାବି ହୋଇଛି। ତେବେ ଆମେରିକା ଆନୁଷ୍ଠାନିକ ଭାବେ ଏ ସଂକ୍ରାନ୍ତରେ କୌଣସି ଘୋଷଣା କରିନାହିଁ। ସେହିପରି ରୁଷିଆ ରାଷ୍ଟ୍ରପତି ମଧ୍ୟ ଏହି ପ୍ରସ୍ତାବ ନେଇ କିଛି ଜାଣି ନଥିବା କହିଛନ୍ତି। କିନ୍ତୁ ଜେଲେନ୍‌ସ୍କି ଏହି ପ୍ରସ୍ତାବ ନେଇ ପ୍ରାରମ୍ଭିକ ସମ୍ମତି ଜଣାଇଛନ୍ତି ବୋଲି କୁହାଯାଇଛି।

## କର୍ଣ୍ଣେଲଙ୍କଠାରୁ ୫୬ ଲକ୍ଷ ଟଙ୍କାର ଅନ୍‌ଲାଇନ୍ ଠକେଇ

ବେଙ୍ଗାଲୁରୁ, ୨୧।୧୧(ଏଜେନ୍ସି): ବେଙ୍ଗାଲୁରୁରେ ୮୩ ବର୍ଷର ଜଣେ ଅବସରପ୍ରାପ୍ତ କର୍ଣ୍ଣେଲଙ୍କ ସହିତ ଅନ୍‌ଲାଇନ୍ ଠକେଇ ହୋଇଛି। ଠକମାନେ ମୁମ୍ବଇ ପୁଲିସ ଅଧିକାରୀ ଭାବେ ଆସି ତାଙ୍କୁ ପଚରାଉଚରା କରିଥିଲେ ଓ ବ୍ୟାଙ୍କ ଡିଟେଲ୍ସ ମାଗିଥିଲେ। ଏହାପରେ ତାଙ୍କଠାରୁ ୫୬.୦୬ ଲକ୍ଷ ଟଙ୍କା ଠକି ନେଇଯାଇଥିଲେ। ରିଜର୍ଭ ବ୍ୟାଙ୍କ ଅଫ୍ ଇଣ୍ଡିଆ (ଆରବିଆଇ) ଭେରିଫିକେଶନ ନାମରେ ଏହି କାର୍ଯ୍ୟ କରାଯାଇଥିଲା। କର୍ଣ୍ଣେଲ ଅଭିଯୋଗ କରିବା ପରେ ପୁଲସ ସାଇବର କ୍ରାଇମ୍ ଓ ଠକାମୀ ନେଇ ମାମଲା ରୁଜୁ କରି ଯାଞ୍ଚ ଆରମ୍ଭ କରିଛି। ଏଫ୍‌ଆଇଆର ଅନୁସାରେ ଅକ୍ଟୋବର ୨୭ରେ କର୍ଣ୍ଣେଲଙ୍କ ନିକଟକୁ ଏକ ଫୋନ୍ କଲ ଆସିଥିଲା। କଲ କରିଥିବା ବ୍ୟକ୍ତି ନିଜକୁ ମୁମ୍ବଇର ପୁଲିସ ଅଧିକାରୀ ପରିଚୟ ଦେବା ସହ କର୍ଣ୍ଣେଲଙ୍କ ନାମରେ ଏକ ସିମକାର୍ଡରୁ କଲ କରାଯାଇ ଲୋକଙ୍କୁ ଗାଳିଗୁଲଜ କରାଯାଉଛି ବୋଲି କହିଥିଲେ। ଏଥିପାଇଁ ତାଙ୍କୁ ମୁମ୍ବଇ ଆସିବାକୁ ହେବ ବୋଲି ସେ ଧମକ ଦେଇ କହିଥିଲେ।

# ୧୫୦ ଗ୍ରାମ୍‌ର ଛଞ୍ଚାଣ; ଭାରତରୁ କେନିଆ ଅବିରାମ ଉଡ଼ାଣ

### ୬ ଦିନରେ ଅତିକ୍ରମ କଲା ୬ ହଜାର କିମି




ନୂଆଦିଲ୍ଲୀ, ୨୧।୧୧(ଏଜେନ୍ସି): ଏକ ପକ୍ଷୀର ଉଡାଣ କେତେ ହୋଇପାରେ? ୧୦୦, ୫୦୦ କିମ୍ବା ୧୦୦୦ କିମି। କିନ୍ତୁ ଏକ ବାଜ ବା ଛଞ୍ଚାଣ ପକ୍ଷୀ ନିଜର ଉଡିବାର ଶୈଳୀ ଓ ସାମର୍ଥ୍ୟ ନେଇ ସମସ୍ତଙ୍କୁ ଚକିତ କରିଛି। ୧୫୦ ଗ୍ରାମ ଓଜନର ଏକ ଛଞ୍ଚାଣ ୬, ୦୦୦ କିମିରୁ ଅଧିକ ଦୂର ଅତିକ୍ରମ କରିଛି। ବିଶ୍ୱାସ ନ ହେଲେ ବି ଏହା ସତ। ଏହା ପୁଣି ବିନା କୌଣସି ସ୍ଥାନରେ ନ ରହି। ଉତ୍ତରପୂର୍ବର ରାଜ୍ୟ ମଣିପୁରର ଏକ ଜଙ୍ଗଲରୁ ଏହି ଛଞ୍ଚାଣ ଉଡିବା ପରେ ଗୋଟିଏ ସପ୍ତାହରୁ କମ୍ ସମୟ ମଧ୍ୟରେ ପୂର୍ବ ଆଫ୍ରିକୀୟ ଦେଶ କେନିଆରେ ପହଞ୍ଚିବାରେ ସମର୍ଥ ହୋଇଛି। ଚଞ୍ଚାଣର ଏହି ଉଡାଣରେ ବୈଜ୍ଞାନିକମାନେ ମଧ୍ୟ ଚକିତ ହୋଇଛନ୍ତି। ଏହି ପକ୍ଷୀ ସହିତ ଅନ୍ୟ ଦୁଇଟି ଛଞ୍ଚାଣ ମଧ୍ୟ ଉଡିଥିଲେ। କିନ୍ତୁ ଏମାନେ ୫୬୦୦ ଓ ୫୧୦୦ କିମି ଉଡିବାରେ ସମର୍ଥ ହୋଇଥିଲେ। ଏହି ୩ଟି ପକ୍ଷୀ ଅମୁର ଫାଲ୍‌କନ ପ୍ରଜାତିର। ଏମାନଙ୍କର ଆକାର ସବୁଠାରୁ ଛୋଟ ହୋଇଥାଏ। ଏହି ୩ଟି ପକ୍ଷୀର ଉଡାଣର ନୀରିକ୍ଷଣ ସାଟ୍‌ଲାଇଟ୍ ଟ୍ୟାଗ ଦ୍ୱାରା କରାଯାଇଥିଲା। ଏହି ୩ଟି ପକ୍ଷୀର ନାମ ହେଲା ଆପାପାଙ୍ଗ, ଅଲାଙ୍ଗ ଓ ଆହୁ। ଆପାପାଙ୍ଗ ସବୁଠୁ ଆଗରେ ଥିଲା ଓ ସେ ୬ ଦିନ ଓ ୮ ଘଣ୍ଟାରେ ୬୧୦୦ କିମି ଉଡିଥିଲା। ଆପାପାଙ୍ଗ ଉପରେ କମଳା ରଙ୍ଗ ଲଗା ଯାଇଥିଲା। ଭାରତର ଉତ୍ତରପୂର୍ବରୁ ଉଡିବା ଆରମ୍ଭ କରି ଏହି ପକ୍ଷୀ ଭାରତୀୟ ଉପ ମହାଦ୍ୱୀପ, ଆରବ ସାଗର, ଆଫ୍ରିକାର ଘନ ଜଙ୍ଗଲ ଉପର ଦେଇ କେନିଆରେ ପହଞ୍ଚିଥିଲା।

ସେହିପରି ଏହି ୩ଟି ପକ୍ଷୀ ମଧ୍ୟରୁ ସବୁଠାରୁ ଛୋଟ ତଥା କମ ବୟସ୍କ ଅଲାଙ୍ଗ ଉପରେ ହଳଦୀଆ ରଙ୍ଗ ଲଗାଯାଇଥିଲା। ସେ ୬ ଦିନ ୧୪ ଘଣ୍ଟାରେ ୫୬୦୦ କିମି ଉଡିଥିଲା। ଅବଶ୍ୟ ସେ ତେଲଙ୍ଗାନା ଓ ମହାରାଷ୍ଟ୍ରରେ କିଛି ସମୟ ରହିଥିଲା। ସେହିପରି ଆହୁ ଉପରେ ଲାଲ ରଙ୍ଗ ମରାଯାଇଥିଲା। ସେ ସାମାନ୍ୟ ଉତ୍ତର ଆଡକୁ ଗତିକରି ପଶ୍ଚିମ ବାଂଲାଦେଶରେ ଟିକେ ବିଶ୍ରାମ ନେବା ପରେ ୫ ଦିନ ୧୪ ଘଣ୍ଟା ଯାତ୍ରା କରି ୫୧୦୦ କିମି ଯାତ୍ରା କରି ସୋମାଲିଆର ଉତ୍ତରାଞ୍ଚଳରେ ନିଜର ଠିକଣାରେ ପହଞ୍ଚିଥିଲା। ସେ ନିଜ ବାକି ଦୁଇଟି ସାଥିଙ୍କ ନିକଟକୁ ଯିବା ପାଇଁ କେନିଆ ପହଞ୍ଚିପାରେ।

# ଅକ୍ଷୟ ତୃତୀୟା ପୂର୍ବରୁ ସରିବ ରତ୍ନ ଅଳଙ୍କାର ଗଣତିମଣତି

- ଏଣିକି ଏଟିଏମ୍‌ରେ ବି ଦାନ କରିପାରିବେ ଭକ୍ତ
- ନିର୍ମାଣ ହେବ ମହାପ୍ରଭୁଙ୍କ ସୁନାବେଶର ଆଉ ଏକ ସେଟ୍
- ଶ୍ରୀମନ୍ଦିର ଅଧୀନକୁ ଆସିବ ଏମାର ମଠରୁ ଉଦ୍ଧାର ରୁପା ଇଟା
- ସେବାୟତଙ୍କ କନ୍ୟା ବିବାହ ରାଶି ୫୦ ହଜାରରୁ ୧ ଲକ୍ଷ ଟଙ୍କାକୁ ବୃଦ୍ଧି
- ଖୁବ୍‌ଶୀଘ୍ର ଭକ୍ତଙ୍କ ପାଇଁ ଖୋଲିବ ଗୁଣ୍ଡିଚା ମନ୍ଦିର



**ପୁରୀ, ୨୧ା୧୧ (ସମିସ):** ଆସନ୍ତା ଅକ୍ଷୟ ତୃତୀୟା ପୂର୍ବରୁ ରତ୍ନଭଣ୍ଡାର ଅଳଙ୍କାର ଗଣତିମଣତି ସରିବ। ରାଜ୍ୟ ସରକାରଙ୍କ ମାର୍ଗଦର୍ଶିକା ଅନୁସାରେ ଏହି କାର୍ଯ୍ୟ ସଂପନ୍ନ ହେବ। ରତ୍ନ ଅଳଙ୍କାରଗୁଡ଼ିକର ଡିଜିଟାଇଜେସନ୍ କରାଯିବ। ଆଗକୁ ମହାପ୍ରଭୁଙ୍କ ପହିଲି ଭୋଗ ନୀତି ସହିତ ଇଂରାଜୀ ନୂଆବର୍ଷ ଆସୁଛି, ପୁଣି ମକର ସଂକ୍ରାନ୍ତି ରହିଛି। ତେଣୁ ନୀତିକାନ୍ତିବହୁଳ ସମୟରେ ଗଣତିମଣତି କରାଯିବ ନାହିଁ। ଭକ୍ତଙ୍କ ଦର୍ଶନରେ ଯେପରି ଅସୁବିଧା ନ ହୁଏ, ସେଥିପ୍ରତି ବି ଧ୍ୟାନ ଦିଆଯିବ। ପୂର୍ବରୁ ଗଣତି ମଣତି ନେଇ ରାଜ୍ୟ ସରକାରଙ୍କ ପକ୍ଷରୁ ଏକ ଏସ୍‌ଓପି ପ୍ରସ୍ତୁତ କରାଯିଇଥିବା ବେଳେ ଏବେ ଆଉ ଏକ ଅତିରିକ୍ତ ଏସ୍‌ଓପି ପ୍ରସ୍ତୁତ କରାଯିବ। ମୁଖ୍ୟ ପ୍ରଶାସକ ଏବଂ ନୀତି ସବ୍-କମିଟି ସଦସ୍ୟଙ୍କୁ ନେଇ ଏହା ପ୍ରସ୍ତୁତ ହେବ। ଶ୍ରୀମନ୍ଦିର କାର୍ଯ୍ୟାଳୟରେ ଶୁକ୍ରବାର ଗଜପତି ମହାରାଜା ଦିବ୍ୟସିଂହ ଦେବଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ପରିଚାଳନା କମିଟି ବୈଠକରେ ଏହି ନିଷ୍ପତ୍ତି ନିଆଯାଇଛି।

ପ୍ରାୟ ୪ଘଣ୍ଟା ଧରି ବସିଥିବା ଏହି ବୈଠକରେ ବହୁ ଗୁରୁତ୍ୱପୂର୍ଣ୍ଣ ବିଷୟ ଉପରେ ଆଲୋଚନା ହୋଇଥିଲା। ଏ ବାବଦରେ ଗଣମାଧ୍ୟମରେ ପ୍ରତିକ୍ରିୟା ରଖି ଶ୍ରୀମନ୍ଦିର ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀ କହିଛନ୍ତି, ନାଟ ମଣ୍ଡପରେ ଶୃଙ୍ଖଳିତ ଧାଡ଼ି ଦର୍ଶନ ନେଇ ଆଲୋଚନା ହୋଇଛି। ସେବାୟତମାନେ କାଠ ରାମ୍ପ ଦେଖିଛନ୍ତି। ତେବେ ତରବରିଆ ଭାବେ କୌଣସି ନିଷ୍ପତ୍ତି ନିଆଯିବନାହିଁ। ତ୍ରୁଟିଶୂନ୍ୟ ଦର୍ଶନ ବ୍ୟବସ୍ଥା ହେବ। ମହାପ୍ରଭୁଙ୍କ ନୀତିକାନ୍ତି ଏବଂ ଭକ୍ତଙ୍କ ଦର୍ଶନରେ ଯେପରି ବାଧା ନ ଉପୁଜେ, ତାହାକୁ ନଜରରେ ରଖି ଏହି ବ୍ୟବସ୍ଥା ଆରମ୍ଭ କରାଯିବ। ଟେକ୍ନିକାଲ କମିଟି ଏହାକୁ ଆଉଥରେ ତର୍ଜମା କରିବା ପରେ ଚୂଡ଼ାନ୍ତ ହେବ। ଏମାର ମଠରୁ ଉଦ୍ଧାର ରୁପାଇଟା ମାମଲା ହାଇକୋର୍ଟରେ ବିଚାରାଧୀନ ରହିଛି। ରୁପାଇଟା କିଭଳି ମହାପ୍ରଭୁଙ୍କ ଅଧୀନକୁ ଆସିବ, ସେନେଇ ସରକାରୀସ୍ତରରେ ମଧ୍ୟ ଆଲୋଚନା ହୋଇଛି। ପ୍ରକ୍ରିୟା ଚାଲିଛି, ନିୟମ ଅନୁସାରେ ମନ୍ଦିର ପ୍ରଶାସନ ଅଧୀନକୁ ରୁପା ଇଟା ଅଣାଯିବ। ସେପରି, ଶ୍ରୀଜିଉମାନଙ୍କର ଆଉ ଏକ ସୁନା ଅଳଙ୍କାର ସେଟ୍ କରାଯିବ। ସ୍ୱର୍ଣ୍ଣ ଅଳଙ୍କାର ଦାନ ଯୋଜନା ମାଧ୍ୟମରେ ଭକ୍ତ କିମ୍ବା ଆଗ୍ରହୀ ଦାତାଙ୍କୁ ଏଥିପାଇଁ ଆହ୍ୱାନ କରାଯିବ। ଆଗାମୀ ଦିନରେ ମହାପ୍ରଭୁଙ୍କ ଆଉ ଏକ ସ୍ୱର୍ଣ୍ଣ ଅଳଙ୍କାର ସେଟ୍ ହେବ ବୋଲି ମୁଖ୍ୟ ପ୍ରଶାସକ କହିଛନ୍ତି।

ସେହିପରି ପ୍ରୋଟୋକଲ ଦର୍ଶନ ପାଇଁ ଏକ ଏସ୍‌ଓପି କରାଯିବ ବୋଲି ନିଷ୍ପତ୍ତି ହୋଇଛି। ବୈଠକରେ ଶ୍ରୀମନ୍ଦିର ବଜେଟକୁ ଅନୁମୋଦନ କରାଯାଇଛି। ୧୦୪ କୋଟିର ବଳକା ବଜେଟ୍ ଉପସ୍ଥାପନା କରାଯାଇଥିଲା। ମହାପ୍ରଭୁଙ୍କ ଦର୍ଶନ ପାଇଁ ଆସିଥିବା ଭକ୍ତ ପୁରୀର କୌଣସି ଏଟିଏମ୍‌ରୁ ଟଙ୍କା କାଢ଼ିବା ବେଳେ ଗୋଟିଏ ଅପସନ୍ ଦିଆଯିବ। ଆପଣ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କୁ କିଛି ଦାନ ସ୍ୱଇଚ୍ଛାରେ ଦେବାକୁ ଚାହୁଁଛନ୍ତି କି? ଯଦି ହଁ ତେବେ ସେମାନେ ତାଙ୍କ କାର୍ଡ ମାଧ୍ୟମରେ ଦେଇପାରିବେ। ଏଭଳି ମେସେଜ ସ୍କ୍ରିନ୍‌ରେ ଆସିବା ପାଇଁ ବ୍ୟାଙ୍କମାନଙ୍କ ସହ କଥାବାର୍ତ୍ତା କରାଯାଇଛି। ସେହିପରି ଖୁବ୍‌ଶୀଘ୍ର ଗୁଣ୍ଡିଚା ମନ୍ଦିର ଭକ୍ତଙ୍କ ପାଇଁ ଖୋଲାଯିବ। ମାହାଲ ଦିଆ ନଯାଇ ଶ୍ରୀମନ୍ଦିର ପ୍ରଶାସନ ଏହାର ପରିଚାଳନା ଦାୟିତ୍ୱ ନେବ। ମହାପ୍ରଭୁଙ୍କ ଜମିଜମା ସୁରକ୍ଷା ଏବଂ ଶ୍ରୀମନ୍ଦିର ସୁରକ୍ଷା ଉପରେ ଆଲୋଚନା ହୋଇଛି।

ସେବକ କଲ୍ୟାଣ ଉପରେ ବିସ୍ତୃତ ଭାବେ ବୈଠକରେ ଆଲୋଚନା କରାଯାଇଥିଲା। ପରିଚାଳନା କମିଟିର ସେବାୟତ ପ୍ରତିନିଧି ବିଭିନ୍ନ ପ୍ରସ୍ତାବ ରଖିଥିଲେ। ତେଣୁ ସେବକ କଲ୍ୟାଣ ଉପରେ ପେନ୍‌ସନ ରାଶି ବୃଦ୍ଧି କରାଯାଇଛି। ମାସିକ ବରିଷ୍ଠ ସେବକ ଭତ୍ତା ୪ ହଜାର ଥିଲା, ତାହାକୁ ୫ ହଜାର କରାଗଲା। ଏହା ୨୦୨୬ ଜାନୁୟାରୀରୁ ଲାଗୁ ହେବ। ସେହିପରି, ସେବକ ପରିବାର କନ୍ୟାମାନଙ୍କ ବିବାହ ପାଇଁ ଦିଆଯାଉଥିବା ରାଶି ୫୦ହଜାରରୁ ଏବେ ୧ ଲକ୍ଷକୁ ବୃଦ୍ଧି କରାଯାଇଛି। ପୁତ୍ର ସନ୍ତାନଙ୍କ ବ୍ରତ ପାଇଁ ପୂର୍ବରୁ ଦିଆଯାଉଥିବା ୩୦ହଜାର ଟଙ୍କାକୁ ଏବେ ୫୦ ହଜାର କରାଯାଇଛି ବୋଲି ମୁଖ୍ୟ ପ୍ରଶାସକ ସୂଚନା ଦେଇଛନ୍ତି। ପୁରୀବାସୀଙ୍କ ସ୍ୱତନ୍ତ୍ର ଦର୍ଶନ ପାଇଁ ଆଲୋଚନା ହୋଇଛି। ଏ ନେଇ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ଗଠିତ ସବ୍ କମିଟି ବିଭିନ୍ନ ଦିଗକୁ ନେଇ ଅନୁଧ୍ୟାନ କରିବା ପରେ ଏସ୍‌ଓପି ପ୍ରସ୍ତୁତ କରାଯାଇ ନିଷ୍ପତ୍ତି ନିଆଯିବ ବୋଲି କୁହାଯାଇଛି।

ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ପରିଚାଳନା କମିଟି ସଦସ୍ୟ ଡ. ଗିରୀଶ ଚନ୍ଦ୍ର ମୁର୍ମୁ, ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡ଼ା, ଏସ୍‌ପି ପ୍ରତୀକ୍ ସିଂଙ୍କ ସମେତ ଅନ୍ୟ ସଦସ୍ୟମାନେ ଯୋଗଦେଇଥିଲେ।

# ଦେଢ଼ମାସ ପରେ ଆଖି ଖୋଲିଲେ ଅଭିଜିତ୍ ମଜୁମ୍‌ଦାର

**ଭୁବନେଶ୍ୱର,୨୧ା୧୧(ସମିସ):** ସାମାଜିକ ଗଣମାଧ୍ୟମରେ ଅଭିଜିତ ମଜୁମଦାରଙ୍କ ସ୍ୱାସ୍ଥ୍ୟବସ୍ଥା ନେଇ ଗୁଜବ ଆରମ୍ଭ ହୋଇଥିବା ବେଳେ ତାଙ୍କ ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ଘଟିଛି। ଦୀର୍ଘ ଦେଢ଼ମାସ ପରେ ସେ ଆଖି ଖୋଲିଛନ୍ତି। ଡାକ୍ତରଙ୍କ କଥାକୁ ବୁଝି ସେ ପ୍ରତିକ୍ରିୟା ପ୍ରକାଶ କରୁଥିବା ଜଣାପଡ଼ିଛି। ଅଭିଜିତଙ୍କ ସ୍ୱାସ୍ଥ୍ୟାବସ୍ଥା ସୁଧୁରୁଥିବା ଡାକ୍ତର କହିବା ପରେ ତାଙ୍କ ପତ୍ନୀ ଆଜି ଅତ୍ୟନ୍ତ ଭାବବିହ୍ୱଳ ହୋଇ କାନ୍ଦି ପକାଇଥିଲେ। ଗୋଟେପଟେ ଜଣେ ଆଗଧାଡ଼ିର ସ୍ୱନାମଧନ୍ୟ କଣ୍ଠଶିଳ୍ପୀଙ୍କୁ ହରାଇ ସାରା ଓଡ଼ିଶାବାସୀ ଦୁଃଖ ପ୍ରକାଶ କରୁଥିବା ବେଳେ ଅଭିଜିତଙ୍କ ସ୍ୱାସ୍ଥ୍ୟାବସ୍ଥାରେ ଉନ୍ନତି ଘଟିବା ଖବର ସଂଗୀତ ପ୍ରେମୀଙ୍କ ପାଇଁ ଆଶ୍ୱସ୍ତି ଆଣି ଦେଇଛି। ଯଥାଶିଘ୍ର ଅଭିଜିତ୍ ଭଲ ହୋଇଯାଆନ୍ତୁ ବୋଲି ପ୍ରଶଂସକମାନେ ପ୍ରାର୍ଥନା କରିଛନ୍ତି। ଗତ ୧୦ ତାରିଖରେ ତାଙ୍କୁ ଭେଣ୍ଟିଲେଟରରୁ ବାହାର କରାଯାଇ ମେଡିସିନ ୱାର୍ଡକୁ ସ୍ଥାନାନ୍ତର କରାଯାଇଥିବା ବେଳେ ତାଙ୍କ ସ୍ୱାସ୍ଥ୍ୟାବସ୍ଥା ସ୍ଥିର ରହିଥିଲା। ହେଲେ ଆଜି ସେ ଆଖି ଖୋଲିଥିବା ଏମ୍ସ୍ ପକ୍ଷରୁ ସୂଚନା ଦିଆଯାଇଛି।

**ସ୍ୱାସ୍ଥ୍ୟାବସ୍ଥାରେ ସୁଧାର ଆସୁଥିବା କହିଲେ ଡାକ୍ତର**



ଅଭିଜିତ୍ ଗଣେଶ ପୂଜା ଦିନ ହଠାତ୍ ଅସୁସ୍ଥ ହୋଇ ପଡ଼ିବାରୁ ତାଙ୍କୁ ଏକ ଘରୋଇ ହସ୍ପିଟାଲରେ ଭର୍ତ୍ତି କରାଯାଇଥିଲା। ମାତ୍ର ସ୍ୱାସ୍ଥ୍ୟରେ ଉନ୍ନତି ନ ହେବାରୁ ତାଙ୍କୁ ସେପ୍ଟେମ୍ବର ୪ ତାରିଖରେ ଭେଣ୍ଟିଲେଟର ସପୋର୍ଟ ଆମ୍ବୁଲାନ୍ସ ଯୋଗେ ଭୁବନେଶ୍ୱର ଏମ୍ସକୁ ସ୍ଥାନାନ୍ତର କରାଯାଇଥିଲା। ପ୍ରଥମେ ଟ୍ରମାକେୟାରରେ ରଖାଯାଇ ଚିକିତ୍ସା ଆରମ୍ଭ ହୋଇଥିଲା। ପରେ ତାଙ୍କୁ କ୍ରିଟିକାଲ ଆଇସିୟୁକୁ ସ୍ଥାନାନ୍ତର କରାଯାଇଥିଲା। ତାଙ୍କ ବ୍ରେନ୍‌ରେ ସୋଡିୟମ୍ କମୁଥିବା ବେଳେ ନିଶ୍ୱାସ ନେବାରେ ସମସ୍ୟା ହେଉଥିବା ଡାକ୍ତର ସୂଚନା ଦେଇଥିଲେ। ଅକ୍ଟୋବର ୨୩ରେ ତାଙ୍କର ଏମ୍‌ଆର୍‌ଆଇ, ବ୍ରେନ୍ ସ୍କାନ କରାଯାଇଥିବା ବେଳେ ରିପୋର୍ଟରେ ମଧ୍ୟ କୌଣସି ସୁଧାର ଦେଖାଯାଇ ନଥିବା ଏମସ୍ ପକ୍ଷରୁ ସୂଚନା ଦିଆଯାଇଥିଲା। ଏହାପରେ ତାଙ୍କୁ ଭେଣ୍ଟିଲେଟରରୁ ମେଡିସିନ୍ ୱାର୍ଡକୁ ସ୍ଥାନାନ୍ତର କରାଯାଇଥିଲା।

# ପୂର୍ବ ଶତ୍ରୁତାରୁ ଘର ଜାଳିଦେଲେ

**ଥାନାରେ ବିପନ୍ନ ପରିବାର**



**ଭଦ୍ରକ, ୨୧ା୧୦ (ସମିସ):** ଭଦ୍ରକ ଜିଲ୍ଲା ତିହିଡ଼ି ଥାନା ଅନ୍ତର୍ଗତ ଫତେପୁର ପଞ୍ଚାୟତ ଅଧୀନ ବିଭୂତିପୁର ଗ୍ରାମରେ ଜଣେ ଯୁବକ ସେହି ଗ୍ରାମର ୨ ପରିବାରର ୩ ବଖରା ଗୃହକୁ ପେଟ୍ରୋଲ ପକାଇ ଜାଳି ଦେଇଥିବା ନେଇ ଶୁକ୍ରବାର ଥାନାରେ ଅଭିଯୋଗ ହୋଇଛି। ପୂର୍ବ ଶତ୍ରୁତାରୁ ଯୁବକଜଣକ ଗୁରୁବାର ରାତିରେ ଏହି କାଣ୍ଡ ଘଟାଇଥିବା ଅଭିଯୋଗରେ ଦର୍ଶାଯାଇଛି। ତେବେ ୨ ବିପନ୍ନ ପରିବାର ଥାନାରେ ଆଶ୍ରୟ ନେବା ସହ ଅଭିଯୁକ୍ତଙ୍କୁ ତୁରନ୍ତ ଗିରଫ କରିବାକୁ ଦାବି କରିଛନ୍ତି।

ସୂଚନା ମୁତାବକ, ବିଭୂତିପୁର ଗ୍ରାମର ରଞ୍ଜନ ରାଉତ ଓ ତାଙ୍କ ଭାଇ ଗୌରାଙ୍ଗ ରାଉତଙ୍କ ପରିବାର ସହ ଉକ୍ତ ଗ୍ରାମର ଜଣେ ବ୍ୟକ୍ତିଙ୍କ ଜମିଜମାକୁ ନେଇ ଶତ୍ରୁତା ଥିଲା। ଗୁରୁବାର ସରପଞ୍ଚ ଓ ଗ୍ରାମବାସୀଙ୍କ ମାଧ୍ୟମରେ ଏହାର ସମାଧାନ ପାଇଁ ନିଷ୍ପତ୍ତି ହୋଇଥିବା ବେଳେ ଅପରପକ୍ଷ ଏହାକୁ ନ ମାନି ବିଭିନ୍ନ ପ୍ରକାର ଧମକ ଦେଇଥିଲେ। ଗୁରୁବାର ରାତି ୧୨ଟା ସମୟରେ ରଞ୍ଜନଙ୍କ ଚାଳ ଛପର ଉପରେ ଚଢ଼ି ପେଟ୍ରୋଲ ଢାଳି ନିଆଁ ଲଗାଇ ଦେଇଥିଲେ। ଘରେ ଶୋଇଥିବା ରଞ୍ଜନ ଓ ତାଙ୍କ ଭାଇ ଘର ବାହାରକୁ ଆସି ଘଟଣା ସମ୍ପର୍କରେ ଜାଣିବା ସହ ନିଆଁ ଲଗାଇଥିବା ଯୁବକଙ୍କୁ କାବୁ କରିଥିଲେ। ତେବେ ଯୁବକଜଣକ ରଞ୍ଜନଙ୍କୁ ଆକ୍ରମଣ କରି ଫେରାର ହୋଇଯାଇଥିଲା। ଅଗ୍ନିକାଣ୍ଡରେ ରଞ୍ଜନ ଓ ତାଙ୍କ ଭାଇଙ୍କର ୩ ବଖରା ଘର ସମ୍ପୂର୍ଣ୍ଣ ଭସ୍ମୀଭୂତ ହୋଇଯାଇଛି। ଘରେ ଥିବା ସମସ୍ତ ସାମଗ୍ରୀ ସହ ଟଙ୍କା ଓ ଅଳଙ୍କାର ଜଳିଯାଇଥିବା ଜଣାପଡ଼ିଛି। ଘର ହରାଇଥିବା ୨ ଭାଇ ତିହିଡି ଥାନାରେ ଏ ନେଇ ଅଭିଯୋଗ କରିବା ସହ ଆଶ୍ରୟ ନେଇଥିବା ଜଣାଯାଇଛି।

# ବାଟ ହୁଡ଼ିଛି ‘ଉତ୍କଳ’ର ସେମିଷ୍ଟାର୍ ପରୀକ୍ଷା

- ଗତ ସପ୍ତାହରେ ସରିଛି ଦ୍ୱିତୀୟ ସେମିଷ୍ଟାର୍
- ସମ୍ବଲପୁର ଓ ବ୍ରହ୍ମପୁର ତୁଳନାରେ ୪ ମାସ ବିଳମ୍ବ

**ଭୁବନେଶ୍ୱର, ୨୧ା୧୧(ସମିସ):** ଉତ୍କଳ ବିଶ୍ୱବିଦ୍ୟାଳୟରେ ଠିକ୍ ସମୟରେ ପରୀକ୍ଷା ହେଉନି। ବହୁ ବିଳମ୍ବରେ ପରୀକ୍ଷା ହେଉଥିବାରୁ ଶୈକ୍ଷିକ ବର୍ଷ ବିଳମ୍ବିତ ହୋଇଛି। ସ୍ନାତକ ଦ୍ୱିତୀୟ ବର୍ଷରେ ପଢୁଥିବା ପିଲାଙ୍କ ତୃତୀୟ ସେମିଷ୍ଟାର୍ହେ ବା ପରିବର୍ତ୍ତେ ଦ୍ୱିତୀୟ ସେମିଷ୍ଟାର୍ ପରୀକ୍ଷା ଗତ ସପ୍ତାହରେ ଶେଷ ହୋଇଛି। କେବେ ତୃତୀୟ ସେମିଷ୍ଟାର୍ ହେବ, ସେ ସମ୍ପର୍କରେ ମଧ୍ୟ ଛାତ୍ରଛାତ୍ରୀଙ୍କୁ କୌଣସି ସୂଚନା ଦିଆଯାଉନାହିଁ। ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷଙ୍କ ଅବହେଳା ପାଇଁ ଶେଷବର୍ଷର ପିଲାଙ୍କ ଗୋଟିଏ ବର୍ଷ ନଷ୍ଟ ହେବାର ଆଶଙ୍କା ସୃଷ୍ଟି ହୋଇଛି।

ସ୍ନାତକ ପଢୁଥିବା ପିଲାଙ୍କ ଅଯୁଗ୍ମ ବା ପ୍ରଥମ, ତୃତୀୟ ଓ ପଞ୍ଚମ ସେମିଷ୍ଟାର୍ ପରୀକ୍ଷା ପ୍ରାୟତଃ ଡିସେମ୍ବର ମାସରେ ଶେଷ ହୋଇଥାଏ। ସେହିପରି ଏପ୍ରିଲ ଶେଷ ବା ମେ’ ପହିଲାରେ ଯୁଗ୍ମ ଅର୍ଥାତ୍ ଦ୍ୱିତୀୟ, ଚତୁର୍ଥ ଓ ଷଷ୍ଠ ସେମିଷ୍ଟାର୍ ପରୀକ୍ଷା ହୋଇଥାଏ। ଖରାଛୁଟି ସରିବା ପୂର୍ବରୁ ଯୁଗ୍ମ ସେମିଷ୍ଟାର୍ ସାରିଥାଏ ବା କୌଣସି କାରଣରୁ ବିଳମ୍ବ ହେଲେ ଖରା ଛୁଟି ପରେ ଶିକ୍ଷାନୁଷ୍ଠାନ ଖୋଲିଲେ ଜୁନ ଓ ଜୁଲାଇ ମାସରେ କରାଯାଇଥାଏ। ଫଳରେ ପ୍ରତିବର୍ଷ ଦୁଇଟି ଲେଖାଏଁ ପରୀକ୍ଷା ସହ ଶୈକ୍ଷିକ ବର୍ଷ ସଠିକ ଭାବେ ପରିଚାଳିତ ହୋଇଥାଏ। ସମ୍ବଲପୁର ଓ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରେ ଖରାଛୁଟି ସରିବା ପରେ ଅର୍ଥାତ ଅଗଷ୍ଟରେ ଦ୍ୱିତୀୟ ସେମିଷ୍ଟାର୍ ପରୀକ୍ଷା ସରିଛି। ହେଲେ ଉତ୍କଳରେ ଗତ ୧୩ ତାରିଖରେ ଶେଷ ହୋଇଛି। ଅର୍ଥାତ୍ ପ୍ରାୟ ଚାରି ମାସ ବିଳମ୍ବ ହୋଇଛି। ଅନୁରୂପ ଭାବେ ସମ୍ବଲପୁର ଓ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟ ଡିସେମ୍ବର ମାସରେ ତୃତୀୟ ସେମିଷ୍ଟାର୍ ପାଇଁ ବିଜ୍ଞପ୍ତି ପ୍ରକାଶ କରି ସାରିଛନ୍ତି। ହେଲେ ଉତ୍କଳ ବିଶ୍ୱବିଦ୍ୟାଳୟ ତୃତୀୟ ସେମିଷ୍ଟାର୍ ପାଇଁ କୌଣସି ବିଜ୍ଞପ୍ତି ପ୍ରକାଶ ପାଇନାହିଁ। ଅପରପକ୍ଷରେ ଗତ ସପ୍ତାହରେ ଦ୍ୱିତୀୟ ସେମିଷ୍ଟାର୍ ଦେଇଥିବା ପିଲା କେତେ ମାସ ପାଠ ପଢ଼ି ତୃତୀୟ ସେମିଷ୍ଟାର୍ ପରୀକ୍ଷା ଦେବେ ବୋଲି ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ପରୀକ୍ଷା ବିଳମ୍ବର କାରଣ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ ବୋଲି ଅନୁସନ୍ଧାନରୁ ଜଣାପଡ଼ିଛି। ଗତ ମେ’ ୨୩ ତାରିଖରେ ପୂର୍ବତନ କୁଳପତି ପ୍ରଫେସର ସବିତା ଆଚାର୍ଯ୍ୟଙ୍କ କାର୍ଯ୍ୟକାଳ ସରିଥିବା ବେଳେ ନୂତନ କୁଳପତି ଭାବେ ପ୍ରଫେସର ଯଜ୍ଞେଶ୍ୱର ଦଣ୍ଡପାଟ ଦାୟିତ୍ୱ ଗ୍ରହଣ କରିଛନ୍ତି। ହେଲେ ବିଳମ୍ବିତ ହୋଇଥିବା ଦ୍ୱିତୀୟ ସେମିଷ୍ଟାର୍ ପରୀକ୍ଷା ଖରା ଛୁଟି ସରିବା ପରେ କରିବା ପାଇଁ କୌଣସି ପଦକ୍ଷେପ ନେଇ ନ ଥିବାରୁ ପ୍ରାୟ ପାଞ୍ଚ ମାସ ବିଳମ୍ବ ହୋଇଛି। ଏପରିକି, ପରୀକ୍ଷା ଖାତା ଓ ପ୍ରଶ୍ନପତ୍ର ପ୍ରିଣ୍ଟିଂ ପାଇଁ ଟେଣ୍ଡର୍ ହେବାରେ ଅହେତୁକ ବିଳମ୍ବ କାରଣରୁ ସମଗ୍ର ପରୀକ୍ଷା ବ୍ୟବସ୍ଥା ବାଟ ହୁଡ଼ିଛି। ବିଶ୍ୱବିଦ୍ୟାଳୟର ଉନ୍ନତୀକରଣ ପାଇଁ ଟେଣ୍ଡର୍ ହେଉଥିବା ବେଳେ ପରୀକ୍ଷା ଟେଣ୍ଡର୍ କାହିଁକି ବିଳମ୍ବ ହୋଇଛି ବୋଲି ଅଭିଭାବକ ଓ ପୁରାତନ ଛାତ୍ରମାନେ ଅଭିଯୋଗ କରିଛନ୍ତି।

ଅପରପକ୍ଷରେ ବିଶ୍ୱବିଦ୍ୟାଳୟର ପରୀକ୍ଷା ନିୟନ୍ତ୍ରକ ଡ. ଚିନ୍ମୟ ପ୍ରଧାନ କହିଛନ୍ତି ଯେ, ଏନ୍‌ଇପି ନିୟମାନୁସାରେ ପରୀକ୍ଷା କରାଯାଉଛି। ଗୋଟିଏ ସେମିଷ୍ଟାର୍ ପରୀକ୍ଷା ଫଳ ପ୍ରକାଶ ପାଇବା ପରେ ପରବର୍ତ୍ତୀ ସେମିଷ୍ଟାର୍ ପରୀକ୍ଷା କରାଯାଉଛି। ବିଶ୍ୱବିଦ୍ୟାଳୟର ସମସ୍ତ ସେମିଷ୍ଟାର୍ ସଠିକ୍ ସମୟରେ କରିବାକୁ କର୍ତ୍ତୃପକ୍ଷ ତତ୍ପର ଅଛନ୍ତି। ତୃତୀୟ ସେମିଷ୍ଟାର୍ ପରୀକ୍ଷା ନିର୍ଦ୍ଧାରିତ ସମୟରେ ଅନୁଷ୍ଠିତ ହେବ।

**ଅବକାରୀ ପୁଲିସର ଖାମଖିଆଲି !**

# ରାଇରଙ୍ଗପୁର ଜେଲ୍‌ରେ ବାଳ ଅପରାଧୀ

**ରାଇରଙ୍ଗପୁର, ୨୧ା୧୧(ସମିସ):** ଅବକାରୀ ପୁଲିସର ଭୁଲ୍ ପାଇଁ ଜଣେ ବାଳ ଅପରାଧୀ ସୁଧାର ଗୃହ ପରିବର୍ତ୍ତେ ଜେଲ୍‌ରେ କଏଦୀ ଜୀବନ ବିତାଉଛନ୍ତି। ରାଇରଙ୍ଗପୁର ଉପଖଣ୍ଡ କାରାଗାରରେ ଏପରି ଏକ ଘଟଣା ଏବେ ସାମ୍ନାକୁ ଆସିଛି। ନକଲି ମଦ କାରବାର ଅଭିଯୋଗରେ ଧରାପଡ଼ିଥିବା ଝାଡ଼ଖଣ୍ଡର ଜଣେ ବାଳ ଅପରାଧୀ ରାଇରଙ୍ଗପୁର ଜେଲ୍‌ରେ ବନ୍ଦୀ ଜୀବନ ବିତାଉଛନ୍ତି।

ସୂଚନାନୁଯାୟୀ, ମାସେ ତଳେ ଅବକାରୀ ବିଭାଗ ତିରିଂ ଥାନା ଅଞ୍ଚଳରୁ ଏକ ନକଲି ମଦ କାରଖାନା ଠାବ କରିଥିଲା। ପଣ୍ଡୁପାଣି ପଞ୍ଚାୟତର ଜଟା ଗ୍ରାମରେ ଦୀର୍ଘଦିନ ହେଲା ଏହି ନକଲି କାରଖାନା ଚାଲୁଥିଲା। ଏହି ଘଟଣାରେ ସେତେବେଳେ ପୁଲିସ ୩ ନାବାଳକଙ୍କ ସମେତ ମୋଟ ୬ ଜଣଙ୍କୁ ଧରିଥିଲା। କିନ୍ତୁ, ସେମାନଙ୍କ ମଧ୍ୟରୁ ଝାଡ଼ଖଣ୍ଡ ଅଞ୍ଚଳର ଜଣେ ନାବାଳକକୁ ଜୁଭେନାଇଲ ଜଷ୍ଟିସ୍ ବୋର୍ଡ ପରିବର୍ତ୍ତେ ରାଇରଙ୍ଗପୁର କୋର୍ଟରେ ହାଜର କରିଥିଲା ଅବକାରୀ ବିଭାଗ। ସେଠାରେ ଜାମିନ୍ ନାମଞ୍ଜୁର ହେବାରୁ ତାକୁ ଜେଲ୍‌କୁ ପଠାଇ ଦିଆଯାଇଛି। ଗତ ଅକ୍ଟୋବର ୧୦ରୁ ସେ ରାଇରଙ୍ଗପୁର ଉପଖଣ୍ଡ କାରାଗାରରେ ରହିଛି। ବାଳ ଅପରାଧୀଙ୍କୁ ଜୁଭେନାଇଲ ଜଷ୍ଟିସ୍ ବୋର୍ଡରେ ହାଜର କରି ସୁଧାର ଗୃହକୁ ପଠାଇବାର ନିୟମ ରହିଛି। କିନ୍ତୁ ଉକ୍ତ ନାବାଳକଙ୍କ ବୟସ ଯାଞ୍ଚ କରାନଯାଇ ତାକୁ ଜେଲ୍ ହାଜତକୁ କିପରି ପଠାଇ ଦିଆଗଲା, ତାକୁ ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ଏନେଇ ରାଇରଙ୍ଗପୁର ଉପଖଣ୍ଡ କାରାଗାର ଜେଲର୍ ଅଞ୍ଜନ କୁମାର ପଣ୍ଡା କହିଛନ୍ତି, ସେ ଜେଲକୁ ଆସିବା ପରେ ତା’ର ବୟାନ ସହ ଆଧାରକାର୍ଡ ଓ ଅନ୍ୟାନ୍ୟ କାଗଜପତ୍ର ଯାଞ୍ଚ ପରେ ସେ ନାବାଳକ ବୋଲି ଜଣାପଡ଼ିଛି। ନାବାଳକଙ୍କ ପିତାଙ୍କ ସହ ଯୋଗାଯୋଗ କରି ରାଇରଙ୍ଗପୁର କୋର୍ଟଙ୍କୁ ତ୍ରୁଟି ବାବଦରେ ସୂଚନା ଦିଆଯାଇଥିଲା। ତେବେ କୋର୍ଟ ଏହାର ବିଚାର କରି ତୁରନ୍ତ ଜୁଭେନାଇଲ ଜଷ୍ଟିସ ବୋର୍ଡରେ ହାଜର କରି ସୁଧାର ଗୃହକୁ ପଠାଇବାକୁ ନିର୍ଦ୍ଦେଶ ଦେଇଛନ୍ତି ବୋଲି କହିଛନ୍ତି।

# ଫୁଲଚୋରି ରୋକିବାକୁ ବିଦ୍ୟୁତ୍ ବାଡ଼; ଯୁବକ ମୃତ

**ନୀଳଗିରି, ୨୧ା୧୧(ସମିସ):** ଫୁଲଚୋରି ରୋକିବାକୁ ବିଦ୍ୟୁତ୍ ବାଡ଼ ଜଣେ ଯୁବକଙ୍କ ଜୀବନ ନେଇଛି। ଶୁକ୍ରବାର ସକାଳେ ନୀଳଗିରି ସହରରେ ଏପରି ଏକ ଦୁଃଖଦ ଘଟଣା ଘଟିଛି। ମୃତକ ହେଲେ, ନୀଳଗିରି ଏନ୍‌ଏସିର ସାନଅତା ଗ୍ରାମର ସ୍ୱର୍ଗତ ପୁରୁଷୋତ୍ତମ ଦାସଙ୍କ ପୁଅ ତାପସ ଦାସ(୩୫)। ତାପସ ଆଜି ସକାଳେ ଗ୍ରାମର ଦିଲ୍ଲୀପ କୁମାର ରାଉତଙ୍କ ବାଡ଼ିକୁ ଫୁଲ ତୋଳିବାକୁ ଯାଇଥିଲେ। ମାତ୍ର ଫୁଲଗଛ ଚାରିପାଖେ ବିଦ୍ୟୁତ୍ ତାର ସଂଯୋଗ ହୋଇଥିବା ତାପସ ଜାଣି ପାରିନଥିଲେ। ଫୁଲ ତୋଳିବା ସମୟରେ ବିଦ୍ୟୁତ୍ ତାର ସଂସ୍ପର୍ଶରେ ଆସି ସେ ପ୍ରାଣ ହରାଇଥିଲେ। ନୀଳଗିରି ଆଇଆଇସି ଗୋବର୍ଦ୍ଧନ ନାୟକ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛନ୍ତି। ଶବକୁ ବ୍ୟବଚ୍ଛେଦ ପାଇଁ ନୀଳଗିରି ମେଡ଼ିକାଲକୁ ପଠାଇବା ସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ତଦନ୍ତ କରୁଛନ୍ତି। ଅପରପକ୍ଷେ, ତାପସଙ୍କ ମା’ ସନ୍ଧ୍ୟା ଦାସ ଏନେଇ ନୀଳଗିରି ଥାନାରେ ଅଭିଯୋଗ କରିଛନ୍ତି। ଫୁଲ ଚୋରି ରୋକିବାକୁ ବିଦ୍ୟୁତ୍ ବାଡ଼ ଯୋଗୁଁ ତାଙ୍କ ପୁଅର ଜୀବନ ଯାଇଛି ବୋଲି ସେ ଅଭିଯୋଗରେ ଦର୍ଶାଇଛନ୍ତି। ନୀଳଗିରି ବିଦ୍ୟୁତ୍ ବିଭାଗ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଛି।

# ବିଧାୟକ ସାଗର ଦାସଙ୍କୁ ହତ୍ୟା ଧମକ

**ଭବାନୀପାଟଣା, ୨୧ା୧୧(ସମିସ):** କଳାହାଣ୍ଡି ଜିଲ୍ଲା ଭବାନୀପାଟଣା ସଦର ବିଧାୟକ ସାଗର ଚରଣ ଦାସଙ୍କୁ ହତ୍ୟା ଧମକ। ବିଧାୟକ ଶ୍ରୀ ଦାସ ଏ ସଂପର୍କରେ ନିଜ ‘ଏକ୍ସ’ ଆକାଉଣ୍ଟରେ ସୂଚନା ଦେବା ସହ ଡିଜି ୱାଇ.ବି ଖୁରାନିଆଙ୍କୁ ଚିଠି ଲେଖି ଅବଗତ କରାଇଛନ୍ତି।

**ଡିଜିଙ୍କୁ ଚିଠି ଲେଖିଲେ**

ଅଭିଯୋଗ ଅନୁଯାୟୀ, ଭବାନୀପାଟଣା ସଦର ବ୍ଲକ୍ ଦେପୁର କଂଗ୍ରେସ ଜୋନ୍ ସଭାପତି ଉଦେପୁର ଗ୍ରାମର ଦେବାନନ୍ଦ ଯୋଶୀଙ୍କୁ ଗୁରୁବାର ରାତି ପ୍ରାୟ ସାଢ଼େ ୯ଟାରେ ୪ଜଣ ଦୁର୍ବୃତ୍ତ ଧମକାଇଥିଲେ। ବନ୍ଧୁକ ଦେଖାଇ ସେମାନେ ଦେବାନନ୍ଦଙ୍କୁ ଭୟଭୀତ କରିବା ସହ ସାଗରଙ୍କ ସଂପର୍କରେ କିଛି ବ୍ୟକ୍ତିଗତ ତଥ୍ୟ ମାଗିଥିଲେ। ଆସନ୍ତା ୨ଦିନ ମଧ୍ୟରେ ତଥ୍ୟ ନଦେଲେ ତାଙ୍କୁ ଜୀବନରୁ ମାରିଦେବାକୁ ଧମକ ଦେଇଥିଲେ। ଏପରିକି, ସେମାନେ ସାଗରଙ୍କୁ ମଧ୍ୟ ହତ୍ୟା କରିବେ ବୋଲି କହିଥିଲେ। ଏହି ଘଟଣା ପଦାକୁ ଆସିବା ପରେ ବିଧାୟକ ଶ୍ରୀ ଦାସ ଡିଜିଙ୍କୁ ଚିଠି ଲେଖି ଘଟଣା ସଂପର୍କରେ ବିସ୍ତୃତ ଭାବେ ଅବଗତ କରାଇଛନ୍ତି। ଘଟଣାରେ ସଂପୃକ୍ତ ସମସ୍ତ ଅଭିଯୁକ୍ତଙ୍କ ବିରୋଧରେ କଡ଼ା କାର୍ଯ୍ୟାନୁଷ୍ଠାନ ପାଇଁ ସେ ଦାବି କରିଛନ୍ତି।

ଏ ସଂପର୍କରେ ‘ଏକ୍ସ’ରେ ପୋଷ୍ଟ କରି ସାଗର ଉଲ୍ଲେଖ କରିଛନ୍ତି ଯେ ରାଜ୍ୟରେ ଆଇନଶୃଙ୍ଖଳା ପରିସ୍ଥିତି ସମ୍ପୂର୍ଣ୍ଣ ବିଗିଡ଼ିଯାଇଛି। ବିଧାୟକଙ୍କ ଜୀବନ ଯେଉଁଠି ସୁରକ୍ଷିତ ନୁହେଁ, ସେଠାରେ ସାଧାରଣ ଜନତା କେମିତି ନିଜ ଜୀବନର ସୁରକ୍ଷା ଚିନ୍ତା କରିବେ? ସାଗରଙ୍କ ବାପା ତଥା ପିସିସି ସଭାପତି ଭକ୍ତ ଦାସ ମଧ୍ୟ ଏହି ଘଟଣାକୁ ନିନ୍ଦା କରିଛନ୍ତି। ଅପରପକ୍ଷେ, ଘଟଣାକୁ କଳାହାଣ୍ଡି ପୁଲିସ ଗୁରୁତ୍ୱର ସହ ନେଇ ତଦନ୍ତ ଆରମ୍ଭ କରିଛି।

**ଯୁବକଙ୍କୁ ସଂଘବଦ୍ଧ ଆକ୍ରମଣ**

# ଜିମ୍‌ରୁ ବାହାରିବା ବେଳେ ହାଣିଦେଲେ



**ତାଳଚେର, ୨୧ା୧୧ (ସମିସ):** ତାଳଚେର ପୌରପରିଷଦ ଅନ୍ତର୍ଗତ ହାଣ୍ଡିଧୁଆ ଛକ ନିକଟରେ ଶୁକ୍ରବାର ଜଣେ ଯୁବକଙ୍କୁ ସଂଘବଦ୍ଧ ଆକ୍ରମଣ ହୋଇଛି। ଗୁରୁତର ଅବସ୍ଥାରେ ସ୍ଥାନୀୟ ଲୋକେ ତାଙ୍କୁ ମେଡିକାଲରେ ଭର୍ତ୍ତି କରାଇଛନ୍ତି। ଆହତ ଯୁବକଜଣଙ୍କ ହେଲେ, ଘଣ୍ଟପଡ଼ା ଗ୍ରାମ ସ୍କୁଲ ସାହିର ଦେବାଶିଷ ସାହୁ ଓରଫ୍ ଚିଣ୍ଟୁ (୨୮)। ତାଙ୍କ ମୁଣ୍ଡରେ ଗଭୀର ଆଘାତ ଲାଗିଛି। ଦେବାଶିଷ ସବୁଦିନ ଭଳି ଆଜି ହାଣ୍ଡିଧୁଆସ୍ଥିତ ଜିମ୍ ସେଣ୍ଟର୍‌କୁ ଯାଇଥିଲେ। ସେଠାରେ ବ୍ୟାୟାମ କରି ବାହାରିବା ବେଳେ ପୂର୍ବରୁ ଛକି ରହିଥିବା ୬ ଦୁର୍ବୃତ୍ତ ତାଙ୍କୁ ବିଭିନ୍ନ ମାରଣାସ୍ତ୍ରରେ ଆକ୍ରମଣ କରିଥିଲେ। ସ୍ଥାନୀୟ ଲୋକେ ଦୌଡ଼ି ଆସିବାରୁ ଦୁର୍ବୃତ୍ତମାନେ ସେଠାରୁ ଫେରାର୍ ହୋଇଯାଇଥିଲେ। ପୂର୍ବ ଶତ୍ରୁତାକୁ କେନ୍ଦ୍ର କରି ତାଙ୍କ ଆକ୍ରମଣ କରାଯାଇଥିବା ଜଣାପଡ଼ିଛି। ତେବେ ଦେବାଶିଷଙ୍କ ସ୍ୱାସ୍ଥ୍ୟାବସ୍ଥା ଏବେ ସ୍ଥିର ରହିଛି। ଏସମ୍ପର୍କରେ ପ୍ରତିକ୍ରିୟା ପାଇଁ ହାଣ୍ଡିଧୁଆଁ କୋଲିୟରୀ ଥାନାକୁ ଯୋଗାଯୋଗ କରିଥିଲେ ମଧ୍ୟ ତାହା ସମ୍ଭବ ହୋଇ ନ ଥିଲା।

# ‘ନିଯୁକ୍ତି ଆଶାୟୀଙ୍କୁ ମାନସିକ ଓ ଆର୍ଥିକ ନିର୍ଯାତନା ଦେଉଛନ୍ତି ସରକାର’

- ହାଇକୋର୍ଟରେ ଏଲ୍‌ଟିଆର୍ ହିନ୍ଦୀ, ସଂସ୍କୃତ ଓ ପିଇଟି ଶିକ୍ଷକ ମାମଲା
- ୫ ଗୁଣାରୁ ଅଧିକ ଆବେଦନ ସତ୍ତ୍ୱେ ହୋଇନି ପ୍ରିଲିମିନରୀ ପରୀକ୍ଷା
- ୨୫ ତାରିଖରେ ହେବାକୁ ଥିବା ନିଯୁକ୍ତି ମେଳାରୁ ବାଦ୍ ପଡ଼ିବେ

**ଭୁବନେଶ୍ୱର,୨୧ା୧୧ (ସମିସ):** ଲିଭ୍ ଟ୍ରେନିଂ ଟିଚର୍ (ଏଲ୍‌ଟିଆର୍) ନିଯୁକ୍ତିରେ ବ୍ୟାପକ ଅସଙ୍ଗତି ନେଇ ଓଡ଼ିଶା କର୍ମଚାରୀ ପ୍ରବରଣ ଆୟୋଗ (ଓଏସ୍‌ଏସ୍‌ସି) ଏବଂ ସରକାରଙ୍କୁ ଷ୍ଟୁଡେଣ୍ଟ ଏଗେନଷ୍ଟ କରପସନ୍‌ର ଆବାହକ ବିଭୂତି ଭୂଷଣ ମହାପାତ୍ର ଘେରିଛନ୍ତି। ପାଞ୍ଚ ଗୁଣାରୁ ଅଧିକ ଆବେଦନକାରୀ ଥିବା ସତ୍ତ୍ୱେ ହିନ୍ଦୀ, ସଂସ୍କୃତ ଓ ପିଇଟି ପଦ ପାଇଁ ପ୍ରିଲିମିନାରୀ ପରୀକ୍ଷା କରି ନାହାନ୍ତି। ସମସ୍ତ ନୀତିନିୟମକୁ ଜଳାଞ୍ଜଳି ଦେଇ ଇଚ୍ଛା ଅନୁଯାୟୀ ଓଏସ୍‌ଏସ୍‌ସି ପରୀକ୍ଷା ପରିଚାଳନା କରୁଥିବାରୁ ପୂର୍ବରୁ ହିନ୍ଦୀ ପରୀକ୍ଷା ରଦ୍ଦ ହୋଇ ସାରିଛି। ସଂସ୍କୃତ ଓ ହିନ୍ଦୀ ଶିକ୍ଷକ ପଦରେ ନିଯୁକ୍ତି ପାଇଁ ହାଇକୋର୍ଟରେ ମାମଲା ପହଞ୍ଚିଛି। ସରକାରଙ୍କ ତ୍ରୁଟିପୂର୍ଣ୍ଣ ପରୀକ୍ଷା ପରିଚାଳନା ବ୍ୟବସ୍ଥା ପାଇଁ ରାଜ୍ୟର ଲକ୍ଷ ଲକ୍ଷ ମେଧାବୀ ଛାତ୍ରଛାତ୍ରୀ ମାନସିକ ନିର୍ଯାତନା ପାଉଥିବାବେଳେ ପ୍ରତିଟି ପଦକ୍ଷେପ ପାଇଁ କୋର୍ଟଙ୍କ ଦ୍ୱାରସ୍ଥ ହେଉଥିବାରୁ ଆର୍ଥିକ ଭାବେ ମଧ୍ୟ ଶୋଷିତ ହେଉଥିବା ସେ ଅଭିଯୋଗ କରିଛନ୍ତି।

ସୂଚନା ଅନୁଯାୟୀ, ଏଲ୍‌ଟିଆର୍ ଶିକ୍ଷକ ନିଯୁକ୍ତି ପାଇଁ ପ୍ରକାଶିତ ବିଜ୍ଞପ୍ତିରେ ସ୍ପଷ୍ଟ ଭାବେ ଉଲ୍ଲେଖ ଥିଲା ଯେ ମୋଟ୍ ପଦର ପାଞ୍ଚଗୁଣାରୁ ଅଧିକ ପ୍ରାର୍ଥୀ ଆବେଦନ କଲେ ପ୍ରିଲିମିନାରୀ ପରୀକ୍ଷା ପରେ ମୁଖ୍ୟ ପରୀକ୍ଷା ହେବ। ଅନ୍ୟଥା ସିଧାସଳଖ ମୁଖ୍ୟ ପରୀକ୍ଷା ଅନୁଷ୍ଠିତ ହେବ। ହେଲେ ହିନ୍ଦି ଶିକ୍ଷକ ପାଇଁ ମୋଟ୍ ୫ ଗୁଣାରୁ ଅଧିକ ପିଲା ଆବେଦନ କରିଥିଲେ ମଧ୍ୟ ପ୍ରିଲିମିନାରୀ ପରୀକ୍ଷା କରାଯାଇ ନ ଥିବାରୁ ହାଇକୋର୍ଟରେ ମାମଲା ହେବା ପରେ କୋର୍ଟ ପରୀକ୍ଷାକୁ ରଦ୍ଦ କରିବା ସହ ପୁନଃ ପରୀକ୍ଷା ପାଇଁ ନିର୍ଦ୍ଦେଶ ଦେଇଛନ୍ତି। ଏହାପରେ ଓଏସ୍‌ଏସ୍‌ସି ପକ୍ଷରୁ ପୁଣିଥରେ ପ୍ରିଲିମିନାରୀ ପରୀକ୍ଷା ସରିଥିବାବେଳଏ କିଛି ପରୀକ୍ଷାର୍ଥୀ ହାଇକୋର୍ଟଙ୍କ ରାୟକୁ ଚ୍ୟାଲେଞ୍ଜ କରି ଡବଲ୍ ବେଞ୍ଚକୁ ଯାଇଛନ୍ତି। ଫଳରେ ହିନ୍ଦି ଶିକ୍ଷକ ନିଯୁକ୍ତିର ଭାଗ୍ୟ ଅନ୍ଧକାର ମଧ୍ୟରେ ରହିଛି। ସେହିପରି ସଂସ୍କୃତ ଶିକ୍ଷକ ନିଯୁକ୍ତି ପାଇଁ ସାର୍ଟିଫିକେଟ୍ ଯାଞ୍ଚ ସରିଥିଲେ ମଧ୍ୟ ଚୁଡ଼ାନ୍ତ ତାଲିକା ପ୍ରକାଶ କରାଯାଇ ନାହିଁ। କାରଣ ଏହି ପଦ ପାଇଁ ମଧ୍ୟ ୫ଗୁଣାରୁ ଅଧିକ ଆବେଦନ ହୋଇଥିବାବେଳେ ପ୍ରିଲିମିନାରୀ ପରୀକ୍ଷା ହୋଇ ନଥିବାରୁ ହାଇକୋର୍ଟରେ ମାମଲା ହୋଇଛି।

ଅନୁରୂପ ଭାବେ ପିଇଟି ଶିକ୍ଷକ ପଦ ପାଇଁ ପାଞ୍ଚ ଗୁଣାରୁ ଅଧିକ ଆବେଦନକାରୀ ଥିଲେ ମଧ୍ୟ ପ୍ରିଲିମିନାରୀ ପରୀକ୍ଷା ନ କରି ମୁଖ୍ୟ ପରୀକ୍ଷା ମାଧ୍ୟମରେ ନିଯୁକ୍ତି ପ୍ରକ୍ରିୟା ଚୂଡ଼ାନ୍ତ ପ୍ରକ୍ରିୟାରେ ପହଞ୍ଚିଛି। ଏହାକୁ ବିରୋଧ କରି ମାମଲା ହେବା ପରେ ଓଏସ୍‌ଏସ୍‌ସି ଉଚ୍ଚ ନ୍ୟାୟଳୟରେ ଅଜବ ଯୁକ୍ତି ରଖିଛି। ଅନୁସୂଚିତ ଜାତି, ଜନଜାତି ଓ ସାଧାରଣ ବର୍ଗ ପ୍ରାର୍ଥୀଙ୍କ ପାଇଁ ଉର୍ଦ୍ଧିଷ୍ଟ ପଦ ସଂଖ୍ୟାଠାରୁ ପାଞ୍ଚଗୁଣାରୁ କମ୍ ପରୀକ୍ଷାର୍ଥୀ ଆବେଦନ କରିଥିବା ଦର୍ଶାଇବା ସହ କେବଳ ଏସ୍‌ଇବିସି ପିଲା ୫ ଗୁଣାରୁ ଅଧିକ ଆବେଦନ କରିଥିବାରୁ ସେମାନେ କାହିଁକି ସେମାନେ ପ୍ରିଲିମିନାରୀ ପରୀକ୍ଷା କରିବେ ବୋଲି କୋର୍ଟଙ୍କୁ ଜଣାଇଛନ୍ତି। ନିଜେ ନିୟମ କରିବା ପରେ ମଧ୍ୟ ଯଦି ପରୀକ୍ଷା କରିବାକୁ ଓଏସ୍‌ଏସ୍‌ସି ଅସମର୍ଥ ହେଉଛି ତାହେଲେ ଏହି ଆୟୋଗକୁ ଭାଙ୍ଗିଦିଆଯାଉ ବୋଲି ଶ୍ରୀ ମହାପାତ୍ର ଦାବି କରିଛନ୍ତି। ସରକାରଙ୍କ ତ୍ରୁଟିପୂର୍ଣ୍ଣ ନିଯୁକ୍ତି ପ୍ରକ୍ରିୟା ପାଇଁ ଆଶାୟୀ ଦୁଇ ଭାଗରେ ବିଭକ୍ତ ହୋଇଛନ୍ତି। ପରୀକ୍ଷା ଦେଇ ମେଧା ତାଲିକାରେ ସ୍ଥାନ ପାଇଥିବା ଦଳେ ଆଶାୟୀ ରାସ୍ତାରେ ନ୍ୟାୟ ମାଗୁଥିବାବେଳେ ସରକାରୀ ନୀତିର ପ୍ରତାରଣାର ଶିକାର ହୋଇଥିବା ଦଳେ ଆଶାୟୀ ନ୍ୟାୟାଳୟଙ୍କ ଦ୍ୱାରସ୍ଥ ହେଉଛନ୍ତି। ଫଳରେ ଦୀର୍ଘ ୮ ମାସ ହେଲା ସରକାରଙ୍କ ତ୍ରୁଟି ପାଇଁ ପରୀକ୍ଷାର୍ଥୀମାନେ ମାନସିକ ନିର୍ଯାତନା ସହୁଛନ୍ତି ଏବଂ ଆର୍ଥିକ ବୋଝ ମଧ୍ୟ ଉଠାଉଛନ୍ତି। ବାରମ୍ବାର ପରୀକ୍ଷା ବିଭ୍ରାଟ ଓ ଅବ୍ୟବସ୍ଥା ସତ୍ତ୍ୱେ ସରକାର କୌଣସି ପଦକ୍ଷେପ ନ ନେବା ରାଜ୍ୟର ଲକ୍ଷ ଲକ୍ଷ ମେଧାବୀଙ୍କ ଭବିଷ୍ୟତକୁ ଅନ୍ଧକାରମୟ କରିଦେଇଥିବା ଶ୍ରୀ ମହାପାତ୍ର ଅଭିଯୋଗ କରିଛନ୍ତି।

## ଜିଲ୍ଲାରେ ବୃଦ୍ଧି ପାଉଛି କିଡ୍‌ନୀ ରୋଗ

# ସୁକିନ୍ଦାରେ ସର୍ବାଧିକ ରୋଗୀ

**ଯାଜପୁର, ୨୧।୧୧ (ସମିସ):** ଯାଜପୁର ଜିଲ୍ଲାରେ କିଡ୍‌ନୀ ରୋଗୀ ସଂଖ୍ୟା ଚିନ୍ତାଜନକ ହୋଇପଡ଼ିଛି । ବେସରକାରୀ ଭାବେ ଏହା ବହୁ ସଂଖ୍ୟକ ହୋଇଥିବା ବେଳେ ସରକାରୀ ଭାବେ ଗତ ସେପ୍ଟେମ୍ବର ୨୫ ସୁଦ୍ଧା ଏହି ସଂଖ୍ୟା ୮୮୯ ବୋଲି ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀଙ୍କ କାର୍ଯ୍ୟାଳୟ ସୂତ୍ରରୁ ସୂଚନା ମିଳିଛି । ଜିଲ୍ଲାରେ ରହିଥିବା ସମସ୍ତ ୧୦ଟି ବ୍ଲକ ମଧ୍ୟରୁ ସୁକିନ୍ଦା ଏବଂ ଧର୍ମଶାଳା ରୋଗୀ ସଂଖ୍ୟାରେ ଶୀର୍ଷରେ ରହିଛି । ଦୂଷିତ ପାନୀୟ ଜଳ ଏହି ମାରାତ୍ମକ କିଡ୍‌ନୀ ରୋଗର ମୁଖ୍ୟ କାରଣ ହୋଇଥିବା ବେଳେ ଜିଲ୍ଲା ପ୍ରଶାସନ କିମ୍ବା ସ୍ୱାସ୍ଥ୍ୟ ବିଭାଗ ଏହାର ନିରାକରଣ ପ୍ରତି ଆଦୌ ଯତ୍ନବାନ ହେଉନାହାଁନ୍ତି । ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ କିମ୍ବା ଜନ ସ୍ୱାସ୍ଥ୍ୟ ଅଧିକାରୀ କେବଳ ସିକେଡି (କ୍ରୋନିକ କିଡ୍‌ନୀ ଡିଜିଜ) କ୍ୟାମ୍ପ କରିଦେଇ ଲୋକଙ୍କ ରକ୍ତ ନମୁନା ସଂଗ୍ରହ କରି ରୋଗ ନିର୍ଣ୍ଣୟ କରି ଚୁପଚାପ




ବସିଛନ୍ତି । ଏହାର ନିରାକରଣ ସମ୍ବନ୍ଧରେ ଆଦୌ ସମ୍ବେଦନଶୀଳ ହେଉନାହାଁନ୍ତି । ଲୋକ ମାନଙ୍କୁ ସଚେତନ କରିବା କିମ୍ବା ଏହାର ନିରାକରଣ ପାଇଁ ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବା ବିଭାଗୀୟ ଅଧିକାରୀ ତଥା ବିଭାଗର ମୁଖ୍ୟ କାର୍ଯ୍ୟ ଅଟେ । ଏହାକୁ ପ୍ରାଥମିକତା ନ ଦେଇ କେବଳ ରୋଗୀ ଚିହ୍ନଟ କରି ଦେଇ ସ୍ୱାସ୍ଥ୍ୟ ବିଭାଗ ଚୁପ ବସିଛି । ଯାହା ଦ୍ୱାରା କିଛି ଦିନ ମେଡିସିନ ଖାଇ ଅନେକ ନିରୀହ ଲୋକ ଏହି ରୋଗରେ ମୃତ୍ୟୁବରଣ କରୁଛନ୍ତି ।

ଜିଲ୍ଲାର ସମସ୍ତ ୧୦ ଗୋଟି ବ୍ଲକରେ ଏହି ରୋଗୀଙ୍କ ସଂଖ୍ୟା ୮୮୯ ହୋଇଥିବା ବେଳେ ସୁକିନ୍ଦା ବ୍ଲକରେ ୧୯୮ ଏବଂ ଧର୍ମଶାଳା ୧୫୮ ଅଟେ । ଯାହାକି ଅନ୍ୟ ବ୍ଲକ ତୁଳନାରେ ଅଧିକ । ସେହିପରି ରସୁଲପୁର ବ୍ଲକରେ ୧୦୨, ଯାଜପୁରରେ ୯୪, ଦାନଗଦୀରେ ୮୬, ବରୀରେ ୬୫, କୋରେଇରେ ୬୪, ଦଶରଥପୁରରେ ୫୩, ବିଞ୍ଝାରପୁରରେ ୪୭, ବଡ଼ଚଣାରେ ୨୨ ରୋଗୀ ରହିଥିବା ସରକାରୀ ସୂତ୍ରରୁ ପ୍ରକାଶ ପାଇଛି । ମାତ୍ର ବେସରକାରୀ ଭାବେ ଏହି ସଂଖ୍ୟା ଯଥେଷ୍ଟ ପରିମାଣରେ ଅଧିକ ବୋଲି ଅନୁମାନ କରାଯାଉଛି । ଜିଲ୍ଲାର ସୁକିନ୍ଦା, ଦାନଗଦୀ ଏବଂ ଧର୍ମଶାଳା ବ୍ଲକରେ ଆଦିବାସୀ ପରିବାର ସଂଖ୍ୟା ଅଧିକ ରହିଛି ଏବଂ ବହୁ ପରିମାଣର ଆଦିବାସୀ ମାନେ ଏହି ରୋଗରେ ଆକ୍ରାନ୍ତ ହୋଇଥିବା ଦେଖିବାକୁ ମିଳିଛି । ଜିଲ୍ଲାରେ ରୋଗୀ ସଂଖ୍ୟା ଦ୍ୱିତୀୟରେ ରହିଥିବା ଧର୍ମଶାଳା ବ୍ଲକର ୩୧ ଗୋଟି ପଞ୍ଚାୟତରେ ରୋଗୀ ସଂଖ୍ୟା ୧୫୮ ରହିଛି । ବ୍ଲକର ଅଞ୍ଜିରା ପଞ୍ଚାୟତରେ ୧୬, ଅଣ୍ଟିଆ ୧୨,ଅରାବଳ ୪, ଆରୁହା ୯, ବଡ଼କାଏମା ୧, ବୃନ୍ଦାଦେଇପୁର ୪, ଚହଟା ୪, ଚକ୍ରଧରପୁର ୧୦, ଏଣ୍ଡଲବା ୬, ହରିଦାସପୁର ୪, ଜାରକା ୧, ଜେନାପୁର ୩, କବାଟବନ୍ଧ ୪, କଦମପାଳ ୨, କମାଗଡ଼ ୧, କଣ୍ଟିଗଡ଼ିଆ ୨, କ୍ଷେତ୍ରପାଳ ୧, କୁମାରୀ ୨, ମଧୁପୁରଗଡ଼ ୬, ମହିସରା ୫, ମଙ୍ଗଳପୁର ୫, ମର୍ଜିତାପୁର ୨, ନେଉଳପୁର ୩, ପାଖର ୧୬, ପୁରୁଣା ବଉଳମାଳ ୨, ରାଇଛନ୍ଦା ୨, ରେଖିଦେଇପୁର ୫, ସାହାଣୀଡ଼ିହ ୩, ସଂପାରୁ ୪, ତାଳଜଙ୍ଗ ୧୬ ଏବଂ ଥାନୁଆଳରେ ୩ ଜଣ ବୋଲି ସିଡିଏମ୍‌ଓ କାର୍ଯ୍ୟାଳୟ ସୂତ୍ରରୁ ସୂଚନା ରହିଛି । ଏହି ରୋଗର କାରଣ ଉଚ୍ଚ ରକ୍ତଚାପ ଓ ଡାଇବେଟିସ କୁହାଯାଉଥିବା ବେଳେ ଦୂଷିତ ପାଣି ବ୍ୟବହାର ଯୋଗୁଁ ଲୋକେ କିଡ୍‌ନୀ ରୋଗରେ ଆକ୍ରାନ୍ତ ହେଉଥିବା କୁହାଯାଉଛି । ତେଣୁ ଏଥିପାଇଁ ଜିଲ୍ଲା ବ୍ୟାପୀ ନିୟମିତ ରକ୍ତନମୂନା ଯାଞ୍ଚ କରାଗଲେ ଏହି ରୋଗକୁ ନିୟନ୍ତ୍ରଣ କରାଯାଇପାରନ୍ତା ବୋଲି ମତପ୍ରକାଶ ପାଉଛି ।

## ଜାଲ୍ ରସିଦ ଦେଖାଇ ଗୋଚାଲାଣ; ୮ ଗୋରୁ ଜବତ

**ପାଣିକୋଇଲି, ୨୧।୧୧(ସମିସ):** ପାଣିକୋଇଲି ଥାନା ଅନ୍ତର୍ଗତ କୋରାଇ ରାସ୍ତାରେ ୮ଟି ଅଣ୍ଡିରା ବାଛୁରିଙ୍କୁ ଚଲାଇ ଚଲାଇ ନେଇ ଯାଉଥିବା ୪ ଜଣ ବ୍ୟକ୍ତି ସ୍ଥାନୀୟ ଜନସାଧାରଣଙ୍କ ଦ୍ୱାରା ଅଟକ ରଖିବା ପରେ ଥାନାକୁ ହସ୍ତାନ୍ତର କରିଥିବା ଜଣାପଡ଼ିଛି । ପ୍ରକାଶଯେ ଆଜି ୮ଟି ବାଛୁରିଙ୍କୁ ଚଲାଇ ଚଲାଇ ୪ ଜଣ ବ୍ୟକ୍ତି କେନ୍ଦୁଝର ଜିଲ୍ଲାର ପାଟଣା ଥାନା ଅଞ୍ଚଳର ଅସୁବାହାଳୀ ଗ୍ରାମର ବାଇଧର ମହନ୍ତଙ୍କ ପୁଅ ଗନନ, ଘଟଗାଁ ଥାନା ଅନ୍ତର୍ଗତ ପର୍ଶୁରାମ ମହନ୍ତଙ୍କ ପୁଅ ଭରତ, ମଧୁ ମୁଣ୍ଡାଙ୍କ ପୁଅ କାଳିଆ ଓ ବରହମପୁର ଗ୍ରାମର ଅଜୟ ପଢିଆରୀଙ୍କ



ପୁଅ ମନୋଜ କୋରାଇ ଅଭିମୁଖେ ଯାଉଥିବାର ଦେଖି ସନ୍ଦେହରେ ସ୍ଥାନୀୟ ଜନସାଧାରଣ ସେମାନଙ୍କୁ ଅଟକାଇବା ସହିତ ଗୋରୁ ନେଉଥିବା ସଂକ୍ରାନ୍ତୀୟ କାଗଜପତ୍ର ମାଗିଥିଲେ । କିନ୍ତୁ ଉକ୍ତ ଚାରି ଜଣ କୁଆଖିଆ ଅଞ୍ଚଳର ସଂସ୍କାର ଗୋଶାଳାର ରସିଦ ଦେଖାଇଥିଲେ । ପରେ ଉକ୍ତ ଗୋଶାଳା ସହିତ ଯୋଗାଯୋଗ କରିବାରୁ ତାହା ଜାଲ୍ ବୋଲି ଜଣାପଡ଼ିଥିଲା । ଏ ନେଇ ଉକ୍ତ ଗୋଶାଳା କର୍ମକର୍ତ୍ତା ବୈକୁଣ୍ଠ ନାଥ, ଶ୍ରୀଧର ତ୍ରିପାଠୀ, ଅଭୟ ପାଣି ଓ ସୂର୍ଯ୍ୟକାନ୍ତ ସାହୁ ପାଣିକୋଇଲି ଆସି ଉକ୍ତ କାଗଜକୁ ଦେଖିବା ପରେ ତାହା ଜାଲ୍ ବୋଲି ଜଣାପଡ଼ିଥିଲା ।

## ଯମଧରରେ ବିଜେଡିର ଜନସଂପର୍କ ପଦଯାତ୍ରା




**ବରୁହାଁ, ୨୧।୧୧ (ସମିସ):** ଯାଜପୁର ନିର୍ବାଚନମଣ୍ଡଳୀର ଯମଧର ପଞ୍ଚାୟତରେ ବିଜୁ ଜନତା ଦଳର ଜନସଂପର୍କ ପଦଯାତ୍ରା ଓ ସଭା ଅନୁଷ୍ଠିତ ହୋଇଯାଇଛି । ଆଜି ଅପରାହ୍ନରେ ବିଜେଡିର ଯାଜପୁର ବ୍ଲକ ସଭାପତି ପରେଶ ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଏକ ସଭାର ଆୟୋଜନ କରାଯାଇଥିଲା । ଏହି ସଭାରେ ମୁଖ୍ୟଅତିଥି ଭାବେ ଯାଜପୁରର ପୂର୍ବତନ ପୌରାଧ୍ୟକ୍ଷ ଭବପ୍ରସାଦ ଦାସ ଯୋଗ ଦେଇ ଜନସାଧାରଣଙ୍କ ବିଭିନ୍ନ ସମସ୍ୟା ସମ୍ପର୍କରେ ଶୁଣି ଏହାର ସମାଧାନ କରିବା ପାଇଁ ପ୍ରତିଶ୍ରୁତି ଦେଇଥିଲେ । ଯାଜପୁର ବିଧାୟିକାଙ୍କ ପ୍ରତିନିଧି ପ୍ରକାଶ ତ୍ରିପାଠୀ ପୂର୍ବରୁ ଥିବା ନବୀନ ପଟ୍ଟନାୟକଙ୍କ ସରକାରର ସଫଳତା ଓ ବର୍ତ୍ତମାନ ଡବଲ ଇଞ୍ଜିନ ଥିବା ବିଜେପି ସରକାରଙ୍କ ବିଫଳତା ସମ୍ପର୍କରେ ଆଲୋକପାତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ସ୍ଥାନୀୟ ସରପଞ୍ଚ ବାଦଲ ଖୁଣ୍ଟିଆ, ମହେଶ୍ୱରପୁର ସରପଞ୍ଚ ସୁଜିତ୍ ରାୟ, ଯାଜପୁରର ପୂର୍ବତନ ବ୍ଲକ ଅଧ୍ୟକ୍ଷ ପ୍ରଦୀପ ନାୟକ, ସମିତିସଭ୍ୟ ସେକ୍ ମୋଜାହିଦ୍, ଯୁବନେତା ପ୍ରଦୀପ ନାୟକ ବରୁଆଁର ବିଜେଡି ନେତା ସେକ୍ ଗୋଲମ୍ ଅଲ୍ଲୀ, ପୂର୍ବତନ ସରପଞ୍ଚ ସୁମତି ମାଝୀ, ଝରଣା ସେଠୀ, ମହିଳା ନେତ୍ରୀ ପ୍ରମିଳା ରାଉତ ଓ ଶତାଧିକ ବିଜୁ ଜନତା ଦଳର କର୍ମୀ ଉପସ୍ଥିତ ଥିଲେ । ସଭାରେ ପୁରୁଷଙ୍କ ଅପେକ୍ଷା ମହିଳାଙ୍କ ସଂଖ୍ୟା ଅଧିକ ଦେଖିବାକୁ ମିଳିଥିଲା । ଶେଷରେ ଅଭିମନ୍ୟୁ ରଣା ଧନ୍ୟବାଦ୍ ଅର୍ପଣ କରିଥିଲେ ।

## ଏସ୍‌ପିଙ୍କୁ ଦାବିପତ୍ର ପ୍ରଦାନ

**ପାଣିକୋଇଲି,୨୧।୧୧(ସମିସ):** ଧର୍ମଶାଳା ବ୍ଲକ ଓ ଜେନାପୁର ଥାନା ରାଇଛନ୍ଦା, କବାଟବନ୍ଧ, ତାଳଜଙ୍ଗ, ରେଖାଦେଇପୁର, ମର୍ଜିତାପୁର, ମଧୁସୂଦନପୁର, ଚକ୍ରଧରପୁର, ଅଞ୍ଜିରାରା ଏଣ୍ଡଲବା ଆଦି ୯ ପଞ୍ଚାୟତର ୩୦ରୁ ଉର୍ଦ୍ଧ୍ୱ ଜନସାଧାରଣ ୭ ଦଫା ଦାବି ନେଇ ଯାଜପୁର ଏସ୍‌ପି ଯଶ ପ୍ରତାପ ଶ୍ରୀମଲଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଛନ୍ତି । ଦାବି ମୁତାବକ ଚଣ୍ଡିଖୋଲ-ଡୁବୁରୀ ୫୩ ନମ୍ବର ଜାତୀୟ ରାଜପଥର କନ୍ତପଡ଼ା ବଜାର ଦେଇ ସ୍ଥାନୀୟ ଜନସାଧାରଣଙ୍କ



ସମେତ ଛାତ୍ରଛାତ୍ରୀ ନିର୍ଭର କରିଥାନ୍ତି । ତେବେ ଜାତୀୟ ରାଜପଥର ସମ୍ପ୍ରସାରଣ ବେଳେ ରାସ୍ତାର ଉଚ୍ଚତା ବୃଦ୍ଧି ପାଇବାରୁ ଜନସାଧାରଣ ବିପଦପୂର୍ଣ୍ଣ ଭାବେ ଯିବା ଆସିବା କରୁଛନ୍ତି । ଏଥି ନିମନ୍ତେ କନ୍ତପଡ଼ା ଠାରେ ଏକ ଗଳିପୋଲ ନିର୍ମାଣ, ଯାତ୍ରୀ ମାନଙ୍କ ନିମନ୍ତେ ସ୍ଥାୟୀ ବସଷ୍ଟାଣ୍ଡ, କଲେଜ ଛକ ନିକଟରେ ବସ୍‌ଷ୍ଟପ, ରାଜପଥର ନିର୍ମାଣ ନିମନ୍ତେ ଠିକା ନେଇଥିବା ଠିକାଦାରକୁ ଧୂଳି ପ୍ରତିରୋଧ ଲାଗି ପାଣି ସିଞ୍ଚନ କରିବା ଲାଗି ନିର୍ଦ୍ଦେଶ ଦେବା, କନ୍ତପଡ଼ା ଛକ ଠାରେ ଉଜ୍ଜ୍ୱଳ ଆଲୋକର ବ୍ୟବସ୍ଥା କରାଇବା, ପଥଚାରୀ ନିମନ୍ତେ ଫୁଟପାଥର ବ୍ୟବସ୍ଥା ଓ ଠିକାଦାରଙ୍କ କାର୍ଯ୍ୟକୁ ସମୟୋଚିତ ନିରୀକ୍ଷଣ କରାଇବା ସହିତ ସୁରକ୍ଷା ନିୟମ ପାଳନ କରିବା ଲାଗି ନିର୍ଦ୍ଦେଶ ଦେବା ଆଦି ଦାବି ନେଇ ଉପରୋକ୍ତ ପଞ୍ଚାୟତର ଅଧିବାସୀ ଏସ୍‌ପିଙ୍କୁ ଭେଟି ଦାବିପତ୍ର ପ୍ରଦାନ କରିଥିଲେ ।

## ଶିଶୁ ପ୍ରତିଭା ଦିବ୍ୟାନୀ ସମ୍ମାନିତ

**ଧର୍ମଶାଳା, ୨୧।୧୧ (ସମିସ):** ପିକ୍‌କ ଶିଶୁମେଳା ସମିତି ଭୁବନେଶ୍ୱର ପକ୍ଷରୁ ଗୁରୁବାର ସନ୍ଧ୍ୟାରେ ନିକଟସ୍ଥ ଏକାମ୍ର ହାଟ ସମ୍ମିଳନୀ କକ୍ଷରେ ଆୟୋଜିତ ଉତ୍ସବରେ ଶିଶୁ ପ୍ରତିଭା 'ଦିବ୍ୟାନୀ' କୁ ରାଜ୍ୟସ୍ତରୀୟ ଆଦରମଣି ବରାଳ ସ୍ମୃତି ସମ୍ମାନ ପ୍ରଦାନ କରାଯାଇଛି ।



ଅନୁଷ୍ଠାନ ପକ୍ଷରୁ ଏହାର ୩୬ ତମ ବାର୍ଷିକ ଉତ୍ସବରେ ଝାଡଖଣ୍ଡ ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ବିଦ୍ୟୁତ ରଞ୍ଜନ ଷଡ଼ଙ୍ଗୀ ମୁଖ୍ୟଅତିଥି, ରାଜ୍ୟ ଶ୍ରମ ବିଭାଗ କମିଶନର ଇନ୍ଦ୍ରମଣି ତ୍ରିପାଠୀ, ରାଜ୍ୟ ପ୍ରଶାସନିକ ସେବାର କଅଧିକାରିଣୀ ଡ. ଉଷା ପାଢ଼ୀ, ପୂର୍ବତନ ସାଂସଦ ସୌମ୍ୟରଞ୍ଜନ ପଟନାୟକ, ଧାବିକା ଅନୁରାଧା ବିଶ୍ୱାଳ, ରାଜ୍ୟ ଶିଶୁ ଅଧିକାର ଆୟୋଗର ଅଧ୍ୟକ୍ଷ ବବିତା ପାତ୍ର, ପିକକ ସଂଗଠନର ସଭାନେତ୍ରୀ ଅବସରପ୍ରାପ୍ତ ଅଧ୍ୟକ୍ଷ ମିନତୀ ପଣ୍ଡା, ସମ୍ପାଦକ ରଞ୍ଜନ ମହାନ୍ତି, ପରିଚାଳନା ନିର୍ଦ୍ଦେଶିକା ଅନୁରାଧା ମହାନ୍ତି ଓ ସଭାପତି ଭାବେ ବରିଷ୍ଠ ସାମ୍ବାଦିକ ପ୍ରଦୋଷ ପଟ୍ଟନାୟକ ପ୍ରମୁଖ ଯୋଗ ଦେଇ ଦିବ୍ୟାନୀକୁ ମାନପତ୍ର, ରୋପ୍ୟର ଫଳକ ଓ ପୁଷ୍ପଗୁଚ୍ଛ ଦେଇ ସମ୍ବର୍ଦ୍ଧିତ କରିଥିଲେ । ଦିବ୍ୟାନୀ ହେଉଛି ଯାଜପୁର ଜିଲ୍ଲା ଧର୍ମଶାଳା ବ୍ଲକ ଅନ୍ତର୍ଗତ ଇମାମନଗର ବାସିନ୍ଦା ତଥା ସମାଜସେବୀ ଦେବବ୍ରତ ରାଉତଙ୍କ ଏକମାତ୍ର କନ୍ୟା ।

## ତ୍ରୁଟିପୂର୍ଣ୍ଣ ଚିକିତ୍ସା ଅଭିଯୋଗ

# ନବଜାତ ଶିଶୁର ମୃତ୍ୟୁ

**ଯାଜପୁର,୨୧।୧୧(ସମିସ):** ତ୍ରୁଟିପୂର୍ଣ୍ଣ ଚିକିତ୍ସା ଯୋଗୁ ଚାଲିଗଲା ନବଜାତ ଶିଶୁଙ୍କ ଜୀବନ । ଯାଜପୁର ଜିଲା ମୁଖ୍ୟ ଚିକିତ୍ସାଳୟରେ ନବଜାତ ଶିଶୁଙ୍କର ମୃତ୍ୟୁ ଘଟିଥିବା ଯାଜପୁର ଥାନାରେ ଲିଖିତ ଅଭିଯୋଗ ହୋଇଛି । ଏହାକୁ ନେଇ ମେଡିକାଲ ପରିସରରେ ଚାପା ଉତ୍ତେଜନା ଦେଖାଦେଇଛି । ଯାଜପୁର ସଦର ଥାନା ଇନ୍ଦାରୋଇ ଗ୍ରାମର ମନୋଜ କୁମାର ଜେନା ତାଙ୍କ ପତ୍ନୀଙ୍କୁ ପ୍ରସବ ପାଇଁ ଜିଲା ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ । ପ୍ରସବ ପୂର୍ବରୁ ମହିଳାଙ୍କୁ ସେଠାରେ କାର୍ଯ୍ୟରତ ନର୍ସ ଏକ ଇଞ୍ଜେକସନ ଦେଇଥିଲେ । ଏହାପରେ ମହିଳାଙ୍କୁ ଅସୁସ୍ଥ ଲାଗିବାରୁ ତାଙ୍କୁ ଓଟି ଭିତରକୁ ନିଆଯାଇଥିଲା । କିନ୍ତୁ ଦୀର୍ଘ ସମୟ ଅପରେସନ ଓଟି ଭିତରୁ କୌଣସି ସୂଚନା ଦିଆଯାଇ ନଥିଲା । ପରିବାର ବର୍ଗ ବ୍ୟସ୍ତବିବ୍ରତ ହୋଇ ବାରମ୍ବାର ପଚାରିବାରୁ ନବଜାତ ଶିଶୁ ମୃତ୍ୟୁ ହୋଇଥିବା ଡାକ୍ତର ଘୋଷଣା କରିଥିଲେ । ଏ ନେଇ ପରିବାର ଲୋକଙ୍କ ପକ୍ଷରୁ କାର୍ଯ୍ୟରତ ନର୍ସ ଓ ଡାକ୍ତରଙ୍କ ବିରୋଧରେ ଯାଜପୁର ଥାନାରେ ଲିଖିତ ଅଭିଯୋଗ କରାଯାଇଛି । ଏହାର ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବାକୁ ଦାବି ହୋଇଛି ।

## ଜମି ନେଇ କ୍ଷତିପୂରଣ ଦେଉନି ସନ୍‌ଭିରା

# ପାଚେରି ନିର୍ମାଣକୁ ବିରୋଧ କଲେ ଜମିହରା

**ଦାନଗଦି/ଯଖପୁରା, ୨୧।୧୧ (ସମିସ):** ଯାଜପୁର ଜିଲ୍ଲାକୁ ଏବେ ଶିଳ୍ପ ପ୍ରତିଷ୍ଠା ପାଇଁ ବହୁ କମ୍ପାନୀ ଆଗଭର ହୋଇ ଆସୁଛନ୍ତି । ହେଲେ ପ୍ରଶାସନିକ ଅଧିକାରୀ ଏବଂ କ୍ଷତିଗ୍ରସ୍ତ ଜମିହରାମାନଙ୍କ ମଧ୍ୟରେ ସମନ୍ୱୟ ଅଭାବରୁ ଏହା ଆଗେଇ ପାରୁନାହିଁ । ନୂତନ ସରକାରଙ୍କ ଶିଳ୍ପ ନୀତି ଅନୁସାରେ କାର୍ଯ୍ୟ ତ୍ୱରାନ୍ୱିତ କରିବା ପାଇଁ କମ୍ପାନୀମାନେ ଆଗଭର ହୋଇଥିବା ଦେଖିବାକୁ ମିଳିଛି । ଯାହା ଫଳରେ ଗତ ୨୨ ତାରିଖରେ ଯାଜପୁର ଜିଲ୍ଲାକୁ ମୁଖ୍ୟମନ୍ତ୍ରୀ ଆସି ୨୦ ଶିଳ୍ପର ଭୂମିପୂଜନ ଓ ଶିଳାନ୍ୟାସ କରିଯାଇଛନ୍ତି । ସେଥିମଧ୍ୟରୁ ସିରିୟସ କୋଲଟାର କାରଖାନାର ପରିବେଶ ପ୍ରଦୂଷଣ ନିୟନ୍ତ୍ରଣ ବିଭାଗ ପକ୍ଷରୁ ଜନଶୁଣାଣି କରିବା ପରେ କାର୍ଯ୍ୟ ଆରମ୍ଭ କରିଛି । ମାତ୍ର ଦୁଃଖର ବିଷୟ, ଜମି ଅଧିଗ୍ରହଣ କରିବା ପରେ ମଧ୍ୟ କ୍ଷତିଗ୍ରସ୍ତ ଚାଷୀଙ୍କୁ କ୍ଷତିପୂରଣ ଦେଉନାହିଁ । ଯାହାକୁ ନେଇ ଚାଷୀମାନେ ମୁଖ୍ୟମନ୍ତ୍ରୀଙ୍କ ଠାରୁ ଆରମ୍ଭ କରି ଜିଲ୍ଲାପାଳଙ୍କ ଦ୍ୱାରସ୍ଥ ହୋଇଥିଲେ ମଧ୍ୟ ଗରିବ ଚାଷୀଙ୍କ ସ୍ୱର କେହି ଶୁଣି ପାରୁନାହାନ୍ତି । ଯେଉଁ କ୍ଷେତରେ ଚାଷ କରି ପରିବାର ପୋଷଣ କରୁଥିଲେ; ସେହି ଜମିକୁ ନେଇ କାରଖାନା ସ୍ଥାପନ ହେଉଥିବା ବେଳେ ସେମାନଙ୍କ ଦୁଃଖ ବୁଝିବା ପାଇଁ କେହିନାହାନ୍ତି । ଏହି



ବିଷୟରେ ଗତମାସରେ ହୋଇଥିବା ଯୁଗ୍ମ ଅଭିଯୋଗ ଜନଶୁଣାଣି ଶିବିରରେ ମଧ୍ୟ ଅଭିଯୋଗ ହେଉଥିବା ବେଳେ ଅଭିଯୋଗ ନମ୍ବର ୨୩କୁ ଜିଲ୍ଲାପାଳ କହିଥିଲେ କି ତୁରନ୍ତ ପଦକ୍ଷେପ ଗ୍ରହଣ କରିବାକୁ । କିନ୍ତୁ ୧୫ ଦିନ ବିତିଗଲା ପରେ ମଧ୍ୟ କୌଣସି ପଦକ୍ଷେପ ଗ୍ରହଣ କରିନାହାନ୍ତି ଜିଲ୍ଲା ପ୍ରଶାସନ କି ବିଭାଗୀୟ ଅଧିକାରୀ । ତେଣୁ ବାଧ ହୋଇ ଆଜି ସନ୍‌ଭିରା କେମିକାଲ କାରଖାନାର ପାଚେରି ନିର୍ମାଣ କାର୍ଯ୍ୟକୁ ବନ୍ଦ କରିବା ପାଇଁ ସମସ୍ତ ଚାଷୀ ଏକତ୍ରିତ ହୋଇ ଯାଇଥିଲେ । କାର୍ଯ୍ୟ ବନ୍ଦ କରିବା ପରେ ଯଖପୁରା ଥାନାର କିଛି ଅଧିକାରୀ ଘଟଣାସ୍ଥଳରେ ପହଞ୍ଚି ଚାଷୀମାନଙ୍କୁ ବୁଝାସୁଝା କରିଥିଲେ । ଉପରିସ୍ଥ ଅଧିକାରୀଙ୍କୁ ଯୋଗାଯୋଗ କରିବା ପରେ ଚାଷୀମାନଙ୍କୁ ଏକ ଲିଖିତ ଅଭିଯୋଗ ଆଣିବା ପରେ ଯଖପୁରା ଥାନାରେ ଜିଲ୍ଲା ପ୍ରଶାସନ ସହିତ ବସି ଯାହା ଆବଶ୍ୟକ ପଦକ୍ଷେପ ଗ୍ରହଣ କରିବାକୁ ଚାଷୀମାନଙ୍କୁ ପ୍ରତିଶ୍ରୁତି ଦେବା ପରେ ଚାଷୀମାନେ ସେହି ସ୍ଥାନ ଛାଡ଼ିଥିଲେ । ତେଣୁ କାରଖାନା ପାଚେରି ନିର୍ମାଣ କାର୍ଯ୍ୟ ଆରମ୍ଭ ପୂର୍ବରୁ ଚାଷୀମାନଙ୍କ ଉପଯୁକ୍ତ କ୍ଷତିପୂରଣ ପ୍ରଦାନ କରିବାକୁ ସେମାନେ ଦାବି କରିଛନ୍ତି ।

## ଦୁଇଟି ମନ୍ଦିରରୁ ଚୋରି

**ବ୍ରହ୍ମବରଦା,୨୧।୧୧(ସମିସ):** ବ୍ରହ୍ମବରଦା ଥାନା ଅଧୀନସ୍ଥ ରାଉତରାପୁର ପଞ୍ଚାୟତ ରତପୁର ଗ୍ରାମର ଦୁଇଟି ମନ୍ଦିରରୁ ଚୋର ମାନେ କଳାକନା ବୁଲାଇଥିବା ଥାନାରେ ଅଭିଯୋଗ ହୋଇଛି । ଅଭିଯୋଗ ଅନୁଯାୟୀ ଗତକାଲି ବିଳମ୍ବିତ ରାତିରେ କେହି ଦୁର୍ବୃତ୍ତ ରତପୁର ଗ୍ରାମରେ ଥିବା ସୀତାରାମ ମନ୍ଦିରରୁ ୧୦ କେଜିରୁ ଉର୍ଦ୍ଧ୍ୱ ପିତଳ ଘଣ୍ଟ ଚୋରେଇ ନେଇଥିବା ବୃନ୍ଦାବନ ଦାସ ମହାରାଜ କହିଥିବା ବେଳେ ସେହି ପଞ୍ଚାୟତ କୁଣ୍ଡପାଟଣା ଗ୍ରାମ ମଝିସାହି ଠାରେ ଥିବା ଏକ ମଙ୍ଗଳା ମନ୍ଦିରରୁ ଘଣ୍ଟ ସହିତ ଠାକୁରଙ୍କ ଅନ୍ୟାନ୍ୟ ସାମଗ୍ରୀ ଚୋରି ହୋଇଥିବା ଅଭିଯୋଗ ହୋଇଛି । ତେବେ ଗତ ଦୁଇ ଦିନ ପୂର୍ବେ ବ୍ୟାଙ୍କ ଅଫ୍ ବରୋଦା ସାମ୍ନାରୁ କ୍ୟାମେରା ଆଗରୁ ଚୋର ମାନେ ବାଇକ୍‌ର ଡିକି ଭାଙ୍ଗି ଲକ୍ଷାଧିକ ଟଙ୍କାର ସୁନାଗହଣା ଓ ନଗଦ ଟଙ୍କା ଚୋରେଇ ନେଇଥିବା ବେଳେ ପୁଲିସ ଆଜି ଯାଏଁ ଏହାର ଖୋଜ ଖବର ପାଇ ପାରିଲାନାହିଁ । ଘଟଣାସ୍ଥଳରୁ ଫୋନ କରି ଜଣାଇଲେ ପୁଲିସ ପହଞ୍ଚୁ ନ ଥିବା ବେଳେ ଏଫ୍‌ଆଇଆର ଦେବାର ୮/୧୦ ଘଣ୍ଟା ପରେ ପୁଲିସ କାର୍ଯ୍ୟାନୁଷ୍ଠାନ ନେଉନଥିବାରୁ ସାଧାରଣରେ ଅସନ୍ତୋଷ ସୃଷ୍ଟି ହେଉଛି । ବ୍ରହ୍ମବରଦା ପୁଲିସ ଏଥିପ୍ରତି ଗୁରୁତ୍ୱ ଦେବା ସହିତ କାର୍ଯ୍ୟରେ ତତ୍ପରତା ଆଣିବା ନେଇ ସାଧାରଣରେ ଦାବି ହେଉଛି ।

## ୨ ସାଇକଲ୍ ଚୋର ଗିରଫ

**ପାଣିକୋଇଲି,୨୧।୧୧(ସମିସ):** ପାଣିକୋଇଲି ବଜାରରୁ କ୍ରମାଗତ ଭାବେ ଚୋରି ବୃଦ୍ଧି ପାଇବାରେ ଲାଗିଛି । ବାଇକ୍, ମୋବାଇଲ ଠାରୁ ଆରମ୍ଭ କରି ଦୋକାନରୁ ଚୋରି ହେଉଛି । ଆଜି ଏକ ସାଇକଲ ଚୋରି ହୋଇଥିବା ବେଳେ ଲୋକମାନେ ଦୁଇ ଜଣଙ୍କୁ ଧରି ସାଇକଲ ଉଦ୍ଧାର କରିବା ସହ ସେମାନଙ୍କୁ ପୁଲିସ ଜିମା ଦେଇଛନ୍ତି । ପ୍ରକାଶଯେ ପାଣିକୋଇଲି ଦାଣ୍ଡି ସାହିର ଗୌରାଙ୍ଗ ମଲିକଙ୍କ ପୁଅ ଚକ୍ରଧର ଏକ ସାଇକଲ ଯୋଗେ ଆସି ଢୋଲପୋଖରୀ ଶିବ ମନ୍ଦିର ନିକଟରେ ନୀର ପଣ୍ଡାଙ୍କ ଦୋକାନ ପାଖରେ ରଖି ଚା' ପିଇବାକୁ ଯାଇଥିଲେ । ଚା' ପିଇ ସାରି ଦେଖିବା ବେଳକୁ ତାଙ୍କ ସାଇକଲଟି ସେଠାରେ ନଥିଲା । ବହୁ ଖୋଜାଖୋଜି ପରେ ଦୁଇ ଜଣ ଯୁବକଙ୍କୁ ଧରିଥିଲେ । ସେମାନଙ୍କ ନିକଟରୁ ସାଇକଲ ଉଦ୍ଧାର କରିବା ପରେ ସେମାନଙ୍କୁ ଧରି ପୁଲିସ ଜିମା ଦିଆଯାଇଛି । ପୁଲିସ ୨ ଜଣଙ୍କୁ ଅଟକ ରଖି ତଦନ୍ତ ଜାରି ରଖିଛି ।

## ଡିଜିଟାଲ ସାକ୍ଷରତା କାର୍ଯ୍ୟକ୍ରମ

**ପାଣିକୋଇଲି,୨୧।୧୧(ସମିସ):** ପାଣିକୋଇଲିର ଅଗ୍ରଣୀ ଅନୁଷ୍ଠାନ ବରିଷ୍ଠ ନାଗରିକ ମଞ୍ଚ ପରିସରରେ ଡିଜିଟାଲ ସାକ୍ଷରତା କାର୍ଯ୍ୟକ୍ରମ ହେଲ୍‌ପଏଜ ଇଣ୍ଡିଆର ସହଯୋଗରେ ଅନୁଷ୍ଠିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ ସଭାପତି ନୃସିଂହ ଚରଣ ଦଳାଇଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିଲା । ସାଧାରଣ ସମ୍ପାଦକ ସୁରେନ୍ଦ୍ର କୁମାର ରାୟ କାର୍ଯ୍ୟକ୍ରମ ସଞ୍ଚାଳିକା ଦେବକୀ ବ୍ରହ୍ମାକୁ ସ୍ୱାଗତ ଜଣାଇଥିଲେ । ମଞ୍ଚରେ ୧୧୦ଜଣ ସଭ୍ୟସଭ୍ୟାଙ୍କୁ ଦୁଇଟି ପର୍ଯ୍ୟାୟରେ ଶ୍ରୀମତୀ ବ୍ରହ୍ମା ହ୍ୱାଟସଆପ ଓ ଡିସାପିଅରିଂ ମୋଡ ଓ ଏପିକେ ପଠାଇବା ସହିତ ଜେନେରେସନ ସମ୍ପର୍କରେ ବିସ୍ତୃତ ସୂଚନା ପ୍ରଦାନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ପ୍ରଧାପକ ଉମାକାନ୍ତ ଖଣ୍ଡାଇ, ପ୍ରାଧାପକ ଡ. ଦାମୋଦର ମହାପାତ୍ର, ବାବାଜୀ ଚରଣ ରାଉତ ପ୍ରମୁଖ ଅନେକ ପ୍ରଶ୍ନର ଉତ୍ତର ରଖିଥିଲେ । କାର୍ଯ୍ୟକ୍ରମକୁ ଉପଦେଷ୍ଟା ମଣ୍ଡଳୀ ସଭ୍ୟ ରାମଚନ୍ଦ୍ର ବେହେରା ଓ ବୈଷ୍ଣବ ଚରଣ ସାହୁ ସମତେ ସତ୍ୟରଞ୍ଜନ ସ୍ୱାଇଁ, ଚନ୍ଦ୍ରମଣି ସ୍ୱାଇଁ, ଗୌରାଙ୍ଗ ବାରିକ, ରାମଚନ୍ଦ୍ର ମଲିକ, ବୃନ୍ଦାବନ ଜେନା, ମୁରଲୀଧର ଖଣ୍ଡାଇ, ବସନ୍ତ ବେହେରା, ପ୍ରତିମା ମହାପାତ୍ର, ନରେନ୍ଦ୍ର ଘଡାଇ, ରବିନାରାୟଣ ସାହୁ ପ୍ରମୁଖ ପରିଚାଳନା କରିଥିଲେ । ସନାତନ ବିଶ୍ୱାଳ ଧନ୍ୟବାଦ ଅର୍ପଣ କରିଥିଲେ ।

## ଶିଶୁ ଅଧିକାର ସପ୍ତାହ




**ବିଞ୍ଝାରପୁର,୨୧।୧୧(ସମିସ):** ବିଞ୍ଝାରପୁର ବ୍ଲକ ଚନ୍ଦ୍ରମୁଁ ପଞ୍ଚାୟତ ଜଗନ୍ନାଥପୁର ଉଚ୍ଚ ବିଦ୍ୟାଳୟରେ ଶିଶୁ ଅଧିକାର ସପ୍ତାହ ପାଳନ ହୋଇଯାଇଛି । ଶିଶୁ ଶ୍ରମ ବିରୋଧି ଅଭିଯାନ ଓଡ଼ିଶା ସଂଗଠନର ଯାଜପୁର ଜିଲ୍ଲା ଆବାହକ ଚନ୍ଦ୍ରଶେଖର ବେହେରାଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ସଭାରେ ମୁଖ୍ୟଅତିଥି ଭାବେ ସେଣ୍ଟ୍ରାଲ ବ୍ୟାଙ୍କ ଅଫ ଇଣ୍ଡିଆ ବିଞ୍ଝାରପୁର ଶାଖାର ପ୍ରାବନ୍ଧିକ ସଂଯୋଗ ପଟ୍ଟନାୟକ, ସମ୍ମାନିତ ଅତିଥିଭାବେ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ଭରତ ଚନ୍ଦ୍ର ସାହୁ, ଶିକ୍ଷୟିତ୍ରୀ ବିଷ୍ଣୁପ୍ରିୟା ଦେବଶର୍ମା, ଶିକ୍ଷକ ତାପସ ରଞ୍ଜନ ସାହୁ ପ୍ରମୁଖ ଯୋଗଦେଇଥିଲେ । ଏହି ଅବସରରେ ବିଦ୍ୟାଳୟ ପକ୍ଷରୁ ଛାତ୍ରଛାତ୍ରୀ ମାନଙ୍କୁ ନେଇ ବକ୍ତୃତା ଓ ଚିତ୍ରାଙ୍କନ ପ୍ରତିଯୋଗୀତା କରାଯାଇଥିଲା । ଶିକ୍ଷକ ରତିକାନ୍ତ ମଲିକ ଶିଶୁ ଶ୍ରମିକ ଉଚ୍ଛେଦ ସମ୍ପର୍କିତ ଏକ ଗୀତ ମାଧ୍ୟମରେ ଛାତ୍ରଛାତ୍ରୀଙ୍କୁ ସଚେତନ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଶିବାନୀ ରାଉତ, ସଂଧ୍ୟାରାଣୀ ବେହେରା, ମୋନାଲିସା ଗୁରୁ, ବିଜୟ କଶ୍ୟପ ପ୍ରମୁଖ ଉପସ୍ଥିତ ଥିଲେ । କାର୍ଯ୍ୟକ୍ରମ ଶେଷରେ ନବଘନ ମଲିକ ଧନ୍ୟବାଦ ଅର୍ପଣ କରିଥିଲେ ।

## ଆୟୁଷ ଡାକ୍ତରଖାନାକୁ ୫୦ ଶଯ୍ୟା ପାଇଁ ଚିଠି

**ପାଣିକୋଇଲି,୨୧।୧୧(ସମିସ):** ଦୁଇଟି ରାଜପଥ ୧୬ ନମ୍ବର ଓ ୨୦ ନମ୍ବର ଜାତୀୟ ରାଜପଥର ମିଶ୍ରଣସ୍ଥଳୀ ଯାଜପୁର ଜିଲ୍ଲାର ପାଣିକୋଇଲିଠାରେ ଥିବା ଇଂଟିଗ୍ରେଟେଡ଼ ଆୟୁଷ ଡାକ୍ତରଖାନା ନିମନ୍ତେ ୫୦ ଶଯ୍ୟା ପ୍ରଦାନ ଲାଗି କେନ୍ଦ୍ର ସ୍ୱାସ୍ଥ୍ୟମନ୍ତ୍ରୀ ପ୍ରତାପ ରାଓ ଯାଦବଙ୍କୁ ଚିଠି ଲେଖି ଅନୁରୋଧ କରିଛନ୍ତି ଯାଜପୁର ସାଂସଦ ରବୀନ୍ଦ୍ର ନାରାୟଣ ବେହେରା । ପାଣିକୋଇଲିଠାରେ ଥିବା ଉକ୍ତ ଡାକ୍ତରଖାନାରେ ଉଭୟ ଜିଲ୍ଲା ଆୟୁର୍ବେଦ ମେଡ଼ିକାଲ ଓ ଜିଲ୍ଲା ହୋମିଓପାଥି ମେଡ଼ିକାଲ ଯୁଗ୍ମ ଭାବେ ସେବା ଯୋଗାଉଥିବା ବେଳେ ଶଯ୍ୟା ଅଭାବରୁ ବହୁ ରୋଗୀ ଉପଯୁକ୍ତ ଚିକିତ୍ସା ପାଇପାରୁ ନାହାଁନ୍ତି ।

## ଖରସ୍ରୋତା ନଦୀରେ ପୁଣି କୁମ୍ଭୀର ଆତଙ୍କ

**ବିଞ୍ଝାରପୁର,୨୧।୧୧(ସମିସ):** ବିଞ୍ଝାରପୁର ବ୍ଲକ ଅନ୍ତର୍ଗତ ଫତେପୁର ପଞ୍ଚାୟତ ସଂଲଗ୍ନ ଖରସ୍ରୋତା ନଦୀରେ କୁମ୍ଭୀର ବୁଲୁଥିବା ଜଣାପଡ଼ିଛି । ଖବର ମୁତାବକ ଖରସ୍ରୋତା ନଦୀର ମନେଇ ଗଣ୍ଡ ନିକଟରେ ସ୍ଥାନୀୟ ବାସିନ୍ଦା ଶୌଚ ହେବାକୁ ଯାଇ ତିନୋଟି କୁମ୍ଭୀର ବୁଲୁ ଥିବାର ଦେଖିବାକୁ ପାଇଥିଲେ । ଏହା ଜଣାପଡିବା ପରେ କୁମ୍ଭୀରକୁ ଦେଖିବା ପାଇଁ ସ୍ଥାନୀୟ ବାସିନ୍ଦାଙ୍କ ଭିଡ଼ ଜମିଥିଲା । ପ୍ରକାଶ ଥାଉକି ଗତ କିଛି ମାସ ହେବ ଖରସ୍ରୋତା ନଦୀରେ କୁମ୍ଭୀର ଆତଙ୍କ ସୃଷ୍ଟି କରୁଥିଲାବେଳେ ସେପ୍ଟେମ୍ବର ମାସରେ ଖରସ୍ରୋତା ନଦୀର କନ୍ତିଆ ତୁଠରେ ଜଣେ ମହିଳା ଶୌଚ ହେବା ସମୟରେ କୁମ୍ଭୀର ଟାଣି ନେଇ ଯାଇଥିଲା । ଅନ୍ୟପକ୍ଷରେ ଖରସ୍ରୋତା ନଦୀର ଉଭୟ ପାର୍ଶ୍ୱର ଗ୍ରାମବାସୀଙ୍କୁ ବନ ବିଭାଗ ଓ ପ୍ରଶାସନ ନଦୀକୁ ନ ଯିବା ପାଇଁ ସଚେତନ କରିଛି ।

BEST OFFER
SALE
Book Now 2/3 BHK Flats Price Starts from 72 Lakhs Gadhwal Heights, Goutam Nagar, Gadhwal Grand 4, Jagamara, Gadhwal SB Homes, Ghatikia, Bhpl Krishna, Bharatpur, Bhpl Rudra, Ghatikia, Ready to move RJ Palace, Samantarapur, Bhubaneswar.
Contact Gadhwal Group.
9437015112

## କଟିକଟା ଛକ ନିକଟରେ ଦୁର୍ଘଟଣା

## ଦୁଇ ସାଧୁଙ୍କ ଗୋଡ଼ ଉପରେ ଚଢ଼ିଗଲା ଟ୍ରକ୍

**କୁଦଳ, ୨୧।୧୧(ସମିସ):** ଚଣ୍ଡିଖୋଲ-ପାରାଦୀପ ୫୩ ନଂ ଜାତୀୟ ରାଜପଥର କଟିକଟା ଛକ ନିକଟରେ ଆଜି ଏକ ଦୁର୍ଘଟଣା ଘଟି ଦୁଇ ଜଣ ଯାତ୍ରୀଙ୍କ ଗୋଡ଼ ଉପରେ ଏକ ଦ୍ରୁତଗାମି ଗାଡ଼ି ଚଢ଼ାଇ ଚାଲିଯାଇଛି। ଘଟଣାରୁ ପ୍ରକାଶ ବାଲିଚନ୍ଦ୍ରପୁର ଥାନା ଅଧୀନ କଟିକଟା ଛକ ନିକଟରେ ଆଜି ଶୁକ୍ରବାର ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ ଥାନା ଉତ୍ତରବାଡ଼ ଗ୍ରାମର ଦୁଇ ଜଣ ସାଧୁ ପିତାମ୍ବର ସାହୁ ଓ ଜିତେନ୍ଦ୍ର କୁମାର ସାହୁ ଓଳାଶୁଣୀ ସନ୍ଥ ଅରକ୍ଷିତ ଦାସଙ୍କ ପୀଠକୁ ଆସି ମହାପୁରୁଷଙ୍କ ଦର୍ଶନ ସାରି ଦିନ ୧୧ଟା ସମୟରେ ଏକ ବୁଲେଟ ମଟର ସାଇକଲ ନଂ (ଓଡି ୨୨ ଏସ ୬୨୪୪) ଯୋଗେ ଫେରୁଥିବା ବେଳେ କଟିକଟା ଛକରୁ ୫ ଶହ ମିଟର ଆଗରେ ଡାଇଭର୍ସନ ରୋଡ଼ରେ ଯିବା ସମୟରେ ପାରାଦୀପ ଆଡ଼ୁ ଏକ ଦ୍ରୁତଗାମି ଗାଡ଼ି ସେମାନଙ୍କୁ ଧକ୍କା ଦେଇ ତାଙ୍କ ଗୋଡ଼ ଉପରେ ଚଢ଼ଇ ଚାଲିଯାଇଥିଲା। ଏଥିରେ ଉଭୟଙ୍କ ୪ଟି ଗୋଡ଼ ନଷ୍ଟ ହୋଇଯାଇଥିବା ଜଣାପଡ଼ିଛି। ସ୍ଥାନୀୟ ଲୋକେ ଘଟଣାସ୍ଥଳରେ ପହଞ୍ଚି ବାଲିଚନ୍ଦ୍ରପୁର ପୁଲିସକୁ ଖବର ଦେଲା ପରେ ପୁଲିସ ପହଞ୍ଚି ଆମ୍ବୁଲାନ୍ସକୁ ଯୋଗାଯୋଗ କରିଥିଲେ ମଧ ଦୁଇ ଘଣ୍ଟା ବିଳମ୍ବରେ ଆମ୍ବୁଲାନ୍ସ ପହଞ୍ଚିଥିବା କାରଣରୁ ଘଟଣାସ୍ଥଳରେ ଉତ୍ତେଜନା ଦେଖାଦେଇଥିଲା। ସ୍ଥାନୀୟ ଲୋକେ କିଛି ସମୟ ପାଇଁ ଉଭୟ ପାର୍ଶ୍ୱ ରାସ୍ତାରେ ଗାଡ଼ି ମଟର ବନ୍ଦ କରିଦେଇଥିଲେ। ଆହତ ଦ୍ୱୟ ଦୁଇ ଘଣ୍ଟାକାଳ ରାସ୍ତା ଉପରେ ପଡ଼ିରହି ଜୟ ଅରକ୍ଷିତ ନାମକୁ ଜପ କରୁଥିବା ଦେଖାଯାଇଥିଲା। ସେମାନଙ୍କୁ ଗୁରୁତର ଅବସ୍ଥାରେ ବଡ଼ଚଣା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଓ ପରେ କଟକ ସ୍ଥାନାନ୍ତରିତ କରାଯାଇଥିବା ଜଣାପଡ଼ିଛି। ତେବେ ଠିକା ସଂସ୍ଥା ଏଆଇପିଏଲର ମନମାନି କାମ ଏବଂ ତ୍ରୁଟିପୂର୍ଣ୍ଣ ଡାଇଭର୍ସନ ନିର୍ମାଣ ଯୋଗୁଁ ଦୁର୍ଘଟଣା ଘଟିଛି ବୋଲି ସ୍ଥାନୀୟ ଜନସାଧାରଣ ପ୍ରକାଶ କରିଛନ୍ତି। ଏଥିସହିତ ଦୁର୍ଘଟଣା ଗ୍ରସ୍ତ ସାଧୁ ମାନଙ୍କୁ ଠିକା ସଂସ୍ଥା କ୍ଷତିପୁରଣ ଦେବାକୁ ଦାବି ହୋଇଛି।

## ଯୌତୁକ ପାଇଁ ବଧୂ ହତ୍ୟା ଅଭିଯୋଗ

**ଦାନଗଦି, ୨୧।୧୧(ସମିସ):** କଳିଙ୍ଗନଗର ଥାନା ବାରଗାଡିଆ ନୂଆଗାଁ ଗ୍ରାମରେ ଯୌତୁକ ଜନିତ ହତ୍ୟାକାଣ୍ଡ ଘଟିଛି। ଏହି ଘଟଣାରେ ପୁଲିସ ମୃତ ମହିଳାଙ୍କ ସ୍ୱାମୀଙ୍କୁ ଧରିନେଇ ଥାନାରେ ଅଟକ ରଖି ପଚରାଉଚରା କରୁଛି। ସୂଚନା ମୁତାବକ କେନ୍ଦୁଝରେ ଜିଲା ରାମଚନ୍ଦ୍ରପୁର ଥାନା ବାତୋ ଗ୍ରାମର ବାବନ ଚରଣ ସାହୁ ଗତ ୨୦୨୨ ଜୁଲାଇ ମାସରେ କଳିଙ୍ଗନଗର ଥାନା ବାରଗାଡିଆ ନୂଆଗାଁ ଗ୍ରାମର ବିଜୟ ସାହୁଙ୍କ ପୁଅ ବିନୋଦଙ୍କ ସହିତ ସେ ତାଙ୍କ ଝିଅ ସସ୍ମିତାଙ୍କୁ ହିନ୍ଦୁ ରୀତିରେ ବିବାହ କରାଇଥିଲେ। ବିବାହର ୬ ମାସ ପର୍ଯ୍ୟନ୍ତ ସବୁ ଠିକଠାକ ଚାଲିଥିବା ବେଳେ ପରବର୍ତ୍ତୀ ସମୟରେ ଅଧିକ ଯୌତୁକ ଦାବିରେ ସସ୍ମିତାଙ୍କ ଉପରେ ଝିଅ ଶାଶୁ ଘର ଲୋକେ ଶାରୀରିକ ଓ ମାନସିକ ନିର୍ଯାତନା ଦେଇ ଆସୁଥିଲେ। ଗୁରୁବାର ସନ୍ଧ୍ୟାରେ ସସ୍ମିତା ଅସୁସ୍ଥ ଥିବାରୁ ତାକୁ ଦାନଗଦି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତ୍ତି କରାଯାଇଥିବା ସସ୍ମିତାଙ୍କ ବାପାଙ୍କୁ ଜ୍ୱାଇଁ ଘର ପକ୍ଷରୁ ଖବର ଦିଆଯାଇଥିଲା। ବାବନ ମେଡିକାଲରେ ପହଞ୍ଚି ଦେଖିବା ବେଳକୁ ଝିଅ ସସ୍ମିତା ମରି ପଡ଼ିଥିଲା। ସସ୍ମିତାର ସ୍ୱାମୀ, ଶାଶୁ ଓ ଶ୍ୱଶୁର ମିଶି ତାକୁ ମାରି ଦେଇଥିବା ବାବନ କଳିଙ୍ଗନଗର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ପୁଲିସ୍ ସସ୍ମିତାଙ୍କ ମୃତଦେହ ବ୍ୟବଚ୍ଛେଦ କରାଇଥିବା ବେଳେ ଘଟଣାସ୍ଥଳରେ ସାଇଣ୍ଟିଫିକ୍ ଟିମ୍ ଶୁକ୍ରବାର ତଦନ୍ତ କରିଛି। ବାବନ ଝିଅର ମୃତ୍ୟୁ ପାଇଁ ଜ୍ୱାଇଁ ବିନୋଦ ସାହୁ ଓ ତାଙ୍କ ଶାଶୁ ଗୁରେଇ ସାହୁ, ଶ୍ୱଶୁର ବିଜୟ ସାହୁ ଓ ନଣନ୍ଦ ମାମାଲି ବେହେରା ଙ୍କୁ ଦାୟୀ କରିଛନ୍ତି। ପୁଲିସ୍ ବିନୋଦଙ୍କୁ ଥାନାକୁ ଆଣି ପଚରାଉଚୁରା ଚଳାଇଛି।

## କାର୍ ଧକ୍କାରେ ଗୁରୁତର ଚାଷୀଙ୍କ ମୃତ୍ୟୁ

**ବଡ଼ଚଣା, ୨୧।୧୧(ସମିସ):** ସଡ଼କ ଦୁର୍ଘଟଣାରେ ଗୁରୁତର ହୋଇ ଭୁବନେଶ୍ୱରରେ ଚିକିତ୍ସିତ ହେଉଥିବା ଯୁବ ଚାଷୀଙ୍କର ଆଜି ମୃତ୍ୟୁ ହୋଇଛି। ମୃତକ ହେଉଛନ୍ତି ବଡ଼ଚଣା ବ୍ଲକ ତଥା ରାଧାଦେଇପୁର ପଞ୍ଚାୟତ ଅନ୍ତର୍ଗତ ବାଙ୍ଗୁରଗୁଣ୍ଡା ଗ୍ରାମର ପ୍ରଶାନ୍ତ ପରିଡ଼ାଙ୍କ ସାନପୁଅ ସୁବ୍ରତ (୨୭)। ଆଜି ଅପରାହ୍ନରେ ତାଙ୍କ ମରଶରୀର ଗ୍ରାମରେ ପହଞ୍ଚିବା ପରେ ଏକ ଶୋକାକୁଳ ପରିବେଶ ସୃଷ୍ଟି ହୋଇଥିଲା। ଏକ ଶୋଭାଯାତ୍ରାରେ ତାଙ୍କ ମରଶରୀରକୁ ଗ୍ରାମ ପରିକ୍ରମା କରାଯାଇ ଗ୍ରାମ ଶ୍ମଶାନରେ ସତ୍କାର କରାଯାଇଥିଲା। ଜଣେ ଯୁବ ଚାଷୀ ଭାବେ ନିଜ ଅଞ୍ଚଳରେ ସୁବ୍ରତଙ୍କର ଏକ ସ୍ୱତନ୍ତ୍ର ପରିଚୟ ଥିଲା। ସେ ମଧ୍ୟ ନବନିର୍ମାଣ କୃଷକ ସଂଗଠନର ଜଣେ ସକ୍ରିୟ ସଦସ୍ୟ ଥିଲେ। ତାଙ୍କ ଅକାଳ ବିୟୋଗରେ ବିଧାୟକ ଅମର କୁମାର ନାୟକ, ଜିଲ୍ଲା ବିଜେପି ସମ୍ପାଦକ ପ୍ରମୋଦ କୁମାର ଜେନା, ସାମ୍ବାଦିକ ପବିତ୍ର ସାମଲ, ନବନିର୍ମାଣ କୃଷକ ସଙ୍ଗଠନର ରାଷ୍ଟ୍ରୀୟ ଅଧ୍ୟକ୍ଷ ଅକ୍ଷୟ କୁମାର, ଜିଲ୍ଲା ସହ ସଂଯୋଜକ ଅଶୋକ କୁମାର ଶାନ୍ତି, ଯୁବ ଛାତ୍ର ଜିଲ୍ଲା ସଭାପତି ଅଶ୍ୱିନୀ କୁମାର, କୃଷକ ନେତା ଦୁର୍ଗା ପ୍ରସାଦ ଦାଶ ଓ ପ୍ରତ୍ୟୁଷ କୁମାର ସାହୁ ପ୍ରମୁଖ ଗଭୀର ଶୋକ ପ୍ରକାଶ ପୂର୍ବକ ଶୋକ ସନ୍ତପ୍ତ ପରିବାରକୁ ସମବେଦନା ଜଣାଇଛନ୍ତି।

## ନାବାଳିକା ବଳାତ୍କାରୀଙ୍କୁ ୨୦ ବର୍ଷ କାରାଦଣ୍ଡ

**ଯାଜପୁର, ୨୧।୧୧(ସମିସ):** ଜନୈକା ନବମ ଶ୍ରେଣୀ ଛାତ୍ରୀଙ୍କୁ ଅପହରଣ ଓ ପରେ ବଳାତ୍କାର କରିବା ଘଟଣାରେ ଅଭିଯୁକ୍ତକୁ ୨୦ବର୍ଷ ଜେଲ୍ ଦଣ୍ଡାଦେଶ ଶୁଣାଇଛନ୍ତି ଆଡହକ ଅତିରିକ୍ତ ସ୍ପେଶାଲ ଜଜ। ସୂଚନା ଅନୁଯାୟୀ ଗତ ୨୦୨୨ମସିହା ଜୁନ ମାସ ୨୦ତାରିଖ ଦିନ ରାତିରେ ଜନୈକା ୧୪ବର୍ଷୀୟା ନବମ ଶ୍ରେଣୀ ଛାତ୍ରୀ ଘରେ ଶୋଇଥିଲେ। ମାତ୍ର ରାତି ପ୍ରାୟ ୨ଘଟିକା୩୦ ମି. ରେ ନାବାଳିକାର ବାପା, ମା' ଦେଖିବାକୁ ପାଇଲେ ଝିଅଟି ଘରେ ନାହିଁ। ସାରା ରାତି ଖୋଜାଖୋଜି କରିବା ପରେ ସକାଳୁ ମଧ ଖୋଜାଖୋଜି କରି ଝିଅଟିର ଖୋଜ୍ ଖବର ନ ପାଇବାରୁ ନାବାଳିକାର ବାପା ଜାଣିବାକୁ ପାଇଲେ ବାଲିଚନ୍ଦ୍ରପୁର ଥାନା ଅନ୍ତର୍ଗତ କଦମପାଳ ଗ୍ରାମର ସୁଶାନ୍ତ ପ୍ରଧାନ (୨୫) ଝିଅଟିକୁ ଅପହରଣ କରି ପ୍ରଥମେ ତାର ମୋଟର ସାଇକଲ ଯୋଗେ ଭଦ୍ରକ ନେଇ ଯାଇଥିଲା। ସେଠାରୁ ସେ ନାବାଳିକାକୁ ଟ୍ରେନ୍ ଯୋଗେ ତେଲେଙ୍ଗାନା ନେଇ ଯାଇଛି ବୋଲି ନାବାଳିକାର ବାପା ବାଲିଚନ୍ଦ୍ରପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଏହି ଲିଖିତ ଅଭିଯୋଗକୁ ଭିତ୍ତି କରି ପୁଲିସ ଥାନା କେସ୍ ନଂ୨୩୧/୨୦୨୨ ରୁଜୁ କରି ତଦନ୍ତ ଜାରି ରଖିଥିଲେ। ପରେ ତେଲେଙ୍ଗାନା ଯାଇ ନାବାଳିକାକୁ ଉଦ୍ଧାର କରିବା ସହ ଅଭିଯୁକ୍ତ ସୁଶାନ୍ତ ପ୍ରଧାନକୁ ଗିରଫ କରି କୋର୍ଟଚାଲାଣ ଥିଲେ। ନାବାଳିକାର ଡାକ୍ତରୀ ମାଇନା କରିବା ପରେ ତାର ବୟାନ ରେକର୍ଡ କରିଥିଲେ। ଏହି ମାମଲାର ଚୂଡ଼ାନ୍ତ ଶୁଣାଣି କରି ଶୁକ୍ରବାର ଯାଜପୁର ଆଡ୍‌ହକ ଅତିରିକ୍ତ ସ୍ପେଶାଲ ଜଜ୍ ଶରତ କୁମାର ଦେହୁରୀ ୧୭ ଜଣ ସାକ୍ଷୀଙ୍କ ସାକ୍ଷ୍ୟକୁ ଭିତ୍ତି କରି ଅଭିଯୁକ୍ତ ସୁଶାନ୍ତ ପ୍ରଧାନକୁ ୨୦ ବର୍ଷ ସଶ୍ରମ କାରାଦଣ୍ଡ, ୧୦ହଜାର ଟଙ୍କା ଜରିମାନା ଅନାଦେୟରେ ଅଧିକ ୨ବର୍ଷ ଜେଲ୍ ଦଣ୍ଡାଦେଶ ଭୋଗିବ ବୋଲି ରାୟରେ ଉଲ୍ଲେଖ କରିଛନ୍ତି। ପୀଡ଼ିତାକୁ ୭ ଲକ୍ଷ ଟଙ୍କା କ୍ଷତିପୂରଣ ଦେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି।

## ଜିଲ୍ଲା ସ୍ତରୀୟ ଖରିଫ ଧାନ ସଂଗ୍ରହ କମିଟି ବୈଠକ

# ଜାନୁଆରୀ ୭ ରୁ ୧୩୯ ଟି ମଣ୍ଡିରେ ଧାନ ସଂଗ୍ରହ

**ଯାଜପୁର, ୨୧।୧୧(ସମିସ)**




ଯାଜପୁର ଜିଲ୍ଲାରେ ଖରିଫ ଧାନ ସଂଗ୍ରହ ନିମନ୍ତେ ଧାନ ସଂଗ୍ରହ କମିଟି ବୈଠକ ଅନୁଷ୍ଠିତ ହୋଇଯାଇଛି। ଯାଜପୁର ସ୍ଥିତ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଅନୁଷ୍ଠିତ ବୈଠକରେ ଜିଲ୍ଲାପାଳ ଅମ୍ବର କୁମାର କର ଅଧକ୍ଷତା କରି ଆସନ୍ତା ଜାନୁଆରୀ ୭ ତାରିଖ ଠାରୁ ଧାନ କ୍ରୟ କରାଯିବା ନେଇ ବୈଠକରେ ସ୍ଥିରୀକୃତ ହୋଇଥିଲା। ବୈଠକରେ ଯାଜପୁର ବିଧାୟିକା ସୁଜାତା ସାହୁ, ଜିଲ୍ଲା ପରିଷଦ ଅଧକ୍ଷା ନଳିନୀ ପ୍ରଭା ଜେନା, ଅତିରିକ୍ତ ଜିଲ୍ଲାପାଳ ଶିବାନନ୍ଦ ସ୍ୱାଇଁ, ଜିଲ୍ଲା ଯୋଗାଣ ଅଧିକାରୀ ଦିଲ୍ଲୀପ କୁମାର ପାଣିଗ୍ରାହୀ, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ତପନ କୁମାର ମହାପାତ୍ର ଓ ସମବାୟ ଅଧିକାରୀ ଅମୂଲ୍ୟ କୁମାର ସେଠୀ ପ୍ରମୁଖ ଉପସ୍ଥିତ ଥିଲେ। ପ୍ରଥମେ ଜିଲ୍ଲା ଯୋଗାଣ ଅଧିକାରୀ ଶ୍ରୀ ଦିଲ୍ଲୀପ କୁମାର ପାଣିଗ୍ରାହୀ ସମସ୍ତଙ୍କୁ ସ୍ୱାଗତ କରି କାର୍ଯ୍ୟସୂଚୀ ଅନୁଯାୟୀ ଆଲୋଚନାକୁ ଆଗେଇ ନେଇଥିଲେ। ସମସ୍ତ ମଣ୍ଡିରେ ଜଣେ ଲେଖାଏ ନୋଡାଲ ଅଧିକାରୀ ଓ ୪-୫ଟି ମଣ୍ଡି ପାଇଁ ଜଣେ ଲେଖାଏ ସୁପରଭାଇଜିଙ୍ଗ ଅଧିକାରୀ ନିୟୋଜିତ ହେବେ। ଧାନର ମାନ ସମ୍ପର୍କରେ ଚାଷୀ ମାନଙ୍କୁ ସଚେତନ କରିବା ପାଇଁ ପଞ୍ଚାୟତ ସ୍ତରରେ ସଚେତନତା କାର୍ଯ୍ୟକ୍ରମ କରାଯିବ। ଜିଲ୍ଲାର ଖରିଫ ଧାନ ନିମନ୍ତେ ୫୯୯୬୧ ଜଣ ଚାଷୀ ପଞ୍ଜୀକରଣ କରିଛନ୍ତି। ଜିଲ୍ଲାରେ ୧୩୯ ଗୋଟି ଧାନ କ୍ରୟ କେନ୍ଦ୍ର, ସମବାୟ ସଂସ୍ଥା ଦ୍ୱାରା ସ୍ଥିରୀକୃତ ହୋଇଥିବା ବେଳେ ୪୨ ଗୋଟି ମହିଳା ସ୍ୱୟଂ ସହାୟିକା ଗୋଷ୍ଠୀ ଧାନ ସଂଗ୍ରହ କରିବେ। ଚଳିତ ବର୍ଷ ଜିଲ୍ଲାରେ ପ୍ରଥମ ସୋପାନରେ ୧୩, ୧୧, ୦୦୦ କ୍ୱିଣ୍ଟାଲ ଧାନ କ୍ରୟ ନିମନ୍ତେ ଲକ୍ଷ୍ୟ ଧାର୍ଯ୍ୟ ରହିଛି। ଏହି ବୈଠକରେ ଚାଷୀ ପ୍ରତିନିଧି, ମିଲର୍ସ ପ୍ରତିନିଧି, ପ୍ୟାକ୍ସ କର୍ମଚାରୀ, ନିୟନ୍ତ୍ରିତ ବଜାର କମିଟି କର୍ମକର୍ତ୍ତା ତଥା ବିଭାଗୀୟ ଅଧିକାରୀ ଓ କର୍ମଚାରୀ ଉପସ୍ଥିତ ଥିଲେ।

## ବ୍ୟାସନଗର ଠାରେ ଏକତା ପଦଯାତ୍ରା

**ବ୍ୟାସନଗର, ୨୧।୧୧(ସମିସ):** ଭାରତର ଲୌହମାନବ ସର୍ଦ୍ଦାର ବଲ୍ଲଭଭାଇ ପଟେଲଙ୍କ ୧୫୦ତମ ଜନ୍ମବାର୍ଷିକୀ ପାଳନ ପରିପ୍ରେକ୍ଷୀରେ ବ୍ୟାସନଗର ଠାରେ ଏକତା ପଦଯାତ୍ରା ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଦିବସରେ ମୁଖ୍ୟଅତିଥି ଭାବେ ଯୋଗଦେଇ ସାଂସଦ ଯାଜପୁର ଡା. ରବୀନ୍ଦ୍ର ନାରାୟଣ ବେହେରା ଯୋଗ ଦେଇଥିଲେ। କୋରେଇ ବିଧାୟକ ଆକାଶ ଦାସନାୟକ, ଜିଲ୍ଲାପାଳ ଅମ୍ବର କୁମାର କର ଯୋଗଦେଇ ପଦଯାତ୍ରାରେ ସାମିଲ ହୋଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଯାଜପୁର ପୌରପାଳିକା ଅଧକ୍ଷ ସୁବାସ ବଳ ପଟେଲ ପ୍ରମୁଖ ଯୋଗଦେଇଥିଲେ। ଏହି ଦିବସ ଅବସରରେ ବିଭିନ୍ନ ବିଦ୍ୟାଳୟର ଛାତ୍ରଛାତ୍ରୀ ଓ ସାଂସ୍କୃତିକ ଦଳ ମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଏବଂ ବିଭିନ୍ନ ଷ୍ଟଲର ଆୟୋଜନ କରାଯାଇଥିଲା। ଆଜିର ଏହି ଏକତା ଦୌଡ ପଦଯାତ୍ରା ଦିବସ ଅବସରରେ ଅତିରିକ୍ତ ଜିଲ୍ଲାପାଳ କଳିଙ୍ଗନଗର ସପନ କୁମାର ନନ୍ଦ, କୋରେଇ ବ୍ଲକ ଅଧକ୍ଷା ଶ୍ରୀମତୀ ଜୟନ୍ତୀ ଦଳାଇ, ବିଡିଓ କୋରେଇ ଅବନୀକାନ୍ତ ସାହୁ ସମସ୍ତ ଜିଲ୍ଲା ସ୍ତରୀୟ ଅଧିକାରୀ, ବୁଦ୍ଧିଜୀବୀ, ସ୍ୱୟଂ ସହାୟିକା ଗୋଷ୍ଠୀର ମା'ମାନେ, ବିଭିନ୍ନ ଶିକ୍ଷାନୁଷ୍ଠାନର ଛାତ୍ରଛାତ୍ରୀ ଓ ଶିକ୍ଷକ ଶିକ୍ଷୟତ୍ରୀ ଓ ଗଣମାଧ୍ୟମ ପ୍ରତିନିଧି ବୃନ୍ଦ ଉପସ୍ଥିତ ଥିଲେ।

# ମିଶନ ଶକ୍ତି ଭବନରେ ମତ୍ସ୍ୟ ଦିବସ



**ଯାଜପୁର, ୨୧।୧୧(ସମିସ):** ଯାଜପୁର ଜିଲ୍ଲା ସଦରମହକୁମାସ୍ଥିତ ମିଶନ ଶକ୍ତି ଭବନରେ ବିଶ୍ୱ ମତ୍ସ୍ୟ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଜିଲ୍ଲା ମତ୍ସ୍ୟ ଅଧିକାରୀ ରଞ୍ଜିତା ବେହେରା ସ୍ୱଗତ ଭାଷଣ ପ୍ରଦାନ କରିଥିଲେ। ସହକାରୀ ମତ୍ସ୍ୟ ଅଧିକାରୀ ମନୋସ୍ମିତା ନାୟକ ମଞ୍ଚ ପରିଚାଳନା କରିଥିଲେ। ମୁଖ୍ୟଅତିଥି ଭାବରେ ଅତିରିକ୍ତ ଜିଲ୍ଲାପାଳ ଶିବାନନ୍ଦ ସ୍ୱାଇଁ ସଭାକୁ ଉଦ୍‌ଘାଟନ କରିଥିଲେ। ଜିଲ୍ଲା କୃଷି ବିଭାଗ ତରଫରୁ ମୁଖ୍ୟ କୃଷି ଅଧିକାରୀ ତପନ କୁମାର ମହାପାତ୍ର କୃଷି ବିଭାଗର ବିଭିନ୍ନ ଯୋଜନା ସମ୍ପର୍କରେ ଆଲୋକପାତ କରିଥିଲେ। ଜିଲ୍ଲା ମୁଖ୍ୟ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ସୁବ୍ରତ କୁମାର ମହାପାତ୍ର ମାଛ ଚାଷ ତଥା ପ୍ରାଣୀ ପାଳନ ଦ୍ୱାରା ଚାଷୀମାନଙ୍କୁ ଆର୍ଥିକ ସ୍ୱାବଲମ୍ବୀ ହେବା ପାଇଁ ଉପଦେଶ ଦେଇଥିଲେ। ଜିଲ୍ଲା ଅତିରିକ୍ତ ପ୍ରାଣୀ ଚିକିତ୍ସା ଅଧିକାରୀ ଡା. ସୁଶାନ୍ତ କୁମାର ବେହେରା ପ୍ରାଣୀ ପାଳନ ଉପରେ ଥିବା ବିଭିନ୍ନ ସରକାରୀ ଯୋଜନା ସମ୍ପର୍କରେ ଜଣାଇଥିଲେ। ଏହି କାର୍ଯ୍ୟକ୍ରମରେ ସମବାୟ ସମିତିର ସହକାରୀ ନିବନ୍ଧକ ନିହାର ରଞ୍ଜନ ରାଉତରାୟ ସମବାୟ ସମିତିର ବିଭିନ୍ନ କାର୍ଯ୍ୟକଳାପ ତଥା ପ୍ରାଥମିକ ମତ୍ସ୍ୟଜୀବୀ ସମବାୟ ସମିତିର ପୁନରୁତ୍ଥାନ ସମ୍ପର୍କରେ ଆଲୋକପାତ କରିଥିଲେ। ସଭାରେ ସଫଳ ବାୟୋଫ୍ଲକ ଚାଷୀ ଭାବରେ ଧର୍ମଶାଳା ବ୍ଲକର ଗଣେଶ ପରିଡ଼ାଙ୍କୁ ସମ୍ମାନିତ କରାଯାଇଥିଲା। ସେହିପରି ଭାବେ ରସୁଲପୁର ବ୍ଲକର ଦେବୀ ସରସ୍ୱତୀ ସ୍ୱୟଂ ସହାୟକ ଗୋଷ୍ଠୀ ଗ୍ରାମ ପଞ୍ଚାୟତ ପୋଖରୀରେ ମାଛ ଚାଷ କରି ସମ୍ମାନିତ ହୋଇଥିଲେ। ସମସ୍ତ ବାୟୋଫ୍ଲକ ହିତାଧିକାରୀଙ୍କୁ ୱାଟର ଟେଷ୍ଟିଙ୍ଗ କିଟ୍ ପ୍ରଦାନ କରାଯାଇଥିଲା। ସଭାକୁ ବିଭିନ୍ନ ବ୍ଲକରୁ ଆସିଥିବା ବିଭାଗୀୟ କର୍ମଚାରୀ ଦେବାଶିଷ ସ୍ୱାଇଁ, ସନ୍ଦୀପ ଶଙ୍କର ପଟ୍ଟନାୟକ, ଅତନୁ କୁମାର ସ୍ୱାଇଁ, ମୁନି କୁମାରୀ ହେମ୍ବ୍ରମ, ଦିଲ୍ଲୀପ ରାଉତରାୟ, ପର୍ଶୁରାମ ତ୍ରିପାଠୀ, ଅଜୟ କୁମାର ସିଂ, ପ୍ରଣତି ପ୍ରିୟଦର୍ଶିନୀ ସାହୁ, ସତ୍ୟଜିତ ବାରିକ, ସ୍ୱପ୍ନା ମହାନ୍ତି, ଶୁଭଶ୍ରୀ ନାୟକ, ସୁଭଦ୍ରା ସର୍ଦ୍ଦାର, ସସ୍ମିତା ପ୍ରଧାନ, ମନୀଷା ବାନର, ପ୍ରଦୀପ କୁମାର ମଲ୍ଲିକ, କୈଳାଶ ଚନ୍ଦ୍ର ନାୟକ, ସରୋଜିନୀ ସାହୁ, ହିତେଶ୍ ନାୟକ, ମିହିର ରଞ୍ଜନ ଦାସ, ଅସିତ୍ ଓଝା ପରିଚାଳନା କରିଥିଲେ। ଶେଷରେ ସହକାରୀ ମତ୍ସ୍ୟ ଅଧିକାରୀ ମୀରାବାଇ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

## ସରକାରୀ ଆଇଟିଆଇକୁ ଦିବ୍ୟାଙ୍ଗ ସୁଗମ୍ୟତା କରିବାକୁ ନିର୍ଦ୍ଦେଶ

**ଯାଜପୁର, ୨୧।୧୧(ସମିସ):** କବିରପୁର-ବରୁଆଁ ଠାରେ ଥିବା ସରକାରୀ ଆଇଟିଆଇରେ ଦିବ୍ୟାଙ୍ଗ ସୁଗମ୍ୟତା ସୁନିଶ୍ଚିତ କରିବା ପାଇଁ ରାଜ୍ୟ ଭିନ୍ନକ୍ଷମ ଆୟୋଗ ଶିକ୍ଷାନୁଷ୍ଠାନକୁ ନିର୍ଦ୍ଦେଶ ଦେଇଛନ୍ତି। ସୂଚନା ଅନୁଯାଇ ଦିବ୍ୟାଙ୍ଗ ଅଧିକାର ନିୟମ-୨୦୧୬ ସେକ୍ସନ-୪୫(୧) ଅନୁଯାୟୀ ପ୍ରତି ସରକାରୀ କାର୍ଯ୍ୟାଳୟ ଓ ଶିକ୍ଷାନୁଷ୍ଠାନରେ ଦିବ୍ୟାଙ୍ଗ ସୁଗମ୍ୟତା କରିବା ସରକାର ଓ ଶିକ୍ଷାନୁଷ୍ଠାନର ମୌଳିକ ଦାୟିତ୍ୱ। ମାତ୍ର ସରକାରୀ ଆଇଟିଆଇରେ ଦିବ୍ୟାଙ୍ଗ ସୁଗମ୍ୟତା ନାହିଁ। ଯାହାଫଳରେ ଏହି ଶିକ୍ଷାନୁଷ୍ଠାନ ଦିବ୍ୟାଙ୍ଗ ପିଲାମାନେ ପାଠ ପଢ଼ିବା ପାଇ ଆଗ୍ରହ ପ୍ରକାଶ କରୁ ନାହାନ୍ତି। ଶିକ୍ଷା ଅଧିକାର ଆଇନ ଅନୁଯାଇ ସମସ୍ତ ଶିକ୍ଷାନୁଷ୍ଠାନରେ ଦିବ୍ୟାଙ୍ଗ ଓ ସକ୍ଷମ ଲୋକଙ୍କ ମଧ୍ୟରେ ସମାନତା ପରିବେଶ ସୃଷ୍ଟି ହେବା ଆବଶ୍ୟକ। ଏହି ଶିକ୍ଷାନୁଷ୍ଠାନ ତିନି ମହଲା ହୋଇଥିବା ବେଳେ ଏଠାରେ ଲିଫ୍ଟର ବ୍ୟବସ୍ଥା ନାହିଁ, ଟାକଟାଇଲ ପାଥୱେ ନାହିଁ, ଦିବ୍ୟାଙ୍ଗମାନଙ୍କ ସ୍ୱତନ୍ତ୍ର ଶୌଚାଳୟର ନାହିଁ, ରାମ୍ପସ ଓ ରେଲସ ମଧ ନାହିଁ। ତେଣୁ ଘଟଣାକୁ ନେଇ ଦିବ୍ୟାଙ୍ଗ ଅଧିକାର କର୍ମୀ ମଣ୍ଟୁଦାସ ଜିଲ୍ଲାପାଳ, ଜିଲ୍ଲା ନିଯୋଜିତ ଅଧିକାରୀଙ୍କୁ ଅବଗତ କରିବା ପରେ ମଧ ସୁଫଳ ମିଳୁନଥିବାରୁ ରାଜ୍ୟ ଭିନ୍ନକ୍ଷମ ଆୟୋଗଙ୍କ ଦ୍ୱାରସ୍ଥ ହୋଇଥିଲେ। ଆୟୋଗଙ୍କ ଏହି ଘଟଣାକୁ ଗୁରୁତ୍ୱ ସହ ନେଇ ଶିକ୍ଷା ଅନୁଷ୍ଠାନର ଅଧକ୍ଷଙ୍କୁ ଅଭିଯୋଗ ଉପରେ ଏହି ମାସ ୨୪ତାରିଖ ସୁଦ୍ଧା ରିପୋର୍ଟ ପ୍ରଦାନ କରିବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି।

## ଦୁର୍ନୀତି ପ୍ରତିବାଦରେ ଅନଶନ



**ବାଲିଚନ୍ଦ୍ରପୁର, ୨୧।୧୧(ସମିସ):** ଅବିଭକ୍ତ ଭରତପୁର ପ୍ରାଥମିକ କୃଷି ସମବାୟ ସମିତିର ବ୍ୟାପକ ଦୁର୍ନୀତି ହୋଇଥିବା ପ୍ରତିବାଦରେ ଆଜି ଦିନ ୧୦ ଟାରୁ ଦିନ ୩ ଟା ପର୍ଯ୍ୟନ୍ତ ଏକ ଶାନ୍ତିପୂର୍ଣ୍ଣ ଅନଶନ ସମିତି କାର୍ଯ୍ୟାଳୟ ସମ୍ମୁଖରେ ଅନୁଷ୍ଠିତ ହୋଇଥିଲା। ଏହି ଅନଶନରେ ବିଜେପି ଓଳାଶୁଣୀ ମଣ୍ଡଳ ସାଧାରଣ ସମ୍ପାଦକ ପ୍ରକାଶ ଚନ୍ଦ୍ର ବିହାରୀ ଓ ଭରତପୁର ପଞ୍ଚାୟତ ବିଜେପି ସଭାପତି ବ୍ରଜ ସୁନ୍ଦର ମହାପାତ୍ରଙ୍କ ସମେତ ଦୁଇଜଣ ଯୁବ ଚାଷୀ ଆଜିର ଅନଶନରେ ସାମିଲ ହୋଇଥିବା ଦେଖିବାକୁ ମିଳିଥିଲା। ତେବେ ଏନେଇ ଖବର ପାଇ ସମବାୟ ସମିତି ଜିଲ୍ଲା ରେଜିଷ୍ଟ୍ରାର ମନ ମୋହନ ରାଉତ ଅନଶନ ସ୍ଥଳରେ ପହଞ୍ଚି ଅନଶନକାରୀଙ୍କୁ ବୁଝାଶୁଝା କରିବା ପୂର୍ବକ ଆସନ୍ତା ଡିସେମ୍ବର ୩ ତାରିଖ ମଧ୍ୟରେ ଘଟଣାର ତଦନ୍ତ କରାଯାଇ ଏଥିରେ ସମ୍ପୃକ୍ତ ଅଧିକାରୀଙ୍କ ବିରୁଦ୍ଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ ବୋଲି ନିର୍ଭର ପ୍ରତିଶ୍ରୁତି ଦେବା ପରେ ଅନଶନକାରୀ ମାନେ ଅନଶନରୁ ଓହରି ଯାଇଥିଲେ।

## ୨୪ରୁ ରାଜ୍ୟସ୍ତରୀୟ ଉଦୟଗିରି ବୁଦ୍ଧ ମହୋତ୍ସବ

**କୁଦଳ, ୨୧।୧୧(ସମିସ):** ଯାଜପୁର ଜିଲ୍ଲା ବଡ଼ଚଣା ବ୍ଲକ ଅନ୍ତର୍ଗତ ବିଶ୍ୱପ୍ରସିଦ୍ଧ ବୌଦ୍ଧପୀଠ ଉଦୟଗିରି ଠାରେ ଚଳିତ ନଭେମ୍ବର ୨୪ ଓ ୨୫ ତାରିଖରେ ୧୬ତମ ଦୁଇଦିନିଆ ରାଜ୍ୟସ୍ତରୀୟ ଉଦୟଗିରି ବୁଦ୍ଧ ମହୋତ୍ସବ ଅନୁଷ୍ଠିତ ହେବାକୁ ଯାଉଛି। ଗୋପାଳପୁର ପଞ୍ଚାୟତ ଠାରେ ଥିବା ପର୍ଯ୍ୟଟନ ଭବନ ପ୍ରାଙ୍ଗଣରେ ଅନୁଷ୍ଠିତ ହେବାକୁ ଥିବା ଉକ୍ତ କାର୍ଯ୍ୟକ୍ରମର ପ୍ରଥମ ଦିବସରେ ଉଦ୍‌ଘାଟକ ଭାବେ ବିଧାୟକ ଅମର କୁମାର ନାୟକ ଯୋଗଦେବାକୁ ଥିବା ବେଳେ ବରେଣ୍ୟ ଅତିଥି ଭାବେ ଯାଜପୁର ଜିଲ୍ଲାପାଳ ଅମ୍ବର କୁମାର କର ଯୋଗଦେବେ। ମଧ୍ୟାହ୍ନରେ 'ଉଦୟଗିରି ଓ ଗୁରୁପଦ୍ମସମ୍ଭବ' ଶୀର୍ଷକ ଆଲୋଚନାଚକ୍ର ଅନୁଷ୍ଠିତ ହେବ। ଏଥିରେ ଆଲୋଚକ ଭାବେ ସାମ୍ବାଦିକ ବିରୁପାକ୍ଷ ତ୍ରିପାଠୀ, ଶିକ୍ଷାବିତ୍ ଡ.କେଦାର ଦାସ, ଡ.ରବୀନ୍ଦ୍ର ବିହାରୀ, ଡ.ଅନିତା ସାବତ ଯୋଗଦେବେ ବୋଲି ଜଣାପଡ଼ିଛି। ଦ୍ୱିତୀୟ ଦିବସ ପୂର୍ବାହ୍ନରେ ପୁଷ୍ପଗିରି ବିଶ୍ୱବିଦ୍ୟାଳୟ- ଅତିତ, ବର୍ତ୍ତମାନ ଓ ସମ୍ଭାବନା ଉପରେ ଆଲୋଚନାଚକ୍ର ଅନୁଷ୍ଠିତ ହେବାକୁ ସ୍ଥିର କରାଯାଇଛି। ଏଥିରେ ଆଲୋଚକ ଭାବେ ଯାଜପୁର ଲୋକସଭା ସାଂସଦ ଡ.ରବୀନ୍ଦ୍ର ନାରାୟଣ ବେହେରା, ଐତିହାସିକ ଓ ପ୍ରତ୍ନତତ୍ତ୍ୱବିତ୍ ଡ.ସୁନିଲ ପଟ୍ଟନାୟକ, ସାହିତ୍ୟିକ ପଣ୍ଡିତ ସୂର୍ଯ୍ୟମଣି ଖୁଣ୍ଟିଆ, ଅଧାପକ ଲଛମନ ବେହେରା ଓ ରୁଦ୍ର ନାରାୟଣ ପୃଷ୍ଟି ଯୋଗଦେଇ ଆଲୋଚନା ରଖିବେ। ଉଦ୍‌ଯାପନୀ ଉତ୍ସବରେ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ, ସାଂସଦ ରବୀନ୍ଦ୍ର ନାରାୟଣ ବେହେରା, ଧର୍ମଶାଳା ବିଧାୟକ ହିମାଂଶୁ ଶେଖର ସାହୁ, ମାହାଙ୍ଗା ବିଧାୟକ ଶାରଦା ପ୍ରସାଦ ପ୍ରଧାନ ଓ ବଡ଼ଚଣା ବିଧାୟକ ଅମର କୁମାର ନାୟକ ଯୋଗଦେବାର ସ୍ୱୀକୃତି ପ୍ରଦାନ କରିଛନ୍ତି। ଏହି ଅବସରରେ ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କୁ ନେଇ ବିଭିନ୍ନ ପ୍ରତିଯୋଗିତା, ପୁସ୍ତକ ଉଦୟଗିରିର ୧୫ଶ ସଂଖ୍ୟା ଉନ୍ମୋଚନ, ସାଂସ୍କୃତିକ କାର୍ଯ୍ୟକ୍ରମ, ପଲ୍ଲୀଶ୍ରୀ ମେଳା, ଉଦୟଗିରିର ଫଟୋ ପ୍ରଦର୍ଶନୀ, ବିଶିଷ୍ଟ ବିଦ୍ୱାନଙ୍କୁ ସମ୍ବର୍ଦ୍ଧନା ଓ ଆଲୋଚନାଚକ୍ର ଆଦି କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ। ଏଥିରେ ବହୁ ସଂଖ୍ୟାରେ ସ୍ଥାନୀୟ ଅଞ୍ଚଳବାସୀ ଯୋଗଦେବା ପାଇଁ ମହୋତ୍ସବ ସମିତିର ଅଧକ୍ଷ ଡ.ଅରୁନ୍ଧତୀ ଦେବୀ ଓ ଆବାହକ ତଥା ସମିତିର ସମ୍ପାଦକ ମହେଶ୍ୱର ବଳ ନିବେଦନ କରିଛନ୍ତି।


## ଖାଦ୍ୟ ସୁରକ୍ଷା ଆୟୋଗଙ୍କ ସୁକିନ୍ଦା ପରିଦର୍ଶନ

**ଯାଜପୁର, ୨୧।୧୧(ସମିସ):** ଆଜି ।ଦ୍ୟ ସୁରକ୍ଷା ଆୟୋଗର ଅଧକ୍ଷ ଅବନିକାନ୍ତ ସାହୁ ବିରଜା ମନ୍ଦିର ପରିଦର୍ଶନ କରି ମା'ଙ୍କର ପୂଜାର୍ଚ୍ଚନା କରିଥିଲେ। ପରେ ସେ ଉପଜିଲ୍ଲାପାଳ ତାପସ ରଞ୍ଜନ ଦେହୁରୀଙ୍କ ସହ ସୁକିନ୍ଦା ବ୍ଲକ ଗସ୍ତ କରି ବିଡିଓ, ତହସିଲଦାର, ମଙ୍ଗଳ ସମ୍ପ୍ରସାରଣ ଅଧିକାରୀ, ଯୋଗାଣ ଅଧିକାରୀଙ୍କ ସହ ବିଭିନ୍ନ ଯୋଜନାର କାର୍ଯ୍ୟକାରିତା ସମ୍ପର୍କରେ ପଚାରି ବୁଝିଥିଲେ। ଜଣେ ଭିନ୍ନକ୍ଷମ ହିତାଧିକାରୀଙ୍କୁ ଦୁଇଚକିଆ ସାଇକଲ ପ୍ରଦାନ କରିଥିଲେ। ପରେ ଅଧକ୍ଷ ଚିଙ୍ଗୁଡ଼ିପାଳ ଆଶ୍ରମ ସ୍କୁଲ୍‌ର ଶ୍ରେଣୀଗୃହ, ହଷ୍ଟେଲ ଓ କିଚେନ୍ ରୁମ୍ ପରିଦର୍ଶନ କରିଥିଲେ। ପିଲାମାନଙ୍କ ଖାଇବା ପିଇବା ସମ୍ପର୍କରେ ପଚାରି ବୁଝିଥିଲେ। ସେଠାରେ ପିଲାମାନଙ୍କ ପାଇଁ ଏକ ଖେଳପଡ଼ିଆ ଓ ଡାଇନିଂ ହଲ କରିବା ପାଇଁ ବିଭାଗୀୟ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ। ସେଠାରେ ଥିବା ଅଙ୍ଗନବାଡ଼ି କେନ୍ଦ୍ର ପରିଦର୍ଶନ କରି ଲୋକଙ୍କ ସହିତ ଆଲୋଚନା କରିଥିଲେ। ଅଙ୍ଗନବାଡ଼ି କେନ୍ଦ୍ର ପାଇଁ ଏକ କିଚେନ୍ ଗାର୍ଡେନ କରିବା ପାଇଁ ସମାଜ ମଙ୍ଗଳ ଅଧିକାରୀଙ୍କୁ ପରାମର୍ଶ ଦେଇଥିଲେ।



# ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣକୁ ନେଇ ତେଜିଲା ବିବାଦ

**ଦଶରଥପୁର, ୨୧।୧୧(ସମିସ)**



ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣକୁ ନେଇ ୨ ଗ୍ରାମବାସୀଙ୍କ ମଧ୍ୟରେ ବିବାଦ ସୃଷ୍ଟି ହୋଇଛି। ଦୁଇ ଗାଁର ଲୋକେ ପରସ୍ପର ମଧ୍ୟରେ କଥା ହେବାକୁ କୁଣ୍ଠାବୋଧ କରୁଛନ୍ତି। ଏପରିକି ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ ମାମଲା ଓଡ଼ିଶା ଉଚ୍ଚ ନ୍ୟାୟାଳୟରେ ପହଞ୍ଚିଛି। ଦଶରଥପୁର ବ୍ଲକ ଚିତ୍ତଳ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣକୁ ନେଇ ଏଭଳି ପରିସ୍ଥିତି ସୃଷ୍ଟି ହୋଇଥିବା ଜଣାଯାଇଛି। ସ୍ଥାନୀୟ ଚିତ୍ତାଳ ପଞ୍ଚାୟତ ଏବଂ ଅକରପଡ଼ା, ଖଣ୍ଡରା ପଞ୍ଚାୟତର ଜନସାଧାରଣଙ୍କ ସ୍ୱାର୍ଥକୁ ଦୃଷ୍ଟିରେ ରଖି ୨୦୧୭ ମସିହାରେ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ଚିତ୍ତାଳ ମହାବିଦ୍ୟାଳୟ ନିକଟରେ ଏକ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ ପାଇଁ ବିଭାଗୀୟ ଅନୁମତି ପ୍ରଦାନ କରିବା ସହିତ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ ପାଇଁ ୯୭ ଲକ୍ଷ ଟଙ୍କାର ଆର୍ଥିକ ଅନୁଦାନ ଯୋଗାଇ ଦେଇଥିଲେ। ବିଭିନ୍ନ କାରଣରୁ ମଞ୍ଜୁରୀପ୍ରାପ୍ତ ଚିତ୍ତାଳ ମହାବିଦ୍ୟାଳୟ ନିକଟରେ ସ୍ଥାୟୀ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ ପକ୍ରିୟାରେ ବିଳମ୍ବ ଘଟିଥିବା ବେଳେ ପରବର୍ତ୍ତୀ ସମୟରେ ଉକ୍ତ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଞ୍ଚାୟତ ଅଧୀନ ଝାଡ଼ଙ୍ଗାରେ ନିର୍ମାଣ କରିବାକୁ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ସ୍ଥିର କରି ଗତ ୨୦୨୪ ମସିହାରେ ବିଭାଗୀୟ ଅଧିକାରୀଙ୍କ ଉପସ୍ଥିତିରେ ଝାଡଙ୍ଗା ଗ୍ରାମରେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣର ଶିଳାନ୍ୟାସ କରାଯାଇଥିଲା। ଯାହା ଜଣାପଡ଼ିବା ପରେ ଚିତ୍ତାଳ ଗ୍ରାମବାସୀଙ୍କ ମଧ୍ୟରେ ଘୋର ଅସନ୍ତୋଷ ସୃଷ୍ଟି ହୋଇଥିଲା। ଗ୍ରାମବାସୀ ଚିତ୍ତାଳ ପରିବର୍ତ୍ତେ ଝାଡ଼ଙ୍ଗା ଠାରେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣକୁ ବିରୋଧ କରି ଜିଲ୍ଲାପାଳଙ୍କ ଠାରୁ ଆରମ୍ଭ କରି ସ୍ୱାସ୍ଥ୍ୟ ବିଭାଗର ଉଚ୍ଚ କର୍ତ୍ତୃପକ୍ଷଙ୍କ ଦ୍ୱାରସ୍ଥ ହୋଇଥିଲେ। ଗତ କିଛିଦିନ ପୂର୍ବେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ କାର୍ଯ୍ୟାଦେଶ ପାଇଥିବା ଠିକାସଂସ୍ଥା ପକ୍ଷରୁ ଝାଡ଼ଙ୍ଗା ଠାରେ ନିର୍ମାଣ କାର୍ଯ୍ୟ ଆରମ୍ଭ ହୋଇଥିବା ବେଳେ ଚିତ୍ତାଳ ଏବଂ ଝାଡ଼ଙ୍ଗା ଗ୍ରାମବାସୀଙ୍କ ମଧ୍ୟରେ ଘୋର ବିବାଦ ସୃଷ୍ଟି ହୋଇଛି। ଯାହାକୁ ନେଇ ଚିତ୍ତାଳ ଗ୍ରାମବାସୀ ଝାଡ଼ଙ୍ଗା ଠାରେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ ବିରୁଦ୍ଧରେ ଓଡ଼ିଶା ହାଇକୋର୍ଟରେ ମାମଲା ରୁଜୁ କରିଥିବା ବେଳେ ଝାଡ଼ଙ୍ଗା ଠାରେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ ବୈଧ ବୋଲି ଝାଡ଼ଙ୍ଗା ଗ୍ରାମବାସୀ ଗତ ୨ ଦିନ ପୂର୍ବେ ଜିଲ୍ଲାପାଳ ଅମ୍ବର କୁମାର କର ଏବଂ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀଙ୍କ ନିକଟରେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ କାର୍ଯ୍ୟ ଜାରି ରଖିବାକୁ ଲିଖିତ ଦାବି ପତ୍ର ପ୍ରଦାନ କରିଛନ୍ତି। ସେହିପରି ଝାଡ଼ଙ୍ଗା ପରିବର୍ତ୍ତେ ଚିତ୍ତାଳ ମହାବିଦ୍ୟାଳୟ ନିକଟରେ ସ୍ୱାସ୍ଥ୍ୟକେନ୍ଦ୍ର ନିର୍ମାଣ କରାଯିବାକୁ ଚିତ୍ତାଳ, ରଘୁପୁର, ବରପଦା ଗ୍ରାମର ଶତାଧିକ ଗ୍ରାମବାସୀ ଆଜି ଜିଲ୍ଲାପାଳ ଶ୍ରୀ କରଙ୍କ ସମେତ ଜିଲ୍ଲା ସ୍ୱାସ୍ଥ୍ୟ ଅଧିକାରୀ, ଜିଲ୍ଲା ରାସ୍ତା ଏବଂ ଗୃହନିର୍ମାଣ ବିଭାଗର ନିର୍ବାହୀଯନ୍ତ୍ରୀଙ୍କ କାର୍ଯ୍ୟାଳୟରେ ପହଞ୍ଚି ଲିଖିତ ଦାବି ଜଣାଇଛନ୍ତି।


SBI

ଷ୍ଟେଟ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ
କେନ୍ଦ୍ରୀୟ ନିଯୁକ୍ତି ଏବଂ ପଦୋନ୍ନତି ବିଭାଗ,
କର୍ପୋରେଟ୍ କେନ୍ଦ୍ର, ମୁମ୍ବାଇ
ଫୋନ୍: 022-22820427

ଆବେଦନ କରିବା ପାଇଁ QR ସ୍କାନ୍ କରନ୍ତୁ

**ବିଶେଷଜ୍ଞ କ୍ୟାଡର୍ ଅଧିକାରୀମାନଙ୍କର ନିଯୁକ୍ତି ନିୟମିତ/ଚୁକ୍ତିଭିତ୍ତିକ ଆଧାରରେ**

ନିମ୍ନଲିଖିତ ପୋଷ୍ଟଗୁଡିକ ପାଇଁ ନିୟମିତ/ଚୁକ୍ତିଭିତ୍ତିକ ଆଧାରରେ ଭାରତୀୟ ନାଗରିକମାନଙ୍କ ଠାରୁ ଆବେଦନ ଗୁଡିକ ଗ୍ରହଣ କରାଯାଉଛି:

**ବିଜ୍ଞାପନ ସଂ. CRPD/SCO/2025-26/16 (ନିୟମିତ ପଦବୀ)**

| ପୋଷ୍ଟର ନାମ | ଗ୍ରେଡ୍ | ଖାଲି ପଦବୀ | 01.11.2025 ରେ ବୟସ (ବର୍ଷ) ସର୍ବନିମ୍ନ | 01.11.2025 ରେ ବୟସ (ବର୍ଷ) ସର୍ବାଧିକ |
|---|---|---|---|---|
| ପରିଚାଳକ (ରିସ୍କ ବିଶେଷଜ୍ଞ - ମଡେଲ ରିସ୍କ ପରିଚାଳନା) | ଏମ୍ଏମ୍‌ଜିଏସ୍-III | 5 | 28 | 40 |
| ଉପପ୍ରାଧକ୍ଷ (ରିସ୍କ ବିଶେଷଜ୍ଞ - ମଡେଲ ରିସ୍କ ପରିଚାଳନା) | ଏମ୍ଏମ୍‌ଜିଏସ୍-II | 5 | 25 | 35 |

**ବିଜ୍ଞାପନ ସଂ. CRPD/SCO/2025-26/13 (ଚୁକ୍ତିଭିତ୍ତିକ ପଦବୀ)**

| ପୋଷ୍ଟର ନାମ | ଖାଲି ପଦବୀ | 01.11.2025 ରେ ବୟସ (ବର୍ଷ) ସର୍ବନିମ୍ନ | 01.11.2025 ରେ ବୟସ (ବର୍ଷ) ସର୍ବାଧିକ |
|---|---|---|---|
| ସମ୍ପର୍କ ପରିଚାଳକ (ମ୍ୟୁଚୁଆଲ୍ ଫଣ୍ଡ) | 1 | 35 | 45 |
| ସମ୍ପର୍କ ପରିଚାଳକ (ବୀମା କ୍ଷେତ୍ର) | 1 | 35 | 45 |
| ସମ୍ପର୍କ ପରିଚାଳକ (ଷ୍ଟକ୍ ବ୍ରୋକରିଂ ଏବଂ ଏଫଆଇଆଇ/ଏଫପିଆଇ) | 3 | 35 | 45 |

ଯୋଗ୍ୟତା ମାନଦଣ୍ଡ (ବୟସ, ଯୋଗ୍ୟତା, ଅଭିଜ୍ଞତା, ଜବ୍ ପ୍ରୋଫାଇଲ ଇତ୍ୟାଦି), ଖାଲି ବିବରଣୀ, ଆବଶ୍ୟକ ଫିସ୍ ଏବଂ ଅନ୍ୟାନ୍ୟ ବିବରଣୀ ପାଇଁ ବ୍ୟାଙ୍କର ୱେବସାଇଟ୍ https://sbi.bank.in/web/careers/current-openings ଅନଲାଇନ୍ ଆପ୍ଲିକେସନ୍ ଫି ଜମା ଏବଂ ଅନଲାଇନ୍ ଦେୟ ଲିଙ୍କ୍ ସହିତ ଲଗ ଇନ୍ କରନ୍ତୁ। ଆବେଦନ ଏବଂ ଫି ପଠାଇବା ପୂର୍ବରୁ ଯୋଗ୍ୟତା ଏବଂ ଅନ୍ୟାନ୍ୟ ବିବରଣୀ ବିଷୟରେ ସୁନିଶ୍ଚିତ ହେବା ପାଇଁ ବିସ୍ତୃତ ବିଜ୍ଞାପନକୁ ଅନୁସରଣ କରନ୍ତୁ। ଯେକୌଣସି ପ୍ରଶ୍ନ ପାଇଁ ଦୟାକରି ଏହି ଲିଙ୍କ୍ ମାଧ୍ୟମରେ ଆମକୁ ଲେଖନ୍ତୁ: **"CONTACT US" —> "Post Your Query"** ଯାହା ବ୍ୟାଙ୍କର ୱେବସାଇଟ (https://bank.sbi/web/careers/post-your-query) ରେ ଉପଲବ୍ଧ।

- **ଅନଲାଇନ୍ ଆବେଦନ ଏବଂ ଫିସ୍ ଦେୟ ପାଇଁ ତାରିଖ: 11.11.2025 ରୁ 01.12.2025 ପର୍ଯ୍ୟନ୍ତ।**

**ସ୍ଥାନ:** ମୁମ୍ବାଇ
**ତାରିଖ:** 11.11.2025

**ମହା ପ୍ରବନ୍ଧକ (ଆର୍‌ପି ଆଣ୍ଡ ପିଏମ୍)**

# ସମ୍ପାଦକୀୟ



ତୁମେ ପ୍ରଥମେ ତୁମ ନିଜକୁ ସମ୍ମାନ ଦିଅ, ତା' ପରେ ଅନ୍ୟମାନେ ତୁମକୁ ସମ୍ମାନ ଦେବାକୁ ବାଧ୍ୟ ହେବେ।

- ଅବଦୁଲ୍‌ରଜାକ୍ ଗୁର୍‌ନା

## ବିହାରରେ ନୂଆ ପ୍ରୟୋଗ

ବହୁଦଳୀୟ ବା ମେଣ୍ଟ ସରକାରରେ ନେତୃତ୍ୱ ନେଇ ମତଭେଦ ବା ବିବାଦ ନୂଆକଥା ନୁହେଁ। ତେବେ ବୃହତ୍ତମ ଜାତୀୟ ଦଳ ରାଜନୈତିକ ଆବଶ୍ୟକତା ପାଇଁ ଆଞ୍ଚଳିକ ଦଳର ନେତୃତ୍ୱକୁ ସ୍ୱୀକୃତି ପ୍ରଦାନ କରିବା ବିହାର ନିର୍ବାଚନ ପ୍ରେକ୍ଷାପଟ୍ଟରେ ଏକ ଗୁରୁତ୍ୱପୂର୍ଣ୍ଣ ଦିଗ। ଗୁରୁବାର ଗାନ୍ଧୀ ମଇଦାନରେ ଆୟୋଜିତ ଭବ୍ୟ ସମାରୋହରେ ନୀତୀଶ କୁମାର ଦଶମ ଥର ପାଇଁ ମୁଖ୍ୟମନ୍ତ୍ରୀ ରୂପେ ଶପଥ ଗ୍ରହଣ କରିଛନ୍ତି। ଏହା ଆମ ଦେଶରେ ସର୍ବକାଳୀନ ରେକର୍ଡ। ତାଙ୍କ ସହ ଦୁଇଜଣ ଉପମୁଖ୍ୟମନ୍ତ୍ରୀଙ୍କ ସମେତ ୨୬ ଜଣ ମନ୍ତ୍ରୀ ମଧ୍ୟ ଶପଥ ନେଇଛନ୍ତି। ନିର୍ବାଚନରେ ଏତେ ବିପୁଳ ବିଜୟ ସତ୍ତ୍ୱେ ଏନଡିଏ ଜଣେ ଅଣସଦସ୍ୟଙ୍କୁ ମୁଖ୍ୟମନ୍ତ୍ରୀ ଭାବେ ଶପଥ ଗ୍ରହଣ କରାଇବାରୁ କେନ୍ଦ୍ର ଓ ରାଜ୍ୟରେ ଗଠିତ ବହୁଦଳୀୟ ସରକାରଙ୍କ ବାଧ୍ୟବାଧକତା କେତେ ତାହା ସ୍ପଷ୍ଟ। ବିଧାନସଭାକୁ ମାତ୍ର ୪ ଜଣ ସଦସ୍ୟ ପଠାଇଥିବା ରାଷ୍ଟ୍ରୀୟ ଲୋକମୋର୍ଚ୍ଚା ନେତା ଉପେନ୍ଦ୍ର ଖୁସୱାହାଙ୍କ ପୁତ୍ରକୁ ବିଧାନ ପରିଷଦ ଆସନର ସ୍ୱୀକୃତି ଦେଇ କ୍ୟାବିନେଟରେ ଗ୍ରହଣ କରାଯାଇଛି। ନୀତୀଶ କୁମାର ୨୦୦୪ ରୁ ବିଧାନସଭା ନିର୍ବାଚନ ଲଢ଼ି ନାହାନ୍ତି। ସେ ବିଧାନ ପରିଷଦ ସଦସ୍ୟ ଭାବେ କ୍ରମାଗତ ୨୦ ବର୍ଷ ଧରି ରାଜ୍ୟର ମୁଖ୍ୟମନ୍ତ୍ରୀ ଅଛନ୍ତି।

ଏନଡିଏ ନିର୍ବାଚନ ରଣାଙ୍ଗନରେ ବିଜେପି ପ୍ରଭାବ ଓ ପତିଆରା ଦୃଷ୍ଟିରୁ ସବୁଠାରୁ ଶକ୍ତିଶାଳୀ ଦଳ ହୋଇଥିଲେ ମଧ୍ୟ ନୀତୀଶଙ୍କ ସମର୍ଥନ ବିନା ବିହାରରେ ଦଳ କ୍ଷମତା ଦଖଲ କରିବା ସମ୍ଭବ ନୁହେଁ। ମେଣ୍ଟର ଦୁଇ ପ୍ରମୁଖ ଅଂଶୀଦାର ପରସ୍ପରର ଦୁର୍ବଳତା ଜାଣିଥିଲେ ସତ, କିନ୍ତୁ ବିଜେପି ସରକାର ଗଠନ ସକାଶେ ସୁଚିନ୍ତିତ ରଣକୌଶଳ ନିର୍ଦ୍ଧାରଣ କରିଥିଲା। ଏପରିକି ନିର୍ବାଚନ ପ୍ରଚାରରେ ରାଜ୍ୟ ନେତୃତ୍ୱରୁ ନୀତୀଶଙ୍କୁ ହଟାଇବା ପ୍ରୟାସ ଏକ ପ୍ରସଙ୍ଗ ହୋଇଗଲା। ତାଙ୍କ ନେତୃତ୍ୱରେ ମେଣ୍ଟ ନିର୍ବାଚନ ଲଢ଼ିବ ଅଥଚ ସେ ମୁଖ୍ୟମନ୍ତ୍ରୀ ହେବେ ନାହିଁ। ଯେମିତି ମହାରାଷ୍ଟ୍ରରେ ଶିବସେନା ନେତା ଏକନାଥ ସିନ୍ଦେଙ୍କ ନେତୃତ୍ୱରେ ମେଣ୍ଟ ନିର୍ବାଚନ ଲଢ଼ି ଜିତିଥିଲେ ମଧ୍ୟ ସିନ୍ଦେଙ୍କ ବଦଳରେ ଦେବେନ୍ଦ୍ର ଫଡନଭିସ୍ ହେଲେ ମୁଖ୍ୟମନ୍ତ୍ରୀ। ବିହାରରେ ସେହି ସୂତ୍ର ପ୍ରୟୋଗ ଉଦ୍ୟମକୁ କିନ୍ତୁ ନୀତୀଶ ପ୍ରତିହତ କରିଛନ୍ତି। ୮୯ ଆସନ ପାଇ ବିଜେପି ବୃହତ୍ତମ ଦଳର ମର୍ଯ୍ୟାଦା ହାସଲ କରିଛି ସତ, କିନ୍ତୁ ଜେଡିୟୁ ସେଭଳି ପଛରେ ପଡ଼ିଯାଇନାହିଁ। ଦୁଇଦଳ ମଧ୍ୟରେ ମାତ୍ର ୪ଟି ଆସନର ବ୍ୟବଧାନ। ନୀତୀଶ ରାଜନୀତିରେ ସବୁ ଅଙ୍କ କଷି ସାରିଛନ୍ତି। ତେଣୁ ବିଜେପିର ପରବର୍ତ୍ତୀ ପଦକ୍ଷେପ ପୂର୍ବରୁ ସେ ମୁକାବିଲା ସକାଶେ ଆଗୁଆ ଖସଡ଼ା ପ୍ରସ୍ତୁତ କରିଥା'ନ୍ତି।

ବିଜେପି ବୃହତ୍ତମ ଦଳ ହୋଇଥିଲେ ମଧ୍ୟ ମୁଖ୍ୟମନ୍ତ୍ରୀ ପଦ ଦାବିରୁ କାହିଁକି ଓହରିଲା ଭଳି ପ୍ରଶ୍ନ ବିଭିନ୍ନ ମହଲକୁ ବିବ୍ରତ କରିଛି। ଏଠାରେ ଏତିକି କୁହାଯାଇ ପାରେ କି କେନ୍ଦ୍ରରେ କ୍ଷମତାସୀନ ବହୁଦଳୀୟ ସରକାରରେ ଜେଡିୟୁ ଅନ୍ୟତମ ଅଂଶୀଦାର। ଦଳର ୧୨ ସଦସ୍ୟ ସମର୍ଥନ ପ୍ରତ୍ୟାହାର କରିନେଲେ ଯେ ସରକାର ସଂଖ୍ୟାଗରିଷ୍ଠତା ହରାଇବ ଏକଥା ନୁହେଁ। କିନ୍ତୁ କେନ୍ଦ୍ର ସରକାର ହଠାତ୍ କୌଣସି ରାଜନୈତିକ ଅସ୍ଥିରତା ସୃଷ୍ଟି ହେବା ଚାହାନ୍ତି ନାହିଁ। ଏସବୁ ସତ୍ତ୍ୱେ ନୀତୀଶ ଯେ ପୂର୍ଣ୍ଣ ୫ ବର୍ଷ ମୁଖ୍ୟମନ୍ତ୍ରୀ ପଦରେ ତିଷ୍ଠି ରହିବେ ସେ ନେଇ ଏବେ ମଧ୍ୟ ସନ୍ଦେହ ରହିଛି। ଦାଓ ପେଞ୍ଚ ରାଜନୀତିର ଚକ କେତେବେଳେ କେଉଁ ଦିଗକୁ ଗଡ଼ିବ ତାହା କହିହେବ ନାହିଁ।

## ପାକିସ୍ତାନରେ ବିଲୟର ଆରମ୍ଭ

ପାକିସ୍ତାନର ୨୭ ତମ ସମ୍ବିଧାନ ସଂଶୋଧନ ମାଧ୍ୟମରେ ୨୪୩ ଧାରାର ହୋଇଥିବା କ୍ଷମତା ଆବଣ୍ଟନକୁ ଓଲଟ ପାଲଟ କରିଦିଆଯାଇଛି। ଯାହା ଫଳରେ ଫିଲ୍ଡ ମାର୍ଶାଲ ଅସିମ ମୁନୀରଙ୍କୁ ଅଘୋଷିତ ଶାସନ ମୁଖ୍ୟ ଭାବେ ସ୍ୱୀକୃତି ପ୍ରଦାନ କରାଯାଇଛି। ସେ କେବଳ ନ୍ୟାୟପାଳିକାର ନାଲି ଆଖିରୁ ବର୍ତ୍ତିଯିବେ ନାହିଁ, କ୍ଷମତାରୁ ଯିବା ପରେ ଆଇନଗତ ସୁରକ୍ଷା ପାଇବାକୁ ହକଦାର ହେବେ। ଏହାକୁ ଆମେ ବିନା ରକ୍ତପାତରେ ସାମରିକ ବାହିନୀକୁ କ୍ଷମତା ହସ୍ତାନ୍ତର ବୋଲି କହିପାରିବା। ଦକ୍ଷିଣ-ପୂର୍ବ ଏସିଆରେ ଗଣତାନ୍ତ୍ରିକ ପରିସରରେ ଏକଛତ୍ରବାଦକୁ ପ୍ରୋତ୍ସାହିତ କରୁଥିବା ନେତୃତ୍ୱ ପାଇଁ ଏହା ଏକ ଗ୍ରହଣୀୟ ଆଦର୍ଶ ରୂପେ ଆଗାମୀ ଦିନରେ ଉଦାହରଣ ସୃଷ୍ଟି କରିବ।

ଗଣତାନ୍ତ୍ରିକ ବିଧିବ୍ୟବସ୍ଥା ମଧ୍ୟରେ ବହୁମତ ପାଇ ସରକାର ଗଢ଼ିଥିବା ଇମ୍ରାନ୍ ଖାଁଙ୍କୁ କ୍ଷମତାଚ୍ୟୁତ କରିବା ଏବଂ ତାଙ୍କୁ ଗିରଫ କରି ଜେଲ୍‌ରେ ରଖିବା ପଛରେ ପାକ୍ ସେନାବାହିନୀର ଭୂମିକା ଥିଲା ଗୁରୁତ୍ୱପୂର୍ଣ୍ଣ। ପ୍ରବଳ ବିରୋଧ ଓ ଜନଆନ୍ଦୋଳନକୁ କଠୋର ହସ୍ତରେ ଦମନ କରି ସେନାବାହିନୀ ସାଧାରଣରେ ପ୍ରଭାବ ଓ ପତିଆରା ହରାଇଥିଲା। ଏମିତିରେ ଆଭ୍ୟନ୍ତରୀଣ ବିଶୃଙ୍ଖଳାକୁ ନିୟନ୍ତ୍ରଣ କରିବାରେ ଅସାମର୍ଥ୍ୟ ଏଥିସହ ଯୋଡ଼ି ହୋଇଯାଇଥିଲା। ଏସବୁ ସତ୍ତ୍ୱେ ଦେଶରେ ସାହାବାଜ ଶରିଫଙ୍କ ବହୁଦଳୀୟ ସରକାର ଗଠନ ପଛରେ ମୁନୀରଙ୍କ ସହଯୋଗ ଓ ସମର୍ଥନ ରହିଛି। ଶାସନ କ୍ଷମତା ସହ ସେନାବାହିନୀର ସଂପର୍କ ପୁଣି ନିବିଡ଼ ହୋଇଛି। ପାକିସ୍ତାନ ବିରୋଧରେ ଭାରତର 'ଅପରେସନ ସିନ୍ଦୂର'ର ଭୟଙ୍କର ସ୍ଥିତିରୁ ଦେଶକୁ ସୁରକ୍ଷା ଦେବାରେ ମୁନୀରଙ୍କ ସମର୍ଥ ନେତୃତ୍ୱ ସାଧାରଣରେ କେବଳ ପ୍ରଶଂସିତ ହୋଇ ନାହିଁ ଶାସନର ସବୁସ୍ତରରେ ତାଙ୍କର ପ୍ରାଧାନ୍ୟ ବୃଦ୍ଧି କରିଛି। ଏହା କ୍ରମେ ଶରିଫ ସରକାରକୁ ୨୭ ତମ ସମ୍ବିଧାନ ସଂଶୋଧନ ପାଇଁ ଅନୁପ୍ରାଣିତ କରିଛି। ଏହାଫଳରେ ସୁପ୍ରିମକୋର୍ଟର କ୍ଷମତା ଓ ସ୍ୱାଧୀନତା ହନନ ହୋଇଛି। ଏଣିକି ଏହି ସର୍ବୋଚ୍ଚ ଅଦାଲତ କେବଳ ଫୌଜଦାରୀ ଓ ଦେୱାନୀ ମାମଲାର ରିଟ ପିଟିସନ ଶୁଣାଣି କରିବେ। ସାମ୍ବିଧାନିକ ବ୍ୟବସ୍ଥାର ଉଲ୍ଲଂଘନ ଭଳି ଗୁରୁତ୍ୱପୂର୍ଣ୍ଣ ମାମଲା ବିଚାର ପାଇଁ ଫେଡେରାଲ କନ୍‌ଷ୍ଟିଚ୍ୟୁସନାଲ୍ କୋର୍ଟ ପ୍ରତିଷ୍ଠା କରାଯିବ। ପ୍ରତିବାଦରେ ଦେଶରେ ଲୋକପ୍ରିୟ ପ୍ରମୁଖ ବିଚାରପତି ଇସ୍ତଫା ଦେଇଥିଲେ ମଧ୍ୟ ତାହାର କୌଣସି ପ୍ରଭାବ ଅନୁଭୂତ ହୋଇନାହିଁ।

କ୍ଷମତା ଅତିକ୍ରମଣ ପ୍ରବୃତ୍ତି ବ୍ୟବସ୍ଥାର ସବୁସ୍ତରରେ ଅନୁଭୂତ ହୋଇଆସିଛି। ସାମ୍ବିଧାନିକ କଟକଣା ଓ ବ୍ୟବସ୍ଥିତ ନିୟମର କଠୋର ଶୃଙ୍ଖଳ ଏହାକୁ ରୋକିପାରିନି। କ୍ଷମତାର ଅଳିନ୍ଦକୁ ଆହ୍ୱାନ ଦେବାକୁ ହେଲେ ନ୍ୟାୟପାଳିକାର ଆଶ୍ରୟ ନେବାକୁ ହେବ। କିନ୍ତୁ ଯେତେବେଳେ ନ୍ୟାୟପାଳିକାର କ୍ଷମତା ଓ ସ୍ୱାଧୀନତା ସଂକୁଚିତ ହୋଇଯିବ, ବ୍ୟବସ୍ଥା ସୁଧୁରିବା ପରିବର୍ତ୍ତେ ବିଗିଡ଼ିବା ଆରମ୍ଭ କରିବ। ଏକଥା ସତ ଯେ ପାକିସ୍ତାନ ଇତିହାସରେ ନିର୍ବାଚିତ ସରକାରଙ୍କୁ ୫ ବର୍ଷର ମିଆଦ ପୂରଣ କରିବାକୁ ଦିଆଯାଇନାହିଁ। ସେନାବାହିନୀର ପ୍ରଭାବ ଓ ପ୍ରାଧାନ୍ୟରେ ଆବଶ୍ୟକ ସ୍ଥଳେ ନେତୃତ୍ୱ ପରିବର୍ତ୍ତନ କିମ୍ବା ନିଜେ ସେନାନାୟକ ଏକ ବିଦ୍ରୋହ ମାଧ୍ୟମରେ କ୍ଷମତା ହାତକୁ ନେଇଛନ୍ତି। ତେବେ ଏହି ଘଟଣା ପ୍ରବାହ ମଧ୍ୟରେ ନ୍ୟାୟପାଳିକାର ଭୂମିକାକୁ ଏପର୍ଯ୍ୟନ୍ତ ଅକ୍ଷୁର୍ଣ୍ଣ ରଖାଯାଇଥିଲା। ବର୍ତ୍ତମାନ ସମ୍ବିଧାନ ସଂଶୋଧନ ମାଧ୍ୟମରେ ଯେଉଁ ନୂଆ ଅଧ୍ୟାୟ ଯୋଡ଼ାଯାଇଛି ତାହା ପାକିସ୍ତାନର ଗଣତାନ୍ତ୍ରିକ ବ୍ୟବସ୍ଥା ବିଲୟର ଅୟମାରମ୍ଭ କୁହାଯାଇପାରେ।

# ଏଆଇ ଶିଳ୍ପର ଆର୍ଥିକ ସ୍ଥିତି

**ସନ୍ତୋଷ କୁମାର ମିଶ୍ର**

ଚଳିତ ଶତାବ୍ଦୀର ତୃତୀୟ ଦଶନ୍ଧି ପ୍ରାରମ୍ଭରୁ ଆରମ୍ଭ ହୋଇଛି ପଞ୍ଚମ ଶିଳ୍ପ ବିପ୍ଳବ। ସାଧାରଣ ଭାବରେ ଏହି ନୂତନ ଶିଳ୍ପ ଯୁଗକୁ 'କୃତ୍ରିମ ବୁଦ୍ଧିମତ୍ତା' ବା 'ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ(ଏଆଇ)'ର ଯୁଗ କୁହାଯାଉଛି। ମାନବ ସଭ୍ୟତା ଉପରେ ଏହାର ସକାରାତ୍ମକ ପ୍ରଭାବ ଦୃଷ୍ଟିଗୋଚର ହେବା ପୂର୍ବରୁ ଏଥିରୁ ଉତ୍ପନ୍ନ ସମସ୍ୟା ବିରୋଧରେ ସମଗ୍ର ବିଶ୍ୱରେ ଜନଅସନ୍ତୋଷ ବୃଦ୍ଧି ପାଇବାରେ ଲାଗିଛି। ଏଆଇର ବ୍ୟାପକ ବ୍ୟବହାର ଫଳରେ ଉଭୟ ବୌଦ୍ଧିକ କର୍ମଜୀବୀ(ୱାଇଟ କଲାର ୱାକର୍ସ) ଓ ଶାରୀରିକ ଶ୍ରମଜୀବୀ(ବ୍ଲୁ କଲାର ୱାକର୍ସ) ଜୀବିକା ହରାଇବାରେ ଲାଗିଛନ୍ତି। ଛାତ୍ରଛାତ୍ରୀମାନଙ୍କ ସୃଜନଶୀଳତା ଓ ଚିନ୍ତନ ଶକ୍ତି ହ୍ରାସ ପାଉଥିବା ଅଭିଯୋଗ ହେଉଛି। ଏଆଇ ପାଇଁ ବଡ଼ ବଡ଼ ଡାଟା ସେଣ୍ଟରର ସ୍ଥାପନ ହେତୁ ବିଜୁଳି ଖର୍ଚ୍ଚ ବୃଦ୍ଧି ସହିତ ଶୀତଳୀକରଣ ପାଇଁ ଜଳ ଅପଚୟ ଓ ପ୍ରଦୂଷଣ ମଧ୍ୟ ବୃଦ୍ଧି ପାଇଛି।

ବର୍ତ୍ତମାନ ଏଆଇ ବିଶ୍ୱ ଅର୍ଥନୀତିକୁ ବିଯୁକ୍ତାତ୍ମକ ଭାବରେ ପ୍ରଭାବିତ କରୁଛି। ଗତ ୪ ତାରିଖରେ ବିଶ୍ୱର ସର୍ବବୃହତ ଆମେରିକୀୟ ପ୍ରତିଭୂତି ବଜାର 'ନାସଡାକ୍'ରେ ବୃହତ୍ ସୂଚନା ପ୍ରଯୁକ୍ତି ବିଜ୍ଞାନ ସଂସ୍ଥା ବା କମ୍ପାନୀମାନଙ୍କ ଅଂଶଧନ ମୂଲ୍ୟ ହଠାତ୍ ହ୍ରାସ ପାଇବାରୁ ଗୋଟିଏ ଦିନରେ ନିବେଶକମାନେ ୭୩୦ ବିଲିୟନ୍ ଡଲାର କ୍ଷତି ସହିଛନ୍ତି। ଏହିସବୁ କମ୍ପାନୀଗୁଡ଼ିକ ଏଆଇ ଶିଳ୍ପର ମେରୁଦଣ୍ଡ। ଏମାନେ ଏଆଇ କ୍ଷେତ୍ରରେ ବ୍ୟାପକ ପୁଞ୍ଜି ନିବେଶ କରୁଛନ୍ତି। ତେଣୁ ଗତ କିଛିମାସ ଧରି ଏଆଇ ଶିଳ୍ପର ଆର୍ଥିକ ଦିଗ ବିଷୟରେ ଗବେଷଣା ଓ ଆଲୋଚନା ଆରମ୍ଭ ହୋଇଛି।

ବର୍ତ୍ତମାନ ବିଶ୍ୱ ଅର୍ଥନୀତିରେ ଏଆଇର ଏକ ସ୍ୱତନ୍ତ୍ର ଓ ପ୍ରମୁଖ ସ୍ଥାନ ରହିଛି। କିନ୍ତୁ ଏଆଇ ଶିଳ୍ପର ପ୍ରକୃତ ଆର୍ଥିକ ସ୍ଥିତି ବା ଏହାର ଆକାର କେତେ ସେ ବିଷୟରେ କିଛି ନିର୍ଦ୍ଦିଷ୍ଟ ତଥ୍ୟ ସାର୍ବଜନୀନ ହୋଇ ନାହିଁ। ବର୍ତ୍ତମାନ ଯେଉଁ ଚାରି/ପାଞ୍ଚୋଟି ବୃହତ୍ ଏଆଇ କମ୍ପାନୀ ନିଜର ଏଆଇ ଟୁଲ୍ ମାଧ୍ୟମରେ ସେବା ଯୋଗାଇ ଦେଇ ଆସୁଛନ୍ତି, ସେମାନେ କେତେ ଅର୍ଥ ବିନିଯୋଗ କରିଛନ୍ତି ତାହାର ଔପଚାରିକ ତଥ୍ୟ ପ୍ରଦାନ କରି ନାହାନ୍ତି। ସେମାନଙ୍କୁ ସାହାଯ୍ୟ କରୁଥିବା ହାର୍ଡୱେର କମ୍ପାନୀଗୁଡ଼ିକର ପ୍ରତିଭୂତି ବଜାରରେ ଅଂଶଧନର ସ୍ଥିର ମୂଲ୍ୟ ନାହିଁ। ଏଆଇ ଶିଳ୍ପର ବ୍ୟାପକ ଅଭିବୃଦ୍ଧି ସତ୍ତ୍ୱେ ଚିପ୍ କମ୍ପାନୀଗୁଡ଼ିକର ଅଂଶଧନ ଅବମୂଲ୍ୟାୟନ ହେଉଛି କାହିଁକି ତାହା ସ୍ପଷ୍ଟ ହୋଇ ନାହିଁ।

ଏଆଇ ଚିପ୍ ପ୍ରସ୍ତୁତ କରୁଥିବା ଗୋଟିଏ କମ୍ପାନୀର ଆକାର ଭାରତ ଓ ଜାପାନର ମୋଟ ଘରୋଇ ଉତ୍ପାଦଠାରୁ ମଧ୍ୟ ଅଧିକ। କିନ୍ତୁ ପ୍ରତିଭୂତି ବଜାରରେ ତାହାର ଅଂଶଧନ ହାରାହାରି ଦଶଶତାଂଶ ହ୍ରାସ ପାଇଛି। ଗତ ଜାନୁୟାରୀ ମାସରେ ଯେତେବେଳେ ଏକ ଚାଇନିଜ୍ କମ୍ପାନୀ ନିଜର ଏଆଇ ଟୁଲ୍‌ର ସେବା ପ୍ରଦାନ ଆରମ୍ଭ କରିଥିଲା ସେତେବେଳେ ଏହି କମ୍ପାନୀ ସେୟାର ବଜାରରେ ଧରାଶାୟୀ ହୋଇଗଲା। କିନ୍ତୁ ମାତ୍ର କିଛି ମାସ ମଧ୍ୟରେ ପୁନର୍ବାର ଏହି କମ୍ପାନୀର ମୋଟ ଆକାର ତିନି ଟ୍ରିଲିୟନ ଡଲାରକୁ ସ୍ପର୍ଶ କଲା। ଗତ ଅଢ଼େଇ ମାସ ମଧ୍ୟରେ ଏହି କମ୍ପାନୀର ଆକାର ଦୁଇ ଟ୍ରିଲିୟନ୍ ଡଲାର ବୃଦ୍ଧି ପାଇଛି। ଏଆଇ ଶିଳ୍ପ ପରି ଏକ ଉଦୀୟମାନ କ୍ଷେତ୍ରରେ ଏହା କିପରି ସମ୍ଭବ ହେଲା ତାହା ଅର୍ଥଶାସ୍ତ୍ରୀମାନଙ୍କ ପାଇଁ ଅବୋଧ ରହିଛି। ଏଆଇ ଶିଳ୍ପର ଆରମ୍ଭ ସମୟରୁ ବିଭିନ୍ନ ପ୍ରକାରର ଏଆଇ ଟୁଲକୁ ବଜାର ପ୍ରବେଶ କରାଇବା ସମୟରେ କମ୍ପାନୀମାନେ ଏହାକୁ ଏକ ଯୁଗାନ୍ତକାରୀ ଉଦ୍ଭାବନ ରୂପେ ଅଭିହିତ କରିଥିଲେ ଏବଂ ଏହାର ସାହାଯ୍ୟ ନେଇ ନିଜର ଦକ୍ଷତାକୁ ବୃଦ୍ଧି କରିପାରିବେ ବୋଲି ପ୍ରଚାର କରିଥିଲେ। କିନ୍ତୁ କମ୍ପାନୀମାନେ ଏଥିରୁ କିପରି ଲାଭବାନ ହେବେ ତାହା ଜାଣିବା ସମ୍ଭବ ହୋଇ ପାରି ନ ଥିଲା। ଅର୍ଥାତ ଏଆଇ ଶିଳ୍ପର ନିର୍ଦ୍ଦିଷ୍ଟ ବ୍ୟବସାୟ ପ୍ରଣାଳୀ ବା ବିଜିନେସ୍ ମଡେଲ ନାହିଁ। ଏଆଇ ଟୁଲ୍‌କୁ ବିକଶିତ କରିବା ଏବଂ ସେଥିରେ ସମୟୋପଯୋଗୀ ପରିବର୍ତ୍ତନ ଆଣି ତାହାକୁ ଅଧିକ ଦକ୍ଷ କରିବା ସହିତ ଏହାଉପରେ ନିୟମିତ ଗବେଷଣା କରିବା, ଡାଟା ସେଣ୍ଟର ସ୍ଥାପନ ଓ ରକ୍ଷଣାବେକ୍ଷଣ, କର୍ମଚାରୀମାନଙ୍କ ବେତନ, ବିଜ୍ଞାପନ ଇତ୍ୟାଦି ପାଇଁ କମ୍ପାନୀମାନେ କିପରି ଅର୍ଥ ଉପାର୍ଜନ କରିବେ ବା କରୁଛନ୍ତି ତାହା ଏବେ ମଧ୍ୟ ରହସ୍ୟମୟ।

ମାସାଚୁସେଟ୍ ଇନଷ୍ଟିଚ୍ୟୁଟ ଅଫ ଟେକ୍ନୋଲୋଜି ବିଶ୍ୱବିଦ୍ୟାଳୟ ୧୫୦ଟି ଏଆଇ ଶିଳ୍ପ ସହିତ ସମ୍ପୃକ୍ତ କମ୍ପାନୀମାନଙ୍କ ଉପରେ ଏକ ସର୍ବେକ୍ଷଣ କରିଥିଲେ। ସର୍ବେକ୍ଷଣରୁ ଜଣାପଡ଼ିଥିଲା ଯେ ପ୍ରାୟ ୯୫ ଶତାଂଶ କମ୍ପାନୀ ଏଆଇ ଶିଳ୍ପରେ ବ୍ୟାପକ ପୁଞ୍ଜି ବିନିଯୋଗ କରିବା ପରେ କୌଣସି ଉପାୟରେ ଆର୍ଥିକ ଲାଭ ପ୍ରାପ୍ତ କରିବା ପାଇଁ ସକ୍ଷମ ହୋଇପାରୁ ନାହାନ୍ତି। ଅନ୍ୟପକ୍ଷରେ ସମଗ୍ର ବିଶ୍ୱରେ ବଡ଼ ବଡ଼ ଏଆଇ କମ୍ପାନୀମାନଙ୍କ ପୁଞ୍ଜି ବିନିଯୋଗ ୨୦୨୫ ମଧ୍ୟଭାଗ ବେଳକୁ ୩୦୦ ବିଲିୟନ୍ ଡଲାରରୁ ଅଧିକ ରହିଛି। ଛୋଟ ଛୋଟ କମ୍ପାନୀମାନଙ୍କରେ ମଧ୍ୟ ପୁଞ୍ଜି ବିନିଯୋଗ ବୃଦ୍ଧି ପାଇବାରେ ଲାଗିଛି। ବିଶ୍ୱରେ ଷ୍ଟାର୍ଟଅପ୍ କମ୍ପାନୀମାନଙ୍କରେ ଯେତେ ବିନିଯୋଗ ହୁଏ, ତାହାର ପ୍ରାୟ ୭୧ ଶତାଂଶ କେବଳ ଏଆଇ ଶିଳ୍ପରେ ସମ୍ପୃକ୍ତ ଷ୍ଟାର୍ଟଅପ୍ କମ୍ପାନୀମାନଙ୍କରେ ହୋଇଛି। ତେଣୁ ଏଥିରୁ ସ୍ପଷ୍ଟ ହୋଇଛି ଯେ ନିବେଶକ ଏଆଇ ଶିଳ୍ପରେ ପ୍ରଚୁର ପୁଞ୍ଜି ବିନିଯୋଗ କରୁଛନ୍ତି।

ଆର୍ଥିକ ପରାମର୍ଶଦାତା ମେକେଞ୍ଜିର ଏକ ଆକଳନ ଅନୁସାରେ ବିଶ୍ୱର ପ୍ରମୁଖ ପାଞ୍ଚୋଟି ଆଇଟି କମ୍ପାନୀ ଏଆଇ କ୍ଷେତ୍ରରେ ମିଳିତ ଭାବରେ ବିଗତ ଦୁଇବର୍ଷ ମଧ୍ୟରେ ପ୍ରାୟ ୫୬୦ ବିଲିୟନ ଡଲାର ବିନିଯୋଗ କରିଥିଲେ। କିନ୍ତୁ ମାତ୍ର ୩୫ ବିଲିୟନ୍ ଡଲାର ଆୟ କରିବା ପାଇଁ ସକ୍ଷମ ହୋଇଥିଲେ। ଆର୍ଥିକ ଉପଦେଷ୍ଟା ବ୍ରେନ୍ ଆଣ୍ଡ କମ୍ପାନୀର ଏକ ଆକଳନ ଅନୁସାରେ ୨୦୩୦ ବେଳକୁ ବିଶ୍ୱର ଏଆଇ ଚାହିଦାକୁ ପୂରଣ କରିବା ପାଇଁ ପ୍ରମୁଖ ଆଇଟି କମ୍ପାନୀମାନଙ୍କ ବାର୍ଷିକ ଆୟ ପ୍ରାୟ ୨ ଟ୍ରିଲିୟନ ଡଲାରରୁ ଅଧିକ ରହିବା ଆବଶ୍ୟକ। କିନ୍ତୁ ୨୦୩୦ ବେଳକୁ କମ୍ପାନୀମାନେ ମାତ୍ର ୨୦୦ ବିଲିୟନ ଡଲାର ଆୟ କରିବା ପାଇଁ ସମର୍ଥ ହେବେ। ପ୍ରାୟ ୮୦୦ ବିଲିୟନ ଡଲାରରୁ ଅଧିକ କ୍ଷତି ମଧ୍ୟରେ କମ୍ପାନୀମାନେ ତିଷ୍ଠି ରହିବା ପାଇଁ କେତେଦୂର ସକ୍ଷମ ହେବେ ତାହା ଏକ ବଡ଼ ଜଟିଳ ପ୍ରଶ୍ନ। ଏହାସତ୍ତ୍ୱେ ଗୋଟିଏ ପ୍ରମୁଖ ଏଆଇ କମ୍ପାନୀ କହିଛି ଯେ ଗୋଟିଏ ସାଧାରଣ ପ୍ରଶ୍ନର ଉତ୍ତର ଦେବା ବେଳେ କମ୍ପାନୀର ଦଶ ଡଲାରର ଖର୍ଚ୍ଚ ହୁଏ; କିନ୍ତୁ ଭାରତ ପରି ବିଶାଳ ବଜାରରେ ସମସ୍ତ ପ୍ରମୁଖ ଏଆଇ କମ୍ପାନୀମାନେ ସେବାକୁ ସମ୍ପୂର୍ଣ୍ଣ ଭାବରେ ନିଃଶୁଳ୍କ କରିଛନ୍ତି।

ଏପରି ପରିସ୍ଥିତିରେ ପ୍ରତିଭୂତି ବଜାରରେ ଏଆଇ ଶିଳ୍ପ କମ୍ପାନୀମାନଙ୍କ ଅଂଶଧନକୁ ସଠିକ୍ ଭାବରେ ଚିନ୍ତା କରି କ୍ରୟ କରିବା ପାଇଁ ମୋର୍ଗାନ୍ ଷ୍ଟାନଲି ଓ ଗୋଲ୍ଡମ୍ୟାନ ସ୍ୟାକ୍ସ ନିବେଶକମାନଙ୍କୁ ପରାମର୍ଶ ଦେଇଛନ୍ତି। ସେମାନଙ୍କ ତର୍କ ରହିଛି ଯେ ଏଆଇ ଶିଳ୍ପରେ ସଂପୃକ୍ତ କମ୍ପାନୀମାନଙ୍କ ଅଂଶଧନକୁ ମାତ୍ରାଧିକ ମୂଲ୍ୟାୟନ କରାଯାଇଛି। ବଜାରରେ ଏଆଇ ବିଷୟରେ ଅମୂଳକ ଓ ଅଯଥା ପରିକଳ୍ପିତ ଧାରଣା ସେମାନଙ୍କୁ ସାହାଯ୍ୟ କରୁଛି। ସେଥିପାଇଁ ପ୍ରତିଭୂତି ବଜାରରେ ଯେପରି ବଡ଼ ଧରଣର ସ୍ଖଳନ ନ ଆସେ ଏବଂ ନିବେଶକଙ୍କ ବଡ଼ ଧରଣର କ୍ଷତି ନ ହୁଏ ସେଥିପାଇଁ ଉପଯୁକ୍ତ ପଦକ୍ଷେପ ଗ୍ରହଣ କରାଯିବ ବୋଲି ସୂଚନା ମିଳିଛି। ଏଆଇ ଶିଳ୍ପ ପାଇଁ ଚିପ୍ ପ୍ରସ୍ତୁତ କରୁଥିବା ଆମେରିକୀୟ କମ୍ପାନୀମାନଙ୍କ ଅଂଶଧନରେ ଅବମୂଲ୍ୟାୟନ ପଛରେ ଭୂ-ରାଜନୈତିକ ଅସ୍ଥିରତାକୁ ମଧ୍ୟ ଦାୟୀ କରାଯାଉଛି। ଆମେରିକାର ଉଚ୍ଚ ବାଣିଜ୍ୟ ଶୁଳ୍କ ନୀତି ଫଳରେ ଚୀନ ଚିପ୍ ପ୍ରସ୍ତୁତ କରିବା ପାଇଁ ଆବଶ୍ୟକ ହେଉଥିବା ଦୁର୍ଲଭ ଖଣିଜ ପଦାର୍ଥର ରପ୍ତାନି ଉପରେ କଟକଣା ଲାଗୁ କରିଥିବାରୁ ଚିପ୍ କମ୍ପାନୀମାନଙ୍କ ଅଂଶଧନ ମୂଲ୍ୟ ହ୍ରାସ ପାଉଛି ବୋଲି ଅନୁମାନ କରାଯାଉଛି।

ଏଆଇ ପରି ମାତ୍ର ତିନିବର୍ଷର ଶିଶୁ ଶିଳ୍ପରୁ ଭବିଷ୍ୟତରେ ପ୍ରଚୁର ଲାଭର ଆଶା ରଖି ଏଥିରେ ପର୍ଯ୍ୟାପ୍ତ ପୁଞ୍ଜି ବିନିଯୋଗ କରିବା ଅର୍ଥନୀତି ପ୍ରତି ବିପଦ ସୃଷ୍ଟି କରିଛି। କାରଣ ସୂଚନା ପ୍ରଯୁକ୍ତି ବିଜ୍ଞାନ ଶିଳ୍ପ ପ୍ରାୟ ଦୁଇ ଦଶନ୍ଧି ପୂର୍ବେ ଏକ ବଡ଼ ଧରଣର ଆର୍ଥିକ ସ୍ଖଳନ ଦେଖିଛି। ୨୦୦୦ ମସିହାର ଡଟ୍ କମ୍ ବବଲ୍‌ର ଭୟ ଏଆଇ ଶିଳ୍ପ ମଧ୍ୟରେ ଦେଖା ଦେଇଛି। ୧୯୯୦ ମସିହାରେ ଇଣ୍ଟରନେଟ୍ ଯୁଗ ଆରମ୍ଭ ହେବା ବେଳେ ବହୁତ କମ ସମୟ ମଧ୍ୟରେ ଏଥିରୁ ପ୍ରଚୁର ଆଶା ରଖି ବିପୁଳ ପୁଞ୍ଜି ବିନିଯୋଗ ସହ ଶହ ଶହ ଷ୍ଟାର୍ଟଅପ୍ କମ୍ପାନୀ ସେବା ଆରମ୍ଭ କଲେ। କିନ୍ତୁ ଇଣ୍ଟରନେଟ୍ ଶିଳ୍ପରୁ ସେପରି ଲାଭ ନ ମିଳିବାରୁ କମ୍ପାନୀମାନେ ଦେବାଳିଆ ହେବାକୁ ଲାଗିଲେ ଏବଂ ପୁଞ୍ଜି ପ୍ରତ୍ୟାହାର ଆରମ୍ଭ ହେଲା। ଏହାର ଏକମାତ୍ର କାରଣ ଥିଲା ଇଣ୍ଟରନେଟ୍ ଶିଳ୍ପରେ ବ୍ୟବସାୟ କିପରି ଚାଲିବ ସେ ବିଷୟରେ ନିବେଶକମାନେ ସମ୍ପୂର୍ଣ୍ଣ ଭାବରେ ଅଜ୍ଞ ଥିଲେ। ସେତେବେଳେ 'ନାସଡାକ୍'ରେ ପ୍ରାୟ ୫ ଟ୍ରିଲିୟନ ଡଲାର ରାତାରାତି ଉଭାନ ହୋଇଯାଇଥିଲା।

ଭାରତରେ ମଧ୍ୟ ଏଆଇ ଶିଳ୍ପରେ ପୁଞ୍ଜି ବିନିଯୋଗ ବୃଦ୍ଧି ପାଇବାରେ ଲାଗିଛି। ଚଳିତ ଆର୍ଥିକ ବର୍ଷରେ ଏଆଇ ଶିଳ୍ପରେ ପ୍ରାୟ ୫୨୪ ନିୟୁତ ଡଲାର ନିବେଶ ହୋଇଛି। ବିନା କୌଣସି ତଥ୍ୟ ଆଧାରରେ ଦୂର ଭବିଷ୍ୟତକୁ ଆକଳନ କରି ପ୍ରଚୁର ପୁଞ୍ଜି ବିନିଯୋଗ କରିବା ବିପଦପୂର୍ଣ୍ଣ ହୋଇପାରେ।

ବେଲେଶ୍ୱର(କଟକ),
ମୋ: ୯୪୩୭୧୨୮୪୬୪

# ଆଧୁନିକ ପୁଞ୍ଜିବାଦର ଉଦୀୟମାନ ମାନବୀୟ ପ୍ରକୃତି

**ମାନସ କୁମାର କର**

ଭାରତୀୟ ସଂସ୍କୃତିରେ ଦାନ ପରମ୍ପରାର ବିଶେଷ ଗୁରୁତ୍ୱ ରହିଛି। ଏହାକୁ ଧର୍ମ ଓ ସାମାଜିକ ଦାୟିତ୍ୱ ସହିତ ଜଡ଼ିତ କରାଯାଇଛି। ହୁଏତ ଏହି କାରଣରୁ ଭାରତରେ ଧାର୍ମିକ ସମାରୋହରେ ଦାନ ଦେବାର ପରମ୍ପରାକୁ ଅଧିକ ଗୁରୁତ୍ୱ ଦିଆଯାଏ। ଏହି ପରମ୍ପରାର ଉଦ୍ଦେଶ୍ୟ କେବଳ ଅଭାବୀମାନଙ୍କୁ ସାହାଯ୍ୟ କରିବା ନୁହେଁ, ବରଂ ସମାଜରେ ସନ୍ତୁଳନ ଓ ମାନବିକତା ବଜାୟ ରଖିବା। ଦେଶରେ ଅସମାନତା ଓ ଦାରିଦ୍ର୍ୟର ପରିସ୍ଥିତି ଦେଖିବା ପରେ ସମ୍ଭବତଃ ମହାତ୍ମା ଗାନ୍ଧୀ 'ଟ୍ରଷ୍ଟିସିପ୍' ଉପରେ ଗୁରୁତ୍ୱାରୋପ କରିଥିଲେ, ଯାହା ଅନୁସାରେ ଧନୀ ଲୋକମାନେ ସେମାନଙ୍କ ସମ୍ପତ୍ତିର ମାଲିକ ନୁହନ୍ତି, କେବଳ ଟ୍ରଷ୍ଟି କିମ୍ବା ରକ୍ଷକ ଅଟନ୍ତି ଏବଂ ସେମାନେ ସେମାନଙ୍କର ସମ୍ପତ୍ତିକୁ କେବଳ ସେମାନଙ୍କର ମୌଳିକ ଆବଶ୍ୟକତା ପାଇଁ ବ୍ୟବହାର କରିବା ସହିତ ଅବଶିଷ୍ଟ ସମ୍ପତ୍ତିକୁ ସମାଜର କଲ୍ୟାଣ ପାଇଁ ଉତ୍ସର୍ଗ କରିବା ଉଚିତ। ଏହି ନୀତି ହୃଦୟ ପରିବର୍ତ୍ତନ ଓ ସ୍ୱେଚ୍ଛାକୃତ ତ୍ୟାଗ ଉପରେ ଆଧାରିତ।

ଆମେରିକୀୟ ଶିଳ୍ପପତି ୱାରେନ ବଫେଟ୍ ତାଙ୍କ ମୃତ୍ୟୁ ପରେ ତାଙ୍କ ପିଲାମାନଙ୍କ ଦ୍ୱାରା ପରିଚାଳିତ ଏକ ଦାନଯୋଗ୍ୟ ଟ୍ରଷ୍ଟକୁ ୧୫୦ ବିଲିୟନ ଡଲାର ସମ୍ପତ୍ତି ଦାନ କରିବାକୁ ଘୋଷଣା କରିଥିଲେ। ଏହି ଟ୍ରଷ୍ଟ ମାଧ୍ୟମରେ ତାଙ୍କ ପିଲାମାନେ ଏହି ସମ୍ପତ୍ତିକୁ ଦାତବ୍ୟ ଉଦ୍ଦେଶ୍ୟରେ ବ୍ୟବହାର କରିବେ ଏବଂ ସେମାନଙ୍କ ପିଲାମାନେ ନିଜସ୍ୱ ବୁଝାମଣା ଓ ସହମତି ଆଧାରରେ ନିଷ୍ପତ୍ତି ନେବେ। ଏହା ନିଃସନ୍ଦେହରେ ଏକ ଭଲ ପରମ୍ପରା। କିନ୍ତୁ ଏହାକୁ ଗାନ୍ଧୀଙ୍କ 'ଟ୍ରଷ୍ଟିସିପ୍' ନୀତିର ଆଧାର ଭାବରେ ଦେଖାଯାଇପାରିବ କି? ନା ଏହାକୁ ପୁଞ୍ଜିବାଦର ଏକ ମାନବିକ ଚେହେରା ଭାବରେ ଦେଖାଯିବା ଉଚିତ?

ପ୍ରଶ୍ନ ହେଉଛି: କ'ଣ କଲ୍ୟାଣକାରୀ ପୁଞ୍ଜିବାଦ ସମ୍ଭବ? ନା ଜୀବନବ୍ୟାପୀ ଶୋଷଣ ଓ ଅତ୍ୟାଚାର ପରେ ପୁଞ୍ଜିବାଦୀମାନେ ସେମାନଙ୍କର ମାନସିକତାରେ ପରିବର୍ତ୍ତନ ଆଣିବା ସ୍ୱାଭାବିକ? ସମାଜଶାସ୍ତ୍ରୀୟ ଦୃଷ୍ଟିକୋଣରୁ ବର୍ତ୍ତମାନର ଯୁଗ ହେଉଛି ଟେକ୍ନୋ-ପୁଞ୍ଜିବାଦର, ଯେଉଁଠାରେ ଟେକ୍ନୋଲୋଜି ନବସୃଜନ ଏବଂ ପୁଞ୍ଜି ହେଉଛି ଧନ, ଅଭିବୃଦ୍ଧି ଓ ଶକ୍ତିର ପ୍ରାଥମିକ ଚାଳକ। ଏହା ଧନୀ ଓ ଗରିବଙ୍କ ମଧ୍ୟରେ ବଢ଼ୁଥିବା ପାର୍ଥକ୍ୟକୁ ସୂଚାଉଛି, ଯାହାଫଳରେ ଧନୀମାନେ ଅଧିକ ଧନୀ ହେଉଛନ୍ତି। ନବ-ପୁଞ୍ଜିବାଦର ଏହି ଯୁଗରେ ଶୋଷଣ ଓ ଅତ୍ୟାଚାର ବଦଳରେ ପୁଞ୍ଜିବାଦର ଏକ କଲ୍ୟାଣକାରୀ ରୂପ ଉଭା ହେଉଛି, ଯାହା ଦୁଇଟି ଉପାୟରେ କାମ କରେ। ପ୍ରଥମତଃ, କର୍ପୋରେଟ୍ ସାମାଜିକ ଦାୟିତ୍ୱ (ସିଏସଆର) ରୂପରେ ଏବଂ ଦ୍ୱିତୀୟତଃ, ଦାନ ରୂପରେ। ପୁଞ୍ଜିବାଦ ଭିତରେ ଥିବା ସଙ୍କଟ କ'ଣ ଏହି ଲୋକମାନଙ୍କୁ କଲ୍ୟାଣମୂଳକ କାର୍ଯ୍ୟକଳାପରେ ନିୟୋଜିତ କରିବାକୁ ବାଧ୍ୟ କରୁଛି? ନା ବଜାର ଏବେ କଲ୍ୟାଣମୂଳକ କାର୍ଯ୍ୟକଳାପରେ ରାଷ୍ଟ୍ରକୁ ସ୍ଥାନ ଦେଉଛି?

ପୁଣି ପ୍ରଶ୍ନ ଉଠେ, କେବଳ ୯୦ ବର୍ଷ କିମ୍ବା ତା'ଠାରୁ ଅଧିକ ବର୍ଷ ବୟସରେ କଲ୍ୟାଣମୂଳକ କାର୍ଯ୍ୟକଳାପରେ ନିୟୋଜିତ ହେବାର ଚିନ୍ତାଧାରା କାହିଁକି ମନକୁ ଆସେ? ଭାରତରେ ରତନ ଟାଟା ଓ ଅଜିମ ପ୍ରେମଜୀଙ୍କ ପରି କେତେକ ବଦାନ୍ୟ ଉଦାହରଣୀୟ ଓ ଅନୁକରଣୀୟ ବ୍ୟକ୍ତିତ୍ୱ ପୁଞ୍ଜିବାଦର କୁତ୍ସିତ ଚେହେରାକୁ କଲ୍ୟାଣକାରୀ ଓ ମାନବିକ ଚେହେରାରେ ବଦଳାଇ ଦେଇଛନ୍ତି, ଯେଉଁମାନେ ଶିକ୍ଷା, ସ୍ୱାସ୍ଥ୍ୟ, ଗ୍ରାମୀଣ ବିକାଶ ଓ ପରିବେଶ ସୁରକ୍ଷା ଭଳି କ୍ଷେତ୍ରରେ ସମାଜରେ ଗୁରୁତ୍ୱପୂର୍ଣ୍ଣ ଅବଦାନ ଦେଇଛନ୍ତି। ଅନ୍ୟପକ୍ଷରେ, ପୁଞ୍ଜିବାଦର ଏକ ଅମାନବୀୟ ଓ ଶୋଷଣକାରୀ ଦିଗ ମଧ୍ୟ ଅଛି, ଯାହାର ବୈଶିଷ୍ଟ୍ୟ ହେଉଛି ୯୦ ଘଣ୍ଟାର କାର୍ଯ୍ୟ ଅଥବା ଦୀର୍ଘ କାର୍ଯ୍ୟସମୟ, ଅସୁରକ୍ଷିତ କର୍ମକ୍ଷେତ୍ର ପରିବେଶ, ଚାକିରି ଅସୁରକ୍ଷିତତା, ଛଟେଇର ଭୟ ଓ କମ ମଜୁରୀ।

ପ୍ରୋଟେଷ୍ଟାଣ୍ଟ ନୀତିଶାସ୍ତ୍ର ଓ ପୁଞ୍ଜିବାଦର ଢାଞ୍ଚାରେ ସମାଜବିଜ୍ଞାନୀ ମ୍ୟାକ୍ସ ୱେବର 'ପ୍ରୋଟେଷ୍ଟାଣ୍ଟ ଏଥିକ୍ସ ଆଣ୍ଡ ଦି ସ୍ପିରିଟ୍ ଅଫ୍ କ୍ୟାପିଟାଲିଜିମ୍' ଏବଂ କାର୍ଲ ମାର୍କ୍ସ 'ଦାସ କାପିଟାଲ୍' ରେ ସମାନ ଆଲୋଚନା କରିଥିଲେ, ଯେଉଁଠାରେ ୱେବର ପୁଞ୍ଜିବାଦର କଲ୍ୟାଣକାରୀ ଦିଗକୁ ଉପସ୍ଥାପନ କରିଥିଲେ ଏବଂ ମାର୍କ୍ସ ଶୋଷଣମୂଳକ ଦିଗକୁ ଦେଖାଇଥିଲେ। ଏହା ମଧ୍ୟ ସତ୍ୟ ଯେ ସେହି ସମୟରେ ପ୍ରଯୁକ୍ତିବିଦ୍ୟା ଆଜି ପରି ପ୍ରଭାବଶାଳୀ ନଥିଲା ଏବଂ ଯେତେବେଳେ ପୁଞ୍ଜିବାଦୀମାନେ ଏହି ପ୍ରଯୁକ୍ତିବିଦ୍ୟା-ପୁଞ୍ଜିବାଦରୁ ଯଥେଷ୍ଟ ଲାଭ ଅମଳ କରୁଛନ୍ତି, ସେମାନେ ଭୟ କରୁଛନ୍ତି ଯେ ଜନସଂଖ୍ୟାର ଏକ ଅଂଶ ସେମାନଙ୍କ ବିରୁଦ୍ଧରେ ପ୍ରତିବାଦର ଆଶଙ୍କାକୁ ବୃଦ୍ଧି କରିପାରେ। ତେଣୁ ସେମାନେ କଲ୍ୟାଣକାରୀ କାର୍ଯ୍ୟକ୍ରମ ହାତକୁ ନେଉଛନ୍ତି।

ପ୍ରକୃତରେ, ବଜାରର କେବଳ ଗୋଟିଏ ନିୟମ ଅଛି - 'ଏହାର କୌଣସି ନିୟମ ନାହିଁ; ଏହାର ଏକମାତ୍ର ଉଦ୍ଦେଶ୍ୟ ହେଉଛି ଲାଭ କରିବା।' ହୁଏତ ଏହି କାରଣରୁ ଆଜି ଆମ ସମାଜ ଏତେ ବିପଦ ଓ ଆହ୍ୱାନରେ ଘେରି ରହିଛି। ପୁଞ୍ଜିବାଦୀ ଅର୍ଥନୀତିର ଭବିଷ୍ୟତର ଏହି ଆହ୍ୱାନଗୁଡ଼ିକୁ ପୂର୍ବାନୁମାନ କରି ଗାନ୍ଧିଜୀ 'ଟ୍ରଷ୍ଟିସିପ୍' ନୀତିର ଅବତାରଣା କରିଥିଲେ, ଯାହା ଆଜିର ଦିନରେ ଅତ୍ୟନ୍ତ ସ୍ୱାଗତଯୋଗ୍ୟ। ସେ ବିଶ୍ୱାସ କରୁଥିଲେ ଯେ ଯଦି ଧନୀ ବ୍ୟକ୍ତିମାନେ ସେମାନଙ୍କର ଅତିରିକ୍ତ ସମ୍ପତ୍ତିକୁ ସମାଜର ହିତ ପାଇଁ ଦାନ ଅବା ବ୍ୟବହାର କରନ୍ତି, ତେବେ ଏହା ସମାଜରେ ସମାନତା ଆଣିପାରିବ ଏବଂ ଧନୀ-ଗରିବଙ୍କ ମଧ୍ୟରେ ସମନ୍ୱୟ ସ୍ଥାପନ ହୋଇପାରିବ, ଯାହା ଏକ ନ୍ୟାୟପୂର୍ଣ୍ଣ ସମାଜ ପ୍ରତିଷ୍ଠାର ସ୍ୱପ୍ନକୁ ବାସ୍ତବତାରେ ପରିଣତ କରିପାରିବ।


କୋତାଙ୍ଗ(କୋଣାର୍କ), ମୋ: ୭୩୮୧୩୮୨୨୧୦

# ପଦ୍ମସମ୍ଭବଙ୍କ ମହାପରିନିର୍ବାଣ ସ୍ଥଳ

**ପ୍ରବୀର କୁମାର ପଟ୍ଟନାୟକ**

ତିବ୍ବତରେ ତୀର୍ଥଯାତ୍ରା ଅତ୍ୟନ୍ତ ଲୋକପ୍ରିୟ ପ୍ରଥା। ସେଠାରେ ଅସଂଖ୍ୟ ପୁଣ୍ୟପୀଠ ବା ତୀର୍ଥସ୍ଥଳ ରହିଛି। ଏସବୁ ସ୍ଥଳ ସେମାନଙ୍କର ଧର୍ମ ସମ୍ବନ୍ଧିତ ଏବଂ ତାହା ହେଉଛି ଖ୍ୟାତନାମା ଓ ଅଲୌକିକ ଶକ୍ତିସଂପନ୍ନ ଲାମାମାନଙ୍କ ସ୍ଥଳ, ବୁଦ୍ଧ ତଥା ଅନ୍ୟ ବିଶିଷ୍ଟ ବୌଦ୍ଧାଚାର୍ଯ୍ୟମାନଙ୍କର ଦେହାବଶେଷ ଅଥବା ସ୍ମୃତିସ୍ଥଳ, ପବିତ୍ର ପଦଚିହ୍ନ ସ୍ଥଳ, ପବିତ୍ର ବୃକ୍ଷ ସ୍ଥଳ ଇତ୍ୟାଦି। ଏସବୁ ସ୍ଥଳକୁ ତୀର୍ଥଯାତ୍ରୀମାନେ ବିଭିନ୍ନ ଅର୍ପଣ-ବସ୍ତୁ ସହ ଯାତ୍ରା କରିଥା'ନ୍ତି ଏବଂ ସେହି ବସ୍ତୁଗୁଡ଼ିକୁ ସେଠାରେ ଅର୍ପଣ କରିଥା'ନ୍ତି। ଏହି ବସ୍ତୁ ମଧ୍ୟରେ ସ୍ୱର୍ଣ୍ଣ ଓ ଅନ୍ୟ ମୂଲ୍ୟବାନ ବସ୍ତୁ ମଧ୍ୟ ରହିଥାଏ। ଅନେକ ଯାତ୍ରୀ ଦେଶ ବାହାରର ତୀର୍ଥସ୍ଥାନକୁ ମଧ୍ୟ ଯାତ୍ରା କରିଥା'ନ୍ତି। ଯଥା ଚୀନ, ଭୁଟାନ, ସିକ୍କିମ, ନେପାଳ, କାଶ୍ମୀର-ଗାନ୍ଧାର, ତୁର୍କୀସ୍ତାନ ଓ ଭାରତ ଭଳି ଦେଶକୁ, ଯେଉଁ ସ୍ଥାନସବୁ ମୁଖ୍ୟତଃ ଗୁରୁ ପଦ୍ମସମ୍ଭବ ଓ ଭଗବାନ ବୁଦ୍ଧଙ୍କ ସଂପର୍କିତ ପବିତ୍ର ସ୍ଥାନ।

ମୁସଲମାନମାନଙ୍କର ଯେପରି ମକ୍କା ଓ ମଦିନା, ସେହିଭଳି ତିବ୍ବତୀୟ ଲାମାମାନଙ୍କ ମତରେ ସମସ୍ତ ବୌଦ୍ଧ ଧର୍ମ ଅନୁଗାମୀଙ୍କ ଭଳି ତିବ୍ବତୀୟମାନଙ୍କର ଅତ୍ୟନ୍ତ ପବିତ୍ର ତୀର୍ଥସ୍ଥଳ ହେଲା ବୁଦ୍ଧଗୟାଠାରେ ଥିବା ପବିତ୍ର ବୋଧିବୃକ୍ଷ, ଯେଉଁଠାରେ ଶାକ୍ୟମୁନି ବୁଦ୍ଧତ୍ୱ ଲାଭ କରିଥିଲେ ଏବଂ ସେଠାକାର ମନ୍ଦିର, ଯାହାକୁ ତିବ୍ବତୀୟମାନେ ଗନ୍ଧୋଲା କହିଥା'ନ୍ତି। ଏହାପରେ ଅନ୍ୟ ମୁଖ୍ୟ ପବିତ୍ର ସ୍ଥଳ ହେଲା ବୁଦ୍ଧଙ୍କ ମହାପରିନିର୍ବାଣ ସ୍ଥଳ କୁଶୀନଗର ଏବଂ ଅନ୍ୟ ପବିତ୍ର ସ୍ଥଳଗୁଡ଼ିକ ହେଲା ବୁଦ୍ଧଙ୍କ ଦେହବଶେଷ ରହିଥିବା ଆଠଗୋଟିଯାକ ମହାଚୈତ୍ୟ।



ଦ୍ୱିତୀୟ-ବୁଦ୍ଧ କଥା

ଭାରତରେ ଥିବା ତୀର୍ଥ ସ୍ଥାନସବୁକୁ ତିବ୍ବତୀୟମାନେ ନିୟମିତ ଭାବେ କିମ୍ବା ବେଶୀ ସଂଖ୍ୟାରେ ଆସନ୍ତି ନାହିଁ। ମୁଖ୍ୟ କାରଣ ହେଉଛି ଏସବୁ ବହୁଦୂରରେ ଅବସ୍ଥିତ ଏବଂ ଖର୍ଚ୍ଚବହୁଳ ଯାତ୍ରା। ଆସାମରେ ତିବ୍ବତୀୟମାନଙ୍କର ସାମ୍-ଚୋ-ଡୁନ ନାମକ ଏକ ପବିତ୍ର ବୌଦ୍ଧ ତୀର୍ଥକ୍ଷେତ୍ର ରହିଛି। ଏହା ହେଉଛି ବୁଦ୍ଧଗୟା (ବୋଧଗୟା) ପରେ ଅତ୍ୟନ୍ତ ପବିତ୍ର ପୁଣ୍ୟକ୍ଷେତ୍ର। ସାଧାରଣତଃ ଆସାମରେ କୌଣସି ପ୍ରମୁଖ ବୌଦ୍ଧ ସ୍ଥଳ ନାହିଁ। ପଞ୍ଚମ ଓ ସପ୍ତମ ଶତାବ୍ଦୀରେ ଭାରତ ଭ୍ରମଣ କରିଥିବା ଚୀନ ତୀର୍ଥଯାତ୍ରୀ ଉଭୟ ଫାହିଆନ୍ ଓ ହୁଏନସାଂ ମଧ୍ୟ ଆସାମର କୌଣସି ବୌଦ୍ଧ ସ୍ଥଳ ବିଷୟରେ ଦର୍ଶାଇ ନାହାନ୍ତି। କିନ୍ତୁ ବୁଦ୍ଧଙ୍କ ମହାପରିନିର୍ବାଣ ସ୍ଥଳକୁ ଲାମାମାନେ ଆସାମ ବୋଲି ବିଶ୍ୱାସ କରିଥା'ନ୍ତି।

ଯାଶ୍‌ଚେଙ୍କର ତିବ୍ବତୀୟ ଅଭିଧାନରେ 'ସା-ମଚୋଗ୍-ଗ୍ରୋନ୍' ନାମକ ଏକ ସ୍ଥାନର ନାମ ରହିଛି, ଯାହା ପଶ୍ଚିମ ଆସାମରେ ଅବସ୍ଥିତ। ଏଠାରେ ବୁଦ୍ଧ ପ୍ରାଣତ୍ୟାଗ କରିଥିବା ବିଷୟ ଦର୍ଶାଯାଇଛି। ଏ ବିଷୟଟି 'ଗ୍ୟାଲରାବ୍ସ' ନାମକ ତିବ୍ବତୀୟ ଭାଷାରେ ଲିଖିତ ତିବ୍ବତର ଇତିହାସ ଗ୍ରନ୍ଥରେ ଦର୍ଶାଯାଇଥିବା ଆଧାରରେ ଅଭିଧାନଟିରେ ସୂଚିତ ହୋଇଛି। ସେହିଭଳି ବିଶିଷ୍ଟ ଗବେଷକ କସ୍‌ମୋଡି କୋରୋସ୍ ମଧ୍ୟ ଏକ ପ୍ରାମାଣିକ ଗ୍ରନ୍ଥରେ ଶାକ୍ୟ ମୁନିଙ୍କ ମହାପ୍ରୟାଣ ଆସାମର କୁଶନଗର ଅଥବା କାମରୂପରେ ଘଟିଥିବା ବିଷୟ ତିବ୍ବତୀୟ ଗ୍ରନ୍ଥମାନଙ୍କରେ ଉଲ୍ଲେଖ ରହିଥିବା କଥା ଦର୍ଶାଇଛନ୍ତି। ଏହିଠାରେ ହିଁ ରହିଛି ରହସ୍ୟ ନିର୍ଣ୍ଣୟର ସୂତ୍ର।

ବୁଦ୍ଧଙ୍କ ମହାପରିନିର୍ବାଣ କୁଶୀନଗରଠାରେ ଦୁଇଟି ଶାଳ ବୃକ୍ଷ ମଧ୍ୟରେ ହୋଇଥିବା ସମସ୍ତେ ଜାଣନ୍ତି। ଏହି ସ୍ଥାନଟି ଗୋରଖପୁରଠାରୁ ପୂର୍ବକୁ ପଞ୍ଚତିରିଶ ମାଇଲ ତଥା ବନାରସଠାରୁ ଉତ୍ତର-ପୂର୍ବକୁ ଏକଶହ କୋଡ଼ିଏ ମାଇଲ ଦୂରରେ ଅବସ୍ଥିତ। କୁଶୀନଗର ଯେ ଭଗବାନ ବୁଦ୍ଧଙ୍କର ମହାପରିନିର୍ବାଣ ସ୍ଥଳ ଏହା ବିଶିଷ୍ଟ ଗବେଷକ କନିଙ୍ଗହାମ ଚିହ୍ନଟ କରିସାରିଛନ୍ତି ଏବଂ ଆନ୍ତର୍ଜାତିକ ସ୍ତରରେ ମଧ୍ୟ ସ୍ଥିରୀକୃତ ସ୍ଥଳ ଭାବେ ସୁପରିଚିତି ଲାଭ କରିସାରିଛି। ଉଭୟ ପ୍ରାଚୀନ ଚୀନ ପରିବ୍ରାଜକ ଫାହିଆନ୍ ଓ ହୁଏନସାଂ ମଧ୍ୟ ପୂର୍ଣ୍ଣ ବିବରଣୀ ସହ ଏହି ସ୍ଥଳ ବିଷୟ ଦର୍ଶାଇଛନ୍ତି। ଏ ସମ୍ପର୍କରେ କୌଣସି ଠାରେ କୌଣସି ପ୍ରକାର ଦ୍ୱନ୍ଦ୍ୱ ମଧ୍ୟ ନାହିଁ।(କ୍ରମଶଃ...)

ଭୁବନେଶ୍ୱର, ମୋ: ୭୨୦୫୦୨୨୭୯୦


ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342




ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପାଣି ପାଇଁ ୭୦ ଜନଜାତି ପରିବାର ହନ୍ତସନ୍ତ

ଶରତ/ମହୁଲଡିହା, ୨୧ା୧୧(ସମିସ): ଜଳକଷ୍ଟ ଭୋଗୁଛନ୍ତି ଚନ୍ଦନଝରଣ ଏବଂ ଅସୁରଖାଲ ଗ୍ରାମର ୭୦ ଜନଜାତି ପରିବାର। ଏହି ସମସ୍ୟା ସମାଧାନ ନ ହେଲେ ଆସନ୍ତା ଡିସେମ୍ବର ୨ ତାରିଖରେ ଠାକୁରମୁଣ୍ଡା ବ୍ଲକ କାର୍ଯ୍ୟାଳୟ ଘେରାଉ କରିବେ ବୋଲି ଗ୍ରାମବାସୀ ଚେତାବନୀ ଦେଇଛନ୍ତି।

ସ୍ୱାଧୀନତା ପରେ ବି ଚନ୍ଦନଝରଣ ଏବଂ ଅସୁରଖାଲରେ ବାସ କରୁଥିବା ୭୦ ଜନଜାତି ପରିବାର ପାନୀୟ ପାଣି ଭଳି ମୌଳିକ ସୁବିଧାରୁ ବଞ୍ଚିତ ହୋଇଛନ୍ତି। ଏଠାରେ ଆଜି ଯାଏ ନଳକୂପ ସ୍ଥାପନ ହୋଇ ନଥିବାରୁ ଲୋକେ ବାଧ୍ୟ ହୋଇ ଚୁଆ ପାଣି ପିଉଛନ୍ତି। ଏହି ଦୁଇଟି ଯାକ ଗାଁ ଠାକୁରମୁଣ୍ଡା ବ୍ଲକର ଭାଲିଆଡାଳ ଗ୍ରାମ ପଞ୍ଚାୟତରେ ଅବସ୍ଥିତ। ଏଠାକାର ଆଦିମ ଆଦିବାସୀ ସରକାରଙ୍କ ସାମାଜିକ ଜନକଲ୍ୟାଣ ଯୋଜନାରୁ ବଞ୍ଚିତ ହୋଇଛନ୍ତି। ଗାଁକୁ ଯିବା ପାଇଁ ଭଲ ରାସ୍ତା ନ ଥିବା ବେଳେ ବିଦ୍ୟୁତ ସଂଯୋଗ ହୋଇପାରିନାହିଁ। ଫଳରେ ଲୋକେ ଦୁର୍ଦ୍ଦିନରେ ଜୀବନ ବିତାଉଛନ୍ତି। ରାସ୍ତା ନ ଥିବାରୁ ଗାଁରେ ଆମ୍ବୁଲାନ୍ସ ପହଞ୍ଚିପାରୁନାହିଁ। ଫଳରେ ଗାଁଲୋକେ ରୋଗୀଙ୍କୁ ଡାକ୍ତରଖାନା ପର୍ଯ୍ୟନ୍ତ ଖଟରେ ବୋହି ବୋହି ନିଅନ୍ତି। ବିଶେଷକରି ଗର୍ଭବତୀ ଡାକ୍ତରଖାନାକୁ ଯାଇ ପାରୁ ନଥିବାରୁ ଘରେ ପ୍ରସବ କରୁଛନ୍ତି। ଏଥିସହ ଏଠିକାର ଆଦିମ ଅଧିବାସୀମାନେ ଜଙ୍ଗଲ ଜମି ଅଧିକାର ଆଇନ ବଳରେ ମଧ୍ୟ ପଟ୍ଟା ପାଇନାହାନ୍ତି।

ଏ ସଂପର୍କରେ ଜିଲ୍ଲାପାଳଙ୍କୁ ଯୋଗାଯୋଗ କରିବାରୁ ଆସନ୍ତା ୧୦ ଦିନ ମଧ୍ୟରେ ଉକ୍ତ ଗ୍ରାମରେ ନଳକୂପ ଖୋଳାଯିବା ପାଇଁ ଠାକୁରମୁଣ୍ଡା ବିଡିଓଙ୍କୁ ନିର୍ଦ୍ଦେଶ ଦିଆଯାଇଥିବା କହିଛନ୍ତି। ଅପରପକ୍ଷେ, ଆଗାମୀ ଡିସେମ୍ବର ୨ ତାରିଖ ସୁଦ୍ଧା ସମସ୍ୟା ସମାଧାନ ନହେଲେ, ଠାକୁରମୁଣ୍ଡା ବ୍ଲକ କାର୍ଯ୍ୟାଳୟ ଘେରାଉ କରାଯିବ ବୋଲି ଗ୍ରାମର ଜଗମୋହନ ହେମ୍ବ୍ରମ, ରୁପାଇ କିସ୍କୁ, ନବୀନ ମୁଣ୍ଡୁରୀ, ଶ୍ୟାମ ସୋରେନ, ସାଲାମା ମୁର୍ମୁ, ବିକ୍ରମ ହାଁସଦା ପ୍ରମୁଖ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି।

# ମାଫିଆଙ୍କୁ ସୁହାଉଛି ଜବତ ବାଲି ନିଲାମ

ବାରିପଦା,୨୧ା୧୧(ସମିସ): ମୟୂରଭଞ୍ଜ ଜିଲ୍ଲାରେ ଲଘୁ ଖଣିଜ ବିଭାଗ ପକ୍ଷରୁ ବେଆଇନ ଗଚ୍ଛିତ ଥିବା ଜବତ ବାଲିକୁ ନିଲାମ ନିମନ୍ତେ ନୋଟିସ ଜାରି କରିଛି। ବେଆଇନ ଭାବେ ଠୁଳ କରାଯାଇଥିବା ବାଲିକୁ ସ୍ପଟ୍ ନିଲାମ କରିବାକୁ ଖଣି ବିଭାଗ ଯୋଜନା କରିଥିବା ବେଳେ ପୁଲିସ ଓ ତହସିଲ କାର୍ଯ୍ୟାଳୟ ପକ୍ଷରୁ ମନା କରିବାକୁ ତାହାକୁ ବନ୍ଦ କରାଯାଇଛି। ଫଳରେ ନିଲାମ ଜରିଆରେ ପୁନର୍ବାର ଜବତ ବାଲିର ପରିବହନ ସହ ବେଆଇନ ଚୋରାଚାଲାଣକୁ ପ୍ରୋତ୍ସାହିତ କରାଯାଇ କଳାବଜାରକୁ ସୁଯୋଗ ଦେବା ଲଘୁ ଖଣିଜ ବିଭାଗକୁ ଝଟକା ଲାଗିଛି। ସୂଚନାଯୋଗ୍ୟ, ବୁଢ଼ାବଳଙ୍ଗ ନଦୀରୁ ବେଆଇନ ବାଲି ଉତ୍ତୋଳନ କରି ମାଫିଆମାନେ ବଡ଼ସାହି ତହସିଲ ଅଧୀନ ଖୁଣ୍ଟାପାଳ ଗ୍ରାମରେ ଗଚ୍ଛିତ ରଖି ଚୋରାଚାଲାଣ କରୁଥିଲେ। ଖବର ପାଇ ଲଘୁ ଖଣିଜ ବିଭାଗର ଅଧିକାରୀମାନେ ପହଞ୍ଚି ୩ଟି ପ୍ଲଟ୍‌ରୁ ପାଖାପାଖି ୧୦୦୦ କ୍ୟୁବିକ୍ ମିଟର ବାଲିକୁ ଜବତ କରିବା ସହ ସ୍ପଟ୍ ନିଲାମ କରିବାକୁ ଯୋଜନା କରିଥିଲେ। ମାତ୍ର ଏହାକୁ ନେଇ ରାଜସ୍ୱ ବିଭାଗ ଏଥିରେ ଅସହମତି ପ୍ରକାଶ କରିବା ପରେ ଲଘୁଖଣିଜ ବିଭାଗ ପକ୍ଷରୁ ନିଲାମ ପାଇଁ ୨୯୬୯/୨୦ ନଭେମ୍ବର ୨୦୨୫ ଅନୁଯାୟୀ ନୋଟିସ ପ୍ରକାଶ କରିଛି। ୩ଲକ୍ଷ ୧୧ହଜାର ୬ଶହ ଟଙ୍କାରେ ମାତ୍ର ୩ଶହ ୮୦ କ୍ୟୁବିକ ମିଟର ବାଲିଥିବା ଦର୍ଶାଇ ନିଲାମ କରିବାକୁ ପ୍ରକ୍ରିୟା ଆରମ୍ଭ କରିଛି। ଫଳରେ ବାଲି ଚୋରମାନେ ଠୁଳ କରିଥିବା ବାଲିକୁ ପୁଣିଥରେ ନିଲାମ ନେଇ ଅସ୍ଥାୟୀ ପରମିଟ୍ ଯୋଗେ ପୁନର୍ବାର ବାଲି ଉତ୍ତୋଳନ ଓ ପରିବହନ କରିବାକୁ ସୁଯୋଗ ଫସର ଫାଟିଛି।

ଏ ସଂକ୍ରାନ୍ତରେ ଲଘୁ ଖଣିଜ ବିଭାଗର ଅଧିକାରୀ ଉଦୟଭାନୁ ସାହୁ କହନ୍ତି, କର୍ମଚାରୀ ଅଭାବ ଯୋଗୁଁ ସ୍ପଟ୍ ନିଲାମ ପାଇଁ ଯୋଜନା କରାଯାଇଥିଲା। ମାତ୍ର କୌଣସି ଅନିବାର୍ଯ୍ୟ କାରଣ ପାଇଁ ତାହାକୁ ସ୍ଥଗିତ ରଖାଯାଇଛି। ୨୪ ନଭେମ୍ବରରେ ନିଲାମ କରାଯିବ।


**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.EPC-CECONIIBBS 2025039, ତା.08.09.2025 ରିଖ ର

**ଶୁଦ୍ଧିପତ୍ର ସଂ.06**

ଉପରୋକ୍ତ ଟେଣ୍ଡର ବିଜ୍ଞପ୍ତି ସନ୍ଦର୍ଭରେ ନିମ୍ନଲିଖିତ ରୂପାନ୍ତରଣ କରାଯାଇଛି, ଯାହା ପ୍ରତି ଦୟାକରି ଧ୍ୟାନ ଦିଅନ୍ତୁ।

କ୍ରମ ସଂ.1 : ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ଶୁଦ୍ଧିପତ୍ର ସଂ.5ରେ ପ୍ରକାଶିତ ଅନୁଯାୟୀ-ତା.21.11.2025ରିଖ 1200 ଘଣ୍ଟିକା, ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ : ତା.28.11.2025 ରିଖ 1200 ଘଣ୍ଟିକା।

କ୍ରମ ସଂ.2 : RFP ନଥିପତ୍ରର ଧାରା ସଂ.2.11.2ରେ ସୂଚିତ୍ତ ସମସ୍ତ ନଥିପତ୍ରଗୁଡ଼ିକର ଭୌତିକ ଦାଖଲ : ଶୁଦ୍ଧିପତ୍ର ସଂ.5ରେ ପ୍ରକାଶିତ ଅନୁଯାୟୀ-ତା.28.11.2025ରିଖ 1800 ଘଣ୍ଟିକା, ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ : ତା.05.12.2025ରିଖ 1800 ଘଣ୍ଟିକା।

କ୍ରମ ସଂ.3 : RFP ନଥିପତ୍ରର ଧାରା ସଂ.2.11.4(I) ରେ ଉଲ୍ଲେଖିତ ସ୍ଥାନ ଅନୁଯାୟୀ ବୈଷୟିକ ବିଡ୍ ଖୋଲାଯିବ: ଶୁଦ୍ଧିପତ୍ର ସଂ.5ରେ ପ୍ରକାଶିତ ଅନୁଯାୟୀ: ତା.02.12.2025ରିଖ 1200ଘଣ୍ଟିକା, ବର୍ତ୍ତମାନ ପଢ଼ାଯିବା ଆବଶ୍ୟକ : ତା.09.12.2025ରିଖ 1200 ଘଣ୍ଟିକା।

ସଂପୂର୍ଣ୍ଣ ବିବରଣୀ ନିମନ୍ତେ ୱେବସାଇଟ୍ www.ireps.gov.in ପରିଦର୍ଶନ କରିବାକୁ ଇଚ୍ଛୁକ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଛି।

ମୁଖ୍ୟ ପ୍ରଶାସନିକ ଅଧିକାରୀ(ନିର୍ମାଣ)/ ଭୁବନେଶ୍ୱର

PR-161/CI/25-26


## ପ୍ରଥମ ପୃଷ୍ଠାର ଅବଶିଷ୍ଟାଂଶ

### ରେକର୍ଡ ସ୍ତରକୁ...

ପରଠାରୁ ଟଙ୍କା ଚାପରେ ରହିଛି। ଚଳିତବର୍ଷ ଟଙ୍କା ଏସିଆ ମହାଦେଶର ସବୁଠାରୁ ଦୁର୍ବଳ ମୁଦ୍ରା ମଧ୍ୟରୁ ଅନ୍ୟତମ। ବିଦେଶୀ ନିବେଶକମାନେ ଏ ପର୍ଯ୍ୟନ୍ତ ଭାରତୀୟ ଇକ୍ୱିଟିରୁ ୧୬.୫ ବିଲିୟନ ଡଲାରର ପାଣ୍ଠି ପ୍ରତ୍ୟାହାର କରିନେଇଛନ୍ତି। ଆମେରିକୀୟ ଡଲାର ତୁଳନାରେ ଟଙ୍କାର ବିନିମୟ ମୂଲ୍ୟରେ ହ୍ରାସ ଯୋଗୁ ଭାରତୀୟ ଷ୍ଟକ ବଜାର ମଧ୍ୟ ମନ୍ଥର ରହିଛି। ଟଙ୍କାର ଦୁର୍ବଳତା ମଧ୍ୟ ବଜାରରେ ଏହି ହ୍ରାସ ଆଣିଛି। ସପ୍ତାହର ଶେଷ କାରବାର ଦିବସ ଶୁକ୍ରବାର ସେନସେକ୍ସ ଏବଂ ନିଫ୍ଟି ସୂଚକାଙ୍କ ଉଭୟ ହ୍ରାସ ପାଇଛି।

### ମେକ୍ସିକୋର ଫାତିମା...

ସେ ଏହି ପ୍ରତିଯୋଗିତାରେ ସାମିଲ ହୋଇ ବିଜୟୀ ହୋଇଛନ୍ତି। ଫଳରେ ତାଙ୍କ ପାଇଁ ଏହି ବ୍ରହ୍ମାଣ୍ଡ ସୁନ୍ଦରୀ ମୁକୁଟ ବେଶ୍ ଗୁରୁତ୍ୱ ବହନ କରୁଛି। ଭାରତର ମଣିକା ବିଶ୍ୱଶର୍ମା ଏହି ୭୪ ତମ ବ୍ରହ୍ମାଣ୍ଡ ସୁନ୍ଦରୀ ପ୍ରତିଯୋଗିତାରେ ଶ୍ରେଷ୍ଠ-୩୦ରେ ସ୍ଥାନ ହାସଲ କରିବାକୁ ସକ୍ଷମ ହୋଇଛନ୍ତି। କିନ୍ତୁ ସେ ଶ୍ରେଷ୍ଠ-୧୨ରେ ପହଞ୍ଚିବାରେ ସକ୍ଷମ ହୋଇ ନଥିଲେ। ପୂର୍ବରୁ ସେ ଅଗଷ୍ଟ ୧୮ ରେ ୨୦୨୫ ମିସ ୟୁନିଭର୍ସ ଇଣ୍ଡିଆ ଟାଇଟଲ ହାସଲ କରିଥିଲେ। ସେ ଦିଲ୍ଲୀ ବିଶ୍ୱବିଦ୍ୟାଳୟରେ ବିବିଏ କରୁଛନ୍ତି।

ଫାତିମା ଜଣେ ଫ୍ୟାସନ ଡିଜାଇନର ଭାବେ ସଫଳତା ହାସଲ କରିଛନ୍ତି। ସେ ଆମେରିକା ଓ ଇଟାଲୀରେ ପଢିଛନ୍ତି। ପିଲାଟି ବେଳୁ ସେ 'ଡିସ୍ଲେକସିଆ ଓ ଏଡିଏଚ୍‌ଡି' ରୋଗରେ ପୀଡିତ ଥିଲେ। କିନ୍ତୁ ସେ ଏହି ଅନ୍ତରାୟକୁ ଅତିକ୍ରମ କରିବା ସହ ନିଜର ସ୍ୱପ୍ନ ସାକାର କରିଛନ୍ତି। ସେ ମଧ୍ୟ କର୍କଟ ରୋଗ ପୀଡିତ ପିଲାଙ୍କ ପାଇ କାର୍ଯ୍ୟ କରିବା ପାଇଁ ନିଜକୁ ଉତ୍ସର୍ଗ କରିଛନ୍ତି। ବ୍ରହ୍ମାଣ୍ଡ ସୁନ୍ଦରୀ ଆଖ୍ୟା ଅର୍ଜନ କରିବା ସହ ସେ ୨୫୦,୦୦୦ ଡଲାର ଅର୍ଥାତ ୨ କୋଟି ୨୦ ଲ'କ୍ଷ ଟଙ୍କା ଆର୍ଥିକ ପୁରସ୍କାର ହାସଲ କରିଛନ୍ତି। କେବଳ ସେତିକ ନୁହେଁ ସେ ମାସକୁ ୫୦ ହଜାର ଡଲାର ବା ୪୪ ଲକ୍ଷ ଟଙ୍କା ପାଉଣା ମଧ୍ୟ ହାସଲ କରିବେ। ଏହି ଅର୍ଥ ସେ ଭ୍ରମଣ ଅନ୍ୟାନ ଖର୍ଚ୍ଚ ବହନ କରିବେ। ତାଙ୍କୁ ଆମେରିକା ନ୍ୟୁୟର୍କ ସିଟିରେ ଏକ ଘର ମଧ୍ୟ ମିଳିବ। ଆସନ୍ତା ବର୍ଷର ପ୍ରତିଯୋଗିତା ପର୍ଯ୍ୟନ୍ତ ସେ ଏହି ମୁକୁଟକୁ ନିଜ ପାଖରେ ରଖିବେ। ଏହି ମୁକୁଟର ମୂଲ୍ୟ ୫ ମିଲିଅନ ଡଲାର ବା ୪୪ କୋଟି ଟଙ୍କା। ମେକ୍ସିକୋର ଚତୁର୍ଥ ମହିଳା ଭାବେ ସେ ଏହି ବ୍ରହ୍ମାଣ୍ଡ ସୁନ୍ଦରୀ ଟାଇଟଲ ହାସଲ କରିଛନ୍ତି। ତାଙ୍କ ପୂର୍ବରୁ ଲୁପିତା ଜୋନ୍ସ (୧୯୯୧), ଜିମେନା ନାଭାରେଟ୍ (୨୦୧୦) ଓ ଆଣ୍ଡ୍ରିଆ ମେଜା (୨୦୨୦) ଏହି ସଫଳତା ପାଇଥିଲେ।

### ଏୟାର ଶୋ'ରେ...

ବିମାନ ସିଧା ତଳକୁ ଖସିଥିଲା ଓ ସେଥିରେ କୌଣସି ଗ୍ଲାଇଡିଂ ଦେଖିବାକୁ ମିଳି ନଥିଲା। ଅର୍ଥାତ ରିକଭରୀ ଫେଲ୍ ମାରିଥିଲା ଓ ବିମାନର ଫ୍ରି- ଫଲ ହୋଇଥିଲା ବୋଲି ବିଶେଷଜ୍ଞମାନେ କହିଛନ୍ତି।

ଦ୍ୱିତୀୟଥର ପାଇଁ ବାୟୁସେନାର ଏହି ତେଜସ ବିମାନ ଦୁର୍ଘଟଣାର ସମ୍ମୁଖୀନ ହୋଇଛି। ଏହାପୂର୍ବରୁ ୨୦୨୪ରେ ରାଜସ୍ଥାନର ପୋକରନରେ ସମରାଭ୍ୟାସ ଅବସରରେ ଇଞ୍ଜିନ୍ ଫେଲ୍ ହେବା କାରଣରୁ ତେଜସ ଦୁର୍ଘଟଣାର ସମ୍ମୁଖୀନ ହୋଇଥିଲା। ଉଲ୍ଲେଖଥାଉ କି, ଦୁବାଇ ଏୟାର ଶୋ'ରେ ବିଶ୍ୱର ବିଭିନ୍ନ ଦେଶର ବିମାନର ପ୍ରଦର୍ଶନ ହୋଇଥାଏ। ଏଥିରେ ବିଶ୍ୱର ସର୍ବବୃହତ ଏରୋସ୍ପେଶ କମ୍ପାନୀ, ଏୟାର ଲାଇନ୍ସ, ଏୟାର ଫୋର୍ସ ଓ ଟେକ୍ନୋଲୋଜି କମ୍ପାନୀ ନିଜର ନୂଆ ବିମାନ, ହେଲିକପ୍ଟର, ଅସ୍ତ୍ରଶସ୍ତ୍ର ପ୍ରଣାଳୀ ପ୍ରଦର୍ଶିତ କରିଥାନ୍ତି। ଶୁକ୍ରବାର ଏୟାର ଶୋ'ର ୫ମ ତଥା ଅନ୍ତିମ ଦିବସ ଥିଲା। ଏହି ଶୋ ୧୯୮୯ରେ ଆରମ୍ଭ ହୋଇଥିଲା।

### ଇ-ଲଟେରୀରେ...

କରିବେ। ଏହା ବ୍ୟତୀତ ଲିଜଧାରୀମାନେ ବର୍ଷା ଦିନ ପୂର୍ବରୁ ଅଧିକ ଉତ୍ପାଦନ କରି ତାହାକୁ ଗଚ୍ଛିତ ରଖିପାରିବେ। ତେବେ ଜଣେ ବ୍ୟକ୍ତିଙ୍କୁ ଗୋଟିଏ ଜିଲ୍ଲାରେ ୩ଟି ଓ ସାର ରାଜ୍ୟରେ ସର୍ବାଧିକ ୫ଟି ଲଘୁ ଖଣିଜ ଖଣି ମିଳିପାରିବ। ଅନ୍ୟପକ୍ଷରେ ଖଣିଜ ପଦାର୍ଥର ବେଆଇନ ଖନନ ଓ ଚୋରା ଚାଲାଣ ରୋକିବା ପାଇଁ "ଓଡ଼ିଶା ଖଣିଜ ପଦାର୍ଥ (ବେଆଇନ ଖଣି ଖନନ ନିବାରଣ ଏବଂ ବାଣିଜ୍ୟ, ପରିବହନ ଓ ସଂରକ୍ଷଣ ନିୟନ୍ତ୍ରଣ) ନିୟମାବଳୀ, ୨୦୨୫' ଉପରେ ମୋହର ମାରିଛି କ୍ୟାବିନେଟ୍। ଏହାଦ୍ୱାରା ୨୦୦୭ ନିୟମାବଳୀ ଉଚ୍ଛେଦ ହୋଇଛି। ପୁନଶ୍ଚ ପୁଲିସ ଓ ଅନ୍ୟାନ୍ୟ ୟୁନିଫର୍ମ ସେବା ପାଇଁ ନିଯୁକ୍ତି ପରୀକ୍ଷାକୁ ସ୍ୱଚ୍ଛ ରଖିବା ପାଇଁ "ଓଡ଼ିଶା ୟୁନିଫର୍ମଡ୍ ସର୍ଭିସ ଷ୍ଟାଫ ସିଲେକ୍ସନ କମିଶନ' ବା ଓଡ଼ିଶା ୟୁନିଫର୍ମ ସେବା କର୍ମଚାରୀ ଚୟନ ଆୟୋଗ (ଓୟୁଏସଏସସି) ଗଠନ ନିଷ୍ପତ୍ତି ହୋଇଛି। ଏସସିଏସଟି ପିଲାମାନଙ୍କ ଛାତ୍ରବୃତ୍ତି ବୃଦ୍ଧି ସଂକ୍ରାନ୍ତ ଏକ ପ୍ରସ୍ତାବକୁ କ୍ୟାବିନେଟ୍ ଅନୁମୋଦନ ଦେଇଛି। ମୁଖ୍ୟମନ୍ତ୍ରୀ ମେଧାବୀ ଛାତ୍ର ପ୍ରୋତ୍ସାହନ ଯୋଜନା ଅଧୀନରେ ଏସଟି ଓ ଏସସି ବର୍ଗର ଛାତ୍ରଛାତ୍ରୀମାନଙ୍କ ପାଇଁ ପ୍ରାକ୍-ମାଟ୍ରିକ ଏବଂ ମାଟ୍ରିକ ପରବର୍ତ୍ତୀ ଛାତ୍ରବୃତ୍ତି ବାର୍ଷିକ ୧୦,୫୦୦ ଟଙ୍କାରୁ ୧୬ହଜାର ଟଙ୍କାକୁ ଏବଂ ଛାତ୍ରୀମାନଙ୍କ ପାଇଁ ୧୧ହଜାରରୁ ୧୭ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ସେହିପରି "ଅନ୍ୱେଷା' ଛାତ୍ରାବାସରେ ରହୁଥିବା ଛାତ୍ରଛାତ୍ରୀମାନଙ୍କ ପାଇଁ ମଧ୍ୟ ଏହି ବୃତ୍ତି ବାର୍ଷିକ ୧୧ହଜାର ଟଙ୍କାରୁ ୧୭ହଜାର ଟଙ୍କାକୁ ବୃଦ୍ଧି କରାଯାଇଛି। ଏହି ନୂଆ ବର୍ଦ୍ଧିତ ବୃତ୍ତି ୨୦୨୫ ଡିସେମ୍ବର ପହିଲାରୁ ଲାଗୁ କରିବାକୁ କ୍ୟାବିନେଟ୍ ମଞ୍ଜୁରୀ ଦେଇଛନ୍ତି। ରାଜ୍ୟ କ୍ୟାବିନେଟ୍ "ଓଡ଼ିଶା ଗ୍ଲୋବାଲ କ୍ୟାପାବିଲିଟି ସେଣ୍ଟର (ଜିସିସି) ନୀତି ୨୦୨୫' କୁ ଅନୁମୋଦନ କରିଛନ୍ତି। ବଡ଼ ବଡ଼ ବହୁରାଷ୍ଟ୍ରୀୟ କମ୍ପାନୀମାନଙ୍କୁ ଓଡ଼ିଶାରେ ସେମାନଙ୍କର କାର୍ଯ୍ୟାଳୟ ଖୋଲିବାକୁ ଆକୃଷ୍ଟ କରିବା ଏହି ନୀତିର ମୁଖ୍ୟ ଲକ୍ଷ୍ୟ ବୋଲି ସରକାର କହିଛନ୍ତି। ଏହି ନୀତି ଜରିଆରେ କମ୍ପାନୀମାନଙ୍କୁ ବିଭିନ୍ନ ପ୍ରକାର ଆର୍ଥିକ ପ୍ରୋତ୍ସାହନ ଯଥା ଜମି, ବିଦ୍ୟୁତ ଶୁଳ୍କ ରିହାତି ଏବଂ ନିଯୁକ୍ତି ସହାୟତା ଯୋଗାଇ ଦେବା ବ୍ୟବସ୍ଥା ରହିଛି।

ଅନ୍ୟପକ୍ଷରେ ଜଳ (ପ୍ରଦୂଷଣ ନିବାରଣ ଏବଂ ନିୟନ୍ତ୍ରଣ) ସଂଶୋଧନ ଆଇନ ସଂକ୍ରାନ୍ତ ଏକ ପ୍ରସ୍ତାବକୁ ଅନୁମୋଦନ ମିଳିଛି। ଏହାଦ୍ୱାରା ଶିଳ୍ପଗୁଡ଼ିକ ଉପରେ ନିୟାମକ ବୋଝ ହ୍ରାସ କରାଯାଇପାରିବ। ସେହିପରି ଯୋଜନା ଓ ସଂଯୋଜନ ବିଭାଗ ଅଧୀନରେ ଥିବା ଓଡ଼ିଶା ଅଧସ୍ତନ ପରିସଂଖ୍ୟାନ ସର୍ଭେୟର କ୍ୟାଡରର ପୁନର୍ଗଠନ କରାଯାଇଛି। ଏହାଦ୍ୱାରା କର୍ମଚାରୀମାନଙ୍କ ଦରମା ବୃଦ୍ଧି ହେବା ସହ ପଦୋନ୍ନତି ସୁଯୋଗ ସୃଷ୍ଟି ହୋଇଛି। ସେହିପରି ୧୯୯୩ ରୁ ୧୯୯୬ ମଧ୍ୟରେ ପୁଲିସ କର୍ମଚାରୀଙ୍କୁ ଦିଆଯାଇଥିବା ଅଗ୍ରହଣୀୟ ସ୍ୱତନ୍ତ୍ର ଡାଏଟ୍ ଭତ୍ତା ବାବଦକୁ ହୋଇଥିବା କ୍ଷତିକୁ ହିସାବରୁ ବାଦ ଦେବାକୁ ସରକାର ନିଷ୍ପତ୍ତି ନେଇଛନ୍ତି। ପୁନଶ୍ଚ ଓଡ଼ିଶା ଅର୍ଥ ସେବା ନିୟମାବଳୀରେ ସଂଶୋଧନ କରାଯାଇ ଅଧିକାରୀମାନଙ୍କ ତାଲିମ ଅବଧି ନିର୍ଦ୍ଧାରଣ କରିବା କ୍ଷମତା ସରକାରଙ୍କ ହାତକୁ ଦିଆଯାଇଛି। ଏହାସହିତ ନିମ୍ନ ଆୟ ଗୋଷ୍ଠୀ ଗୃହ ନିର୍ମାଣ ଯୋଜନା ଅଧିନରେ ପୂର୍ବତନ ଶ୍ରମ ନିଯୁକ୍ତି ଓ ଗୃହ ନିର୍ମାଣ ବିଭାଗ ଦ୍ୱାରା ବାସଗୃହ ପାଇଥିବା ହିତାଧିକାରୀଙ୍କୁ ଆବଣ୍ଟିତ ଜମିର ସମସ୍ତ ଆବଣ୍ଟନ ପରବର୍ତ୍ତୀ କାର୍ଯ୍ୟକଳାପ ଏବଂ ଏହା ସହିତ ଜଡ଼ିତ ସମସ୍ତ ଆନୁଷଙ୍ଗିକ ବିଷୟ ବିଚାର ନିମନ୍ତେ ସାଧାରଣ ପ୍ରଶାସନ ଓ ସାଧାରଣ ଅଭିଯୋଗ ବିଭାଗକୁ କ୍ଷମତା ପ୍ରଦାନ କରାଯାଇଛି।

### ବର୍ଦ୍ଧିଧାରୀଙ୍କୁ ନିଯୁକ୍ତି ...

ସମେତ ଦୁଇଜଣ ସଦସ୍ୟ ରହିବେ ବୋଲି ମଧ୍ୟ ମୁଖ୍ୟ ସଚିବ ମନୋଜ ଆହୁଜା ସୂଚନା ଦେଇଛନ୍ତି। ଅପରପକ୍ଷରେ ଓଡ଼ିଶା ପୁଲିସ ସମେତ ଅନ୍ୟାନ୍ୟ ୟୁନିଫର୍ମ ସେବାରେ ନିଯୁକ୍ତି ପରୀକ୍ଷା ବିଭିନ୍ନ ବୋର୍ଡ ଦ୍ୱାରା ପରିଚାଳିତ ହେଉଥିବାବେଳେ ଅସ୍ୱାଭାବିକ ବିଳମ୍ବ ଏବଂ ଅନିୟମିତତା ହେଉଥିବା ମଧ୍ୟ କୁହାଯାଇଛି।

ପୁଲିସ୍ ଏସ୍‌ଆଇ ଚାକିରି ବିକ୍ରି ଘଟଣା ଧରା ପଡ଼ିବା ପରେ ଓଡ଼ିଶା ପୁଲିସ ନିଯୁକ୍ତି ବୋର୍ଡ (ଓପିଆର୍‌ବି) ର ପରୀକ୍ଷା ପରିଚାଳନା ଉପରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଥିଲା। ଏହାପରେ ଘଟଣାର ତଦନ୍ତ ଭାର ସିବିଆଇକୁ ଦେବା ସହ ବର୍ଦ୍ଧିଧାରୀଙ୍କ ପାଇଁ ସ୍ୱତନ୍ତ୍ର ଆୟୋଗ ଗଠନ କରାଯିବ ବୋଲି ମୁଖ୍ୟମନ୍ତ୍ରୀ ଅକ୍ଟୋବର ୨୨ ତାରିଖରେ ଘୋଷଣା କରିଥିଲେ। ଏହାର ମାସେ ପରେ ସ୍ୱତନ୍ତ୍ର ଆୟୋଗ ଗଠନ ପ୍ରସ୍ତାବକୁ କ୍ୟାବିନେଟ୍ ମଞ୍ଜୁରୀ ଦେଇଛି। ଅର୍ଥାତ୍ ଓପିଆର୍‌ବି ଆଉ କୌଣସି ପରୀକ୍ଷା କରିବ ନାହିଁ ବୋଲି ସ୍ପଷ୍ଟ ହୋଇଥିଲେ ମଧ୍ୟ ଏହାକୁ ଭାଙ୍ଗିବା ପାଇଁ ସରକାର ବିଧିବଦ୍ଧ ଭାବେ ଘୋଷଣା କରି ନାହାନ୍ତି। ଫଳରେ ଏସ୍‌ଆଇ ପରୀକ୍ଷା କିଏ କରିବ, ସେନେଇ ଆଶାୟୀମାନେ ଦ୍ୱନ୍ଦ୍ୱରେ ରହିଛନ୍ତି। ତ୍ୱରିତ ପରୀକ୍ଷା କରିବା ପାଇଁ ଆଶାୟୀମାନେ ଆନ୍ଦୋଳନକୁ ଓହ୍ଲାଇଥିବାବେଳେ ପରୀକ୍ଷା କିଏ କରିବ ଏବଂ କେବେ ହେବ, ସରକାର ସ୍ପଷ୍ଟ କରନ୍ତୁ ବୋଲି ଦାବି କରିଛନ୍ତି।

### ଆଜି ସୃଷ୍ଟି ହେବ...

ପ୍ରବାହ ହେଉ ନାହିଁ। ଏହାସହିତ ଉତ୍ତରରେ ଗୁରୁଚାପ ବଳୟ ରହିଥିବା ବେଳେ ଉର୍ଦ୍ଧ୍ୱଗାମୀ ବାୟୁର ଘର୍ଷଣ କମ୍ ରହୁଛି। ଏଭଳି କାରଣମାନ ବାତ୍ୟାକୁ ଅଧିକ ଶକ୍ତିଶାଳୀ କରିବା ପାଇଁ ଅନୁକୂଳ ପରିବେଶ ସୃଷ୍ଟି କରୁଛି। ଅନ୍ୟପଟେ ବାତ୍ୟାଟି ଆନ୍ଧ୍ର/ଓଡ଼ିଶା ମୁହାଁଇବାର ସମ୍ଭାବନା ଏହାର ଉତ୍ତରରେ ପଶ୍ଚିମପ୍ରଶାନ୍ତ ମହାସାଗରରୁ ଉତ୍ତର-ପୂର୍ବ ଭାରତ ଦେଇ ମିଆଁମାର ପର୍ଯ୍ୟନ୍ତ ଏକ ଶକ୍ତିଶାଳୀ ଗୁରୁଚାପ ବଳୟ ରହିଛି। ଏହା ବାତ୍ୟାକୁ ପଶ୍ଚିମ ଉତ୍ତର-ପଶ୍ଚିମ ଦିଗକୁ ଠେଲିବ। ତେଣୁ ଦୁଇ ରାଜ୍ୟ ଉପରେ ଅଧିକ ପ୍ରଭାବ ଆଶଙ୍କା କରାଯାଉଛି। ନିର୍ଦ୍ଦିଷ୍ଟ ଭାବେ ଯଦିଓ ସ୍ଥଳଭାଗ ଛୁଇଁବାର ସମୟ ଓ ସ୍ଥାନ କହିବା ବର୍ତ୍ତମାନ ସମ୍ଭବ ନୁହେଁ, ମାତ୍ର ସମ୍ଭାବ୍ୟ ବାତ୍ୟା ଯେଉଁଠାରେ ସ୍ଥଳଭାଗ ଅତିକ୍ରମ କଲେ ମଧ୍ୟ ରାଜ୍ୟରେ ବର୍ଷା ଆଶଙ୍କା ନିଶ୍ଚିତ ରହିଛି। ଏଣୁ ଧାନ ଅମଳ ସହିତ ଅନ୍ୟାନ୍ୟ ଫସଲର ସୁରକ୍ଷା ପାଇଁ ଆବଶ୍ୟକୀୟ ବ୍ୟବସ୍ଥା ଗ୍ରହଣ କରିବା ଉପରେ ପ୍ରଫେସର ପଶୁପାଳକ ଗୁରୁତ୍ୱ ଦେଇଛନ୍ତି।

ପାଣିପାଗ କେନ୍ଦ୍ର ପକ୍ଷରୁ ଯଦିଓ ବର୍ଷା କେବେଠାରୁ ଆରମ୍ଭ ହେବ ତାହା କୁହାଯାଇ ନାହିଁ। ହେଲେ ବାତ୍ୟା ହେବା ଏକ ପ୍ରକାର ସୁନିଶ୍ଚିତ ହୋଇ ସାରିଥିବା ବେଳେ ଓଡ଼ିଶାରେ ସ୍ଥଳଭାଗ ଛୁଇଁବାର ଆଶଙ୍କାକୁ ମଧ୍ୟ ଏଡ଼ାଯାଇ ନ ପାରେ। ବଙ୍ଗୋପସାଗରରେ ସୃଷ୍ଟି ହେବାକୁ ଥିବା ବାତ୍ୟାଟି ଅଧିକ ଘନୀଭୂତ ହୋଇପାରେ। ଏହି ବାତ୍ୟା ସୃଷ୍ଟି ହେବା ପାଇଁ ସବୁ ପ୍ରକାର ପାଣିପାଗ ସ୍ଥିତି ଅନୁକୂଳ ରହିଥିବା ବେଳେ ଏହାକୁ ଶକ୍ତିଶାଳୀ କରାଇବା ପାଇଁ ମଧ୍ୟ ପରିସ୍ଥିତି ସୁହାଉଛି। ତେଣୁ ସମ୍ଭାବ୍ୟ ବାତ୍ୟା ଦ୍ୱାରା ଓଡ଼ିଶା ଓ ଆନ୍ଧ୍ରରେ ଅଧିକ ପ୍ରଭାବ ଆଶଙ୍କା କରାଯାଉଛି।

### ଲୁଣ ଭାବି...

ସୂଚନାନୁଯାୟୀ, ଆଜି ଅପରାହ୍ଣରେ ୩ଜଣ ଯାକ ସାଙ୍ଗ ହୋଇ ଖେଳୁଥିଲେ। ଛୋଟଛୋଟ ଷଢ଼େଇରେ ମାଟି ରଖି ମିଛିମିଛିକା ଭାତ, ଡାଲି ଓ ବିଭିନ୍ନ ତରକାରୀ ପ୍ରସ୍ତୁତ କରିଥିଲେ। ଖେଳକୁ ମଜାଦାର କରିବା ପାଇଁ ସେମାନେ ଘରୁ ପିଆଜ ଓ ଲୁଣ ଆଣିଥିଲେ। କିନ୍ତୁ ଭୁଲବଶତଃ ସେମାନେ ଘରେ ଥୁଆ ହୋଇଥିବା ଥିମେଟ୍‌କୁ ଲୁଣ ଭାବି ନେଇ ଆସିଥିଲେ ଏବଂ ତାକୁ ପିଆଜରେ ଗୋଳେଇ ଖାଇଥିଲେ। ଏହି ସମୟରେ ପରିବାରଲୋକ ଧାନ ଅମଳ ପାଇଁ ବିଲକୁ ଯାଇଥିବାରୁ କେହି ଜାଣିପାରିନଥିଲେ। ଘରକୁ ଫେରିବା ପରେ ଶିଶୁମାନଙ୍କ ସ୍ୱାସ୍ଥ୍ୟାବସ୍ଥା ବିଗିଡ଼ିବା ଦେଖି ସମସ୍ତଙ୍କୁ ନୀଳଗିରି ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ।

### ଶ୍ରମିକଙ୍କୁ ସାମାଜିକ...

ମଜୁରି ପ୍ରଦାନ କରିବା ବାଧ୍ୟତାମୂଳକ କରାଯାଇଛି। ନିଯୁକ୍ତିଦାତା ୪୦ ବର୍ଷରୁ ଅଧିକ ବୟସର ସମସ୍ତ କର୍ମଚାରୀଙ୍କୁ ବାର୍ଷିକ ମାଗଣା ସ୍ୱାସ୍ଥ୍ୟ ପରୀକ୍ଷା ସୁବିଧା ଯୋଗାଇଦେବେ। ଏହାଛଡା କର୍ମଚାରୀଙ୍କ କାର୍ଯ୍ୟ ଚାପ ହ୍ରାସ କରିବା ଏବଂ କର୍ମଚାରୀଙ୍କ ସାମଗ୍ରିକ ମନୋବଳ ବୃଦ୍ଧି କରାଯିବା ଉପରେ ଗୁରୁତ୍ୱ ଦିଆଯାଇଛି। ମହିଳା କର୍ମଚାରୀଙ୍କୁ ସେମାନଙ୍କର ସମ୍ମତି ଏବଂ ଆବଶ୍ୟକ ସୁରକ୍ଷା ବ୍ୟବସ୍ଥା ଉପରେ ନିର୍ଭର କରି ରାତିରେ ଏବଂ ସମସ୍ତ ପ୍ରତିଷ୍ଠାନରେ ସମସ୍ତ ପ୍ରକାରର କାମ କରିବାକୁ ଅନୁମତି ଦିଆଯାଇଛି।

ପ୍ରଥମ ଥର ଲେବର୍ କୋଡ୍‌ରେ ଔପଚାରିକ ଭାବେ ଗିଗ୍ ୱାର୍କ, ପ୍ଲାଟଫର୍ମ ୱାର୍କର ଓ ଏଗ୍ରିଗେଟରକୁ ବ୍ୟାଖ୍ୟା କରାଯାଇଛି। ଏଣୁ ଡିଜିଟାଲ ପ୍ଲାଟଫର୍ମରେ କାମକରୁଥିବା ଲକ୍ଷଲକ୍ଷ ଲୋକଙ୍କୁ ଆଇନଗତ କ୍ଲାରିଟି ମିଳିଛି। ଏଗ୍ରିଗେଟର କମ୍ପାନୀଙ୍କୁ ଏବେ ସେମାନଙ୍କ ବାର୍ଷିକ କାରବାରର ୧-୨% ଏକ ଉତ୍ସର୍ଗୀକୃତ କଲ୍ୟାଣ ପାଣ୍ଠିରେ ଯୋଗଦାନ କରିବାକୁ ପଡିବ, ଯାହାର ସୀମା ଶ୍ରମିକଙ୍କୁ କରାଯାଉଥିବା ମୋଟ ପୈଠର ୫% ପର୍ଯ୍ୟନ୍ତ ରହିବ। ଏହି ପାଣ୍ଠି ଶ୍ରମିକଙ୍କ ସାମାଜିକ ସୁରକ୍ଷା ବାବଦ ସୁବିଧାକୁ ସମର୍ଥନ କରିବ।


**ପୂର୍ବ ତଟ ରେଳପଥ**

ଟେଣ୍ଡର ବିଜ୍ଞପ୍ତି ସଂ.ST-LT-OUT-SOURCING-KUR-516, ତା.14.11.2025ରିଖ

କାର୍ଯ୍ୟର ନାମ: 02(ଦୁଇ) ବର୍ଷ ଅବଧି ନିମନ୍ତେ ଖୋର୍ଦ୍ଧା ରୋଡ୍ ମଣ୍ଡଳରେ ସଂକେତ ଏବଂ ଦୂରସଂଚାର ରକ୍ଷଣାବେକ୍ଷଣ କାର୍ଯ୍ୟକଳାପଗୁଡ଼ିକର ସୁଦୃଢ଼ୀକରଣ ନିମନ୍ତେ ଜନଶକ୍ତିର ବହିଃସ୍ରୋତ।

ଟେଣ୍ଡର ମୂଲ୍ୟ(ଟଙ୍କାରେ): 19,49,99,474.07, EMD(ଟଙ୍କାରେ) : 11,25,000/-, ଟେଣ୍ଡର ନଥିପତ୍ର ମୂଲ୍ୟ (ଟଙ୍କାରେ) : 11,800/-।

ବିଡ୍ ଆରମ୍ଭ ହେବା ତାରିଖ : ତା.17.11.2025 ରିଖ, ଟେଣ୍ଡର ବନ୍ଦ ହେବା ତାରିଖ ଓ ସମୟ : ତା.01.12.2025ରିଖ 1100 ଘଟିକାରେ।

ଏହି ଇ-ଟେଣ୍ଡରଗୁଡ଼ିକ ନିମନ୍ତେ ଡାକ/କୋରିୟର/ଫାକ୍ସ ଜରିଆରେ କିମ୍ବା ବ୍ୟକ୍ତିଗତ ରୂପେ ପଠାଯାଇଥିବା କୌଣସି ମାନୁଆଲ ପ୍ରସ୍ତାବ ଅଫର ଗ୍ରହଣଯୋଗ୍ୟ ହେବ ନାହିଁ, ଯଦ୍ୟପି ଏଗୁଡ଼ିକ ଫାର୍ମ (Firm)ର ଲେଟର ହେଡ୍‌ରେ ଦାଖଲ କରାଯାଇଥିବ। ଏହିଭଳି ସମସ୍ତ ମାନୁଆଲ ଅଫରଗୁଡ଼ିକ ଅବୈଧ ବୋଲି ଧରାଯିବ ଏବଂ କୌଣସି ବିଚାର ବିନା ବିଧିବଦ୍ଧ ରୂପେ ନାକଚ କରାଯିବ।

ଉପରୋକ୍ତ ଇ-ଟେଣ୍ଡରର ସମସ୍ତ ବିବରଣୀ ଇ-ଟେଣ୍ଡର ନଥିପତ୍ର ସହିତ ୱେବ୍‌ସାଇଟ୍ www.ireps.gov.in ରେ ଉପଲବ୍ଧ ଅଟେ।

ଦ୍ରଷ୍ଟବ୍ୟ : ଏହି ଇ-ଟେଣ୍ଡର ନିମନ୍ତେ ଜାରି କରାଯାଇଥିବା କୌଣସି ପରିବର୍ତ୍ତନ/ଶୁଦ୍ଧିପତ୍ରକୁ ଧ୍ୟାନ ଦେବା ନିମନ୍ତେ ଟେଣ୍ଡର ବନ୍ଦ ହେବା ତାରିଖର 15(ପନ୍ଦର) ଦିନ ପୂର୍ବରୁ ୱେବସାଇଟକୁ ପୁନଃ ପରିଦର୍ଶନ କରିବା ପାଇଁ ଆଶାୟୀ ଟେଣ୍ଡରଦାତାମାନଙ୍କୁ ପରାମର୍ଶ ଦିଆଯାଉଅଛି।

ମଣ୍ଡଳ ରେଳ ପ୍ରବନ୍ଧକ(ସଂକେତ ଏବଂ ଦୂରସଂଚାର)/ ଖୋର୍ଦ୍ଧା ରୋଡ୍

PR-811/Q/25-26



ଭା.କ.ନି. CCI

**ଭାରତୀୟ କପା ନିଗମ ଲିମିଟେଡ୍**

**ଶାଖା କାର୍ଯ୍ୟାଳୟ: ରାୟଗଡା**

ଭବନାରାୟଣ ନୀଳୟମ, ଜ୍ୟୋତି ମହଲ ହୋଟେଲ ନିକଟରେ, କନଭେଣ୍ଟ ରୋଡ୍, ରାୟଗଡା -୭୬୫୦୦୧

ମୋବାଇଲ ଆପ
कपास किसान

ସଂଖ୍ୟା: ଭାକନି / ରାୟଗଡ଼ା / ୨୦୨୫-୨୬ ତାରିଖ: ୨୧.୧୧.୨୦୨୫

**କପା ଚାଷୀଙ୍କୁ ଆହ୍ୱାନ**

ଚଳିତ କପା ବିପଣନ ଋତୁ ୨୦୨୫-୨୬ ରେ, ଭାରତୀୟ କପା ନିଗମ (CCI) କପାଚାଷୀଙ୍କ ପାଇଁ **"କପାସ କିଷାନ"** ମୋବାଇଲ୍ ଆପ୍ ଲଞ୍ଚ କରିଛି, ଯାହା ମାଧ୍ୟମରେ ଚାଷୀମାନେ ସ୍ୱୟଂ-ପଞ୍ଜିକରଣ କରି ପାରିବେ ଏବଂ ସର୍ବନିମ୍ନ ସହାୟକ ମୂଲ୍ୟ (MSP)ରେ CCI କ୍ରୟ କେନ୍ଦ୍ରରେ ସେମାନଙ୍କର କପା ବିକ୍ରୟ କରିପାରିବେ। ସମ୍ପୃକ୍ତ ରାଜ୍ୟ ଦ୍ୱାରା ସ୍ୱୟଂ-ପଞ୍ଜିକରଣ ଅନୁମୋଦନ ହେବା ପରେ ପଞ୍ଜିକରଣ ସମ୍ପୂର୍ଣ୍ଣ ବୋଲି ବିବେଚନା କରାଯିବ, ଯାହା ପରେ ଚାଷୀମାନେ ମୋବାଇଲ୍ ଆପରେ ଉପଲବ୍ଧ ନିକଟତମ କ୍ରୟ କେନ୍ଦ୍ର / ଅଧିସୂଚିତ କାରଖାନାରେ ସେମାନଙ୍କର କପା ବିକ୍ରୟ କରିବା ପାଇଁ ଏକ ସ୍ଲଟ୍ ବୁକ୍ କରିପାରିବେ।

**ରାଜ୍ୟଗୁଡ଼ିକର ଅନୁରୋଧ ଏବଂ କୃଷକମାନଙ୍କ ସୁବିଧାକୁ ଦୃଷ୍ଟିରେ ରଖି, ପଞ୍ଜୀକରଣର ଶେଷ ତାରିଖ ୩୧ ଅକ୍ଟୋବର ୨୦୨୫ ରୁ ୩୧ ଡିସେମ୍ବର ୨୦୨୫ କୁ ବୃଦ୍ଧି କରାଯାଇଛି।**

ତେଣୁ, ସମସ୍ତ କପା ଚାଷୀଙ୍କୁ ଅନୁରୋଧ କରାଯାଉଛି ଯେ ସେମାନେ ନିର୍ଦ୍ଧାରିତ ସମୟ ମଧ୍ୟରେ କପାସ କିଶାନ ମୋବାଇଲ୍ ଆପ୍ ଡାଉନଲୋଡ୍ କରନ୍ତୁ ଏବଂ ସେମାନଙ୍କର ପଞ୍ଜୀକରଣ ସମାପ୍ତ କରନ୍ତୁ ଯାହା ଦ୍ୱାରା ସେମାନେ MSP ଯୋଜନାର ଲାଭ ପାଇପାରିବେ।

ଗୁଣବତ୍ତା ମାନଦଣ୍ଡ ଅନୁଯାୟୀ ଯଦି କପାରେ ଆର୍ଦ୍ରତା ୮% ଅତିକ୍ରମ ନକରେ, ତେବେ ଚାଷୀମାନଙ୍କୁ ସମ୍ପୂର୍ଣ୍ଣ ସର୍ବନିମ୍ନ ସହାୟକ ମୂଲ୍ୟ (MSP) ପ୍ରଦାନ କରାଯିବ। କିନ୍ତୁ, ଯଦି ଆର୍ଦ୍ରତା ୮% ଅତିକ୍ରମ କରି ୧୨% ପର୍ଯ୍ୟନ୍ତ ପହଞ୍ଚିଯାଏ, ତେବେ ୮% ରୁ ଅଧିକ ଆର୍ଦ୍ରତା ଅନୁପାତରେ ହ୍ରାସ କରି MSP ପ୍ରଦାନ କରାଯିବ।

ତେଣୁ, ନିଗମ ସମସ୍ତ କପା ଚାଷୀଙ୍କୁ ଅତ୍ୟଧିକ ଆର୍ଦ୍ରତା ଯୋଗୁଁ କୌଣସି କଟନିତୀକୁ ଏଡାଇବା ପାଇଁ କେବଳ ଶୁଖିବା ପରେ ସେମାନଙ୍କର କପା କେନ୍ଦ୍ରକୁ ଆଣିବାକୁ ଅନୁରୋଧ କରୁଛି। ତଥାପି, କୌଣସି ପରିସ୍ଥିତିରେ କପାରେ ଆର୍ଦ୍ରତା ୧୨% ଅତିକ୍ରମ କରିବା ଉଚିତ୍ ନୁହେଁ।

ଯଦି କୌଣସି ପ୍ରକାରର ସହାୟତା ଆବଶ୍ୟକ ହୁଏ, ତେବେ ଚାଷୀମାନେ ନିଗମର ରାୟଗଡ଼ା ଶାଖା କାର୍ଯ୍ୟାଳୟ ସହିତ ହ୍ୱାଟସଆପ୍ ହେଲ୍ପଲାଇନ୍ ନମ୍ବର ୬୩୭୦୦୧୧୯୨୦ରେ ଯୋଗାଯୋଗ କରିପାରିବେ।

ସ୍ୱା/-ଶାଖା ପ୍ରମୁଖ



यूनियन बैंक ऑफ इंडिया Union Bank of India — भारत सरकार का उपक्रम A Government of India Undertaking

**କୋର୍ଟପେଟା ଶାଖା**
ଗାୟତ୍ରୀ ସେଣ୍ଟ୍ରାଲ ପ୍ଲାଜା, ଟାଟା ବେଞ୍ଜ ସ୍କୋୟାର ନିକଟ ବ୍ରହ୍ମପୁର, ଗଞ୍ଜାମ, ଓଡ଼ିଶା, ପିନ୍-୭୬୦୦୦୫

**ଡିମାଣ୍ଡ ନୋଟିସ୍**

ଆମ୍ଭର କୋର୍ଟପେଟା ଶାଖାରୁ ଋଣ ନେଇଥିବା ନିମ୍ନଲିଖିତ ଋଣଗ୍ରହୀତାଙ୍କୁ ସିକ୍ୟୁରିଟି ଇଣ୍ଟରେଷ୍ଟ ଏନ୍‌ଫୋର୍ସମେଣ୍ଟର କାର୍ଯ୍ୟାନୁଷ୍ଠାନ ନୋଟିସ୍: ଏନ୍‌ପିଏ ଶ୍ରେଣୀଭୁକ୍ତ

ଆମ୍ଭେ ନିମ୍ନଲିଖିତ ଋଣଗ୍ରହୀତାଙ୍କୁ ଜଣାଇ ଦେଉଛୁ କି ସେମାନେ ବକେୟା ଦେୟ/ କିସ୍ତି/ ସୁଧ ପରିଶୋଧ କରିନଥିବାରୁ ସେମାନଙ୍କର ନିମ୍ନଲିଖିତ ଆକାଉଣ୍ଟଗୁଡିକ ଏନ୍‌ପିଏ ଶ୍ରେଣୀଭୁକ୍ତ ହୋଇଛି। କ୍ଷମତାପ୍ରାପ୍ତ ଅଧିକାରୀଙ୍କ ଦ୍ୱାରା ସରଫେଶୀ ଆକ୍ଟ, ୨୦୦୨ର ଧାରା ୧୩(୨) ଅନୁଯାୟୀ **ୟୁନିଅନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ, କୋର୍ଟପେଟା ଶାଖାର** ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/ବନ୍ଧକଦାତାମାନଙ୍କୁ ବ୍ୟାଙ୍କ ଦେୟ ପଇଠ କରିବା ନିମନ୍ତେ ଡିମାଣ୍ଡ ନୋଟିସ୍ ଜାରି କରାଯାଇଥିଲା କିନ୍ତୁ ରେଜିଷ୍ଟ୍ରେଡ୍ ଡାକ ସହିତ ଏ.ଡି ଯୋଗେ ପଠାଯାଇଥିବା ଉକ୍ତ ନୋଟିସ୍ ନିମ୍ନଦର୍ଶିତ ପକ୍ଷମାନେ ସେମାନଙ୍କର ଠିକଣାରେ ଉପଲବ୍ଧ ନଥିବାରୁ ପ୍ରଦାନ କରାଯାଇପାରିନଥିଲା। ସେମାନଙ୍କର ଆକାଉଣ୍ଟର ବକେୟା ପରିମାଣ ନିମ୍ନ ଦର୍ଶିତ ସ୍ତମ୍ଭରେ ଦର୍ଶାଯାଇଛି। ସବିଶେଷ ବିବରଣୀ ନିମ୍ନରେ ପ୍ରଦତ୍ତ:

| ଋଣଗ୍ରହୀତା/କୋ-ଓବ୍ଲିଗାଣ୍ଟ/ବନ୍ଧକଦାତାମାନଙ୍କ ନାମ ଏବଂ ଠିକଣା | ପ୍ରକାର / ଏନ୍‌ପିଏ ତାରିଖ | ଡିମାଣ୍ଡ ନୋଟିସ୍ ତାରିଖ / ବକେୟା ଦେୟ | ବନ୍ଧକପ୍ରାପ୍ତ ସମ୍ପତ୍ତିର ବିବରଣୀ |
|---|---|---|---|
| **ଋଣଗ୍ରହୀତା ଏବଂ ବନ୍ଧକଦାତା: ଶ୍ରୀମତୀ ନିବେଦିତା ଆଚାର୍ଯ୍ୟ,** ସ୍ୱାମୀ: ବାସୁଦେବ ଆଚାର୍ଯ୍ୟ / **କୋ-ଓବ୍ଲିଗାଣ୍ଟ: ଶ୍ରୀ ବାସୁଦେବ ଆଚାର୍ଯ୍ୟ,** ଉଭୟଙ୍କ ଠିକଣା- ଫ୍ଲାଟ୍ ନଂ.: ୪୦୧, ରୟାଲ ପାମ୍, ସର୍କୁଲାର ରୋଡ୍, ଗୋପାଳପୁର ଅନ୍ ସି, ଜିଲ୍ଲା: ଗଞ୍ଜାମ, ଓଡ଼ିଶା, ପିନ୍-୭୬୧୦୦୨ | ଏଚ୍‌ଏଲ୍‌ପିଜିଏନ୍-୦୦୮୫୩୦୧୦୦୦୪୪୧୦୮ / ୨୧.୦୮.୨୦୨୫ | ୦୧.୦୯.୨୦୨୫ / ୦୧.୦୯.୨୦୨୫ ସୁଦ୍ଧା ଟ.୬,୫୩,୮୬୧.୭୮ ଯୁକ୍ତ ଚୁକ୍ତି ହାରରେ ତତ୍‌ପରବର୍ତ୍ତୀ ସୁଧ ଏବଂ ସେବାବଦ ଦେୟ | "ମହାବୀର ମାନସନ୍" ନାମକ ବହୁମହଲା ବିଶିଷ୍ଟ ବାସୋପଯୋଗୀ ଆପାର୍ଟମେଣ୍ଟର ବ୍ଲକ୍-୨ର ତଳ ମହଲାରେ ଥିବା ଫ୍ଲାଟ୍ ନଂ.: ୧୧୬, ପରିମିତ ୩୪୫ ବର୍ଗଫୁଟ |

ଯାହାର ୱାର୍ଡ ନଂ. ୦୧, ଛତ୍ରପୁର ଟାଉନ୍ ସବ-ରେଜିଷ୍ଟ୍ରେସନ୍ ଅନ୍ତର୍ଗତ, ତହସିଲ: କନିସି, ଜିଲ୍ଲା: ଗଞ୍ଜାମ, ଖାତା ନଂ.: ୨୩/୨୫୫, ୨୩/୨୫୬, ୨୩/୨୫୭, ୨୩/୨୫୮, ୨୩/୨୫୯, ପ୍ଲଟ୍ ନଂ.: ୧୬୮/୩୪୪, ୧୬୮/୩୪୬, ୧୬୮/୩୪୭, ୧୬୮/୩୪୮, ୧୬୮/୩୫୦, ଅବିଭକ୍ତ, ଆନୁପାତିକ, ଅନିର୍ଦ୍ଦିଷ୍ଟ, ନିରପେକ୍ଷ ଜମିର ଅଂଶ ଯାହାର କ୍ଷେତ୍ର: ଏକର୦.୪୧୩ ଡିସିମିଲି (୧୮୨୨୫ ବର୍ଗଫୁଟ), ଜମିର କିସମ: ଘରବାରି, ଏହାର ଚାରିପାର୍ଶ୍ୱରେ- ପୂର୍ବ: ଖୋଲା ସ୍ଥାନ, ପଶ୍ଚିମ: ଫ୍ଲାଟ୍ ନଂ. ୧୧୭, ଉତ୍ତର: ଖୋଲା ସ୍ଥାନ, ଦକ୍ଷିଣ: କରିଡ଼ର

ଆମ୍ଭର ବାରମ୍ବାର ଡିମାଣ୍ଡ ସତ୍ତ୍ୱେ ଆପଣ ଆପଣଙ୍କର ଆକାଉଣ୍ଟର ବକେୟା ଋଣ ପରିଶୋଧ କରୁନାହାନ୍ତି କି ଆପଣ ନିଜକୁ ଦେୟମୁକ୍ତ କରୁନାହାନ୍ତି। ସରଫେଶୀ ଆକ୍ଟ ୨୦୦୨ର ଧାରା ୧୩(୨) ଅନୁଯାୟୀ ଆପଣଙ୍କୁ ଉପର ଦର୍ଶିତ ସ୍ତମ୍ଭରେ ଲିଖିତ ବକେୟା ପରିମାଣ ସହିତ ଉପରବର୍ଣ୍ଣିତ ତାରିଖ ଠାରୁ ଚୁକ୍ତି ହାରରେ ସୁଧ ଆପଣଙ୍କ ଦ୍ୱାରା ସମ୍ପାଦିତ ଋଣ କାଗଜାତ୍‌ର ନିୟମ ଓ ସର୍ତ୍ତାବଳୀ ଅନୁଯାୟୀ ସମ୍ପୂର୍ଣ୍ଣ ବକେୟା ପରିମାଣ ଏହି ନୋଟିସ୍ ପାଇବାର **୬୦ ଦିନ** ମଧ୍ୟରେ ପୈଠ କରିବାକୁ ପଡ଼ିବ। ଅନ୍ୟଥା ଆମ୍ଭେ ଆପଣଙ୍କ ଦ୍ୱାରା ଦିଆଯାଇଥିବା ଉପରୋକ୍ତ ବନ୍ଧକପ୍ରାପ୍ତ ସମ୍ପତ୍ତିକୁ କଥିତ ଆକ୍ଟରେ ଦିଆଯାଇଥିବା କୌଣସି କିମ୍ବା ସମସ୍ତ ଅଧିକାରର ପ୍ରୟୋଗ କରି ନିଜ ଦଖଲକୁ ନେବାକୁ ବାଧ୍ୟ ହେବୁ। **୧)** ଆପଣଙ୍କ ଦ୍ୱାରା ସମ୍ପାଦିତ ଋଣ କାଗଜାତ୍‌ର ନିୟମ ଓ ସର୍ତ୍ତାବଳୀ ଅନୁସାରେ ଆପଣ ଯଦି ସମସ୍ତ ଦେୟ ଏବଂ ତତ୍‌ସହିତ ଉପର ଦର୍ଶିତ ତାରିଖ ଠାରୁ ଚୁକ୍ତି ହାରରେ ସୁଧ **୬୦ ଦିନ** ମଧ୍ୟରେ ପୈଠ କରିବାକୁ ବିଫଳ ହୁଅନ୍ତି ଏବଂ ଯଦି ବ୍ୟାଙ୍କ ଏହି ଧାରାରେ ଥିବା ଏହାର ଅଧିକାରକୁ କାର୍ଯ୍ୟକାରୀ କରେ ଏବଂ ଏହି ବନ୍ଧକ ସମ୍ପତ୍ତି ବିକ୍ରୟ ପ୍ରକ୍ରିୟା ଦ୍ୱାରା ଦେୟ ପରିଶୋଧ ହୋଇନପାରେ ତେବେ ବଳକା ରାଶି ଆଦାୟ ପାଇଁ ଆମ୍ଭେ ଆପଣଙ୍କ ବିରୁଦ୍ଧରେ ଆଇନ ଅଦାଲତ/ ଋଣ ଅସୁଲି ପ୍ରାଧିକରଣରେ ଆବଶ୍ୟକୀୟ ଆଇନଗତ କାର୍ଯ୍ୟାନୁଷ୍ଠାନ କରିବାକୁ ବାଧ୍ୟ ହେବୁ। **୨)** ଆକ୍ଟର ଧାରା ୧୩(୧୩) ଅନୁଯାୟୀ ଆପଣ ଏହି ନୋଟିସ୍ ପାଇବା ଠାରୁ ଆପଣଙ୍କର ଆବଶ୍ୟକୀୟ ବ୍ୟବସାୟିକ କାରବାର ବ୍ୟତୀତ ବ୍ୟାଙ୍କର ବିନା ଅନୁମତିରେ ଉପର ବର୍ଣ୍ଣିତ ବନ୍ଧକ ସମ୍ପତ୍ତିକୁ ବିକ୍ରୟ କିମ୍ବା ସମ୍ପତ୍ତି ସହିତ କୌଣସି ପ୍ରକାର କାରବାର କରିପାରିବେ ନାହିଁ। ସୂଚନାଯୋଗ୍ୟଯେ ଏହି ଧାରାରେ କୌଣସି ବ୍ୟତିକ୍ରମ କଲେ ଏହାର ପରିଣାମ ନିମନ୍ତେ ଦାୟୀ ରହିବେ। **ଏତଦ୍ୱାରା ଆପଣମାନଙ୍କ ଦୃଷ୍ଟି ଆକର୍ଷଣ କରାଯାଉଅଛି କି କଥିତ ଆକ୍ଟର ଧାରା ୧୩ ର ଉପଧାରା (୮) ଅନୁଯାୟୀ ସୁରକ୍ଷିତ ବନ୍ଧକ ସମ୍ପତ୍ତିକୁ ସମୟ ଥିବା ପୂର୍ବରୁ ବନ୍ଧକମୁକ୍ତ କରିପାରିବେ।**

**ସ୍ଥାନ: ବ୍ରହ୍ମପୁର, ତାରିଖ: ୨୧.୧୧.୨୦୨୫** ସ୍ୱା/- କ୍ଷମତାପ୍ରାପ୍ତ ଅଧିକାରୀ, ୟୁନିୟନ୍ ବ୍ୟାଙ୍କ ଅଫ୍ ଇଣ୍ଡିଆ



**AFFIDAVIT**

I, Pramod Ku Jena, aged about 49 years, S/o- Adhikari Jena, resident of At- Dolamandap Sai, Patia, PS- Infocity, Bhubaneswar, PIN- 751001, Dist- Khordha, Odisha declared by this affidavit No. 99, dtd- 19/11/2025 that now onwards I shall be known as **PRAMOD KUMAR JENA** for all future purposes instead of Pramod Ku Jena.

**NOTICE**
**(above 18 years of age)**

By virtue of an affidavit sworn before Executive Magistrate, Garadpur, dated 17th November 2025. I, Shrabani Mohanty, Village- Solpat, PO–Bedari, PS- Patkura, Dist.- Kendrapara, Pin- 754253, declare that I have changed my name from Shrabani Ray to Shrabani Mohanty. Henceforth, I shall be known as **Shrabani Mohanty** for all purposes.

Sd/- Shrabani Mohanty

**AFFIDAVIT**

By virtue of an affidavit sworn before Notary Public, Balliguda. dated 31.01.2025, I, Jhilli Paraseth, At-Dhudusi, P.O.- Bilamal, P.S.-Belghar, Block- Tumudibandha, Dist.-Kandhamal, PIN-762107, Odisha declare that I have changed the name of my minor daughter's from N.Anmol Aisha to Aisha Nayak. Henceforth, she shall be known as **Aisha Nayak** for all purposes.

Jhilli Paraseth

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated 21.11.2025 I, GOBARDHAN BHATRA, S/o- Late Dhana Bhatra, Village- Janiguda, Po.- Kongra, Ps.- Tentulikhunti, Dist.- Nabarangpur, Odisha, Pin- 764059, declare that I have changed the name of my Daughter from **DAIMATI BHTRA** to **DAMAYANTI BHATRA**. Henceforth, she shall be known as **DAMAYANTI BHATRA** for all purposes.

Sd/- Gobardhan Bhatra

**AFFIDAVIT**

By virtue of an affidavit sworn before the Executive Magistrate, Nabarangpur, dated. 20.11.2025 I, TUNA MUDULI , S/o- Late Purusati Muduli, Vill.- Jambaguda, Po.- Jatabal, Ps.- Dabugam, Dist- Nabarangpur, Odisha, Pin - 764071, declare that I have changed my name from **KUNA MUDULI** to **TUNA MUDULI**. Henceforth, I shall be known as **TUNA MUDULI** for all purposes.

Sd/- TUNA MUDULI

**AFFIDAVIT**

I, Srikanta Kumar Jena, aged about 39 years, S/o- Sridhar Jena, resident of At- Plot No- 4/2623, Lane- 1,Road-2, Jagannath Vihar, Baramunda, PS- Khandagiri, Bhubaneswar, Dist- Khordha, Odisha, PIN- 751003, declared by this affidavit No- 2351, dtd- 19/11/2025 that now onwards I shall be known as **SRIKANT KUMAR JENA** for all future purposes.

**AFFIDAVIT**

By virtue of an affidavit no 2737, sworn before the Executive Magistrate Sukinda on dtd 17/10/25. I Kusunu Munda, S/o Sanaram Munda Resident of At-Rankia, Po- Kuhika, Ps-sukinda, Dist - Jajpur, Pin-755018, Odisha . I have changed my minor daughter's name from SUSHRISANGITA MUNDA (Old Name) to SUBHASHREE MUNDA (New Name) Henceforth she shall be known as **SUBHASHREE MUNDA** all future purposes.

**Kusunu Munda**

**AFFIDAVIT**

By virtue of an affidavit before the Executive Magistrate, Chatarpur, Ganjam, I, K. Santosh Rao, At- Rajapur, Purushottampur, Ganjam declare that my father's name Kadari Laxman Dora, S/o Kadari Ganapati Dora, and K. Laxman Rao, S/o K. Ganapati Rao, are one and the same person, and also Kadari Gunamma Dora and K. Ganamma Rao, W/o- K. Laxman Rao@Kadari Laxman Doraare one and the same person.

Sd/- K. Santosh Rao

**AFFIDAVIT**

By virtue of an affidavit dtd. 01.07.2025 in the court of Notary Public, Bhubaneswar, I, Mara Gageranga, At- Balimukti, Po- Budubali, Ps- Chandrapur, Dist.- Rayagada-765020 have changed my minor daughter's name from Miki Gageranga to Nikita Gegeranga. Henceforth she will be known as **Nikita Gageranga** for all purposes.

Sd/- Mara Gageranga

**AFFIDAVIT**

By virtue of an affidavit before the Executive Magistrate, M. Rampur, Kalahandi, I, Minaketan Jena, Village - Burat, P.S.- M. Rampur, Dist. – Kalahandi- 766102 have changed my minor son's name from Nitesh Kumar Jena to **Nitesh Jena.** That both the names are one and the same person.

Sd/- Minaketan Jena

**AFFIDAVIT**

By virtue of an affidavit sworn before the Notary, Dhenkanal, dated 01.11.2025, I, Anishika Prustry, Address At/P.O: Radhadeipur, P.s-Gondia, Dist-Dhenkanal, declare that I have changed my name from Anisika Prusty to Anishika Prusty. my date of birth changed from dt 04.06.2002 to dt 04.03.2002 in the service document of my father as per civil records . Henceforth, I shall be known as **Anishika Prusty** for all purposes.

**AFFIDAVIT**

By virtue of an affidavit before the Notary Public, Titilagarh, on dated- 20/11/2025. I, **Basanti Adjuad** (applicant name), W/o- Babulal Adjuad, permanent resident of AT- Titidunguri Titilagarh, PO/PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my minor daughter's name from **Jyotimay Adjuad** (old name) to **Jyotirmayee Adjuad** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion she shall be known as **Jyotirmayee Adjuad** (new name) for all future purposes.

**Basanti Adjuad**

**AFFIDAVIT**

By virtue of an affidavit before the Notary Public, Titilagarh, on dated- 04/08/2025. I, **Gunamati Adjuad** (new name), formerly called as Gunmati Yadav (old name), W/o- Bhubana Adjuad, permanent resident of AT- Lenjha, PO- Lenjha, PS- Titilagarh, Dist- Balangir, (Odisha), PIN- 767033 now residing at the same place declare that I have changed my name from **Gunmati Yadav** (old name) to **Gunamati Adjuad** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Gunamati Adjuad** (new name) for all future purposes.

**Gunamati Adjuad**

**AFFIDAVIT**

By virtue of an affidavit before The Notary Public, Titilagarh, on dated- 20/11/2025. I, **Mahini Tandi** (new name) formerly called as **Mohinee Tandi** (old name), D/o Mansing Tandi, permanent resident of At- Patamara, PO- Haldi, PS- Muribahal, Dist- Balangir (Odisha), PIN- 767037 now residing at the same place declare that I have changed my name from **Mohinee Tandi** (old name) to **Mahini Tandi** (new name). Henceforth in all records, deeds and writing in all proceeding, dealing and transaction private as well as public and upon all occasion I will be known as **Mahini Tandi** (new name).

**Mahini Tandi**

## ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି ବୈଠକ

# ଜାନୁଆରୀ ୫ରୁ ଖରିଫ୍ ଧାନ କ୍ରୟ ଆରମ୍ଭ





ଭଦ୍ରକ, ୨୧।୧୧(ସମିସ)

ଭଦ୍ରକ ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଆଜି ଅପରାହ୍ନରେ ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ (ଡିଏଲପିସି) ବୈଠକ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ଦିଲ୍ଲୀପ ରାଉତରାଏଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ଆସନ୍ତା ଜାନୁଆରୀ ୫ ତାରିଖରୁ ଜିଲ୍ଲାରେ ଖରିଫ୍ ଧାନ କ୍ରୟ କାର୍ଯ୍ୟକ୍ରମ ଆରମ୍ଭ ହେବ ବୋଲି ନିଷ୍ପତ୍ତି ହୋଇଛି। ଉକ୍ତ ବୈଠକରେ ନିଷ୍ପତ୍ତି ଅନୁଯାୟୀ ଆସନ୍ତା ଜାନୁଆରୀ ୫ ତାରିଖରୁ ଜିଲ୍ଲାରେ ଖରିଫ୍ ଧାନକ୍ରୟ ବା ଧାନ ସଂଗ୍ରହ କାର୍ଯ୍ୟ ଆରମ୍ଭ ହେବ। ଚଳିତ ବର୍ଷ ଧାନର ସହାୟକ ମୂଲ୍ୟ କ୍ୱିଣ୍ଟାଲ ପିଛା ୨୩୬୯ ଟଙ୍କା (ଜେନେରାଲ ଏଫଏକ୍ୟୁ) ଓ ୨୩୮୯ ଟଙ୍କା (ଗ୍ରେଡ 'ଏ') ସରକାର ଧାର୍ଯ୍ୟ କରିଛନ୍ତି।

ଜିଲ୍ଲାରେ ଏଥର ୨୨ ଜଣ ମିଲର୍ ଧାନ ସଂଗ୍ରହରେ ସାମିଲ ହେବେ। ସେହିଭଳି ଏ ବର୍ଷ ଖରିଫ୍ ଧାନକିଣାରେ ଜିଲ୍ଲାର ମୋଟ ୧୦୫ଟି ପଞ୍ଜିକୃତ ପ୍ୟାକ୍ସ (ସମବାୟ ସମିତି) ଓ ୫୦ଟି ପଞ୍ଜିକୃତ ମହିଳା ସ୍ୱୟଂସହାୟକ ଗୋଷ୍ଠୀକୁ ମିଶାଇ ମୋଟ ୧୫୫ ଜଣ ଧାନ ସଂଗ୍ରହରେ ସାମିଲ ହେବେ। ଏହି ବୈଠକରେ ଚାଷୀଙ୍କୁ ଯେଭଳି କୌଣସି ପ୍ରକାର ଧାନ ବିକ୍ରି କିମ୍ବା ଅନ୍ୟ କିଛି ସମସ୍ୟାରେ ସମ୍ମୁଖୀନ ନ ହେବାକୁ ପଡ଼ିବ ଓ ବାହାରକୁ ଧାନ ଚୋରା ଚାଲାଣ ନ ହେବ, ସେ ନେଇ ଗୁରୁତ୍ୱାରୋପ କରାଯାଇଥିଲା।

ଉଦ୍ରକ ଜିଲ୍ଲାର ମୋଟ ୯୬ ହଜାର ୨୩୩ ଜଣ ପଞ୍ଜିକୃତ ଚାଷୀ ଧାନ ବିକ୍ରି କରିବେ। ସେହିଭଳି ଜିଲ୍ଲାରେ ଗତ ଖରିଫ୍ ଧାନ ସଂଗ୍ରହରେ ପ୍ରାୟ ୭୬ ପ୍ରତିଶତ ଧାନ ସଂଗ୍ରହ ହୋଇଥିବାବେଳେ ଅବଶିଷ୍ଟ ୨୪ ପ୍ରତିଶତ ଧାନ ମିଲରଙ୍କଠାରୁ ବକେୟା ରହିଛି। ତେଣୁ ଉକ୍ତ ବକେୟା ୨୪ ପ୍ରତିଶତ ଧାନକୁ ଆସନ୍ତା ଡିସେମ୍ବର ୩୧ ତାରିଖ ସୁଦ୍ଧା ପୈଠ କରିବାକୁ ବୈଠକରେ ନିଷ୍ପତ୍ତି ହୋଇଥିବା ଜଣାଯାଇଛି। ସେହିଭଳି ଏଥର ଖରିଫ୍ ଧାନ କ୍ରୟରେ ପ୍ରଥମ ପର୍ଯ୍ୟାୟରେ ଜିଲ୍ଲାକୁ ୧୩ ଲକ୍ଷ ୩୦ହଜାର କ୍ୱିଣ୍ଟାଲ ଧାନ ସଂଗ୍ରହର ଲକ୍ଷ୍ୟ (ଟର୍ଗେଟ) ଧାର୍ଯ୍ୟ କରାଯାଇଛି। ଆଜିର ଏହି ପ୍ରଥମ ଡିଏଲପିସି ବୈଠକରେ ସାଂସଦ ଅଭିମନ୍ୟୁ ସେଠୀ, ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ, ଭଦ୍ରକ ବିଧାୟକ ସୀତାଂଶୁ ଶେଖର ମହାପାତ୍ର, ଚାନ୍ଦବାଲି ବିଧାୟକ ଡ. ବ୍ୟୋମକେଶ ରାୟ, ବାସୁଦେବପୁର ବିଧାୟକ ଅଶୋକ କୁମାର ଦାସ, ଜିଲ୍ଲା ପରିଷଦ ଅଧ୍ୟକ୍ଷ ପ୍ରଫୁଲ୍ଲ ଜେନା, ଧାମନଗର ବିଧାୟକ ତଥା ମନ୍ତ୍ରୀଙ୍କ ପ୍ରତିନିଧି ଅଶୋକ କୁମାର ପୁହାଣଙ୍କ ସମେତ ଅତିରିକ୍ତ ଜିଲ୍ଲାପାଳ ରବିନାରାୟଣ ସାହୁ, ଉପଜିଲ୍ଲାପାଳ ସୌରଭ ଚକ୍ରବର୍ତ୍ତୀଙ୍କ ସମେତ ଜିଲ୍ଲା ଯୋଗାଣ ଅଧିକାରୀ ମନମୋହନ ପଟ୍ଟନାୟକ, ଅତିରିକ୍ତ ଜିଲ୍ଲା ଯୋଗାଣଧିକାରୀ ଅସିତ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ। ସେହିପରି ଜିଲ୍ଲା ମିଲର୍ସ ସଂଘ ସଭାପତି ସନ୍ତୋଷ ଅଗ୍ରୱାଲା, ସମ୍ପାଦକ ଶେଖର ମହାପାତ୍ର, ଆରଏମସି ସମ୍ପାଦକ ମୃତ୍ୟୁଞ୍ଜୟ ପଣ୍ଡା, ଚାଷୀ ପ୍ରତିନିଧି ଶଙ୍କର୍ଷଣ ଜେନା, ଉପେନ୍ଦ୍ର ରାଉଳ ପ୍ରମୁଖ ଉପସ୍ଥିତ ଥିଲେ। ଏହି ବୈଠକରେ ଏଫସିଆଇ ଏରିଆ ମ୍ୟାନେଜର, ଲିଡ୍ ବ୍ୟାଙ୍କ ମ୍ୟାନେଜର, ଜିଲ୍ଲା ସମାଜ ମଙ୍ଗଳ ଅଧିକାରୀ, ଡିଆସିସି ପ୍ରମୁଖ ବହୁ ବିଭାଗୀୟ ପଦାଧିକାରୀ ଉପସ୍ଥିତ ଥିଲେ।

- ୯୬ ହଜାର ୨୩୩ ପଞ୍ଜିକୃତ ଚାଷୀ ଧାନ ବିକିବେ
- ୨୨ ମିଲର୍ସ, ୧୦୫ ପ୍ୟାକ୍ସ ଓ ୫୦ ମହିଳା ଗୋଷ୍ଠୀ ସାମିଲ
- ପ୍ରଥମ ପର୍ଯ୍ୟାୟ ଟାର୍ଗେଟ ୧୩ ଲକ୍ଷ ୩୦ ହଜାର କ୍ୱିଣ୍ଟାଲ

## ରାମନାରାୟଣ ଉଚ୍ଚବିଦ୍ୟାଳୟରେ ଶିକ୍ଷକ, ପିଅନ ନିଯୁକ୍ତି

**ଦୋଳସାହି, ୨୧।୧୧(ସମିସ):** ତିହିଡ଼ି ବ୍ଲକ ଅଧୀନ ଦୋଳସାହି ପଞ୍ଚାୟତର ସର୍ବପୁରାତନ ଶିକ୍ଷାନୁଷ୍ଠାନ ରାମନାରାୟଣ ଉଚ୍ଚବିଦ୍ୟାଳୟରେ ବିଭିନ୍ନ ସମସ୍ୟା ଲାଗି ରହିଥିଲା। ଏ ନେଇ ଦୈନିକ ଖବରକାଗଜ 'ସକାଳ'ରେ ଖବର ପ୍ରକାଶ ପାଇଥିଲା। ଏହି ଖବର ପ୍ରକାଶ ପାଇବା ଉକ୍ତ ବିଦ୍ୟାଳୟରେ ଖାଲିଥିବା ଶିକ୍ଷକ ଓ ପିଅନ ପଦବୀରେ ନିଯୁକ୍ତି ହୋଇଛି।

ସକାଳ ପ୍ରଭାବ

ସୂଚନା ମୁତାବକ, ଦୋଳସାହି ରାମନାରାୟଣ ଉଚ୍ଚବିଦ୍ୟାଳୟରେ ପ୍ରଧାନଶିକ୍ଷକ ପଦବୀ ଖାଲିଥିବା ସହ ଶିକ୍ଷକ, ପିଅନ ପଦବୀକୁ ମିଶାଇ ମୋଟ ୮ଟି ପଦବୀ ଖାଲି ପଡ଼ିଥିଲା। ଏ ନେଇ ଖବର ପ୍ରକାଶ ପାଇବା ପରେ ଜିଲ୍ଲା ପ୍ରଶାସନ ନିର୍ଦ୍ଦେଶକ୍ରମେ ଜିଲ୍ଲା ଶିକ୍ଷାଧିକାରୀଙ୍କ ଅଫିସ ପକ୍ଷରୁ ପ୍ରଧାନଶିକ୍ଷକ ସମେତ ୫ଟି ପଦବୀ ପୂରଣ କରାଯାଇଥିବାବେଳେ ଗତ ସପ୍ତାହରେ ୨ଟି ପଦବୀ ପୂରଣ ହୋଇଛି। କଳା ବିଭାଗରେ ଶିକ୍ଷୟିତ୍ରୀ ପ୍ରିୟଙ୍କା ନାୟକ ଯୋଗଦାନ କରିଥିବାବେଳେ ବୈଶାଖୀ ସିଂ ପିଅନ ଭାବେ ଯୋଗ ଦେଇଥିବା ଜଣାପଡ଼ିଛି। ଅନ୍ୟପକ୍ଷରେ ଏହି ବିଦ୍ୟାଳୟରେ ଜଣେ କିରାଣି ପଦବୀ ଖାଲି ପଡ଼ିଥିବବେଳେ ଖେଳ ପଡ଼ିଆର ପାଚେରି ନିର୍ମାଣ କାର୍ଯ୍ୟ ସମ୍ପୂର୍ଣ୍ଣ ହେଉ ନ ଥିବା ନେଇ ଅଭିଭାବକ ଓ ବୁଦ୍ଧିଜୀବୀ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି।

## ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା



**ବନ୍ତ/ଆଗରପଡ଼ା, ୨୧।୧୧(ସମିସ):** ବନ୍ତ ବ୍ଲକ ଗଣିଜାଙ୍ଗ ପଞ୍ଚାୟତ ନେହେରୁ ନୋଡାଲ ଉଚ୍ଚ ବିଦ୍ୟାପୀଠରେ ବିଦ୍ୟାଳୟସ୍ତରୀୟ ବିଜ୍ଞାନ ମେଳା ଅନୁଷ୍ଠିତ ହୋଇଯାଇଛି। ଏ ଅବସରରେ ଏକ ବିଜ୍ଞାନଭିତ୍ତିକ ସଭା ଆୟୋଜିତ ହୋଇଥିବାବେଳେ ଏହି ସଭାରେ ବିଦ୍ୟାପୀଠ ପ୍ରଧାନଶିକ୍ଷୟିତ୍ରୀ ଜ୍ୟୋସ୍ନାରାଣୀ ଜେନା ସଭାପତିତ୍ୱ କରିଥିବାବେଳେ ସେଣ୍ଡତିରା ବିଦ୍ୟାଳୟ ବିଜ୍ଞାନ ଶିକ୍ଷୟିତ୍ରୀ ପ୍ରଭାସିନୀ ବିଶ୍ୱାଳ, ଦୋଳପଦୀ ବିଦ୍ୟାଳୟ ବିଜ୍ଞାନ ଶିକ୍ଷକ ବିଶ୍ୱରଞ୍ଜନ ଦାଶ, ବିଜ୍ଞାନ ଶିକ୍ଷୟିତ୍ରୀ ଶୁଭଶ୍ରୀ ବେହେରା, ସିଆରସିସି ପ୍ରଫୁଲ୍ଲ କୁମାର ଦାସ, ପରିଚାଳନା କମିଟି ସଭାପତି ପଞ୍ଚାନନ ଦାସ, ଶିକ୍ଷକ କରୁଣାକର ନାୟକ, ଶିକ୍ଷୟିତ୍ରୀ ନମିତା ଜେନା, ନିତୁସ୍ମିତା ଗିରି, ରତ୍ନମୟୀ ବାରିକ ପ୍ରମୁଖ ଯୋଗ ଦେଇଥିଲେ। ଏହି ବିଦ୍ୟାଳୟରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ୩୦ଟି ବିଜ୍ଞାନଭିତ୍ତିକ ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ଶିକ୍ଷକଶିକ୍ଷୟିତ୍ରୀ ବଳରାମ ଜେନା, ପ୍ରତାପ ରଞ୍ଜନ ପରିଡ଼ା, ମଧୁସ୍ମିତା ନାୟକ, ଡଲିରାଣୀ ଦାସ, ରତିକାନ୍ତ ରାୟ, ପ୍ରସନ୍ନ କୁମାର ଜେନା, ସ୍ମିତାଲି ମଧୁସ୍ମିତା ପଣ୍ଡା, ଯୋଗଦୀପ୍ତା ନାୟକ, ଶରତ ନାୟକ, ଜଗନ୍ନାଥ ପତି ପ୍ରମୁଖ ବିଭିନ୍ନ କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ।

## ରାଜ୍ୟ ଗୋଖା ମହାସଂଘର ଜିଲ୍ଲାସ୍ତରୀୟ ବୈଠକ




**ତିହିଡ଼ି, ୨୧।୧୧(ସମିସ):** ରାଜ୍ୟ ଗୋଖା ମହାସଂଘର ଜିଲ୍ଲାସ୍ତରୀୟ ବୈଠକ ତିହିଡ଼ି ବାରୁଣୀପୋଖରୀଠାରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ମହାସଂଘର ଜିଲ୍ଲା ସଭାପତି ଅଜୟ ମଲ୍ଲିକ ଅଧ୍ୟକ୍ଷତା କରିଥିବାବେଳେ ଭଦ୍ରକ ଜିଲ୍ଲାର ବିଭିନ୍ନ ବ୍ଲକରେ ନେତୃତ୍ୱ ନେଉଥିବା ଅଭୟ ମଲ୍ଲିକ, ଶୁକଦେବ ମଲ୍ଲିକ, ଗଣେଶ ମଲ୍ଲିକ, ପ୍ରତାପ ଦାସ, ଖୋକେନ ଦାସ, ବିଦ୍ୟାଧର ଦାସ, ତାପସ ଦାସ ଓ ସାଗର ଦାସ ପ୍ରମୁଖ ଯୋଗଦେଇ ଆଲୋଚନାରେ ଅଂଶଗ୍ରହଣ କରିଥିଲେ। ଏହି ବୈଠକରେ ମହାସଂଘର ସାଂଗଠନିକ ଅଭିବୃଦ୍ଧି ନେଇ ଆଲୋଚନା ହେବା ସହ ମହାସଂଘର କର୍ମୀ ପରସ୍ପର ମଧ୍ୟରେ ସବୁ ହୀନମନ୍ୟତାକୁ ଭୁଲି ଏକତା ଓ ଭାତୃଭାବରେ ଆବଦ୍ଧ ହେବାକୁ ଆହ୍ୱାନ ଦିଆଯାଇଥିଲା। ସେହିପରି ଶିକ୍ଷା, ଚାକିରି ଓ ବ୍ୟବସାୟ ବାଣିଜ୍ୟ ଆଦି କ୍ଷେତ୍ରରେ ଗୋଖା ସମ୍ପ୍ରଦାୟର ଯୁବକମାନେ ଯେପରି ଆଗକୁ ବଢ଼ିବେ, ଆତ୍ମନିର୍ଭର ହୋଇପାରିବେ ସେଥିନେଇ ବୈଠକରେ ଆଲୋଚନା ହୋଇଥିଲା। ଶେଷରେ ସବୁଠି ପରିଷ୍କାର ପରିଚ୍ଛନ୍ନତା ରକ୍ଷା କରିବା ସହିତ ପରସ୍ପର ସହିତ ଶାନ୍ତି ଓ ସଦଭାବନା ପ୍ରତିଷ୍ଠା କରିବାକୁ ଆହ୍ୱାନ ଦିଆଯାଇ ବୈଠକ ସମାପିତ ହୋଇଥିଲା।

## ଦୁର୍ଘଟଣାରେ ଆହତ ନାବାଳିକାଙ୍କ ମୃତ୍ୟୁ

**ଭଣ୍ଡାରିପୋଖରୀ/ବାରିକପୁର, ୨୧।୧୧ (ସମିସ):** ଦୁର୍ଘଟଣାରେ ଗୁରୁତର ଆହତ ଭଣ୍ଡାରିପୋଖରୀ ବ୍ଲକ ରହଣିଆ ପଞ୍ଚାୟତ ରାଢୋ ଗ୍ରାମର ବିଜୟ ସେନାପତିଙ୍କ କନ୍ୟା ଶିବାନୀ(୧୨)ଙ୍କ ମୃତ୍ୟୁ ଘଟିଛି। ଶିବାନୀ ଓ ତାଙ୍କ ସମ୍ପର୍କୀୟ ସାନଭାଇ ଗତ ୭ ତାରିଖ ଦିନ ବିଦ୍ୟାଳୟରୁ ଘରକୁ ଫେରୁଥିବାବେଳେ ଏକ କାର୍ ସେମାନଙ୍କୁ ଧକ୍କା ଦେଇଥିଲା। ଉଭୟଙ୍କୁ



ଯାଜପୁର ମେଡିକାଲ ନିଆଯାଇଥିଲା। ଅବସ୍ଥା ଗୁରୁତର ହେବାରୁ ଶିବାନୀଙ୍କୁ କଟକ ସ୍ଥାନାନ୍ତରିତ କରାଯାଇଥିଲା। ସେଠାରେ ଏକ ଘରୋଇ ମେଡିକାଲରେ ଚିକିତ୍ସିତ ହେଉଥିବାବେଳେ ଗତକାଲି ତାଙ୍କର ମୃତ୍ୟୁ ହୋଇଥିବା ଜଣାପଡ଼ିଛି। ଶିବାନୀଙ୍କ ମୃତ୍ୟୁରେ ସ୍ଥାନୀୟ ଅଞ୍ଚଳରେ ଶୋକର ଛାୟା ଖେଳିଯାଇଛି।

## ଆଦର୍ଶ ଶିକ୍ଷୟିତ୍ରୀ ସୁକେଶିନୀ ପଣ୍ଡାଙ୍କ ସ୍ମୃତିସଭା

**ଅସୁରାଳୀ, ୨୧।୧୧(ସମିସ):** ମା' ବାସନ୍ତୀ ଦୁର୍ଗାପୂଜା କମିଟି ଆନୁକୂଲ୍ୟରେ ଧୂଷୁରୀ ପଞ୍ଚାୟତ କାର୍ଯ୍ୟାଳୟରେ ଧୂଷୁରୀ ଅଞ୍ଚଳର




ପ୍ରଥମ ଅବସରପ୍ରାପ୍ତ ଆଦର୍ଶ ଶିକ୍ଷୟିତ୍ରୀ ତଥା ଧର୍ମପ୍ରାଣ ମହିଳା, ସୁକେଶିନୀ ସଦାନନ୍ଦ ମେମୋରିଆଲ ଫଣ୍ଡର ସଦସ୍ୟା ସ୍ୱର୍ଗତା ସୁକେଶିନୀ ପଣ୍ଡାଙ୍କ ସ୍ମୃତିଚାରଣ ସଭା ଅନୁଷ୍ଠିତ ହୋଇଯାଇଛି। ଉକ୍ତ ସଭାରେ ସଭାପତିତ୍ୱ କରିଥିଲେ ଶିକ୍ଷାବିତ୍ ନିରୋଦ ବେହେରା, ସଭା ପରିଚାଳନା କରିଥିଲେ ସାହିତ୍ୟିକ ରବୀନ୍ଦ୍ର କୁମାର ବେହୁରିଆ। ଧୂଷୁରୀ ସରପଞ୍ଚ ଅନ୍ତର୍ଯ୍ୟାମୀ ପତି, ବରିଷ୍ଠ ନେତା ଚତୁର୍ଭୁଜ ନାୟକ, ଅବସରପ୍ରାପ୍ତ ପ୍ରଧାନଶିକ୍ଷକ ମାୟାଧର ବିଶ୍ୱାଳ ପ୍ରମୁଖ ଅତିଥି ଭାବେ ଯୋଗ ଦେଇଥିଲେ। ଅନ୍ୟମାନଙ୍କ ମଧ୍ୟରେ ଧୂଷୁରୀ ମଣ୍ଡଳ ବିଜେପି ସଭାପତି ଅନିରୁଦ୍ଧ ସାହୁ, ଶିକ୍ଷାବିତ୍ ହେମନ୍ତ ସୂତାର, ଶିକ୍ଷାବିତ୍ ଶିବପ୍ରସାଦ ନାୟକ, ସମାଜସେବୀ କ୍ଷୀରୋଦ ଧଳ, ଅଜୟ ବଳ, ଶିକ୍ଷାବିତ୍ ସୁରେନ୍ଦ୍ର ରାଉତ, ତାରାକାନ୍ତ ଗୋସ୍ୱାମୀ, ନରେନ୍ଦ୍ର ଗୋସ୍ୱାମୀ, ସମାଜସେବୀ ବାସୁଦେବ ବେହେରା, ଦେବାନନ୍ଦ ହୋତା, ଶିବପ୍ରସାଦ ବିଶ୍ୱାଳ, ଫନି ଭୂଷଣ ମଲ୍ଲିକ, ପଣ୍ଡିତ ପ୍ରାଣବନ୍ଧୁ ସାଇନ୍ତ, ପର୍ଶୁରାମ ଓଝା ପ୍ରମୁଖ ଯୋଗଦେଇ ସ୍ୱର୍ଗତା ସୁକେଶିନୀ ପଣ୍ଡାଙ୍କ ସ୍ମୃତିଚାରଣ କରିଥିଲେ।

## ସତ୍ ସାହିତ୍ୟ ଓ କ୍ୟାଲେଣ୍ଡର ବଣ୍ଟନ



**ଭଦ୍ରକ, ୨୧।୧୧(ସମିସ):** ଭଦ୍ରକ ଶ୍ରୀଯୋଗ ବେଦାନ୍ତ ସେବା ସମିତି ପକ୍ଷରୁ ସଦସ୍ୟମାନେ ସତ ସାହିତ୍ୟ ଓ କ୍ୟାଲେଣ୍ଡର ବଣ୍ଟନ କରିଛନ୍ତି। ସନ୍ଥ ଶ୍ରୀ ଆଶାରାମଜୀ ବାପୁ ଅନୁପ୍ରାଣିତ ସମିତି ଦ୍ୱାରା ପ୍ରତ୍ୟେକ ବର୍ଷ ଏଭଳି ବଣ୍ଟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥାଏ। ଚଳିତ ବର୍ଷ ସଦସ୍ୟମାନେ ଚରମ୍ପା ରେଲୱେ ଷ୍ଟେସନ, ଟ୍ୟାକ୍ସି ଷ୍ଟାଣ୍ଡ, ବସ୍‌ଷ୍ଟାଣ୍ଡ ଓ ଅନ୍ୟାନ୍ୟ ସ୍ଥାନରେ ୨୦୨୬ ମସିହା କ୍ୟାଲେଣ୍ଡର ବଣ୍ଟନ କରିଛନ୍ତି। ଏଥିସହ ବୈଦିକ ଜ୍ଞାନରେ ଭରପୂର ଅନେକ ସତ ସାହିତ୍ୟ ତଥା ଋଷି ପ୍ରସାଦ ଓ ଲୋକ କଲ୍ୟାଣ ସେତୁ ପତ୍ରିକା ବଣ୍ଟନ କରାଯାଇଛି। ଆଗକୁ ଏଭଳି କାର୍ଯ୍ୟକ୍ରମ ଜାରି ରହିବ ବୋଲି ସମିତି ପକ୍ଷରୁ କୁହାଯାଇଛି। ଏହି କାର୍ଯ୍ୟକ୍ରମରେ ସମସ୍ତ ସଦସ୍ୟ ଯୋଗ ଦେଇଥିଲେ।

## ଇ-ଶ୍ରମ କାର୍ଡରେ ବ୍ୟାପକ ତ୍ରୁଟି; ଛାତ୍ରଛାତ୍ରୀ ହନ୍ତସନ୍ତ

**ବାରିକପୁର, ୨୧।୧୧(ସମିସ):** ଯେଉଁ ବ୍ୟକ୍ତି ଇ-ଶ୍ରମ କାର୍ଡ କରିଥିଲେ ଏବେ ସେମାନେ ନାନାଦି ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଏହି କାର୍ଡରେ ବ୍ୟାପକ ଅବ୍ୟବସ୍ଥା ରହିଥିବା ଯୋଗୁଁ ହିତାଧିକାରୀଙ୍କ ପାଠପଢୁଆ ପିଲା ନାନାଦି ହଇରାଣ ହେଉଥିବା ଜଣାପଡ଼ିଛି।

ସୂଚନା ମୁତାବକ, ଭଣ୍ଡାରିପୋଖରୀ ବ୍ଲକ ଅଞ୍ଚଳରେ ବିଗତ ୬ ମାସ ମଧ୍ୟରେ ଅନେକ ଯୋଗ୍ୟ ବ୍ୟକ୍ତି ଇ-ଶ୍ରମ କାର୍ଡ ପାଇଛନ୍ତି। ଖାଦ୍ୟ ସୁରକ୍ଷା ଆଇନ ଅନୁଯାୟୀ ପ୍ରଥମେ ହିତାଧିକାରୀଙ୍କ ନାମ ପଞ୍ଜୀକରଣ ହେବା ପରେ ଅନ୍ୟାନ୍ୟ ସଦସ୍ୟଙ୍କ ନାଁ ଏଥିରେ ଯୋଡ଼ାଯାଇଥିଲା। ହିତାଧିକାରୀଙ୍କ ପାଠପଢୁଆ ପୁଅଝିଅ ଅନଲାଇନରେ ଆଇ ସ୍କାନ୍ ଓ ନିଜ ନାମକୁ କାର୍ଡରେ ସଂଯୋଗ




କରିଥିଲେ। ପରିତାପର ବିଷୟ ଅନେକ ଦିନ ଅତିବାହିତ ହୋଇଥିଲେ ସୁଦ୍ଧା ଏବେ ସରକାରୀ ଭାବେ ଆଧାର ଓ ରାସନ୍ କାର୍ଡ ସଂଯୋଗ ହୋଇନାହିଁ। ଫଳରେ ଡିଲର ପଏଣ୍ଟରେ ଆଇ ସ୍କାନ କରିଥିବା ଛାତ୍ରଛାତ୍ରୀଙ୍କ ଏଯାଏଁ ଅନଲାଇନରେ କାର୍ଡରେ ନାମ ଅଛି ବୋଲି ସୂଚିତ ହେଉନାହିଁ। ଫଳରେ ବିଭିନ୍ନ ଶିକ୍ଷାନୁଷ୍ଠାନରେ ସେମାନଙ୍କୁ ଯେଉଁ ସୁବିଧା ମିଳିବା କଥା, ତାହା ମିଳୁନାହିଁ। ଏଥିସହ ଅନ୍ୟାନ୍ୟ ସରକାରୀ କାର୍ଯ୍ୟାରେ ମଧ୍ୟ ଶିକ୍ଷିତ ଯୁବକ/ଯୁବତୀ କାର୍ଡରେ ନାମ ସଂଯୋଗ ନ ଥିବା ଯୋଗୁଁ ହନ୍ତସନ୍ତ ହେଉଛନ୍ତି। ପ୍ରଶାସନିକ ସ୍ତରରେ ଏଭଳି ତ୍ରୁଟି ସୁଧାରିବା ପାଇଁ କେହି ଦୃଷ୍ଟି ଦେଉ ନ ଥିବା ଅଭିଯୋଗ ହୋଇଛି। ଏଥିପାଇଁ ଶହଶହ ଜନସାଧାରଣଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି। ଏହା ଉପରେ ଗୋଷ୍ଠୀ ଉନ୍ନୟନ ଅଧିକାରୀ ଯଥାଶୀଘ୍ର ଦୃଷ୍ଟି ଦେବାକୁ ଦାବି ହୋଇଛି।

## ବ୍ଲକସ୍ତରୀୟ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର | ୨୬୫ ହିତାଧିକାରୀ ଚିହ୍ନଟ




**ବନ୍ତ/ଆଗରପଡ଼ା, ୨୧।୧୧(ସମିସ):** ବନ୍ତ ବ୍ଲକ ପଳସଗଡିଆସ୍ଥ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ବ୍ଲକସ୍ତରୀୟ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ଏଥିରେ ୫ଟି ବିଭାଗରେ ମୋଟ ୨୬୫ ଜଣଙ୍କୁ ଚିହ୍ନଟ କରାଯାଇଥିଲା। ସେଥିମଧ୍ୟରେ ଶାରୀରିକ ଭିନ୍ନକ୍ଷମରେ ୯୭, ଦୃଷ୍ଟିବାଧିତ ଭିନ୍ନକ୍ଷମରେ ୩୩, ଶ୍ରବଣବାଧିତରେ ୪୩, ମସ୍ତିଷ୍କ ପକ୍ଷାଘାତ ବିଭାଗରେ ୬୨ ଓ ଶୂନରୁ ୧୪ ବର୍ଷ ବୟସ ସମସ୍ତ ପ୍ରକାର ଭିନ୍ନକ୍ଷମ ବିଭାଗରେ ୩୦ ଜଣ ହିତାଧିକାରୀଙ୍କୁ ଚିହ୍ନଟ କରାଯାଇଥିଲା। ସମସ୍ତ ଭିନ୍ନକ୍ଷମଙ୍କୁ ପରବର୍ତ୍ତୀ ଅବସ୍ଥାରେ ପ୍ରମାଣ ପତ୍ର ପ୍ରଦାନ କରାଯିବ। ଏ ଅବସରରେ ବିଡିଓ ସୀତାକାନ୍ତ ରାଉତଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଚେତନତା ସଭାରେ ଭଣ୍ଡାରିପୋଖରୀ ବିଧାୟକ ସଞ୍ଜୀବ ମଲ୍ଲିକ, ସାଂସଦ ପ୍ରତିନିଧି ସୁଧାଂଶୁ ଶେଖର ନାୟକ, ଜିଲ୍ଲା ପରିଷଦ ସଭାପତି ପ୍ରଫୁଲ୍ଲ କୁମାର ଜେନା, ବ୍ଲକ ଅଧ୍ୟକ୍ଷ ମନୋରଞ୍ଜନ ଘଡେଇ, ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଗଣେଶ୍ୱର ସେଠୀ, ଉପଖଣ୍ଡ ସାମାଜିକ ସୁରକ୍ଷା ଅଧିକାରୀ ସୁବାସ ଚନ୍ଦ୍ର ନାୟକ, ସରପଞ୍ଚ ରଜନୀ ସେଠୀ ପ୍ରମୁଖ ଯୋଗଦେଇ ଦିବ୍ୟାଙ୍ଗମାନେ କିପରି ସମାଜର ମୁଖ୍ୟସ୍ରୋତରେ ସାମିଲ ହୋଇପାରିବେ, ସେନେଇ ସରକାର ସମସ୍ତ ବ୍ୟବସ୍ଥା କରିଛନ୍ତି ବୋଲି କହିଥିଲେ। ଶିକ୍ଷକ ସୁଧୀର କୁମାର ବାରିକ ମଞ୍ଚ ସଂଯୋଜନା କରିଥିବାବେଳେ ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ପ୍ରକାଶ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ଶିବିର ପରିଚାଳନାରେ ପିଇଓ ରାଜେନ୍ଦ୍ର କୁମାର ଦାସ, ବ୍ଲକ ସାମାଜକ ସୁରକ୍ଷା ବିଭାଗ କର୍ମଚାରୀ ଲକିପ୍ରଭା ଜେନା, ପଦ୍ମିନୀ ସିଂହଙ୍କ ସମେତ ବିଭିନ୍ନ ପଞ୍ଚାୟତର ପିଇଓ, ଏଡିଇଓ, ଜିଆରଏସ ଓ ସମସ୍ତ ବ୍ଲକ କର୍ମଚାରୀ ସହଯୋଗ କରିଥିଲେ।

## ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର

**ବାରିକପୁର/ବାରିକପୁର, ୨୧।୧୧(ସମିସ):** ଭଣ୍ଡାରିପୋଖରୀ ରାମଚନ୍ଦ୍ରପୁର ପଞ୍ଚାୟତର ସମ୍ପୈଇସ୍ଥ ମୁରଲୀଧର ନୋଡାଲ ପ୍ରାଥମିକ ବିଦ୍ୟାଳୟରେ ଗୁରୁବାର ବ୍ଲକସ୍ତରୀୟ ଭୀମଭୋଇ ଭିନ୍ନକ୍ଷମ ସାମର୍ଥ୍ୟ ଶିବିର ଅନୁଷ୍ଠିତ ହୋଇଯାଇଛି। ବିଡିଓ ଦେବଦତ୍ତ ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଥିବା ଶିବିରକୁ ମୁଖ୍ୟଅତିଥି ସାଂସଦ ଅଭିମନ୍ୟୁ ସେଠୀ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ଭାବେ ବିଧାୟକ ସଞ୍ଜୀବ କୁମାର ମଲ୍ଲିକ, ବ୍ଲକ ଅଧ୍ୟକ୍ଷା ସୁମତୀ ସେଠୀ, ତହସିଲଦାର ରୋଜାଲିନ ବେହେରା, ଉପଖଣ୍ଡ ସାମାଜିକ ସୁରକ୍ଷା ଅଧିକାରୀ ସୁବାସ ଚନ୍ଦ୍ର ନାୟକ, ସରପଞ୍ଚ ରେଣୁବାଳା ରାଉତ,



ସମିତି ସଭ୍ୟା ବୈଜୟନ୍ତୀ ମୁଣ୍ଡା ପ୍ରମୁଖ ଯୋଗଦେଇ ଶିବିର ଆୟୋଜନ ସମ୍ପର୍କରେ ବିଭିନ୍ନ ବକ୍ତବ୍ୟ ପ୍ରଦାନ କରିଥିଲେ। ଗ୍ରାମାଞ୍ଚଳରେ ବିଭିନ୍ନ ବର୍ଗର ଭିନ୍ନକ୍ଷମଙ୍କୁ ଚିହ୍ନଟ କରିବା ସହିତ ସେମାନଙ୍କୁ ସରକାରୀ ସହାୟତା ଯୋଗାଇ ଦେବା ଶିବିରର ମୁଖ୍ୟ ଉଦ୍ଦେଶ୍ୟ ବୋଲି ସମସ୍ତ ଅତିଥି ମତବ୍ୟକ୍ତ କରିଥିଲେ। ବ୍ଲକ ସାମାଜିକ ସୁରକ୍ଷା ଅଧିକାରୀ ସାନ୍ତ୍ୱନା ଦାସ ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

ଉକ୍ତ ଶିବିରରେ ଶ୍ରବଣବାଧିତ ୪୩, ଦୃଷ୍ଟିବାଧିତ ୫୦, ଶିଶୁ ରୋଗ ୩୪, ମାନସିକ ଅନଗ୍ରସର ତଥା ପକ୍ଷାଘାତ ୬୪ ଓ ଶାରୀରିକ ଭିନ୍ନକ୍ଷମ ଭାବେ ୧୫୪ ଜଣଙ୍କ ନାମ ପଞ୍ଜୀକରଣ ହୋଇଥିଲା। ଡାକ୍ତର ଉମାକାନ୍ତ ଜେନା, ଅଶୋକ ମିଶ୍ର, ବିଜୟ ପଣ୍ଡା, ମାନସ ରଞ୍ଜନ ବିଶ୍ୱାଳ, ରମାକାନ୍ତ ସାହୁ ସମସ୍ତ ଭିନ୍ନକ୍ଷମଙ୍କୁ ବିଭିନ୍ନ ପରୀକ୍ଷା ନିରୀକ୍ଷା କରିଥିଲେ। ନାମ ପଞ୍ଜୀକରଣ କରିଥିବା ସମସ୍ତ ବର୍ଗର ଭିନ୍ନକ୍ଷମ ବ୍ୟକ୍ତିଙ୍କୁ ୮/୧୦ ଦିନ ମଧ୍ୟରେ ପ୍ରମାଣପତ୍ର ଯୋଗାଇ ଦିଆଯିବ ବୋଲି ସୂଚନା ଦିଆଯାଇଛି। କାର୍ଯ୍ୟକ୍ରମକୁ ବ୍ଲକ କର୍ମଚାରୀ ପରିଚାଳନା କରିଥିଲେ।

## ଧାମନଗର ବ୍ଲକ୍‌ରେ ୧୭୫୫ ପ୍ରଧାନମନ୍ତ୍ରୀ ଆବାସ ଅସମ୍ପୂର୍ଣ୍ଣ

# ଡିସେମ୍ବର ପୂର୍ବରୁ କାମ ଶେଷ କରିବାକୁ ବ୍ଲକ୍ ପ୍ରଶାସନର ଚେତାବନୀ

ଧାମନଗର, ୨୧।୧୧(ସମିସ)

ଧାମନଗର ବ୍ଲକରେ ପ୍ରଧାନମନ୍ତ୍ରୀ ଆବାସ ଯୋଜନା (ପିଏମଏୱାଇ-ଗ୍ରାମୀଣ)ଅଧୀନରେ ଦିଆଯାଇଥିବା ୧୭୫୫ଟି ଆବାସ ଅସମ୍ପୂର୍ଣ୍ଣ ରହିଥିବା ଖବର ଚର୍ଚ୍ଚା ଜୋରଦାର ହୋଇଛି। ଆସନ୍ତା ଡିସେମ୍ବରରେ କେନ୍ଦ୍ର ସରକାରଙ୍କ ନୂତନ ଆବାସ ଆସିବା ପୂର୍ବରୁ ଏହି ଅସମ୍ପୂର୍ଣ୍ଣ ଘର ବ୍ଲକ ପାଇଁ ସମସ୍ୟା ସୃଷ୍ଟି କରିପାରେ ବୋଲି ପ୍ରଶାସନ ଆଶଙ୍କା କରୁଛି। ୨୦୧୬-୧୭ରୁ ୨୦୨୪-୨୫ ଅବଧି ମଧ୍ୟରେ ଧାମନଗର ବ୍ଲକର ୩୧ଟି ପଞ୍ଚାୟତରେ ମୋଟ ୧୭୫୫ ଆବାସ ଅପରିଣତ ରହିଥିବା ବିଡିଓ ସୂଚନା ଦେଇଛନ୍ତି। ଭଗବାନପୁର ଓ




ଗୋବିନ୍ଦପୁର ପଞ୍ଚାୟତରେ ଅଧିକ ସଂଖ୍ୟକ ହିତାଧିକାରୀ ଘର କାମ କରି ନ ଥିବା ଚିହ୍ନଟ ହୋଇଛି। ଏହି ହିତାଧିକାରୀଙ୍କୁ ପ୍ରଥମ କିସ୍ତି ୨୦,୦୦୦ ଟଙ୍କା ଆକାଉଣ୍ଟକୁ ଯାଇଥିବା ସତ୍ତ୍ୱେ କାମ ହୋଇ ନ ଥିବା ପ୍ରଶାସନ ପାଇଁ ଚିନ୍ତାର କାରଣ ହୋଇଛି।

ପ୍ରତ୍ୟେକ ପଞ୍ଚାୟତରେ ପାଖାପାଖି ୫୦ରୁ ୭୦ଟି ଆବାସ ଅସମ୍ପୂର୍ଣ୍ଣ ରହିଛି। ପ୍ରଧାନମନ୍ତ୍ରୀ ଆବାସ ଯୋଜନାର ସରକାରୀ ନିୟମ ଅନୁଯାୟୀ ପ୍ରଥମ କିସ୍ତି ପରେ ଘର ନିର୍ମାଣ କରିଥିବା ପ୍ରମାଣ ଦେଖାଇବା ଆବଶ୍ୟକ। ଏହା ନ ହେଲେ ପରବର୍ତ୍ତୀ କିସ୍ତି ବନ୍ଦ ହେବ। ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ଆବାସ ସମ୍ପୂର୍ଣ୍ଣ କଲେ ଶେଷ କିସ୍ତି ମିଳିବ। ଏଥିସହ ଏନଆରଜିଏସ୍ ମଜୁରୀ ବାବଦକୁ ୨୦ ହଜାର ଟଙ୍କା ମିଳିବ। ତେବେ ଏଭଳି ନିୟମ ସତ୍ତ୍ୱେ ଧାମନଗର ବ୍ଲକରେ କାହିଁକି ହିତାଧିକାରୀ ଘର ନିର୍ମାଣ କରିପାରୁନାହାନ୍ତି, ତାହାର ତଦନ୍ତ ହେବା ଆବଶ୍ୟକ। ଡେରି ହେବା ନେଇ ପ୍ରଶାସନ ପକ୍ଷରୁ ବାରମ୍ବାର ନୋଟିସ, ଅଧିକାରୀ ପହଞ୍ଚି କାର୍ଯ୍ୟ ଶୀଘ୍ର କରିବାକୁ ଜଣାଉଥିଲେ ହେଁ ହିତାଧିକାରୀ କାର୍ଯ୍ୟ ଆରମ୍ଭ କରୁନାହାନ୍ତି। ଏ ନେଇ ଧାମନଗର ବିଡିଓ ବନବିହାରୀ ଦିହ୍ନା କୁହନ୍ତି, ଡିସେମ୍ବର ମାସ ପୂର୍ବରୁ କାମ ଶେଷ କରିବାକୁ ବାରମ୍ବାର ଅନୁରୋଧ କରାଯାଉଛି। ନଚେତ୍ ନିୟମ ଅନୁଯାୟୀ ଟଙ୍କା ଫେରସ୍ତ ପାଇଁ ସରକାରୀ ବ୍ୟବସ୍ଥା କରାଯିବ ବୋଲି କହିଛନ୍ତି।

■ ତ୍ରୟୋଦଶ ଭଦ୍ରକ ମହୋତ୍ସବ ଓ ପୁସ୍ତକ ମେଳାର ଦ୍ୱାଦଶ ସନ୍ଧ୍ୟା

# 'ଜନଜୀବନକୁ ପ୍ରଭାବିତ କରିଛି ଲୋକକଳା ଓ ସାଂସ୍କୃତିକ ପରମ୍ପରା'




ଭଦ୍ରକ,୨୧।୧୧(ସମିସ): ଓଡ଼ିଆ ସାରସ୍ୱତ ଆକାଶରେ ଭଦ୍ରକ ଯେପରି ଉଜ୍ଜ୍ୱଳ ଜ୍ୟୋତିଷ୍କ ଭାବେ ପ୍ରତିଭାତ ହୋଇଛି, ସେପରି ଲୋକକଳା ଓ ସାଂସ୍କୃତିକ ପରମ୍ପରା ଜଗତକୁ ତା'ର ଅବଦାନ ଅବିସ୍ମରଣୀୟ। ଭଦ୍ରକ ମାଟିର ମଣିଷ ବିପ୍ଳବୀ ବଂଶୀବଲ୍ଲଭ ଗୋସ୍ୱାମୀ, କାନ୍ତକବି ଲକ୍ଷ୍ମୀକାନ୍ତ ମହାପାତ୍ର, ଜାତୀୟ କବି ବାଞ୍ଛାନିଧି ମହାନ୍ତି, କେଶବ କବି କୃଷ୍ଣପ୍ରସାଦ ବେହେରା, ନାଟ୍ୟାଚାର୍ଯ୍ୟ ରଘୁନାଥ ପଣ୍ଡା, ଯାତ୍ରା ସମ୍ରାଟ ଶ୍ୟାମସୁନ୍ଦର ମହାପାତ୍ର, ନାଟ୍ୟକାର ଉମାକାନ୍ତ ବେହେରା ପ୍ରମୁଖ ବହୁ ସାରସ୍ୱତ ସାଧକ ତଥା ନାଟ୍ୟକାର, ଗୀତିକାର, ଅଭିନେତା, ନାଟ୍ୟ ନିର୍ଦ୍ଦେଶକ ଓଡ଼ିଆ ଲୋକକଳା ଜଗତକୁ ସମୃଦ୍ଧ କରିବା ସହ ଓଡ଼ିଆ ଜନଜୀବନକୁ ପ୍ରଭୂତ ଭାବେ ପ୍ରଭାବିତ କରିଛନ୍ତି ବୋଲି ଭଦ୍ରକ ମହୋତ୍ସବ ଓ ପୁସ୍ତକ ମେଳା ଟ୍ରଷ୍ଟ ଆନୁକୂଲ୍ୟରେ ଭଦ୍ରକ ସହର ମନମୋହନ ସଂଗୀତ ପରିଷଦ ପଡ଼ିଆରେ ତ୍ରୟୋଦଶ ଭଦ୍ରକ ମହୋତ୍ସବ ଓ ପୁସ୍ତକ ମେଳାର ଦ୍ୱାଦଶ ସନ୍ଧ୍ୟାରେ ଅତିଥିମାନେ ମତବ୍ୟକ୍ତ କରିଛନ୍ତି।

ମହୋତ୍ସବର ସାଂସ୍କୃତିକ ସମ୍ପାଦକ ରାମନାରାୟଣ ମହାନ୍ତିଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ଏହି ସାରସ୍ୱତ ସମାରୋହରେ ପୂର୍ବତନ ବିଧାୟକ ମୁକ୍ତିକାନ୍ତ ମଣ୍ଡଳ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ। ଶିକ୍ଷା ନିବୃତ୍ତ ପ୍ରଫେସର ଡ. ରାମଚନ୍ଦ୍ର ପଣ୍ଡା ମୁଖ୍ୟବକ୍ତା, "ନବ କାକଳୀ"ର ସମ୍ପାଦକ ଡ. ସୁରେନ୍ଦ୍ର ନାଥ ତ୍ରିପାଠୀ ବିଶିଷ୍ଟ ଅତିଥି, ନାଟ୍ୟଶ୍ରୀ ନିର୍ମଳ ରାଉତ, ଅବସରପ୍ରାପ୍ତ ଅଧ୍ୟାପକ ତଥା ନାଟ୍ୟକାର ଡ. ରମାକାନ୍ତ ନାୟକ, ନାଟ୍ୟ ନିର୍ଦ୍ଦେଶକ ତଥା କବି ସାରଥୀ ପଣ୍ଡା, ମଞ୍ଚ ଅଭିନେତା କାଳନ୍ଦୀ ଚରଣ ମଲ୍ଲିକ, ଅଭିନେତା ତଥା ସଂଗଠକ ନିମାନନ୍ଦ ସାହୁ, ପ୍ରଧାନଶିକ୍ଷକ ପ୍ରକୃତି ବନ୍ଧୁ ବୈକୁଣ୍ଠ ବିଶାଳ ପ୍ରମୁଖ ବରେଣ୍ୟ ଅତିଥି ଭାବେ ଯୋଗଦେଇଥିଲେ। ଆଡଭୋକେଟ୍ ସ୍ୱସ୍ତିକା ପଣ୍ଡା ଅତିଥି ପରିଚୟ ଓ ଅଧ୍ୟାପକ ନିହାର ରଞ୍ଜନ କର ସ୍ୱାଗତ ଭାଷଣ ଦେଇଥିଲେ। ଶିଶୁ ସାହିତ୍ୟିକା ମମତା ଦାଶ ଅତିଥିଙ୍କୁ ମଞ୍ଚକୁ ନିମନ୍ତ୍ରଣ କରିଥିଲେ। ସମ୍ପାଦକ ରବିନାରାୟଣ ଖୁଣ୍ଟିଆ ଧନ୍ୟବାଦ ଅର୍ପଣ କରିଥିଲେ। ଟ୍ରଷ୍ଟର ସଭାପତି ଇଂ. ଅଜୟ ସ୍ୱାଇଁ ମଞ୍ଚ ପରିଚାଳନା କରିଥିବାବେଳେ ଇଂ. ରତିକା ନାୟକ ସ୍ୱାଗତ ସଂଗୀତ ଓ ଓଡ଼ିଶା ସରକାରଙ୍କ ସଂସ୍କୃତି ବିଭାଗ ଆନୁକୂଲ୍ୟରେ ଖୋର୍ଦ୍ଧାର ଚତୁର୍ଭୂଜମୂର୍ତ୍ତି ଭଜନ ସନ୍ଧ୍ୟା କଳାକାର ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ।

ଐତିହାସିକ ସେନାପତିଆ ପୋଖରୀ

# ସରକାରୀ ଖାତାକୁ ଫେରିବା ପରେ ପୁଣି ଜବରଦଖଲ

ଦୋବଲ,୨୧।୧୧(ସମିସ): ଧାମନଗର ବ୍ଲକ ଦୋବଲ ନିକଟସ୍ଥ କିମ୍ବଦନ୍ତୀ ତଥା ଐତିହାସିକ ସେନାପତିଆ ପୋଖରୀ ଜବରଦଖଲ ଥିବାବେଳେ ଦୀର୍ଘବର୍ଷ ପରେ ତାହା ସରକାରୀ ଖାତାକୁ ଫେରିଥିଲେ ସୁଦ୍ଧା ଏବେବି ଜବରଦଖଲରେ ରହିଛି।

ସୂଚନା ମୁତାବକ, ଦୀର୍ଘଦିନ ହେଲା ଭଦ୍ରକ ଅତିରିକ୍ତ ଜିଲ୍ଲାପାଳଙ୍କ କୋର୍ଟରେ ବିଚାରାଧୀନ ଥିବା ଐତିହାସିକ ସେନାପତିଆ ପୋଖରୀଆଡି ସରକାରୀ ଖାତାକୁ ଫେରିଛି। ଏ ନେଇ ଅତିରିକ୍ତ ଜିଲ୍ଲାପାଳଙ୍କ କୋର୍ଟ ଏହି ରାୟ ଶୁଣାଣି କରିଥିଲେ। କିମ୍ବଦନ୍ତୀପୂର୍ଣ୍ଣ ତଥା ଐତିହାସିକ ସେନାପତିଆ ପୋଖରୀ ଆଡିର ପ୍ଲଟ ନମ୍ବର ୩୯୧୨ ଜଳଭାଗ ଏ୧୧.୧୩ଡି ଓ ପଶ୍ଚିମ ପାଖ ଆଡି ପ୍ଲଟ ନମ୍ବର ୩୯୧୦ ୪.୫୫ଡି ସରକାରୀ ରକ୍ଷିତ ଖାତାରେ ଥିବାବେଳେ ଏହାର ପୂର୍ବ ପାଖ ଆଡି ଖାତା ୧୩୦୩/୩୧୮ ପ୍ଲଟ ନମ୍ବର ୩୯୧୩ ଏ. ୮ଡି ମୌଲାନା ସୟଦ ଗୋଲାମ ମହମ୍ମଦ



ପ୍ରଶାସନ ଦୃଷ୍ଟି ଦେବାକୁ ଦାବି

କାଦିର ହବିବଙ୍କ ନାମରେ ଥିଲା। ସେଥିମଧ୍ୟରୁ କାଦିର ୪୦ ଡିସିମିଲ ନେଇଥିଲେ। ଯାହାର ଖାତା ନମ୍ବର ୧୩୦୩/୭୫୦, ପ୍ଲଟ ନମ୍ବର ୩୯୦୩/୪୮୧୫ ବେଲମଳା ଗ୍ରାମର ସାଗରିକା ରାଉତ, ସ୍ୱାମୀ-ବିଚିତ୍ର ସ୍ୱାଇଁଙ୍କୁ ବିକ୍ରୟ କରିଥିଲେ। ଉକ୍ତ ପୋଖରୀ ଆଡି ବେଲମଳା ସମେତ ସ୍ଥାନୀୟଲୋକେ ଚଳପ୍ରଚଳ କରୁଥିଲେ। ଫଳରେ ଗ୍ରାମବାସୀଙ୍କ ଉଦ୍ୟମ ଫଳରେ ୨୦୦୭ରେ ଧାମନଗର ତହସିଲଦାରଙ୍କ ଏ ସମ୍ପର୍କରେ ଅଭିଯୋଗ କରିଥିଲେ। ତହସିଲଦାର ଉକ୍ତ ଘଟଣାର ସମସ୍ତ କାଗଜପତ୍ର ଯାଞ୍ଚ କରିବା ପରେ ୨୦୦୮ରେ ଉଭୟ ପଟାଧାରୀଙ୍କ ପଟାକୁ ରଦ୍ଦ କରି ଉକ୍ତ ଆଡିକୁ ସରକାରୀ ରକ୍ଷିତ ଖାତାକୁ ନେଇଥିଲେ। ଫଳରେ ଉଭୟ ପଟାଧାରୀ ତହସିଲଦାରଙ୍କ ରାୟ ବିରୋଧରେ ଭଦ୍ରକ ଅତିରିକ୍ତ ଜିଲ୍ଲାପାଳଙ୍କ କୋର୍ଟରେ ଅପିଲ କରିଥିଲେ। ଏହି ମାମଲାରେ ବେଲମଳା ଗ୍ରାମବାସୀଙ୍କୁ ଅତିରିକ୍ତ ଜିଲ୍ଲାପାଳ ସରକାରୀ ପକ୍ଷଭୁକ୍ତ କରିବାକୁ ସମ୍ମତି ଦେଇଥିଲେ। ପଟାଧାରୀ ୨୦୦୮ରେ ହାଇକୋର୍ଟରୁ ଏକ ରହିତାଦେଶ ଆଣିଥିଲେ। ଏହି ରହିତାଦେଶ ୨୦୦୮ରୁ ୨୦୧୬ ପର୍ଯ୍ୟନ୍ତ ବଳବତ୍ତର ରହି ୨୦୧୬ ଫେବୃଆରୀ ମାସରେ ମାମଲାର ଶୁଣାଣି କରାଯାଇ ରହିତାଦେଶ ଉଠାଇ ଦିଆଯାଇଥିଲା। ସେହିଦିନରୁ ଏହି ମାମଲା ଅତିରିକ୍ତ ଜିଲ୍ଲାପାଳଙ୍କ କୋର୍ଟରେ ବିଚାରାଧୀନ ଥିଲା। ଧାମନଗର ତହସିଲଦାରଙ୍କ ପୂର୍ବରୁ ଦିଆଯାଇଥିବା ରାୟକୁ ଅତିରିକ୍ତ ଜିଲ୍ଲାପାଳଙ୍କ କୋର୍ଟ କାଏମ ରଖି ମାମଲାକୁ ଶୁଣାଣି କରିଥିଲେ। ଏହି ରାୟ ପ୍ରକାଶ ପାଇବା ପରେ ସ୍ଥାନୀୟ ଅଞ୍ଚଳବାସୀଙ୍କ ମଧ୍ୟରେ ଆନନ୍ଦ ପ୍ରକାଶ ପାଇଥିଲା।

ତେବେ ସରକାରୀ ଖାତାକୁ ଜାଗା ଫେରିବା ପରେ ଏବେ ପାଖାପାଖି ୨ ଏକର ଜାଗା ପୁଣି ଜବରଦଖଲରେ ରହିଛି। ପଟା ଫେରିଛି, ମାତ୍ର ଜାଗା ଛାଡ଼ୁନାହାନ୍ତି। ଏବେ ସେହି ପୋଖରୀର ସୌନ୍ଦର୍ଯ୍ୟକରଣ ପାଇଁ ସରକାର ପଦକ୍ଷେପ ନେଉଛନ୍ତି। ଦୁଇଦିନ ତଳେ ମଧ୍ୟ ଭଦ୍ରକ ଜିଲ୍ଲାପାଳଙ୍କ ସମେତ ଜିଲ୍ଲାର ବିଭିନ୍ନ ବିଭାଗ ଅଧିକାରୀ ଆସି ପୋଖରୀର ଉନ୍ନତିକରଣ ପାଇଁ ସମୀକ୍ଷା କରିଫେରିଛନ୍ତି। ପୋଖରୀର ଜବରଦଖଲ ସମସ୍ୟା ହଟୁନାହିଁ। ଏ ନେଇ ଜିଲ୍ଲାପାଳ ସ୍ୱତନ୍ତ୍ର ଦୃଷ୍ଟି ଦେବାକୁ ଅଞ୍ଚଳବାସୀ ଦାବି କରିଛନ୍ତି।

# 'ହରେକୃଷ୍ଣ ମହତାବ ଥିଲେ ଆଧୁନିକ ଓଡ଼ିଶାର ନିର୍ମାତା'



ଭଦ୍ରକ,୨୧।୧୧(ସମିସ): ଆଧୁନିକ ଓଡ଼ିଶାର ନିର୍ମାତା, ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ, ଓଡ଼ିଶା ଇତିହାସର ଲେଖକ, ପୂର୍ବତନ ମୁଖ୍ୟମନ୍ତ୍ରୀ ଉତ୍କଳକେଶରୀ ଡ. ହରେକୃଷ୍ଣ ମହତାବଙ୍କ ଜୟନ୍ତୀ ଚାନ୍ଦବାଲି ସାହିତ୍ୟ ସଂସ୍କୃତି ପରିଷଦ ପକ୍ଷରୁ ଚାନ୍ଦବାଲି ନେହେରୁ ପାର୍କ ପରିସରରେ ପାଳନ କରାଯାଇଛି। ପରିଷଦର ସଭାପତି ସାହିତ୍ୟିକ ପ୍ରଫୁଲ୍ଲ ଦାସଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ଜୟନ୍ତୀ ଉତ୍ସବରେ ସମ୍ପାଦକ କବି ଅମୂଲ୍ୟ ରାଉତ, ପ୍ରାକ୍ତନ ସରପଞ୍ଚ ପ୍ରତାପ ବିଶ୍ୱାଳ, ସମାଜସେବୀ ବିଶ୍ୱନାଥ ସ୍ୱାଇଁ, ବିଜୟ ବେହେରା ପ୍ରମୁଖ ଯୋଗଦେଇ ଡ. ମହତାବଙ୍କ କାର୍ତ୍ତି ଓ ଐତିହାସିକ ବ୍ୟକ୍ତିତ୍ୱ ପ୍ରତି ଗଭୀର ଶ୍ରଦ୍ଧାଞ୍ଜଳି ଅର୍ପଣ କରିଥିଲେ। ଓଡ଼ିଶା ମାଟିର ବରେଣ୍ୟ ବରପୁତ୍ର ଡ. ମହତାବଙ୍କ ବଳିଷ୍ଠ ଉଦ୍ୟମରେ ଗଡ଼ଜାତ ମିଶ୍ରଣ ହୋଇ ପୂର୍ଣ୍ଣାଙ୍ଗ ଓଡ଼ିଶା ପ୍ରଦେଶ ଗଠନ ହୋଇଥିଲା। ତାଙ୍କ ପାଇଁ ଯୁଗେ ଯୁଗେ ଉତ୍କଳବାସୀ ଗର୍ବିତ ବୋଲି ମତବ୍ୟକ୍ତ କରିଥିଲେ। ସମାଜସେବୀ ବିଜୟ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ।

■ ପୁରୁଷଣ୍ଡ ନୋଡ଼ାଲ ବିଦ୍ୟାଳୟ ଶ୍ରେଣୀ ଗୃହ ନିର୍ମାଣ ପ୍ରସଙ୍ଗ

# ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ପରେ ବିଡ଼ିଓଙ୍କ କ୍ଷେତ୍ର ପରିଦର୍ଶନ

ବନ୍ତ/ଆଗରପଡ଼ା, ୨୧।୧୧ (ସମିସ) : ୧୯୫୫ରେ ପ୍ରତିଷ୍ଠିତ ବନ୍ତ ଶିକ୍ଷାଧିକାରୀଙ୍କ ଅଧୀନସ୍ଥ ତୋପାଦିହି କ୍ଲଷ୍ଟର ଅନ୍ତର୍ଗତ ପୁରୁଷଣ୍ଡ ନୋଡ଼ାଲ ବିଦ୍ୟାଳୟରେ କେତେକ ଶ୍ରେଣୀଗୃହ ବିପଦସଙ୍କୁଳ ଅବସ୍ଥାରେ ରହିଛି। ଗତ ଜୁଲାଇ ମାସରେ ଏକ ଶ୍ରେଣୀ ଗୃହ ଛାତରୁ ପ୍ଲାଷ୍ଟର ଖସିପଡ଼ିଥିଲା। ଶ୍ରେଣୀ ଗୃହରେ କୌଣସି ପିଲା ଉପସ୍ଥିତ ନ ଥିବାରୁ ଏକ ସୁନିଶ୍ଚିତ ବିପଦରୁ ରକ୍ଷା ମିଳିଯାଇଥିଲା। ବିଭିନ୍ନ ଗଣମାଧ୍ୟମରେ ଉକ୍ତ ଖବର ପ୍ରକାଶ ପାଇବା ପରେ ବିଦ୍ୟାଳୟ ଓ ଛାତ୍ରଛାତ୍ରୀଙ୍କ ସୁରକ୍ଷାକୁ ଆଖି ଆଗରେ ରଖି ବିଡ଼ିଓ କ୍ଷେତ୍ର ପରିଦର୍ଶନ କରି ବିଦ୍ୟାଳୟ ପରିସରରେ ଥିବା ବିପଦସଙ୍କୁଳ ଗୃହକୁ ନିଷିଦ୍ଧାଞ୍ଚଳ ଘୋଷଣା କରିଥିଲେ। ପରେ ଉକ୍ତ ଗୃହକୁ ଭଙ୍ଗାଯାଇଥିଲା। ନୂତନ ଶ୍ରେଣୀ ଗୃହ ନିର୍ମାଣ ପାଇଁ ଯୋଜନା ମଧ୍ୟ କରାଯାଇଥିଲା। ଇତିମଧ୍ୟରେ ୫ ମାସ ପୂରିବାକୁ ବସିଥିବାବେଳେ ନୂତନ ଶ୍ରେଣୀ ଗୃହ ନିର୍ମାଣ ପାଇଁ ବ୍ଲକ ପ୍ରଶାସନ ପକ୍ଷରୁ


ପ୍ରଧାନଶିକ୍ଷୟିତ୍ରୀଙ୍କୁ ବିଡ଼ିଓଙ୍କ ପତ୍ର

କୌଣସି ପଦକ୍ଷେପ ନିଆଯାଇପାରୁ ନ ଥିବାରୁ ଶ୍ରେଣୀ ଗୃହ ଅଭାବରୁ ଶିକ୍ଷାଦାନରେ ଘୋର ବାଧା ସୃଷ୍ଟି ହେଉଛି। ଯାହାକୁ ନେଇ ଅଭିଭାବକ ଘୋର ଚିନ୍ତା ପ୍ରକଟ କରିଛନ୍ତି। ଗତ ଶନିବାର ବିଧାୟକ ସଂଜୀବ ମଲ୍ଲିକ ବିଦ୍ୟାଳୟକୁ ପରିଦର୍ଶନରେ ଆସି ସମସ୍ୟା ବିଷୟରେ ଅବଗତ ହେବା ସହ ଶ୍ରେଣୀ ଗୃହ ସମସ୍ୟାକୁ ନେଇ ଅସନ୍ତୋଷ ବ୍ୟକ୍ତ କରିଥିଲେ। ଉକ୍ତ ସମସ୍ୟାର ଶୀଘ୍ର ସମାଧାନ ପାଇଁ ଜିଲ୍ଲାପାଳଙ୍କୁ ନିବେଦନ କରିଥିଲେ। ଜିଲ୍ଲାପାଳ ଜିଲ୍ଲା ଶିକ୍ଷାଧିକାରୀଙ୍କୁ ସମସ୍ୟାର ସମାଧାନ ପାଇଁ ନିର୍ଦ୍ଦେଶ ଦେଇଥିବା ମଧ୍ୟ ଜଣାପଡ଼ିଥିଲା। ଶୁକ୍ରବାର ଜିଲ୍ଲାପାଳଙ୍କ ନିର୍ଦ୍ଦେଶକ୍ରମେ ବିଡ଼ିଓ ବିଦ୍ୟାଳୟକୁ ଆସି ସମସ୍ୟା ବିଷୟରେ ଆଲୋଚନା କରିବା ସହ ପ୍ରଧାନଶିକ୍ଷୟିତ୍ରୀଙ୍କୁ ଗୃହ ନିର୍ମାଣ ନିମନ୍ତେ ବ୍ଲକ ଶିକ୍ଷାଧିକାରୀଙ୍କୁ ପତ୍ର ମାଧ୍ୟମରେ ଆବଶ୍ୟକ ଅର୍ଥ ଯୋଗାଇ ଦେବାକୁ ଜିଲ୍ଲାପାଳଙ୍କୁ ନିବେଦନ କରିବାକୁ କହିଥିଲେ। ସ୍ଥାନୀୟ ସରପଞ୍ଚ, କନିଷ୍ଠ ଯନ୍ତ୍ରୀ, ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ ଓ ଅନ୍ୟ ଅଧିକାରୀ ବିଡ଼ିଓଙ୍କ ସହ ଉପସ୍ଥିତ ଥିଲେ। ପରେ କାର୍ଯ୍ୟାଳୟ ପତ୍ର ସଂଖ୍ୟା ୧୪୭/୨୧।୧୧।୨୫ରେ ପ୍ରଧାନଶିକ୍ଷୟିତ୍ରୀ ବିଡ଼ିଓଙ୍କୁ ଅବଗତ କରାଇଥିବା ଜଣାପଡ଼ିଛି।

## ହରେକୃଷ୍ଣ ମହତାବଙ୍କ ଜୟନ୍ତୀ ପାଳନ



ଧାମନଗର,୨୧।୧୧(ସମିସ):ଧାମନଗର ମହତାବ ସେବାସଦନରେ ଡ. ହରେକୃଷ୍ଣ ମହତାବଙ୍କ ଜୟନ୍ତୀ ପାଳିତ ହୋଇଯାଇଛି। ଡ. ମହତାବ ଓଡ଼ିଶା ରାଜନୀତିର ଚାଣକ୍ୟ ଥିଲେ। ଶୁକ୍ରବାର ଅପରାହ୍ନରେ ମହତାବ ସେବା ସଦନ ପରିଚାଳକ ତଥା ବରିଷ୍ଠ ସାମ୍ବାଦିକ ବାସୁଦେବ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭଦ୍ରକ ଭାବେ ପ୍ରାକ୍ତନ ବିଧାୟକ ମୁକ୍ତିକାନ୍ତ ମଣ୍ଡଳ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦଘାଟନ କରିଥିଲେ। ସମ୍ମାନିତ ଅତିଥି ତଥା ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ବ୍ରଜକିଶୋର ରାଉତ, ଧାମନଗର ବିଧାୟକ ସୂର୍ଯ୍ୟବଂଶୀ ସୂରଜଙ୍କ ପ୍ରତିନିଧି କୈଳାସ ମହାପାତ୍ର, ସାଂସଦ ପ୍ରତିନିଧି ଅଶୋକ ମହାପାତ୍ର, ଉପାଧ୍ୟକ୍ଷ ଓସିମ ଏକବାଲ କାଦିରୀ, ବରିଷ୍ଠ ଆଇନଜୀବୀ ଶଶିଭୂଷଣ ପଣ୍ଡା, ଦେବାଶିଷ ସାମଲ, ଅମରେନ୍ଦ୍ର ମହାନ୍ତି, ରମେଶ ବେହେରା, କଂଗ୍ରେସ ନେତା ନାରାୟଣ ପାଢ଼ୀ, ସଞ୍ଜୟ ମିଶ୍ର, ବିଦ୍ୟାଧର ଜେନା, କଳାକାର ସଂଘ ସଭାପତି ସୁବାସ ମଲ୍ଲିକ, ଶିକ୍ଷାବିତ ହୃଦାନନ୍ଦ କର, ମହେଶ୍ୱର ସ୍ୱାଇଁ, ରସାନନ୍ଦ ମହାପାତ୍ର, ଅଭିମନ୍ୟୁ ମଲ୍ଲିକ, ଭୋଳାନାଥ ସାହୁ, ଅଧ୍ୟାପକ ଚିତ୍ତରଞ୍ଜନ ଦାଶ, ସୁରେନ୍ଦ୍ର ଜେନା, ଅଧ୍ୟାପିକା ହରପ୍ରିୟା ଶେଠୀ, ଏବିଡିଓ ଜେମେନ୍ଦ୍ର ମହାନ୍ତି, ସନ୍ତୋଷ ଲେଙ୍କା, ଭାବଗ୍ରାହୀ ଖୁଣ୍ଟିଆ, ସେକ ଅବଦୁଲ ହାକିମ, ସାମ୍ବାଦିକ ଅନୀଲ ବାରିକ, ସୁଧାକର ଦାଶ, ସେକ ଜାଫର ଅଲ୍ଲୀ, ସୁଶାନ୍ତ ରାଉତ ପ୍ରମୁଖ ଯୋଗଦେଇ ଡ. ହରେକୃଷ୍ଣ ମହତାବଙ୍କ ବହୁମୁଖୀ ପ୍ରତିଭା ସମ୍ପର୍କରେ ବକ୍ତବ୍ୟ ପ୍ରଦାନ କରିଥିଲେ। ସାମ୍ବାଦିକ ସରୋଜ ଶେଠୀ, ଦୁର୍ଗାପ୍ରସାଦ ମହାପାତ୍ର, ବିବେକାନନ୍ଦ ପଣ୍ଡା, ଗୌରାଙ୍ଗ ଦାଶ ପ୍ରମୁଖ ପରିଚାଳନାରେ ସହଯୋଗ କରିଥିଲେ। ପ୍ରାରମ୍ଭରେ ସେବା ସଦନ ପରିସରରେ ଥିବା ମହତାବଙ୍କ ପ୍ରତିମୂର୍ତ୍ତିରେ ଅତିଥିମାନେ ମାଲ୍ୟାର୍ପଣ କରିଥିଲେ। କୁଳମଣି ବେହେରା ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ସାମ୍ବାଦିକ କୃଷ୍ଣଚନ୍ଦ୍ର ଜେନା ଧନ୍ୟବାଦ ଅର୍ପଣ କରିଥିଲେ।

## ହାଇସ୍କୁଲରେ ମହତାବଙ୍କ ଜୟନ୍ତୀ




ବନ୍ତ/ଆଗରପଡ଼ା, ୨୧।୧୧ (ସମିସ): ଆଗରପଡ଼ାସ୍ଥ କୃଷ୍ଣଚରଣ ବିଦ୍ୟାମନ୍ଦିର ପ୍ରତିଷ୍ଠାତା ଉତ୍କଳକେଶରୀ ଡ.ହରେକୃଷ୍ଣ ମହତାବଙ୍କ ଜୟନ୍ତୀ ପାଳିତ ହୋଇଯାଇଛି। ହାଇସ୍କୁଲ ଆଲୁମିନି ସଭାପତି ପ୍ରଶାନ୍ତ ଦାଶ ଯୋଗଦେଇ ଡ. ମହତାବଙ୍କ ବହୁମୁଖୀ ପ୍ରତିଭା ସମ୍ପର୍କରେ ଆଲୋକପାତ କରିଥିଲେ। ପ୍ରଧାନଶିକ୍ଷକ ଶରତ ଜେନାଙ୍କ ସଭାପତିତ୍ୱରେ ଆୟୋଜିତ ସଭାରେ ସହକାରୀ ଶିକ୍ଷକ ନାରାୟଣ ରାଉତ ଧନ୍ୟବାଦ ଅର୍ପଣ କରିଥିଲେ। ସକାଳୁ ରାମଧୁନ, ପ୍ରଭାତଫେରି, ଡ.ମହତାବଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ବିଭିନ୍ନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀଙ୍କୁ ପୁରସ୍କାର ପ୍ରଦାନ କରାଯାଇଥିଲା।

ନିମ୍ନମାନର ଛତୁଆ ଯୋଗାଣ ନେଇ ଅସନ୍ତୋଷ

# ଶିଶୁଙ୍କ ବଦଳରେ ଗୋରୁଙ୍କ ଆହାର ପାଲଟିଛି

ଅସୁରାଳି,୨୧।୧୧(ସମିସ):ଧାମନଗର ବ୍ଲକ ଅଧୀନ ବିଭିନ୍ନ ପଞ୍ଚାୟତର ଅଙ୍ଗନବାଡ଼ି କେନ୍ଦ୍ରରେ ଦିଆଯାଉଥିବା ଛତୁଆ ନିମ୍ନମାନର ବୋଲି ଅଭିଯୋଗ ହେଉଛି। ଶିଶୁଙ୍କ ବଦଳରେ ଗୋରୁଗାଈଙ୍କ ଆହାର ପାଲଟିଛି ଛତୁଆ। ଛତୁଆରେ ଆବଶ୍ୟକ ପରିମାଣରେ ବୁଟ, ବାଦାମ, ଗହମ ଇତ୍ୟାଦି ମିଶାଯାଉନି। ଯାହା ମିଶାଯାଉଛି, ତାହାର ମାନ ଅତ୍ୟନ୍ତ ଖରାପ ରହୁଛି। ଛତୁଆରୁ ଦୁର୍ଗନ୍ଧ ବାହାରୁଛି। ତେଣୁ ସେଗୁଡ଼ିକୁ ଗୃହପାଳିତ ପଶୁଙ୍କୁ ଖାଇବାକୁ ଦିଆଯାଉଛି। ଶିଶୁଙ୍କ ଶାରୀରିକ ଓ ମାନସିକ ବିକାଶ ପାଇଁ ଛତୁଆ ଖାଇବାକୁ ଦିଆଯାଉଥିବାବେଳେ ତାହା ବାସ୍ତବରେ ସେମାନଙ୍କ ବିକାଶ ନ କରି ବିନାଶ କରିବ ବୋଲି ଅଭିଭାବକ ଆଶଙ୍କା ପ୍ରକାଶ କରିଛନ୍ତି। ଏ ନେଇ ସେମାନେ ଅଭିଯୋଗ କଲେ ଅଙ୍ଗନବାଡ଼ି କର୍ମୀ ଅସହାୟତା ପ୍ରକାଶ କରୁଛନ୍ତି। ସେମାନେ କହୁଛନ୍ତି, କେନ୍ଦ୍ରକୁ ଯେଉଁ ଛତୁଆ ଯୋଗାଇ ଦିଆଯାଉଛି, ଶିଶୁଙ୍କୁ ତାହା ଦିଆଯାଉଛି। ଟେଷ୍ଟର ନେଇଥିବା ସଂସ୍ଥା ଅପମିଶ୍ରଣ ଷ୍ଟକ୍ ଯାଞ୍ଚ ହେଉନି, ଯାହା ଅପମିଶ୍ରଣକୁ ପ୍ରୋତ୍ସାହିତ କରୁଛି ବୋଲି କୁହାଯାଉଛି।



ଧାମନଗରର ୩୫୭ଟି ଅଙ୍ଗନବାଡ଼ିକୁ ଗୋଟିଏ ସଂସହାୟିକା ଘୋଷା ଆଉଟିଏଲ୍ ଓମେନ୍ ଏସେଏଚି ଗ୍ରୁପ, ବମକୁରା ଛତୁଆ ଯୋଗାଉଛି। ସୁପରଭାଇଜର ଓ ସିଡିପିଓଙ୍କ ଭୂମିକା ମଧ୍ୟ ସନ୍ଦେହ ଘେରରେ। ଏ ନେଇ ବିଭାଗୀୟ ଅଧିକାରୀ ଚୁପ୍ ହୋଇ ବସିଛନ୍ତି। ସିଡିପିଓଙ୍କ ଭୂମିକା ନେଇ ମଧ୍ୟ ସନ୍ଦେହ ପ୍ରକାଶ ପାଉଛି। ତୁରନ୍ତ ଏଥିପ୍ରତି କାର୍ଯ୍ୟାନୁଷ୍ଠାନ ନେବାକୁ ବିଭିନ୍ନ ମହଲରେ ଦାବି ହେଉଛି। ସିଡିପିଓ ଦମୟନ୍ତୀ ଦେଇଙ୍କୁ ପଚାରିବାରୁ ସେ କହିଲେ, ଖୁବଶୀଘ୍ର ତଦନ୍ତ କରି ବିହିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ।

## ପାରବାବା ଖ୍ୱାଜା ଗରିବନୱାଜ ଚିଷ୍ଟିଙ୍କ ବାର୍ଷିକ ଉତ୍ସବ ପ୍ରସ୍ତୁତି ବୈଠକ



ଧାମନଗର,୨୧।୧୧(ସମିସ): ଧାମନଗର ସହର ଅନ୍ତର୍ଗତ କୋରେମିମହଲ୍ଲାଠା ପ୍ରତିବର୍ଷ ଭଳି ପ୍ରସିଦ୍ଧ ପାଠ ରାଜସ୍ଥାନସ୍ଥ ଅଜମେର ସରିଫ୍ ପୀରବାବ ହଜରତ ଖ୍ୱାଜା ଗରିବନୱାଜ ଚିଷ୍ଟିଙ୍କ ୮୧୪ତମ ବାର୍ଷିକ ଉର୍ଷ ଉତ୍ସବ ଓ ବିରାଟ କବାଲି ପ୍ରୋଗ୍ରାମ କାର୍ଯ୍ୟକ୍ରମ ପାଇଁ ପ୍ରସ୍ତୁତି ବୈଠକ ଶୁକ୍ରବାର ସନ୍ଧ୍ୟାରେ ଅନୁଷ୍ଠିତ ହୋଇଯାଇଛି। ଧାମନଗର ବିଜ୍ଞାପିତ ଅଞ୍ଚଳ ପରିଷଦ ଅନ୍ତର୍ଗତ ୯ ନମ୍ବର ୱାର୍ଡ ଅଧୀନ କୋରେମହଲ୍ଲା (କେଜିଏନ) କ୍ଲବ ପରିସରରେ କମିଟି ସଭାପତି ସେକ ଅନ୍ ଅହେମ୍ମଦ ଚିଷ୍ଟିଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ସମ୍ପାଦକ ଏକବାଲ ଅହେମ୍ମଦ ଚିଷ୍ଟି, ଉପଦେଷ୍ଟା ସେକ ଅବଦୁଲ ହାକିମ, ସେକ ଜାଫର ଅଲ୍ଲୀ, ଗୋଲାମ ଜିଲାନି ହବିବ, ସହସମ୍ପାଦକ ସେକ ଅଫସର ମଷ୍ଟର, ସଦସ୍ୟ ସେକ ଜାହାଙ୍ଗିର, ସେକ ସମିମୁଦ୍ଦିନ, ସେକ ଆସକାରୀ, ପରଭେଜ ଅହେମ୍ମଦ ଓ ଅନ୍ୟ କର୍ମକର୍ତ୍ତା ପ୍ରମୁଖ ଉପସ୍ଥିତ ରହି ଆସନ୍ତା ଡିସେମ୍ବର ୨୭ ତାରିଖରେ ହେବାକୁ ଥିବା ବାର୍ଷିକ ଉତ୍ସବ ଓ କବାଲି ପ୍ରୋଗ୍ରାମ, ଚାଦରଶୋଭାଯାତ୍ରା ଆଦି କାର୍ଯ୍ୟକ୍ରମ କିପରି ଶାନ୍ତିଶୃଙ୍ଖଳା ସହିତ ପାଳନ ହେବ, ସେନେଇ ବ୍ୟାପକ ଆଲୋଚନା କରାଯାଇଥିଲା। ଉକ୍ତ କବାଲି ପ୍ରୋଗ୍ରାମରେ ଅନ୍ୟ ରାଜ୍ୟରୁ ଦୁଇ କବାଲି ଦଳ ଯୋଗ ଦେବାର କାର୍ଯ୍ୟକ୍ରମ ରହିଛି ବୋଲି କମିଟି ପକ୍ଷରୁ ସୂଚନା ଦିଆଯାଇଛି। ଶେଷରେ ସେକ ବାବୁ ଧନ୍ୟବାଦ ଅର୍ପଣ କରିଥିଲେ।

ମଠସାହି ନୋଡାଲ ଉଚ୍ଚବିଦ୍ୟାଳୟରେ ଶିକ୍ଷକ ଅଭାବ

# ସରକାରୀ ନିର୍ଦ୍ଦେଶକୁ ବେଖାତିର; ଯୋଗଦେଲେନି ଶିକ୍ଷୟିତ୍ରୀ

ଭଦ୍ରକ/ଅସୁରାଳି,୨୧।୧୧(ସମିସ): ଭଦ୍ରକ ଜିଲ୍ଲା ଚାନ୍ଦବାଲି ବ୍ଲକ ଅଧୀନ ସୁନ୍ଦରପୁର ପଞ୍ଚାୟତର ମଠସାହିସ୍ଥ ମଠସାହି ନୋଡାଲ ଉଚ୍ଚବିଦ୍ୟାଳୟରେ ଶିକ୍ଷକ ଅଭାବ ଯୋଗୁଁ ଶିକ୍ଷାଦାନରେ ବାଧା ଉପୁଜୁଛି। ଏ ନେଇ ଉଚ୍ଚଶିକ୍ଷା ମନ୍ତ୍ରୀ, ଭଦ୍ରକ ଜିଲ୍ଲାପାଳ, ଜିଲ୍ଲା ଶିକ୍ଷାଧିକାରୀଙ୍କୁ ଅବଗତ କରାଯାଇଥିଲେ ବି ସମସ୍ୟାର ସମାଧାନ

**୧୫ ଦିନ ମଧ୍ୟରେ ଶିକ୍ଷକ ନିଯୁକ୍ତି ନ ହେଲେ ଫାଟକରେ ତାଲା ପକାଇବାକୁ ଚେତାବନୀ**

ହୋଇପାରୁନାହିଁ। ୧୫ ଦିନ ମଧ୍ୟରେ ଶିକ୍ଷକ ନିଯୁକ୍ତି ନ ହେଲେ ଫାଟକରେ ତାଲା ପକାଇବାକୁ ବିଦ୍ୟାଳୟ ପରିଚାଳନା କମିଟି ଓ ପଞ୍ଚାୟତ ଶିକ୍ଷା ସେତୁ କମିଟି ସଦସ୍ୟ ଚେତାବନୀ ଦେଇଥିବା ଜଣାପଡ଼ିଛି।

ଉକ୍ତ ବିଦ୍ୟାଳୟରେ ପ୍ରଥମରୁ ଅଷ୍ଟମ ଶ୍ରେଣୀ ପର୍ଯ୍ୟନ୍ତ ୨୭୫ ଜଣ ଛାତ୍ରଛାତ୍ରୀ ଅଧ୍ୟୟନ କରୁଥିବାବେଳେ ନବମ ଓ ଦଶମରେ ୧୦୮ ଜଣ ଛାତ୍ରଛାତ୍ରୀ ଅଛନ୍ତି। ୧ମରୁ ୮ମ



ଛାତ୍ରଛାତ୍ରୀଙ୍କୁ ପଢାଇବା ପାଇଁ ୫ ଜଣ ଶିକ୍ଷୟିତ୍ରୀ ଓ ଶିକ୍ଷକ ଶିକ୍ଷାଦାନ କରୁଥିବାବେଳେ କ୍ରୀଡ଼ା ଶିକ୍ଷୟିତ୍ରୀଙ୍କୁ ଲଗାଇ ୭ ଜଣ ନବମ ଓ ଦଶମରେ ଶିକ୍ଷାଦାନ କରୁଛନ୍ତି। ଦୀର୍ଘବର୍ଷ ହେବ ବିଦ୍ୟାଳୟରେ ପ୍ରଧାନଶିକ୍ଷକ ପଦ ଖାଲି ଥିବାବେଳେ ଜଣେ ସହକାରୀ (ଗଣିତ) ଶିକ୍ଷୟିତ୍ରୀ ଏହି ଦାୟିତ୍ୱ ତୁଲାଉଛନ୍ତି। ନିୟମ ଅନୁସାରେ ପ୍ରତି ୩୫ ଜଣ ଛାତ୍ରଛାତ୍ରୀଙ୍କ ପାଇଁ ଜଣେ ଶିକ୍ଷକ ନିଯୁକ୍ତି ପାଇବା କଥା। ସେହିପରି ଉଚ୍ଚବିଦ୍ୟାଳୟରେ ମଧ୍ୟ ଶିକ୍ଷକ ଅଭାବରେ ଶିକ୍ଷାଦାନ ଚାଲିଛି। ପ୍ରତିଦିନ ଶିକ୍ଷାଦାନ ବ୍ୟତୀତ ମଧ୍ୟାହ୍ନ ଭୋଜନ ପରିଚାଳନା କାର୍ଯ୍ୟ କରିବାକୁ ଶିକ୍ଷୟିତ୍ରୀ ଶିକ୍ଷକ ଧନ୍ଦି ହେଉଥିବାବେଳେ ଅଧିକାରୀଙ୍କ ଶିକ୍ଷକ ନିଯୁକ୍ତି ଟାଳଟୁଳ ନୀତି ଯୋଗୁଁ ସେମାନେ ଶିକ୍ଷାଦାନରେ ଅସୁବିଧା ଭୋଗ କରୁଛନ୍ତି। ଶିକ୍ଷକ ଅଭାବକୁ ଉପଲବ୍ଧି କରି ଗତ ଅକ୍ଟୋବରରେ ଜିଲ୍ଲା ଶିକ୍ଷାଧିକାରୀଙ୍କ କାର୍ଯ୍ୟାଳୟର ପତ୍ରସଂଖ୍ୟା ୭୯୯୩/୮।୧୦।୨୫ରେ ନିକଟସ୍ଥ ଧାମନଗର ବ୍ଲକ ପାଳସାହି ପଞ୍ଚାୟତ ବାରିକା ଉଚ୍ଚବିଦ୍ୟାଳୟରେ କାର୍ଯ୍ୟରତ ଜଣେ ଶିକ୍ଷୟିତ୍ରୀଙ୍କୁ ଏହି ବିଦ୍ୟାଳୟକୁ ବଦଳି କରାଯାଇଥିଲା। ତେବେ ଶିକ୍ଷୟିତ୍ରୀ ଜଣକ ଏଯାଏଁ ଏହି ବିଦ୍ୟାଳୟରେ କାର୍ଯ୍ୟରେ ଯୋଗ ଦେଇ ନ ଥିବାବେଳେ ତାଙ୍କ ବଦଳି ଆଦେଶ ମଧ୍ୟ ବାତିଲ ହୋଇନାହିଁ। ଜିଲ୍ଲା ଶିକ୍ଷାଧିକାରୀ ଜଗବନ୍ଧୁ ସାହୁ ସେହି ଶିକ୍ଷୟିତ୍ରୀଙ୍କ ଉପରେ କୌଣସି ପଦକ୍ଷେପ ଗ୍ରହଣ ନ କରିବା ନେଇ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି।

ସୂଚନା ମୁତାବକ, ଗତ ସେପ୍ଟେମ୍ବର ମାସରେ ଏହି ବିଦ୍ୟାଳୟରୁ ଲିପିକା ମହାନ୍ତି ନାମକ ଜଣେ ଶିକ୍ଷୟିତ୍ରୀ ଧାମନଗରକୁ ବଦଳି ହୋଇଥିବାବେଳେ ଗତ ଅକ୍ଟୋବର ମାସରେ ମାତୃତ୍ୱ ଛୁଟିରେ ଥିବା ଶିକ୍ଷୟିତ୍ରୀ ରେବତୀ କହଁରଙ୍କୁ ପୁରୀ ଜିଲ୍ଲାକୁ ବଦଳି କରାଯାଇଛି। ମାସକ ମଧ୍ୟରେ ୨ ଜଣ ଶିକ୍ଷୟିତ୍ରୀଙ୍କୁ ଏହି ବିଦ୍ୟାଳୟରୁ ଶିକ୍ଷାଧିକାରୀ କେଉଁ ନ୍ୟାୟରେ ବଦଳି କଲେ ଛାତ୍ରଛାତ୍ରୀଙ୍କ ଅଭିଭାବକ ପ୍ରଶ୍ନ କରିଛନ୍ତି। ଯଦି ୧୫ ଦିନ ମଧ୍ୟରେ ଉଭୟ ଉଚ୍ଚ ଓ ପ୍ରାଥମିକ ବିଦ୍ୟାଳୟରେ ଶିକ୍ଷକ ନିଯୁକ୍ତି କରା ନ ଯାଏ, ତେବେ ବିଦ୍ୟାଳୟ ଫାଟକରେ ତାଲା ପକାଇ ଆନ୍ଦୋଳନ କରିବେ ବୋଲି ବିଦ୍ୟାଳୟ ଶିକ୍ଷା ପରିଚାଳନା କମିଟି ଓ ପଞ୍ଚାୟତ ଶିକ୍ଷା ସେତୁ କମିଟି ସଦସ୍ୟ ମାନେ ଚେତାବନୀ ଦେଇଛନ୍ତି। ଏ ସଂକ୍ରାନ୍ତରେ ଏକ ଦାବିପତ୍ର ଜିଲ୍ଲା ଶିକ୍ଷାଧିକାରୀ ଓ ଜିଲ୍ଲାପାଳଙ୍କୁ ଡାକ ଯୋଗେ ପ୍ରେରଣ କରାଯାଇଛି ବୋଲି ବିଦ୍ୟାଳୟ ଶିକ୍ଷା ପରିଚାଳନା କମିଟି ସଭାପତି ଅମରେନ୍ଦ୍ର ବିଶ୍ୱାଳ ସୂଚନା ଦେଇଛନ୍ତି। ଜିଲ୍ଲା ଶିକ୍ଷାଧିକାରୀ ଜଗବନ୍ଧୁ ସାହୁଙ୍କୁ ବହୁବାର ଯୋଗାଯୋଗ କରାଯାଇଥିଲେ ବି ସେ କୌଣସି ଉତ୍ତର ଦେଇନାହାନ୍ତି।

## ବାପୁଜୀ ନୋଡାଲ ଉଚ୍ଚବିଦ୍ୟାଳୟରେ ବିଜ୍ଞାନ ପ୍ରଦର୍ଶନୀ



ଅସୁରାଳି,୨୧।୧୧(ସମିସ):ପାଳସାହି ପଞ୍ଚାୟତ ଅନ୍ତର୍ଗତ ବାପୁଜୀ ନୋଡାଲ ଉଚ୍ଚ ବିଦ୍ୟାଳୟରେ ବିଜ୍ଞାନ ପ୍ରଦର୍ଶନୀ ମେଳା ଉଦ୍‌ଘାଟିତ ହୋଇଯାଇଛି। ଏହି ଉଦଘାଟନୀ ସଭାରେ ସଭାପତିତ୍ୱ କରିଥିଲେ ବିଦ୍ୟାଳୟ ଭାରପ୍ରାପ୍ତ ପ୍ରଧାନଶିକ୍ଷକ ଗୁପ୍ତେଶ୍ୱର ସିଂହ ଓ ମୁଖ୍ୟଅତିଥି ଭାବେ ଯୋଗ ଦେଇଥିଲେ ଆଇଜିଏମ୍ କଲେଜ ଅଧ୍ୟାପକ ଜଗନ୍ନାଥ ପଣ୍ଡା, ମୁଖ୍ୟବକ୍ତା ଭାବେ କାନଡ଼ା ବ୍ୟାଙ୍କ ମ୍ୟାନେଜର ନୀଳାମ୍ବର ମାଝୀ, ଅନ୍ୟାନ୍ୟ ବକ୍ତା ଭାବେ ବିଦ୍ୟାଳୟର ଏସ୍‌ଏମ୍‌ସି ସଭାପତି ରଣଜିତ ସାହୁ, ବରିଷ୍ଠ ନାଗରିକ କାଶୀନାଥ ମହାନ୍ତି, ଶିକ୍ଷାବିତ୍ ଖାରୋଦ ବଳ, ଶିକ୍ଷକ ବସନ୍ତ ମହାପାତ୍ର, ଚିତ୍ତରଞ୍ଜନ ମହାନ୍ତି, ଉମାକାନ୍ତ ପଣ୍ଡା ପ୍ରମୁଖ ଯୋଗ ଦେଇଥିଲେ। ସଭା ପରିଚାଳନା କରିଥିଲେ ବିଦ୍ୟାଳୟ ବିଜ୍ଞାନ ଶିକ୍ଷକ ଅଜୟ କୁମାର ବେହେରା ଓ ପରେ ପ୍ରଦର୍ଶନୀ ଉଦଘାଟନୀ କରାଯାଇ ପ୍ରକଳ୍ପର ମୂଲ୍ୟାଙ୍କନ କରାଯାଇଥିଲା।

# ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି ବୈଠକ



## ଡିସେମ୍ବରୁ ୨୬ରୁ ୭ ୯୧୦୮ ଚାଷୀଙ୍କଠାରୁ ଧାନକିଣା

କେନ୍ଦୁଝର, ୨୧।୧୧(ସମିସ): କେନ୍ଦୁଝରେ ଜିଲ୍ଲାରେ ଖରିଫ ୨୦୨୫-୨୬ ବର୍ଷ ପାଇଁ ଜିଲ୍ଲାସ୍ତରୀୟ ଧାନ ସଂଗ୍ରହ କମିଟି ବୈଠକ ଜିଲ୍ଲାପାଳଙ୍କ କାର୍ଯ୍ୟାଳୟସ୍ଥ ଦରବାର ହଲଠାରେ ଅନୁଷ୍ଠିତ ହୋଇଯାଇଛି। ଜିଲ୍ଲାପାଳ ବିଶାଲ ସିଂହଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଏହି ବୈଠକରେ ସାଂସଦ କେନ୍ଦୁଝର ଅନନ୍ତ ନାୟକ, ପାଟଣା ବିଧାୟକ ଅଖିଳଚନ୍ଦ୍ର ନାଏକ, ତେଲକୋଇ ବିଧାୟକ ଡା ଫକୀର ମୋହନ ନାଏକ, ଆନନ୍ଦପୁର ବିଧାୟକ ଅଭିମନ୍ୟୁ ସେଠୀ, ଅତିରିକ୍ତ ଜିଲ୍ଲାପାଳ ରବୀନ୍ଦ୍ର କୁମାର ପ୍ରଧାନ, ଜିଲ୍ଲା ଯୋଗାଣ ଅଧିକାରୀ ପବିତ୍ର କୁମାର ସାହୁ, ମୁଖ୍ୟମନ୍ତ୍ରୀଙ୍କ ପ୍ରତିନିଧି ପ୍ରକାଶଚନ୍ଦ୍ର ସୂତ୍ରଧର, ଚମ୍ପୁଆ ବିଧାୟକଙ୍କ ପ୍ରତିନିଧି ସଂଜୀବ ବେହେରା ଉପସ୍ଥିତ ଥିଲେ। ଆସନ୍ତା ଡିସେମ୍ବର ୨୬ରୁ ପର୍ଯ୍ୟାୟକ୍ରମେ ୭ ୯୧୦୮ ପଞ୍ଜିକୃତ ଚାଷୀଙ୍କଠାରୁ ୯୫ଟି ମଣ୍ଡି ଓ ୮୨ଟି ପାକ୍ସ ତଥା ଲ୍ୟାମ୍ପସ ମାଧ୍ୟମରେ ପ୍ରଥମ ପର୍ଯ୍ୟାୟରେ ୧୩,୧୩,୦୦୦ କୁଇଣ୍ଟାଲ ଧାନ ସଂଗ୍ରହ କରାଯିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଛି।

ପ୍ରତ୍ୟେକ ଧାନ ମଣ୍ଡିରେ ଗୁଣାତ୍ମକ ମାନ ଯାଞ୍ଚ କରିବା ପାଇଁ ବ୍ୟବସ୍ଥା କରାଯିବ। ସଂଗୃହୀତ ଧାନର ମାନ ନିରୀକ୍ଷଣ କରିବା ପାଇଁ ଯନ୍ତ୍ରର ବ୍ୟବହାର କରାଯିବ ଏବଂ ସମସ୍ତ ମଣ୍ଡିରେ ଡିଜିଟାଲ ଆର୍ଦ୍ରତା ମାପ ଯନ୍ତ୍ର ଲଗାଯିବ ବୋଲି ଜିଲ୍ଲା ମୁଖ୍ୟ ଯୋଗାଣ ଅଧିକାରୀ ସୂଚନା ଦେଇଥିଲେ। ଧାନ ସଂଗ୍ରହ କାର୍ଯ୍ୟକୁ ସଫଳ କରାଇବା ପାଇଁ ପ୍ରତିଟି ଆର୍ଏମସିର ଅଧ୍ୟକ୍ଷଙ୍କୁ ଚାଷୀଙ୍କ ସହ ଉତ୍ତମ ଯୋଗାଯୋଗ ରଖିବା ସହ ଧାନର ଏଫଏକ୍ୟୁ ମାନ ବିଷୟରେ ଚାଷୀଙ୍କୁ ପୂର୍ବରୁ ସଚେତନ କରିବା, ମଣ୍ଡିକୁ ଧାନ ଆସିବାର ଯଥା ସମୟ ପୂର୍ବରୁ ଚାଷୀ ମାନଙ୍କୁ ଟୋକନ୍ ଦେବା ବ୍ୟବସ୍ଥା କରିବା, କଳାବଜାର ଭଳି ବେଆଇନ କାର୍ଯ୍ୟଗୁଡିକୁ ରୋକିବା ପାଇଁ ବୈଠକରେ ନିଷ୍ପତ୍ତି ନିଆଯାଇଥିଲା। ଉପଜିଲ୍ଲାପାଳ ଉମାଶଙ୍କର ଦଳାଇ, ଉପଜିଲ୍ଲାପାଳ ଚମ୍ପୁଆ ଉମାକାନ୍ତ ପରିଡା, ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ପୃଥ୍ୱିରାଜ ମଣ୍ଡଳ, ଡ଼ିଆରସିଏସ ପର୍ଶୁରାମ ପାତ୍ର, କୃଷକ ପ୍ରତିନିଧି ଓ ଜିଲ୍ଲା ଯୋଗାଣ ବିଭାଗର ସମସ୍ତ ଅଧିକାରୀ ଉପସ୍ଥିତ ଥିଲେ।

# ମାମୁ ଘରକୁ ଆସି ଆତ୍ମହତ୍ୟା

ତୁରୁମୁଙ୍ଗା, ୨୧।୧୧(ସମିସ): ମାମୁ ଘରକୁ ବୁଲିବାକୁ ଆସିଥିବା ଭଣଜାର ଝୁଲନ୍ତା ମୃତଦେହ ଉଦ୍ଧାର ହୋଇଛି। ମୃତକ ବାରିଆ ଥାନା ମଉଦିର ଶୁକଲାଲ ମୁଣ୍ଡାଙ୍କ ବଡ଼ପୁଅ ପିଙ୍କୁମୁଣ୍ଡା (୨୦)। ସେ ସାନଭାଇ ସହ ଗୁରୁବାର ମାମୁଘରତେନ୍ତୁଳିଖୁଣ୍ଟି ଗ୍ରାମର ବିଶ୍ୱନାଥ ମୁଣ୍ଡାଙ୍କ ଘରକୁ ବୁଲିବାକୁ ଆସିଥିଲେ। ଶୁକ୍ରବାର ସକାଳୁ ଗାଁ ନିକଟ ହୁଡ଼ିରେ ଥିବା ଏକ ଗଛରୁ ତାଙ୍କର ଝୁଲନ୍ତା ମୃତଦେହ ଉଦ୍ଧାର ହୋଇଛି। ମା'ଙ୍କ ସହ ଝଗଡା ପରେ ସେ ମାମୁଘରକୁ ଆସି ଆତ୍ମହତ୍ୟା କରିଥିବା ପୁଲିସ କହିଛି। ତୁରୁମୁଙ୍ଗା ଥାନା ଏଏସଆଇ ଦେବେନ୍ଦ୍ର ମୁର୍ମୁ ମୃତଦେହକୁ କେନ୍ଦୁଝର ମେଡ଼ିକାଲରେ ବ୍ୟବଚ୍ଛେଦ କରାଇ ପରିବାର ଲୋକଙ୍କୁ ହସ୍ତାନ୍ତର କରିଛନ୍ତି। ଏନେଇ ତୁରୁମୁଙ୍ଗା ଥାନାରେ ଏକ ଅପମୃତ୍ୟୁ ମାମଲା ରୁଜୁ ହୋଇଛି।

# ବିଡିଓଙ୍କ ବଦଳି ଦାବିରେ ସରପଞ୍ଚଙ୍କ ଧାରଣା ଜାରି



ବହଳଦା, ୨୧।୧୧ (ସମିସ): ବହଳଦା ବିଡିଓ ଶରତ କୁମାର ମଲ୍ଲିକଙ୍କ ବଦଳି ଦାବିରେ ସରପଞ୍ଚଙ୍କ ଦ୍ୱିତୀୟ ଦିନରେ ଧାରଣା ପହଞ୍ଚିଛି। ଜିଲ୍ଲା ସରପଞ୍ଚ ସଂଘ ସଭାପତି ଖଗେଶ୍ୱର ସିଂ ଏବଂ ସଂଯୋଜକ ଦାନ୍ଧୁ ମୁର୍ମୁ ଧାରଣାସ୍ଥଳରେ ପହଞ୍ଚିଥିଲେ। ବିଡିଓଙ୍କୁ ବହଳଦା ବ୍ଲକରୁ ତୁରନ୍ତ ଅନ୍ୟତ୍ର ବଦଳି କରିବାକୁ ସରପଞ୍ଚମାନେ ବ୍ଲକ କାର୍ଯ୍ୟାଳୟରେ ତାଲା ପକାଇ ଅନିର୍ଦ୍ଦିଷ୍ଟ କାଳ ପାଇଁ ଆନ୍ଦୋଳନରେ ବସିଛନ୍ତି। ରାଇରଙ୍ଗପୁର ଅତିରିକ୍ତ ଉପଜିଲ୍ଲାପାଳ ବାସନ୍ତି ଲାକ୍ରା ଧାରଣା ସ୍ଥଳକୁ ପହଞ୍ଚି ସରପଞ୍ଚଙ୍କୁ ଧାରଣାରୁ ଅହରିବାକୁ ନିବେଦନ କରିଥିଲେ। ଆସନ୍ତା ୨୪ ତାରିଖରେନ ରାଇରଙ୍ଗପୁର ଅତିରିକ୍ତ ଜିଲ୍ଲାପାଳଙ୍କ ସହ ଆଲୋଚନା କରାଯାଇ ସମସ୍ୟାର ସମାଧାନ ଉପରେ ବିଚାର ବିମର୍ଶ କରାଯିବାକୁ ପ୍ରସ୍ତାବ ଦେଇଥିଲେ। ତେବେ ଦାବି ପୂରଣ ହେବା ଯାଏ ଆନ୍ଦୋଳନ ଜାରି ରଖିବେ ବୋଲି ସରପଞ୍ଚମାନେ କହିଛନ୍ତି।

# ପୁଲିସ ଆଖିକୁ ଧୋକା; ଖସି ପଳାଇଲା ବାଲି ଟ୍ରାକ୍ଟର

ତେଲକୋଇ, ୨୧।୧୧(ସମିସ): ସମାକୋଇ ନଦୀ ପଠା ବାଲି ମାଫିଆଙ୍କ ଭୂସ୍ୱର୍ଗ ପାଲଟିଥିବା ବେଳେ ଏଥିପ୍ରତି କାହାରି ଦୃଷ୍ଟି ପଡୁନାହିଁ। ଏହି ପରିପ୍ରେକ୍ଷୀରେ ଶୁକ୍ରବାର ତେଲକୋଇ ପୁଲିସ ଚର୍ଚ୍ଚାକୁ ଆସିଛି। ଏକ ବାଲି ବୋଝେଇ ଗାଡ଼ିକୁ ଜବତ କରିବାକୁ ଯାଇ ଛାଡ଼ି ଦେବା ପରେ ପ୍ରତିକ୍ରିୟା ପ୍ରକାଶ ପାଇଛି। ଘଟଣାଟି "ମନ୍ଦିର ଭିତରେ କିଏ ? ନା, ମୁଁ କଦଳୀ ଖାଇନି' ଭଳି ଚର୍ଚ୍ଚାକୁ ଆସିଛି। ସୂଚନା ଅନୁଯାୟୀ, ଶୁକ୍ରବାର ସକାଳ ପ୍ରାୟ ୭ରୁ ଏକ ବାଲି ବୋଝେଇ ଟ୍ରାକ୍ଟର ହାଇସ୍କୁଲ ଛକ ଦେଇ ହାଲପୁଡ଼ି ରାସ୍ତାରେ ଯାଉଥିଲା। ତେଲକୋଇ ପୁଲିସ ପିଛା କରି ହାଲପୁଡି ଗ୍ରାମ ପହଞ୍ଚିବା ପୂର୍ବରୁ ଥିବା ପୋଲ (ବାଲି ଦାଣ୍ଡି ପୋଲ) ନିକଟରେ ଯାଇ ଅଟକାଇଥିଲା। ଜଣେ ବ୍ୟକ୍ତି ସେଠାରେ ପହଞ୍ଚିଲା ପରେ ପୁଲିସ୍ ଗାଡ଼ି ପଛକୁ ଫେରିଥିଲା। ବାଲି ବୋଝେଇ ଗାଡ଼ିଟି ଆଗକୁ ନଯାଇ ସେଠାରୁ ଗାଡ଼ି ବୁଲାଇ ପଛକୁ ଫେରୁଥିଲା। ବଙ୍କନାଳୀ ଛକରେ ଡାହାଣ ମୋଡ ଦେଇ ପତ୍ରଫଡି ଆଡ଼କୁ ଚାଲିଯାଇଥିଲା। ବାଲି ବୋଝେଇ ଟ୍ରାକ୍ଟରଟି ଥାନା ପରିସରକୁ ଆସି ନଥିଲା। ଏ ସମ୍ବନ୍ଧରେ ତେଲକୋଇ ଆଇଆଇସି ଅଞ୍ଜନ ପାତ୍ର କହିଛନ୍ତି, ସରକାରୀ ଘର ନିର୍ମାଣ ପାଇଁ ବାଲି ଯାଉଥିବା କାର୍ଯ୍ୟାଦେଶ ଦେଖିବା ପରେ ଗାଡ଼ିକୁ ଛାଡ଼ି ଦିଆଯାଇଛି। ଏଠି ପ୍ରଶ୍ନ ଉଠୁଛି ଯେ ବାଲି ବୋଝେଇ ଗାଡ଼ି ଯଦି ହାଲପୁଡ଼ି ଗ୍ରାମକୁ ଯାଉଥିଲା ହାଲପୁଡ଼ି ଗ୍ରାମରେ ବାଲି ନ ପକାଇ ସେଠାରୁ ପଛକୁ ଫେରି ବାଙ୍କନାଳୀ ଆଡ଼କୁ ଗାଡ଼ି କାହିଁକି ଗଲା ? ଗାଡିଟି ଚନ୍ଦ୍ରଶେଖରପୁର୍ ଅଞ୍ଚଳର ହୋଇଥିବା ବେଳେ ବାଙ୍କନାଳି ପତ୍ରଫଡି ଦେଇ ଖସାଇ ଦିଆଯାଇଥିବା ଅଭିଯୋଗ ହୋଇଛି।

# ଅବକାରୀ ବିଭାଗର ଚଢ଼ଉ; ୪ ଗିରଫ

ମୋରଡ଼ା,୨୧।୧୧(ସମିସ): ଶୁକ୍ରବାର ମୋରଡ଼ା ଅବକାରୀ ବିଭାଗ ପକ୍ଷରୁ ଚଢଉ କରାଯାଇ ୭୫ଲିଟର ଦେଶୀ ମଦ ଜବତ ଜବତ କରାଯିବା ସହିତ ୪ ଜଣଙ୍କୁ ଗିରଫ କରାଯାଇଛି। ସେମାନେ ହେଲେ ହରିଣାଶୋଳ ଗାଁର ଗୁରୁବାରୀ ଟୁଡୁ, ହରିଚାନ୍ଦ ମୁର୍ମୁ, ସୁବାନଡ଼ିହି ଗାଁର ରାଇମାତ ଟୁଡୁ ଏବଂ ଘାଗରା ଗାଁର ମାଳତୀ ସୋରେନ।

# ମହିଳାଙ୍କ ଅଶ୍ଳୀଳ ଫଟୋ ଛାଡ଼ି ଗିରଫ



ତୁରୁମୁଙ୍ଗା, ୨୧।୧୧(ସମିସ): କେନ୍ଦୁଝର ଜିଲ୍ଲା ତୁରୁମୁଙ୍ଗା ଥାନା ବାଇକଳା ଗ୍ରାମର ଜଣେ ବିବାହିତା ମହିଳାଙ୍କ ଅଶ୍ଳୀଳ ଫଟୋକୁ ସମ୍ପର୍କୀୟ ଭାଇ ନିଜ ଇନ୍ସଟାଗ୍ରାମ ଆଇଡିରେ ଛାଡିବା ପରେ ଅଭିଯୋଗକ୍ରମେ ପୁଲିସ ମାମଲା ରୁଜୁକରି ସମ୍ପର୍କୀୟ ଭାଇକୁ ଗିରଫ କରି କୋର୍ଟ ଚାଲାଣ କରିଛି। ଗିରଫ ଯୁବକ ହେଲେ ମୟୂରଭଞ୍ଜ ଜିଲ୍ଲା ରରୁଆଁ ଥାନା ଶୁକ୍ରୁଳି ଗ୍ରାମର ସୁଜିତ ଗିରି(୨୫)। ଏନେଇ ମହିଳା ଜଣଙ୍କ ତୁରୁମୁଙ୍ଗା ଥାନାରେ ଅଭିଯୋଗ କରିବା ପରେ ପୁଲିସ ୨୯୩/୨୫ରେ ମାମଲା ରୁଜୁକରି ଯୁବକଙ୍କୁ ଆଇଟି ଆକ୍ଟରେ ଗିରଫ କରିଛି। ତୁରୁମୁଙ୍ଗା ଥାନା ଇନସପେକ୍ଟର କିରଣ ସାହୁ ଘଟଣାର ତଦନ୍ତ କରୁଛନ୍ତି।

# ଜଜପଶି ପଞ୍ଚାୟତ ଇଓ, ଏଡିଓଙ୍କ ଦରମା ବନ୍ଦ

ତୁରୁମୁଙ୍ଗା, ୨୧।୧୧(ସମିସ): କେନ୍ଦୁଝର ଜିଲ୍ଲା ପାଟଣା ନିର୍ବାଚନମଣ୍ଡଳୀ ଚମ୍ପୁଆ ବ୍ଲକ ଜଜପଶି ପଞ୍ଚାୟତର ଉନ୍ନୟନ କାର୍ଯ୍ୟରେ ଅଚଳାବସ୍ଥା ନେଇ ଅଭିଯୋଗ ପରେ ବିଡିଓ ସମ୍ପୃକ୍ତ ପିଇଓ ଏବଂ ଏଡିଓଙ୍କ ଦରମା ବନ୍ଦ ନିର୍ଦ୍ଦେଶ ଦେଇଛନ୍ତି। ପଞ୍ଚାୟତର କାର୍ଯ୍ୟନିର୍ବାହୀ ଅଧିକାରୀ ଗଣେଶ୍ୱର ପ୍ରଧାନ ଏବଂ ଏଡିଓ ଗଗନ ପଲେଇଙ୍କ ଦରମା ବନ୍ଦ କରାଯାଇଥିବା ନେଇ ବିଡିଓ ସ୍ମୃତିରଞ୍ଜନ ସାହୁ ସୂଚନା ଦେଇଛନ୍ତି। ଗୁରୁବାର ଉଭୟ ଅଧିକାରୀ ପଞ୍ଚାୟତକୁ ଆସୁ ନଥିବାରୁ ପଞ୍ଚାୟତରେ ଅଚଳାବସ୍ଥା ସହ ଉନ୍ନୟନ କାର୍ଯ୍ୟ ଠପ ହୋଇଥିବା ନେଇ ଖବର ପ୍ରକାଶ ହୋଇଥିଲା। ଉଭୟ ଅଧିକାରୀ ଆସୁ ନଥିବା ଯୋଗୁଁ ଭତ୍ତା ଟଙ୍କାଠାରୁ ଆରମ୍ଭ କରି ଜବକାର୍ଡ, ସହ ଅନ୍ୟ କୌଣସି କାମ ହୋଇ ପାରୁନଥିବା ସହ ସ୍ଥାନୀୟ ଲୋକେ କୌଣସି ସରକାରୀ ସହାୟତା କିମ୍ବା ସରକାରୀ ଯୋଜନା ଉପରେ ଜାଣି ପାରୁ ନଥିବା ଅଭିଯୋଗ ହୋଇଥିଲା।

# ନୂତନ ଛାତ୍ରଛାତ୍ରୀଙ୍କ ସ୍ୱାଗତ କାର୍ଯ୍ୟକ୍ରମ 'ଭର୍ଦନା'



ବାରିପଦା, ୨୧।୧୧(ସମିସ): ମହାରାଜପୁର ମୟୂରଭଞ୍ଜ କଲେଜ ଅଫ ଆକାଉଣ୍ଟାନ୍ସୀ ଆଣ୍ଡ ମ୍ୟାନେଜମେଣ୍ଟର ଉଦ୍ଭିଦ ବିଜ୍ଞାନ ବିଭାଗର ଛାତ୍ରଛାତ୍ରୀଙ୍କ ପକ୍ଷରୁ ନୂତନ ବିଦ୍ୟାର୍ଥୀଙ୍କୁ ସ୍ୱାଗତ କରିବା ପାଇଁ 'ଭର୍ଦନା' ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ବିଭାଗୀୟ ମୁଖ୍ୟ ରୂପାମାଞ୍ଜରୀ ବେହେରାଙ୍କ ଅଧ୍ୟକ୍ଷତାରେ ଏହି କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅଧ୍ୟକ୍ଷ ପ୍ରଦୀପ କୁମାର ନାୟକ ମୁଖ୍ୟଅତିଥି ଭାବେ ଯୋଗ ଦେଇ ଉଦ୍ଭିଦ ବିଜ୍ଞାନ ପାଠ୍ୟକ୍ରମର ଉପାଦେୟତା ସମ୍ପର୍କରେ ବକ୍ତବ୍ୟ ରଖିଥିଲେ। ବିଭାଗୀୟ ମୁଖ୍ୟ ଶ୍ରୀମତୀ ବେହେରା ମହାବିଦ୍ୟାଳୟର ବିଗତ ବର୍ଷର ସଫଳତା ଉପରେ ସୂଚନା ଦେଇଥିଲେ। ଉପାଧ୍ୟକ୍ଷା ସଂଘମିତ୍ରା ରାଉତ ନୂତନ ଛାତ୍ରଛାତ୍ରୀଙ୍କୁ ପାଠ ପଢ଼ା ପାଇଁ ଯାହା ଆବଶ୍ୟକ ତାହା ମହାବିଦ୍ୟାଳୟ ତରଫରୁ ଯୋଗାଇ ଦିଆଯିବ ବୋଲି ପ୍ରତିଶ୍ରୁତି ଦେଇଥିଲେ। ଅଧ୍ୟାପିକା କସ୍ତୁରିବା ମହାନ୍ତ, ଏନ. ବିଜୟଲକ୍ଷ୍ମୀ ଓ ଅଧ୍ୟାପକ କୀର୍ତ୍ତିକୌଶିକ ନାୟକ ଯୋଗଦେଇ ଅଭିଭାଷଣ ରଖିଥିଲେ। ଅଧ୍ୟାପିକା ଦିପାଞ୍ଜଳି ପାତ୍ର ଧନ୍ୟବାଦ ଅର୍ପଣ କରିଥିଲେ।

# ଉପଖଣ୍ଡସ୍ତରୀୟ ଶିଶୁ ମହୋତ୍ସବ ସର୍ଗିଫୁଲ ଓ ଭଲିବଲ୍ ପ୍ରତିଯୋଗିତା

କୁଳିଅଣା, ୨୧।୧୧(ସମିସ): ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ, ସଂଖ୍ୟାଲଘୁ ସମ୍ପ୍ରଦାୟ ଓ ପଛୁଆବର୍ଗ କଲ୍ୟାଣ ବିଭାଗ ପକ୍ଷରୁ ବାରିପଦା



ଉପଖଣ୍ଡ ସ୍ତରୀୟ ଶିଶୁ ମହୋତ୍ସବ ସରଗିଫୁଲ ଓ ଭଲିବଲ୍ ପ୍ରତିଯୋଗିତା କୁଳିଅଣା ବ୍ଲକ୍ ଅସନଯୋଡା ପି.ଏମ.ଶ୍ରୀ ସରକାରୀ ବାଳିକା ବିଦ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ସରଗିଫୁଲ ଆଦିବାସୀ ସମ୍ପ୍ରଦାୟର ସଂସ୍କୃତିକୁ ଏକ ପ୍ରତୀକ ରୂପେ ବିବେଚନା କରାଯାଏ। ତେଣୁ ସରଗିଫୁଲର ନାମ ସହିତ ସଂଯୋଗ କରି ଆୟୋଜିତ ହୋଇଥିବା ଏହି କାର୍ଯ୍ୟକ୍ରମଟି ନିଶ୍ଚିତରୂପେ ସରକାରଙ୍କ ଏକ ଅଭିନବ ପ୍ରୟାସ। ଜିଲ୍ଲା ମଙ୍ଗଳ ଅଧିକାରୀ ଗୁରୁଚରଣ ମଲ୍ଲିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ମୟୂରଭଞ୍ଜ ଅତିରିକ୍ତ ଜିଲ୍ଲାପାଳ ଦୁଃଖବନ୍ଧୁ ନାଏକ, ସମ୍ମାନିତ ଅତିଥି ଭାବେ କୁଳିଅଣା ବିଡିଓ ଜିତେନ୍ଦ୍ର ମୁର୍ମୁ ଓ ରଶ୍ମିରଞ୍ଜନ ଗିରି, ମୁଖ୍ୟବକ୍ତା ଭାବେ ବାରିପଦା ସଦର ଅତିରିକ୍ତ ଜିଲ୍ଲା ମଙ୍ଗଳ ଅଧିକାରୀ ପ୍ରଫୁଲ୍ଲ କୁମାର ସେଠୀ ଓ ସଂଯୋଜକ ଭାବେ ଅସନଯୋଡା ସରକାରୀ ବାଳିକା ବିଦ୍ୟାଳୟର ପ୍ରଧାନ ଶିକ୍ଷକ ରଜତ କୁମାର ସାହୁ ପ୍ରମୁଖ ଯୋଗଦାନ କରିଥିଲେ। ଏହି ଅବସରରେ ଅତିଥିମାନେ ଭଲିବଲ୍ ପ୍ରତିଯୋଗିତାକୁ ମଧ ଉଦ୍‌ଘାଟନ କରିଥିଲେ। ଏଥିରେ ୧୪୦ଜଣ ପ୍ରତିଯୋଗୀ ଅଂଶଗ୍ରହଣ କରିଥିଲେ।

● ମଣ୍ଡଳସ୍ତରୀୟ ବିଜ୍ଞାନମେଳା ଓ ଭଲିବଲ୍ ପ୍ରତିଯୋଗିତା

# ବାଳକ, ବାଳିକା ବର୍ଗରେ କେନ୍ଦୁଝର ଚାମ୍ପିଅନ



କେନ୍ଦୁଝର, ୨୧।୧୧(ସମିସ): ଅନୁସୂଚିତ ଜାତି ଓ ଜନଜାତି ଉନ୍ନୟନ ବିଭାଗର ମଣ୍ଡଳସ୍ତରୀୟ ବିଜ୍ଞାନମେଳା ଏବଂ ଭଲିବଲ ପ୍ରତିଯୋଗିତା ନରଣପୁର ସରକାରୀ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଶୁକ୍ରବାର ଅନୁଷ୍ଠିତ ହୋଇଯାଇଛି। ବିଜ୍ଞାନମେଳାରେ କେନ୍ଦୁଝର, ଢେଙ୍କାନାଳ, ଅନୁଗୁଳ, ଯାଜପୁର, କଟକ, ଖୋର୍ଦ୍ଧା, ଜଗତସିଂହପୁର, କେନ୍ଦ୍ରାପଡା ଓ ପୁରୀ ଜିଲ୍ଲାରୁ ୧୩ଟି ପ୍ରକଳ୍ପ ଏଠାରେ ସ୍ଥାନ ପାଇଥିଲା। ୧୩ଟି ପ୍ରକଳ୍ପ ପାଇଁ ବିଭିନ୍ନ ବିଦ୍ୟାଳୟରୁ ୧୩ଜଣ ଗାଇଡ୍ ଟିଚର ଏବଂ ୨୬ ଜଣ ଶିଶୁ ବିଜ୍ଞାନୀ ବିଜ୍ଞାନମେଳାରେ ଭାଗ ନେଇଥିଲେ। ଏହି ମଧ୍ୟରୁ ଶ୍ରେଷ୍ଠ ପ୍ରଦର୍ଶନ କରିଥିବା ୬ଟି ପ୍ରକଳ୍ପ ରାଜ୍ୟସ୍ତରକୁ ମନୋନୀତ ହୋଇଛି। ଅନୁଗୁଳ ଜିଲ୍ଲା ଫୁଲମ୍ବା ସରକାରୀ ଉଚ୍ଚବିଦ୍ୟାଳୟ ସିମରନ ପ୍ରିୟଦର୍ଶିନୀ ନାଏକ ଏବଂ ପ୍ରିୟଙ୍କା ସେଠୀ, କଟକ ଜିଲ୍ଲାର ସରକାରୀ ଉଚ୍ଚବିଦ୍ୟାଳୟ ମାଧପୁରର ମିରୁ ହେମ୍ବ୍ରମ ଓ ଚନ୍ଦ୍ରିକା ହାଁସଦା, କେନ୍ଦୁଝର ଜିଲ୍ଲାର ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଅସନପାଟରୁ ଶୁଭଲକ୍ଷ୍ମୀ ନାୟକ ଓ ଶୁଭସ୍ମିତା ତନ୍ତୀ, କୁସୁମିତା ବାଳିକା ଉଚ୍ଚବିଦ୍ୟାଳୟର ପ୍ରତିମା ମୁଣ୍ଡା ଓ ଅର୍ଚ୍ଚିତା ନାଏକ, ଜଗତସିଂହପୁର ଜିଲ୍ଲାରୁ ପାରେଶ୍ୱର ସରକାରୀ ବାଳିକା ଉଚ୍ଚବିଦ୍ୟାଳୟ ପାରାଦୀପରୁ ସାରଥୀ ଟୁଡୁ ଓ ବିଷ୍ଣୁପ୍ରିୟ ସେଠୀ, ସରକାରୀ ବାଳିକା ଉଚ୍ଚବିଦ୍ୟାଳୟ ନୟାଗଡର ରୂପାଞ୍ଜଳି ମଲ୍ଲିକ ଓ ସସ୍ମିତା ଜାନୀଙ୍କ ପ୍ରଦର୍ଶିତ ପ୍ରକଳ୍ପ ଶ୍ରେଷ୍ଠ ବିବେଚିତ ହୋଇଛି। ଶ୍ରେଷ୍ଠ ୬ଟି ପ୍ରକଳ୍ପ ଡିସେମ୍ବର ୧୮ ରୁ ୨୦ତାରିଖ ପର୍ଯ୍ୟନ୍ତ ଭୁବନେଶ୍ୱରରେ ହେବାକୁ ଥିବା ରାଜ୍ୟସ୍ତରୀୟ ସର୍ଗିଫୁଲ କାର୍ଯ୍ୟକ୍ରମରେ ଭାଗ ନେବେ ବୋଲି ଜଣାପଡିଛି। ମଣ୍ଡଳସ୍ତରୀୟ ଭଲିବଲ ପ୍ରତିଯୋଗିତାରେ ବାଳକ ଏବଂ ବାଳିକା ବିଭାଗରେ ୧୪ଟି ଦଳ ଭାଗ ନେଇଥିଲେ। ଏଥିରେ ଉଭୟ କେନ୍ଦୁଝର ବାଳକ ଏବଂ ବାଳିକା ଦଳ ରାଜ୍ୟସ୍ତରୀୟ ଭଲିବଲ ପ୍ରତିଯୋଗୀତାରେ ଅଂଶଗ୍ରହଣ କରିବା ପାଇଁ ମନୋନୀତ ହୋଇଛି। ଉଦ୍‌ଯାପନୀ ସମାରୋହରେ କେନ୍ଦୁଝର ଜୋନ ଶିକ୍ଷା ମଣ୍ଡଳାଧୀଶ ସଞ୍ଚିତା ବେହେରାଙ୍କ ସଭାପତିତ୍ୱରେ ଅନୁଷ୍ଠିତ ସଭାରେ ଜିଲ୍ଲା ମଙ୍ଗଳ ଅଧିକାରୀ ବିକାଶ ମହାନ୍ତି, ସ୍ୱତନ୍ତ୍ର ଅଧିକାରୀ ସୁନାରାମ ସିଂ, ଜିଲ୍ଲା ଶିକ୍ଷା ନୀରିକ୍ଷକ ସଞ୍ଜୟ ଧଳ, ସହକାରୀ ଜିଲ୍ଲା ମଙ୍ଗଳ ଅଧିକାରୀ ଜୟନ୍ତ ସାମନ୍ତ ସିଂହାର, ଉଚ୍ଚମାଧ୍ୟମିକ ବିଦ୍ୟାଳୟର ଅଧ୍ୟକ୍ଷ କିଶୋରଚନ୍ଦ୍ର ରାଉତ, ପ୍ରଧାନଶିକ୍ଷୟିତ୍ରୀ ଅପରିମିତା ବେହେରା, ପ୍ରଧାନଶିକ୍ଷକ ସୋମନାଥ ଆଇଚ ମନୋନୀତ ସମସ୍ତ ଦଳକୁ ଟ୍ରଫି ଏବଂ ପ୍ରମାଣପତ୍ର ଦେଇ ପୁରସ୍କୃତ କରିଥିଲେ। ଏହି ମଣ୍ଡଳସ୍ତରୀୟ ବିଜ୍ଞାନମେଳା ଓ ଭଲିବଲ ପ୍ରତିଯୋଗିତାରେ ପ୍ରଧାନଶିକ୍ଷକ ସୁରେନ୍ଦ୍ର ନାୟକ, ପ୍ରଧାନଶିକ୍ଷକ ବିକାଶ ଶତପଥୀ, ସଚ୍ଚିଦାନନ୍ଦ ଦାଶ, ଶିକ୍ଷକ ରଘୁନାଥ ସାହୁ, ଶିକ୍ଷୟିତ୍ରୀ ନିବେଦିତା ମହାନ୍ତି, ଶିକ୍ଷୟିତ୍ରୀ ସଞ୍ଚିତା କର, ଶିକ୍ଷକ ନିଶିକାନ୍ତ କିସ୍କୁ, ଶିକ୍ଷକ ଲାଲମୋହନ ସର୍ଦ୍ଦାର, ଅଧ୍ୟାପକ ସୌମ୍ୟକାନ୍ତ ସାହୁ ସହଯୋଗ କରିଥିଲେ।

# ଶିଶୁ କନ୍ୟାକୁ ଦୁଷ୍କର୍ମ; ଅଭିଯୁକ୍ତ ନାବାଳକ କିଶୋର ନ୍ୟାୟ ବୋର୍ଡକୁ ସ୍ଥାନାନ୍ତର

ବହଳଦା, ୨୧।୧୧ (ସମିସ): ମୟୂରଭଞ୍ଜ ଜିଲ୍ଲାରେ ପୁଣି ଘଟିଛି ଏକ ଲଜ୍ଜା। ଜଣେ ୬ ବର୍ଷ ବୟସର ଶିଶୁକନ୍ୟାକୁ ସଂପର୍କୀୟ ନାବାଳକ ମାମୁ ଦୁଷ୍କର୍ମ କରିଥିବା ଅଭିଯୋଗ ହୋଇଛି। ସୂଚନା ଅନୁସାରେ, ବହଳଦା ଥାନା ଅନ୍ତର୍ଗତ ବାସିଙ୍ଗି ଅଞ୍ଚଳରେ ଗୁରୁବାର ଅପରାହ୍ନରେ ଜଣେ ନାବାଳକ ୬ ବର୍ଷର ଶିଶୁକନ୍ୟାକୁ ଚକଲେଟ୍ ଦେବା ପ୍ରଲୋଭନ ଦେଖାଇ ଦୁଷ୍କର୍ମ କରିଥିଲା। ପରିବାର ଲୋକେ ଘଟଣା ସମ୍ପର୍କରେ ଜାଣିବା ପରେ ବହଳଦା ଥାନାରେ ଲିଖିତ ଅଭିଯୋଗ କରିଥିଲେ। ଅଭିଯୋଗ ପାଇ ପୁଲିସ ଏକ ମାମଲା ରୁଜୁ କରିବା ସହିତ ନାବାଳକକୁ ଅଟକ ରଖି ଘଟଣାର ତଦନ୍ତ ଆରମ୍ଭ କରିଥିଲା। ପୀଡିତାକୁ ସ୍ଥାନୀୟ ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଚିକିତ୍ସା କରାଯାଇଥିଲା। ଆଜି ନାବାଳକର ସ୍ୱାସ୍ଥ୍ୟ ପରୀକ୍ଷା ପରେ କିଶୋର ନ୍ୟାୟ ବୋର୍ଡକୁ ପଠାଇ ଦିଆଯାଇଛି ବୋଲି ତଦନ୍ତକାରୀ ଅଫିସର ଅନନ୍ତ ଦାସ ସୂଚନା ଦେଇଛନ୍ତି।

# ମାଧ୍ୟମିକ ଶିକ୍ଷକଙ୍କ ଇଂରାଜୀ ଭାଷା ପାଇଁ ତାଲିମ



ବାରିପଦା, ୨୧।୧୧(ସମିସ): ଅଜିମ ପ୍ରେମଜୀ ବିଶ୍ୱବିଦ୍ୟାଳୟ ଓ ରାଜ୍ୟ ଇଂରାଜୀ ଭାଷା ଶିକ୍ଷା ପ୍ରତିଷ୍ଠାନ ପକ୍ଷରୁ ମୟୂରଭଞ୍ଜ ଜିଲ୍ଲାର ୨୦ଜଣ କଳା ଓ ୨୦ଜଣ ବିଜ୍ଞାନ ଶିକ୍ଷକଙ୍କ ୨ୟ ପର୍ଯ୍ୟାୟ ପ୍ରତ୍ୟକ୍ଷ ତାଲିମ ଶିବିର ଅନୁଷ୍ଠିତ ହୋଇଯାଇଛି। ଅତିରିକ୍ତ ଜିଲ୍ଲା ଶିକ୍ଷା ଅଧିକାରୀ ଗୌତମ ପାତ୍ର ଶିବିରକୁ ଉଦଘାଟନ କରିଥିବା ବେଳେ ଜିଲ୍ଲା ବିଜ୍ଞାନ ସଂଯୋଜକ ଜ୍ଞାନରଞ୍ଜନ ଆଚାର୍ଯ୍ୟ ଯୋଗଦେଇ ଆଲୋଚନା କରିଥିଲେ। ଉଦଯାପନୀ ଉତ୍ସବରେ ଜିଲ୍ଲା ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀ ଇଂରାଜୀ ପ୍ରତି ପିଲାଙ୍କ ମନରୁ ଭୟ ଦୂର କରିବା ସହିତ ଏହିଭାଷା ପ୍ରତି ପିଲାଙ୍କ ମନରେ ଆଗ୍ରହ ସୃଷ୍ଟି ପାଇଁ ପରାମର୍ଶ ଦେଇଥିଲେ। ପ୍ରଶିକ୍ଷକ ଭାବରେ ବିବେକ କୁମାର ନାୟକ, ସୁବ୍ରତ କିଶୋର ଆଚାର୍ଯ୍ୟ, ସୁରେଶ କୁମାର ବେହେରା ଓ ଗାୟତ୍ରୀ ବେହେରା ପ୍ରଶିକ୍ଷଣ ଦେଇଥିଲେ। ୯ ସପ୍ତାହ ବ୍ୟାପୀ ଏହି ତାଲିମ କାର୍ଯ୍ୟକ୍ରମରେ ୫ଟି ୱେବିନାର ହୋଇଥିବା ବେଳେ ୨ଟି ପ୍ରତ୍ୟକ୍ଷ ତାଲିମ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ଅବଶିଷ୍ଟ ୨ଟି ୱେବିନାର ଆଗାମୀ ଦୁଇ ସପ୍ତାହ ମଧ୍ୟରେ ହେବ। ପରବର୍ତ୍ତୀ ସମୟରେ ବ୍ଲକସ୍ତରରେ ଶିକ୍ଷକଙ୍କୁ ତାଲିମ ଦେବାର ବ୍ୟବସ୍ଥା କରାଯିବ।

# ଡିଏନ୍ ବିଦ୍ୟାପୀଠ ପ୍ଲାଟିନମ୍ ଜୁବିଲି



ଆନନ୍ଦପୁର, ୨୧।୧୧(ସମିସ): କେନ୍ଦୁଝର ଜିଲ୍ଲା ଘସିପୁରା ବ୍ଲକ ଅଳତୀ ଦରିଦ୍ର ନାରାୟଣ ବିଦ୍ୟାପୀଠର ପ୍ଲାଟିନମ୍ ଜୁବିଲି ଉତ୍ସବ ପାଳନ ଫିକା ପଡ଼ିଛି। ଚୌକି ଫାଙ୍କା ପଡ଼ିଥିଲା ବେଳେ ଅତିଥିମାନେ କେବଳ ମଞ୍ଚରେ ଭାଷଣ ଦେଇ ଚାଲି ଯାଇଥିଲେ। ପ୍ରଥମ ପର୍ଯ୍ୟାୟରେ ପୁରାତନ ଛାତ୍ରଛାତ୍ରୀଙ୍କ ଦ୍ୱାରା ମା' ହରଚଣ୍ଡୀଙ୍କ ମନ୍ଦିରରୁ ମଶାଲ ଶୋଭାଯାତ୍ରା ସହ ଏକ ଗଣଦୌଡ଼ ଆୟୋଜିତ ହୋଇଥିଲା। ପରେ ପୂର୍ବତନ କ୍ରୀଡ଼ା ଶିକ୍ଷକ କାର୍ତ୍ତିକ ପ୍ରସାଦ ଶତପଥୀଙ୍କ ସଂଯୋଜନାରେ ପ୍ଲାଟିନମ୍ ଜୁବୁଲି ସଭାପତି ଡ ରତିକାନ୍ତ ବରାଳ ଧ୍ୱଜା ଉତ୍ତୋଳନ କରିଥିଲେ। ବିଦ୍ୟାଳୟ ପରିସରରେ ପୁରାତନ ଛାତ୍ରଛାତ୍ରୀଙ୍କ ବନ୍ଧୁ ମିଳନ ଉତ୍ସବ ଅନୁଷ୍ଠିତ ହୋଇଥିଲା ବେଳେ ଦ୍ୱିତୀୟ ପର୍ଯ୍ୟାୟରେ କେନ୍ଦ୍ର ଆଦିବାସୀ ବ୍ୟାପାର କେନ୍ଦ୍ରମନ୍ତ୍ରୀ ଜୁଏଲ ଓରାମ, ଓଡ଼ିଶା ବିଧାନସଭା ବାଚସ୍ପତି ସୁରମା ପାଢୀ ଅତିଥି ଭାବେ ଯୋଗ ଦେଇଥିଲେ। ମୁଖ୍ୟବକ୍ତା ଭାବେ ପ୍ରଫେସର ନେତାଜୀ ଅଭିନନ୍ଦନ, ବରେଣ୍ୟ ଅତିଥି ଭାବେ ଘସିପୁରା ବିଧାୟକ ବଦ୍ରିନାରାୟଣ ପାତ୍ର, ମହିଳା ନେତ୍ରୀ ସୁକେଶୀ ଓରାମ, ପୁରାତନ ଛାତ୍ର ସଂସଦ ସମ୍ପାଦକ ପ୍ରଭାତ ବରାଳ, ବିଦ୍ୟାଳୟ ପ୍ରଧାନଶିକ୍ଷକ ସୁରେନ୍ଦ୍ର ଜେନା ଅତିଥି ଭାବେ ଯୋଗ ଦେଇଥିଲେ। ପୁରାତନ ଛାତ୍ର ଭରତ ଭୂଷଣ ପଣ୍ଡା ଅତିଥି ପରିଚୟ କରାଇଥିଲା ବେଳେ ମଞ୍ଚ ଉପସ୍ଥାପନା ମଧୁମିତା ମହାନ୍ତି ଓ ଶିକ୍ଷୟିତ୍ରୀ ସସ୍ମିତା ସାହୁ ଧନ୍ୟବାଦ ଦେଇଥିଲେ। ପ୍ରସନ୍ନ ପଣ୍ଡା, ଆଦିତ୍ୟ ନାୟକ, ବିଷ୍ଣୁ ନାରାୟଣ ସାମଲ, ପ୍ରିୟବ୍ରତ ବରାଳ, ପ୍ରସନ୍ନ ନାୟକ, ଜିତେନ୍ଦ୍ର ଓଝା, ଅମିତ୍ ଦାଶ, ନିଖିଳାଦ୍ରି ମହାରଣା, ପ୍ରଶାନ୍ତ ନାୟକ, ଆକାଶ ଦାସ, ପ୍ରକାଶ ଦାସଙ୍କ ସହ ସମସ୍ତ ପୁରାତନ ଛାତ୍ରଛାତ୍ରୀ ସହଯୋଗ କରିଥିଲେ।

# ବ୍ଲକ୍‌ସ୍ତରୀୟ ବାଲ୍ ବୈଜ୍ଞାନିକ ପ୍ରଦର୍ଶନୀ ମେଳା

ମୋରଡା,୨୧।୧୧(ସମିସ): ମୋରଡା ବ୍ଲକ ଗୋପବନ୍ଧୁ ସରକାରୀ ଉଚ୍ଚ ବିଦ୍ୟାଳୟରେ ଶୁକ୍ରବାର ବ୍ଲକସ୍ତରୀୟ ବାଳ ବୈଜ୍ଞାନିକ ପ୍ରଦର୍ଶନୀ ମେଳା ଅନୁଷ୍ଠିତ ହୋଇଯାଇଛି। ବିଇଓ ବିଜୟ କୁମାର ପାଣିଗ୍ରାହୀ ସଭାପତିତ୍ୱରେ ଅନୁଷ୍ଠିତ ମେଳାରେ ମୁଖ୍ୟ ଅତିଥିଭାବେ ରାଜ୍ୟସଭା ସାଂସଦ ମମତା ମହାନ୍ତ,ସ୍ୱତନ୍ତ୍ର ଅତିଥି ଭାବେ ଉତ୍ତର ଓଡିଶା ଜୋନର ଉଚ୍ଚ ଶିକ୍ଷା ବିଭାଗର ଡେପୁଟି ଡ଼ାଇରେକ୍ଟର ରାଜେଶ କୁମାର ପ୍ରଧାନ, ମୁଖ୍ୟ ବକ୍ତା ଅତିରିକ୍ତ ଜିଲ୍ଲା ଶିକ୍ଷାଧିକାରୀ ଗୌତମ କୁମାର ପାତ୍ର, ସମ୍ମାନିତ ଅତିଥିଭାବେ ମୋରଡା ବିଆରସିସି ପୃଥୁନାଥ ବାସ୍କେ, ଏବିଇଓ ପାଲୁ ହାଁସଦା ପ୍ରମୁଖ ମଞ୍ଚାସୀନ ଥିଲେ। ପ୍ରଦର୍ଶନୀରେ ୧୨୮ ଟି ପ୍ରକଳ୍ପ ପ୍ରଦର୍ଶିତ ହୋଇଥିଲା। ଉଦଯାପନୀ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ବ୍ଲକ ଅଧ୍ୟକ୍ଷ ପିଥନାଥ ସରେନ, ମୁଖ୍ୟବକ୍ତା ଭାବେ ଉପଜିଲ୍ଲାପାଳ ଦୟାସିନ୍ଧୁ ପରିଡା, ମୋରଡା ଆଦର୍ଶ ବିଦ୍ୟାଳୟର ଅଧ୍ୟକ୍ଷ ସଂଗ୍ରାମ କେଶରୀ ପାତ୍ର, ଏବିଇଓ ଲକ୍ଷ୍ମୀଧର ମହାନ୍ତ, ମୁରଲୀଧର ବାରିକ, ରତିକାନ୍ତ ସାହୁ, ସିଆରସିସି ଅନିତା ବେହେରା ପ୍ରମୁଖ ଉପସ୍ଥିତ ଥିଲେ।

# ଜନଜାତିଙ୍କ ସମାବେଶରେ ହୋ ଯୁବ ସମାଜସେବୀଙ୍କ ଯୋଗଦାନ



ଶରତ,୨୧।୧୧(ସମିସ): ଟାଟା ଷ୍ଟିଲ୍ ଫାଉଣ୍ଡେସନ୍ ପକ୍ଷରୁ ଆୟୋଜିତ ବାର୍ଷିକ ଜନଜାତି ସମ୍ମିଳନୀ 'ସମ୍ବାଦ' ଚଳିତ ବର୍ଷ ଉଚ୍ଚମାନର ହୋଇଛି। ଏହି ଅବସରରେ ଜାମସେଦପୁରରେ ଏକ ଉଚ୍ଚକୋଟୀର କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇାଇଛି। ସେପ୍ଟେମ୍ବର ୧୫ରୁ ୧୯ ପର୍ଯ୍ୟନ୍ତ ଆୟୋଜିତ କାର୍ଯ୍ୟକ୍ରମରେ ଭାରତର ୧୫୩ ଜନଜାତି ସମ୍ପ୍ରଦାୟର ପ୍ରତିନିଧି ସେମାନଙ୍କ ସଂସ୍କୃତି, ଭାଷା, କଳା, ପାରମ୍ପରିକ ଜ୍ଞାନ ଏବଂ ସାମାଜିକ ପରିଚୟ ପ୍ରଦର୍ଶନ କରିଥିଲେ। ପ୍ରାୟ ୨ ହଜାର ୫୦୦ ଅତିଥି ଏବଂ ଅଂଶୀଦାର ଯୋଗଦେଇଥିଲେ। ଏହି ସମାବେଶରେ ଓଡ଼ିଶାରୁ ପ୍ରାୟ ୧୦୦ଜଣ ପ୍ରତିନିଧି ଅଂଶଗ୍ରହଣ କରିଥିଲେ। ମୟୂରଭଞ୍ଜ, କେଉଁଝର, ସୁନ୍ଦରଗଡ଼, ନବରଙ୍ଗପୁର, ମାଲକାନଗିରି ଏବଂ ଅନ୍ୟାନ୍ୟ ଜିଲ୍ଲାର ଯୁବକମାନେ ଗର୍ବର ସହିତ ସେମାନଙ୍କର ଭାଷା ଏବଂ ସାଂସ୍କୃତିକ ଐତିହ୍ୟର ସୁରକ୍ଷା ନିମିତ ଉଦ୍ୟମରତ ଜ୍ଞାନ ବାଣ୍ଟିଥିଲେ। ଓଡ଼ିଶାରୁ ୬୪ ଜନଜାତିଙ୍କ ମଧ୍ୟରୁ ହୋ ସମ୍ପ୍ରଦାୟରୁ ମଧ୍ୟ ମୟୂରଭଞ୍ଜର ଗଣେଶ୍ୱର ଗାଗାରାଇ, ଗୋମେୟା ଅମଙ୍ଗ, ପୁନମ୍ ପୂର୍ତ୍ତି, ଟୁନିତା ଜାମୁଦା, ଧିରେନ୍ଦ୍ର ହାଇବ୍ରୁ, କେଉଁଝର ଜିଲ୍ଲାରୁ ପିଣ୍ଟୁ ହେମ୍ବ୍ରମ, ସାଧୁଚରଣ ବିରୁଆ, ଯାଜପୁରରୁ ବିକାଶ ସୁଲି, ପ୍ରିୟଦର୍ଶିନୀ ସଏ, କଟକରୁ ଶଶି ପୂର୍ତ୍ତି ପ୍ରମୁଖ ଯୋଗଦାନ କରିଥିଲେ। ବିଭିନ୍ନ ରାଜ୍ୟର ପ୍ରତିନିଧିମାନେ ଆଦିବାସୀ ଶାସନ, ପାହାଡିଆ ଅଞ୍ଚଳରୁ ଜ୍ଞାନ, ବନଜାତ ଦ୍ରବ୍ୟ ଉପରେ ଆଧାରିତ ପଦକ୍ଷେପ, ପାରମ୍ପରିକ ଔଷଧ, ଆଦିବାସୀ ଭାଷା ସଂରକ୍ଷଣ ଏବଂ ଆଜିର ଯୁବପିଢ଼ି ସମ୍ମୁଖୀନ ହେଉଥିବା ସମସ୍ୟା ଉପରେ ବିସ୍ତୃତ ଆଲୋଚନା କରିଥିଲେ।

## ଆଜିର ରାଶିଫଳ

**ମେଷ:** ସାମାଜିକ କାର୍ଯ୍ୟ ପାଇଁ ସମୟ ବାହାର କରିବେ। ନୂଆ ଯାନ କିଣିବା ଯୋଗ ଅଛି। ଅଫିସ୍‌ରେ ସହକର୍ମୀଙ୍କୁ ସାହାଯ୍ୟ କରିବେ। ଜୀବନସାଥୀଙ୍କ ସହ ସୁଖଦ ସମୟ ଅତିବାହିତ କରିବେ।

**ବୃଷ:** ଦୂର ସ୍ଥାନକୁ ଯାତ୍ରା ଯୋଗ ଅଛି। ଧାର୍ମିକ କାର୍ଯ୍ୟରେ ସାମିଲ ହେବେ। ବ୍ୟବସାୟକୁ ନେଇ ଚିନ୍ତାରେ ରହିବେ। ଭାବିଚିନ୍ତି ନିଷ୍ପତ୍ତି ନିଅନ୍ତୁ। ପ୍ରିୟଜନଙ୍କ କଥାକୁ ବିଶ୍ୱାସ କରିବେ ନାହିଁ।

**ମିଥୁନ:** ବ୍ୟବହାରରେ ସଂଯମତା ରକ୍ଷା କରିବେ। ନାଚ, ଗୀତରେ ପ୍ରଶଂସା ମିଳିବ। ନୂଆ ଲୋକଙ୍କ ସଂସ୍ପର୍ଶରେ ଆସିବେ। କାମ ଆରମ୍ଭ ପୂର୍ବରୁ ଗୁରୁଜନଙ୍କ ପରାମର୍ଶ ନେବେ।

**କର୍କଟ:** ପାରିବାରିକ ଜୀବନରେ ସୁଖ, ସମୃଦ୍ଧି ବୃଦ୍ଧି ପାଇବ। ବ୍ୟସାୟରେ ଉନ୍ନତି ପାଇଁ ଆଧୁନିକ ଜ୍ଞାନ-କୌଶଳ ଉପଯୋଗ କରିବେ। ବାପାମାଆଙ୍କ ସ୍ୱାସ୍ଥ୍ୟ ପାଇଁ ଯତ୍ନବାନ ହେବେ।

**ସିଂହ:** ଯାତ୍ରା ସମୟରେ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବେ। କୋର୍ଟ କଚେରୀ ମାମଲାରୁ ଦୂରେଇ ରହିବେ। ସନ୍ତାନଙ୍କ ଭବିଷ୍ୟତକୁ ନେଇ ଚିନ୍ତାରେ ରହିବେ। ଛାତ୍ରଛାତ୍ରୀ ପଢ଼ାରେ ମନଯୋଗ ଦେବେ।

**କନ୍ୟା:** ଆୟଠୁ ଅଧିକ ବ୍ୟୟ କରିବେ। ବରିଷ୍ଠ ଅଧିକାରୀଙ୍କ ପରାମର୍ଶରେ କାମରେ ଆଗକୁ ବଢ଼ିବେ। ନୂଆ କାମ ଆରମ୍ଭ କରିବେ। ଛାତ୍ରଛାତ୍ରୀ କ୍ରୀଡ଼ା ପ୍ରତିଯୋଗିତାରେ ସାମିଲ ହେବେ।

**ତୁଳା:** ଗୁରୁତ୍ୱପୂର୍ଣ୍ଣ ଖବର ପ୍ରାପ୍ତ ହେବ। ପ୍ରତିଯୋଗିତା ମନୋଭାବ ନେଇ ବିଦ୍ୟାର୍ଥୀ ଆଗକୁ ବଢ଼ିବେ। ପାରିବାରିକ ସମସ୍ୟା ସମାଧାନ ହେବ। ଆୟର ନୂତନ ମାର୍ଗ ଉନ୍ମୋଚନ ହେବ।

**ବିଛା:** ବୈବାହିକ ଜୀବନ ସୁଖମୟ ହେବ। ବ୍ୟବସାୟରେ ଉନ୍ନତି ପରିଲକ୍ଷିତ ହେବ। ଭାଇଭଉଣୀଙ୍କଠାରୁ ଉପହାର ପାଇବେ। ଅଫିସ୍ କାମରେ ଦୂର ସ୍ଥାନକୁ ଯାତ୍ରା କରିବେ।

**ଧନୁ:** ଅଜଣା ଲୋକଙ୍କଠାରୁ ଦୂରେଇ ରହିବେ। ଧୈର୍ଯ୍ୟର ସହ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ ତୁଲାଇବେ। ଭାବପ୍ରବଣ ହୋଇ ନିଷ୍ପତ୍ତି ନେବାରୁ ନିବୃତ୍ତ ରହିବେ। ଆଇନଜୀବୀଙ୍କୁ ସଫଳତା ମିଳିବ।

**ମକର:** ଘରେ ସୁଖ ସମୃଦ୍ଧି ବୃଦ୍ଧି ପାଇବ। ଚାକିରିଆଙ୍କୁ ନୂତନ ନିଯୁକ୍ତି ମିଳିବ। ସନ୍ତାନ ସୁଖ ପ୍ରାପ୍ତ ହେବ। ପ୍ରେମ ସମ୍ବନ୍ଧରେ ଭୁଲ ବୁଝାମଣା ସୃଷ୍ଟି ହେବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ।

**କୁମ୍ଭ:** ଧାରକରଜରୁ ଦୂରେଇ ରହିବେ। ବ୍ୟବସାୟ ବୃଦ୍ଧିକୁ ନେଇ ସାବଧାନତା ଅବଲମ୍ବନ କରିବେ। ବିରୋଧୀଙ୍କୁ ସାମ୍ନା କରିବେ। ଚିନ୍ତାଗ୍ରସ୍ତ ରହିବେ। ଜୀବନସାଥୀଙ୍କୁ ମନ କଥା କହିବେ।

**ମୀନ:** ବିଦ୍ୟାର୍ଥୀ ପରୀକ୍ଷାରେ ସଫଳ ହେବେ। ବନ୍ଧୁଙ୍କ ସାହାଯ୍ୟ ମିଳିବ। କଳା କ୍ଷେତ୍ରରେ ସଫଳତା ମିଳିବ। ସ୍ୱାସ୍ଥ୍ୟ ସମସ୍ୟା ଦେଖା ଦେବ। ସ୍ୱାମୀ-ସ୍ତ୍ରୀଙ୍କ ମଧ୍ୟରେ ମତାନ୍ତର ହେବ।

## ଆଜିର ଇତିହାସ

- ୧୯୬୩- ଆମେରିକାର ରାଷ୍ଟ୍ରପତି ଜନ୍ ଏଫ୍ କେନେଡିଙ୍କୁ ଟେକ୍ସାସରେ ହତ୍ୟା କରାଯାଇଥିଲା।
- ୧୯୬୮ -ମାଡ୍ରାସର ନାମ ବଦଳାଇ ତାମିଲନାଡୁ ରଖାଗଲା।
- ୧୯୯୭- ଡାଏନା ହେଡେନ୍ ବିଶ୍ୱସୁନ୍ଦରୀ ହେଲେ।
- ୧୯୯୮ -ବାଂଲାଦେଶୀ ଲେଖିକା ତସ୍‌ଲିମା ନାସ୍‌ରିନ୍ ଢାକା ଅଦାଲତରେ ଆତ୍ମସମର୍ପଣ କଲେ।
- ୨୦୦୨- ବିଶ୍ୱ ସୁନ୍ଦରୀ ପ୍ରତିଯୋଗିତା ଆୟୋଜନ ପ୍ରତିବାଦରେ ନାଇଜେରିଆରେ ହୋଇଥିବା ଦଙ୍ଗାରେ ଶତାଧିକ ଲୋକଙ୍କର ମୃତ୍ୟୁ ହୋଇଥିଲା।

## ଆଜି ଆସିଥିଲେ...

# ଶହୀଦ ଲକ୍ଷ୍ମଣ ନାୟକ




ଭାରତବର୍ଷର ସ୍ୱାଧୀନତା ଆନ୍ଦୋଳନରେ ଯେଉଁମାନେ ବ୍ରିଟିଶ ଶାସନ ବିରୁଦ୍ଧରେ ସ୍ୱର ଉତ୍ତୋଳନ କରି ଫାଶୀଖୁଣ୍ଟରେ ଝୁଲିଥିଲେ ତନ୍ମଧ୍ୟରେ ଶହୀଦ ଲକ୍ଷ୍ମଣ ନାୟକ ଥିଲେ ଅନ୍ୟତମ। ସେ ଅନ୍ୟାୟ, ଅତ୍ୟାଚାର, ଶୋଷଣ ବିରୋଧରେ ସଂଘର୍ଷ ଓ ସଂଗ୍ରାମ କରି ଏକ କାଳଜୟୀ ଉଦାହରଣ ସୃଷ୍ଟି କଲେ। ଆଦିବାସୀମାନଙ୍କୁ ଏକତ୍ର କରି ଇଂରେଜ ସରକାରଙ୍କ ବିରୋଧରେ ସ୍ୱର ଉତ୍ତୋଳନ କରି ସେ ଏକ ବୈପ୍ଳବିକ ଝଡ଼ ସୃଷ୍ଟି କରିଥିଲେ। ଲକ୍ଷ୍ମଣ ନାୟକ ଅବିଭକ୍ତ କୋରାପୁଟ ଜିଲ୍ଲାର ବୈପାରୀଗୁଡ଼ା ଥାନା ଅନ୍ତର୍ଗତ ତେନ୍ତୁଳିଗୁମ୍ମା ଗ୍ରାମରେ ୧୮୯୯ ମସିହା ଆଜିର ଦିନରେ ଏକ ଆଦିବାସୀ ପରିବାରରେ ଜନ୍ମଗ୍ରହଣ କରିଥିଲେ। ୧୯୩୦ ମସିହାରେ ଲକ୍ଷ୍ମଣଙ୍କୁ ମୁସ୍ତାଦାର ଭାବରେ ନିଯୁକ୍ତ କରାଯାଇଥିଲା। ଏହାପରେ ସେ ଲକ୍ଷ୍ମଣ ଭୁମିୟାରୁ ଲକ୍ଷ୍ମଣ ନାୟକ ଭାବରେ ପରିଚିତ ହୋଇଥିଲେ। ମୁସ୍ତାଦାର ଭାବେ ନିଯୁକ୍ତ ହେବା ପରେ ଲକ୍ଷ୍ମଣ ନିଜ ଗ୍ରାମରେ ଅନେକ ଉନ୍ନୟନମୂଳକ କାର୍ଯ୍ୟର ଶୁଭାରମ୍ଭ କରିଥିଲେ। ୧୯୩୬ ମସିହାରେ ଲକ୍ଷ୍ମଣ ନାୟକ କଂଗ୍ରେସରେ ଯୋଗଦାନ କରିଥିଲେ। ୧୯୩୭-୩୮ ମସିହାରେ ଜୟପୁର ନିକଟସ୍ଥ ନୂଆପୁଟରେ ଖୋଲିଥିବା ତାଲିମ ଶିବିରରେ ସେ ଯୋଗଦାନ କରି ମହାତ୍ମା ଗାନ୍ଧୀଙ୍କ ଆଦର୍ଶ ଓ ଶୃଙ୍ଖଳିତ ଜୀବନଯାପନ ବିଷୟରେ ଶିକ୍ଷାଲାଭ କରିଥିଲେ। ସେ ଗାଁକୁ ଗାଁ ବୁଲି ଲୋକଙ୍କୁ ନିର୍ଭୀକ ହେବାକୁ କହିବା ସହ ସରକାରଙ୍କୁ ଟିକସ ନ ଦେବା, ଅହିଂସା ମାର୍ଗରେ ପରିଚାଳିତ ହେବା ତଥା ମଦ୍ୟପାନ ତ୍ୟାଗ କରି ଏକ ଶୃଙ୍ଖଳିତ ଜୀବନଧାରଣ କରିବା ନିମନ୍ତେ ପ୍ରଚାର କରୁଥିଲେ। ମାତ୍ର ଏକ ମୁସ୍ତାଦାର ହୋଇ ମଧ୍ୟ ଲୋକଙ୍କୁ ଟିକସ ନ ଦେବା ପାଇଁ କହିବାର ପରିଣାମ ସ୍ୱରୂପ ଲକ୍ଷ୍ମଣଙ୍କୁ ରାଜଦ୍ରୋହୀ ଘୋଷଣା କରି ତାଙ୍କଠାରୁ ସରକାରଙ୍କ ତରଫରୁ ଦିଆଯାଇଥିବା ପଦବୀ ଓ ଚାଷ ଜମି ଛଡ଼ାଇ ନିଆଯାଇଥିଲା। ପ୍ରଥମେ ସେ ସାଧାରଣ କଂଗ୍ରେସ ସଭ୍ୟ ହୋଇଥିଲେ। ପରେ ତେନ୍ତୁଳିଗୁମ୍ମା ପ୍ରାଥମିକ କଂଗ୍ରେସ କମିଟିର ସଭାପତି ଓ ପରେ କୋରାପୁଟ ଜିଲ୍ଲା କଂଗ୍ରେସ କମିଟିର ଜଣେ ସଦସ୍ୟଭାବେ ନିର୍ବାଚିତ ହୋଇଥିଲେ। ୧୯୪୨ ମସିହାରେ କଂଗ୍ରେସ "ଭାରତ ଛାଡ଼" ପ୍ରସ୍ତାବ ଆଗତ କରିଥିଲା। ଲକ୍ଷ୍ମଣ ଗାଁ ଗାଁ ବୁଲି ଲୋକମାନଙ୍କୁ ସତ୍ୟାଗ୍ରହ ଓ ସ୍ୱାଧୀନତା ନିମନ୍ତେ ଅହିଂସା ଦ୍ୱାରା ଲଢ଼େଇର ବାର୍ତ୍ତା ପ୍ରଚାର କରିଥିଲେ। ପରବର୍ତ୍ତୀ କାଳରେ ଏକ ଜନ ଆନ୍ଦୋଳନରେ ୧୯୪୨ ମସିହା ଅଗଷ୍ଟ ୨୧ ତାରିଖ ଶୁକ୍ରବାର ଦିନ ଲକ୍ଷ୍ମଣ ନାୟକଙ୍କ ନେତୃତ୍ୱରେ ସଂଗ୍ରାମୀମାନେ ମାଥିଲି ଥାନା ଘେରାଉ କରିଥିଲେ। ଏହି ଆନ୍ଦୋଳନର ଦମନ ନିମନ୍ତେ ପୁଲିସ ଆନ୍ଦୋଳନକାରୀମାନଙ୍କ ଉପରେ ଲାଠିମାଡ଼ କରିବା ସହ ଲକ୍ଷ୍ମଣ ନାୟକଙ୍କୁ ସମସ୍ତଙ୍କ ଦ୍ୱାରା ଦେଖିଲା ପରି ସ୍ଥାନକୁ ନେଇ ନିଷ୍ଠୁର ମାଡ଼ ମାରିଥିଲେ। ମାତ୍ର ଏତାଦୃଶ୍ୟ ଅତ୍ୟାଚାର ପରେ ମଧ୍ୟ କର୍ମୀମାନେ ଆଗକୁ ବଢ଼ିଚାଲିବାରୁ ପୁଲିସ ସେମାନଙ୍କ ଉପରେ ଗୁଳିଚାଳନା ଆରମ୍ଭ କରିଦେଇଥିଲା। ଯାହାର ଫଳସ୍ୱରୂପ ଅନେକ କର୍ମୀ ମୃତାହତ ହୋଇଥିଲେ। ଏ ଗୁଳିକାଣ୍ଡରେ ଫରେଷ୍ଟଗାର୍ଡ ଜି. ରାମୟାର ମୃତ୍ୟୁ ହୋଇଥିଲା। ଆନ୍ଦୋଳନକୁ ଦମନ କରିବା ପରେ ପୁଲିସ ଲକ୍ଷ୍ମଣ ନାୟକଙ୍କ ଅଚେତ ଶରୀରକୁ ମୃତ ମନେକରି ନିକଟସ୍ଥ ନାଳରେ ଫୋପାଡ଼ି ଦେଇଥିଲା। ଚେତା ଫେରିପାଇବା ପରେ ତେନ୍ତୁଳିଗୁମ୍ମାକୁ ଫେରି ଆସି ସଂଘର୍ଷ ଜାରି ରଖିଥିଲେ। ୧୯୪୨ ମସିହା ସେପ୍ଟେମ୍ବର ମାସ ୨ ତାରିଖରେ ତେନ୍ତୁଳିଗୁମ୍ମାରୁ ଲକ୍ଷ୍ମଣଙ୍କୁ ଗିରଫ କରାଯାଇଥିଲା। ଏହାପରେ ଜି. ରାମୟାର ହତ୍ୟା ଅଭିଯୋଗରେ ଲକ୍ଷ୍ମଣଙ୍କୁ ମୃତ୍ୟୁ ଦଣ୍ଡାଦେଶ ହୋଇଥିଲା ଓ ୧୯୪୩ ମସିହା ମାର୍ଚ୍ଚ ୨୯ ତାରିଖରେ ତାଙ୍କୁ ଫାଶୀ ଦିଆଯାଇଥିଲା।

# ମସଲାସ୍ତରକୁ ଜାଣିବ 'କୃତ୍ରିମ ଜିଭ'



ଚୀନର ବୈଜ୍ଞାନିକମାନେ ଏକ କୃତ୍ରିମ ଜିଭ ବିକଶିତ କରିଛନ୍ତି। ଏହା ଖାଦ୍ୟରେ ଥିବା ରାଗ ତଥା ମସଲାର ସ୍ତରକୁ କିଛି ସେକେଣ୍ଡରେ ଚିହ୍ନଟ କରିପାରିବ। ତେବେ ରାଗ ଓ ମସଲା ପ୍ରତି ଯେଉଁମାନେ ଅଧିକ ସମ୍ବେଦନଶୀଳ, ସେମାନଙ୍କ ଲାଗି ଏହା ଉପକାରୀ ସାବ୍ୟସ୍ତ ହୋଇପାରେ। ଏହାସହ ସ୍ୱାଦ ବାରିବାରେ ଦୁର୍ବଳ ଲୋକେ ବି କୃତ୍ରିମ ଜିଭ ଦ୍ୱାରା ଉପକୃତ ହେବା କୁହାଯାଉଛି। ସେହିପରି ଏହି ଟେକ୍ନିକ୍ ଭବିଷ୍ୟତରେ ରୋବଟ୍, ଫୁଡ୍ ଟେଷ୍ଟିଂ ଡିଭାଇସ୍ ଏବଂ ସ୍ୱାଦ ସମ୍ବନ୍ଧିତ ପୀଡ଼ିତ ରୋଗୀଙ୍କ ପାଇଁ ସଫଳ ସାବ୍ୟସ୍ତ ହେବ। ତେବେ କୃତ୍ରିମ ଜିଭର ଡିଜାଇନ୍ କ୍ଷୀରରେ ମିଳୁଥିବା କେସିନ୍ ପ୍ରୋଟିନ୍‌ରୁ ପ୍ରେରିତ। କେସିନ୍ ହେଉଛି ସେହି ପ୍ରୋଟିନ୍, ଯାହା କ୍ୟାପସାଇସିନ୍ ଅର୍ଥାତ୍ ଲଙ୍କାରେ ରାଗ ପଣ ଆଣୁଥିବା ତତ୍ତ୍ୱକୁ ନିଷ୍କ୍ରିୟ କରିଥାଏ। ସେହିପରି ରାଗ ଅଧିକ ଲାଗିଲେ, କ୍ଷୀର ପିଇଲେ ଆଶ୍ୱସ୍ତି ମିଳେ। ଏହି ବିଜ୍ଞାନ ହିଁ ଏବେ କୃତ୍ରିମ ଜିଭର ଆଧାର ହୋଇଛି। ବୈଜ୍ଞାନିକମାନେ ଏକ୍ରିଲିକ୍ ଏସିଡ୍, କୋଲିନ କ୍ଲୋରାଇଡ୍ ଏବଂ ସ୍କିମ୍‌ଡ ମିଲ୍କ ପାଉଡରକୁ ମିଶାଇ ଜେଲ ଭଳି ଏକ ପତଳା ପାରଦର୍ଶୀ ଆସ୍ତରଣ ତିଆରି କରିଥିଲେ। ଏହାକୁ ୟୁଭି ଲାଇଟ୍ ବା ଅତିବାଇଗଣୀ ରଶ୍ମିରେ ରଖିଲେ। ଏହାଦ୍ୱାରା ଏହା ନମନୀୟ ଏବଂ ହାଲୁକା ଅସ୍ୱଚ୍ଛ ପଦାର୍ଥରେ ପରିଣତ ହେଲା। ସେହିପରି ଏହି ଜେଲ୍ ବିଦ୍ୟୁତ୍ ପ୍ରବାହକୁ ପ୍ରବାହିତ କରିପାରେ। ତେବେ ଏହା ଯେତେବେଳେ କ୍ୟାପ୍‌ସାଇସିନ୍ କିମ୍ବା କୌଣସି ରାଗ ଜିନିଷ ସଂସ୍ପର୍ଶରେ ଆସେ ଏହି ଧାରାରେ ପରିବର୍ତ୍ତନ ଦେଖାଯାଏ। ଏହି ପରିବର୍ତ୍ତନ କୃତ୍ରିମ ଜିଭକୁ ଖାଦ୍ୟଟି କେତେ ରାଗ କିମ୍ବା ମସଲାଯୁକ୍ତ ବୋଲି ଜଣାଇଥାଏ। ବୈଜ୍ଞାନିକମାନେ ଏହି ପରୀକ୍ଷଣ ଆଠ ପ୍ରକାର ଲଙ୍କା ଏବଂ ଆଠ ପ୍ରକାର ମସଲା ବ୍ୟଞ୍ଜନ ଉପରେ କରିଛନ୍ତି। ଏଥିରୁ ଜଣାପଡ଼ିଲା କ୍ୟାପ୍‌ସାଇସିନ୍‌କୁ ଏହି ଆସ୍ତରଣ ଉପରେ ରଖିବା ଦ୍ୱାରା କେବଳ ୧୦ ସେକେଣ୍ଡରେ ହିଁ ବିଦ୍ୟୁତ୍ ପ୍ରବାହରେ ପରିବର୍ତ୍ତନ ଆସିଛି। ଏଥିରୁ ସ୍ପଷ୍ଟ ହେଲା ଯେ, କୃତ୍ରିମ ଜିଭ ମସଲା ସ୍ତର ଜାଣିବାକୁ ସକ୍ଷମ। ଅନ୍ୟପକ୍ଷରେ ଏହି କୃତ୍ରିମ ଜିଭ କମ୍ ରାଗ, ମସଲା ଠୁ ଆରମ୍ଭ କରି ଅଧିକ ରାଗୁଆ ଭଳି ଦୁଇଟି ସ୍ତରକୁ ବାରିପାରେ।

# ଆସିବ 'ଦବଙ୍ଗ ୪'



ବଲିଉଡ୍‌ର ଦବଙ୍ଗ ଖାନ୍ ସଲମାନ୍ ଶେଷ ଥର ପାଇଁ 'ସିକନ୍ଦର' ଫିଲ୍ମରେ ନଜର ଆସିଥିଲେ। ଏହା କିନ୍ତୁ ବକ୍ସ ଅଫିସ୍‌ରେ ଫ୍ଲପ୍ ସାବ୍ୟସ୍ତ ହୋଇଥିଲା। ସଲମାନ୍ ଏଥିପାଇଁ ତାଙ୍କ ଆଗାମୀ ଫିଲ୍ମ 'ବ୍ୟାଟଲ୍ ଅଫ୍ ଗଲୱାନ୍' ଉପରେ ଅଧିକ ଧ୍ୟାନ ଦେଉଛନ୍ତି। ଅପୂର୍ବ ଲାଖିଆଙ୍କ ଏହି ଫିଲ୍ମରେ ସଲମାନ୍ ସୈନିକ ଭାବେ ଦେଖାଯିବେ। ଫିଲ୍ମର ପ୍ରଥମ ସିଡ୍ୟୁଲର ସୁଟିଂ ଲଦାଖରେ ସରିଯାଇଛି। ଇତିମଧ୍ୟରେ 'ଦବଙ୍ଗ ୪'କୁ ନେଇ ଖବର ଆସିଛି। ୨୦୧୦ ମସିହାରେ ସଲମାନ୍‌ଙ୍କ ଫିଲ୍ମ 'ଦବଙ୍ଗ' ଆସିଥିଲା। ୨୦୧୨ ମସିହାରେ ଏହାର ଦ୍ୱିତୀୟ ପାର୍ଟ ଓ ୨୦୧୯ରେ ତୃତୀୟ ପାର୍ଟ ଆସିଥିଲା। ଏବେ ଏହି ସିରିଜ୍‌ର ଚତୁର୍ଥ ଫିଲ୍ମ ଆସିବ। ନିକଟରେ ଗଣମାଧ୍ୟମକୁ ଦେଇଥିବା ଏକ ସାକ୍ଷାତକାରେ ଅରବାଜ୍ ଖାନ୍ କହିଛନ୍ତି ଯେ, 'ଦବଙ୍ଗ ୪' ଆସିବ। ସଲମାନ୍ ଭାଇଙ୍କ ସହ ଆଲୋଚନା କରିବା ପରେ ହିଁ ଏହା କେବେ ଆସିବ ବୋଲି ସ୍ଥିର କରାଯାଇ ପାରିବ। ଏହା କେବେ ଆସିବ ତ ମୁଁ ଜାଣି ନାହିଁ, କିନ୍ତୁ ଯେବେବି ଆସିବ ଦେଖିଲା ଭଳି ହେବ।' ତେବେ ଚୁଲ୍‌ବୁଲ୍ ପାଣ୍ଡେ ଭୂମିକାରେ ପୁଣିଥରେ ସଲମାନ୍ ପରଦାକୁ ଫେରୁଥିବା ଜାଣି ତାଙ୍କ ପ୍ରଶଂସକମାନେ ବେଶ୍ ଉତ୍ସାହିତ ଅଛନ୍ତି।

## ପ୍ରହେଳିକା



- ଏମିତି ଅଟଇ ପୂଜାଟି ସିଏ
ଗୁରୁବାର ଦିନ ପାଳିତ ହୁଏ
ମଗୁଶିର ମାସ ଗୁରୁବାରରେ
ପାଳନ ହୁଅଇ ଆଡ଼ମ୍ବରରେ
ଝୋଟିଚିତାରେ ସୁନ୍ଦର ଦିଶେ
ଚନ୍ଦନ କର୍ପୂର ମହକି ବାସେ
ଓଡ଼ିଆଙ୍କ ମୁଖ୍ୟ ପୂଜାଟି ସିଏ
ନାମଟି ତାହାର କହିବ କିଏ ?

ଉ-ଲକ୍ଷ୍ମୀପୂଜା(ମାଣବସା)

- ଲକ୍ଷ୍ମୀପୁରାଣର ମୁଖ୍ୟ ଚରିତ୍ର ସିଏ
ପୂଜୁଥିଲେ ଦେବୀ ଲକ୍ଷ୍ମୀଙ୍କୁ ଯିଏ
ଯାହାଙ୍କ ପୂଜାରେ ଦେବୀ ସନ୍ତୁଷ୍ଟ ହୋଇ
ପାଦେ ଦେଇଥିଲେ ତାଙ୍କ ଘରରେ ଯାଇ
ଯାହାଙ୍କ ପାଇଁ ହେଲା ଦେଉଳ ମନା
ଲକ୍ଷ୍ମୀପୁରାଣରେ ହେଲା ତାଙ୍କ ବର୍ଣ୍ଣନା
ଯିଏ ଶୁଣିଅଛି ସେହି କାହାଣୀ
ନାମଟି ତାଙ୍କର ଦିଅ ବଖାଣି ?

ଉ- ଶ୍ରୀୟା ଚଣ୍ଡାଳୁଣୀ

- ଏମିତି ଅଟଇ ପବିତ୍ର ସିଏ
ଛୁଇଁଦେଲେ ଯାଗା ପବିତ୍ର ହୁଏ
ମାଟିର କାନ୍ଥରେ ଲିପନ୍ତି ନେଇ
ଦାଣ୍ଡରେ ଛିଞ୍ଚନ୍ତି ପବିତ୍ର ପାଇଁ
ସେହି ଦରବଟି ଗୋମାତା ଦିଏ
ନାମଟି ତାହାର କହିବ କିଏ ?

ଉ-ଗୋବର


ପ୍ରଶାନ୍ତ କୁମାର ନାଥ
ସୁନ୍ଦରପୁର, ଯାଜପୁର
ମୋ-୮୩୧୦୩୨୮୩୪୫

## ଶୀତ ସକାଳ

ଶୀତ ସକାଳଟି ଲାଗେ ଭାରି ଭଲ
ଆଳସ୍ୟକୁ ଦେଲେ ଛାଡ଼ି
ଶୀତ ଶୀତ ବୋଲି ଘୋଡ଼େଇ ଶୋଇଲେ
ଶୀତ ଧରିଥାଏ ମାଡ଼ି ।
ଭୋରରୁ ଉଠିକି ଶଯ୍ୟାତ୍ୟାଗ କରି
ସକାଳୁଆ ବୁଲା କଲେ
ଶୀତ ଡରି ଯାଇ ପଳାଏ ଦୂରକୁ
ନ ଡର ଶୀତକୁ ପିଲେ ।
କଅଁଳ କିରଣ ଦେହରେ ପଡ଼ିଲେ
ରୋଗ ହୋଇଯାଏ ଦୂର
ବ୍ୟାୟାମ କରିକି ସକାଳ ଶୀତରେ
ସୁସ୍ଥ ରଖିବା ଶରୀର ।
ଶୀତୁଆ ସକାଳେ ଭଲ ଲାଗେ ସତେ
ନିଆଁ ପୋଇବାକୁ ଭାଇ
ସତର୍କ ହୋଇ ନିଆଁ ପୋଇବା ଯଦି
ଭୟ ହିଁ ଲାଗିବ ନାହିଁ ।
ଟୋପା ଟୋପା ହୋଇ କାକର ବୁନ୍ଦାରେ
ଫୁଲର ପାଖୁଡ଼ା ହସେ
ପତର ଉପରେ ଶିଶିର ପଡ଼ିକି
ମୁକୁତା ପରିକା ଦିଶେ ।■



ସନ୍ତୋଷ କୁମାର ଅଦାବର
ବୀରମହାରାଜପୁର, ସୁବର୍ଣ୍ଣପୁର
ମୋ- ୯୭୭୭୯୧୦୭୨୮



## ଟିକି ଚଢ଼େଇ

ଟିକି ଚଢ଼େଇ ମୁଁ ଟିକି ଚଢ଼େଇ
ଗଛରେ ଦେଇଛି ବସା ଗଢ଼େଇ
ଯାଉଅଛି ନୀଳ ଆକାଶେ ଉଡ଼ି
ଗୀତ ଗାଇ ଦୁଇ ଡେଣାକୁ ଝାଡ଼ି ।
ଦୁଃଖ ଟିକେ ନାହିଁ ମୋର ମନରେ
ଖୁସିରେ ନିତି ମୁଁ ଆକାଶେ ଘୁରେ
ସ୍ୱାଧୀନ ଭାବରେ ବଞ୍ଚେ ଜୀବନ
ହେବିନାହିଁ କେବେ ମୁଁ ପରାଧୀନ ।
ଖାଦ୍ୟ ଖୋଜି ଆଣେ ଟିକି ଥଣ୍ଟରେ
କେତେ ଦାଉ ସହି ବାଟ ଘାଟରେ
ପ୍ରତିଦିନ ଆମେ ଲାଗୁ କାମରେ
ସଞ୍ଚି ରଖୁ ଖାଦ୍ୟ ଖାଉ ଖୁସିରେ ।
ଆମ ପରି ପିଲେ ହେବ ଚଞ୍ଚଳ
ଉଠୁଥିବ ତୁମେ ନିତି ସଅଳ
ନିଜ କାମ ତୁମେ ନିଜେ କରିବ
ଅଳସ ପଣକୁ ଆଗ ଛାଡ଼ିବ ।
ମୋ ପରି ପିଲାଏ ହେବ ସ୍ୱାଧୀନ
ହେବ ନାହିଁ କେବେ କାହା ଅଧୀନ
ଭଲପାଠ ପଢ଼ି ଗଢ଼ିବ ଦେଶ
ଉଡ଼ୁଥିବ ଦେଶେ ଗୌରବ ଯଶ ।■



ନଳିନୀ ଦାଶ
ଭିକାରିପଡ଼ା, ନୟାଗଡ଼ ।

## ସୁମନ

## ଧୈର୍ଯ୍ୟର ଶକ୍ତି



ନଗେନ୍ଦ୍ର ନାଥ ପଟ୍ଟନାୟକ

ଗୋଟିଏ ଜଙ୍ଗଲରେ ଦୁଇଟି ଠେକୁଆ ରହୁଥାନ୍ତି। ଚିକୁ ଆଉ ମିକୁ। ଦୁହେଁ ଭାରି ସାଙ୍ଗ। ଦୁହେଁଯାକ ମିଳିମିଶି ଖେଳକୁଦ, ଡିଆଁଡେଇଁ କରନ୍ତି। ଦୁଇସାଙ୍ଗ ମିଳିମିଶି ଗାଜର ଖାଆନ୍ତି। ଦିନକର କଥା, ଚିକୁ କହିଲା; ମିକୁ ଚାଲ ସେ ବଡ଼ ଝରଣାଟି ଆଡ଼େ ଯାଇ ବୁଲି ଆସିବା। ମତେ ଖୁବ୍ ଭୋକ ଲାଗିଲାଣି। ସେଇ ଝରଣା ପାରି ହେଇ ସେଠିକାର ମିଠା ଗାଜର ଖାଇବା।



ତା'ପରେ ମିକୁ କହିଲା: ଆରେ ! ରାସ୍ତାଟା ତ ଖୁବ୍ ଲମ୍ବା; ଟିକେ ଆସ୍ତେ ଆସ୍ତେ ଚାଲିଲେ ମଜା ଆସିବ। ଚିକୁ ସଦାବେଳେ ବେଗିବେଗି ଚାଲୁଥାଏ। ତେଣୁ ସେ କହିଲା; ମୁଁ ତ ଦଉଡ଼ିଯାଇ ଆଗେ ପହଞ୍ଚିଯିବି। ତେଣୁ ସେ ଚଟାପଟ୍ ଧାଇଁଗଲା। ବାଟରେ ଲତାବୁଦା, ଝାଟିଆ ପଛରେ ଯେ ଗାତଟିଏ ଅଛି ସେ ଆଡ଼ିକି ଚିକୁ ଠେକୁଆର ନଜର ନ ଥାଏ। ସେ ଆଗକୁ କୁଦି ପଡ଼ିଲାବେଳେ ଗାତରେ ଦାଲୁକିନା ଗଳିପଡ଼ିଲା। ଟିକିଏ ପରେ ମିକୁ ପହଞ୍ଚିଲା ସେଠି। ସେ ଜୁଳୁଜୁଳୁ ଆଖିରେ ଦେଖେତ, ମିକୁ ଠେକୁଆ ଗାତରେ ଫସିଯାଇଚି। ମିକୁ ବାଡ଼ି ଖଣ୍ଡିକରେ ଲତାଟିଏ ଯୋଡ଼ି ଗାତରେ ପୂରାଇଲା। ଆଉ, ଚିକୁ ସେଇ ବାଡ଼ିର ସାହାରା ନେଇ ଭିତରୁ ପଦାକୁ ବାହାରି ଆସିଲା। ଚିକୁ ଲାଜ ସରମରେ ଜଡ଼ସଡ଼ ହେଇ କହିଲା: ସାଙ୍ଗ, ମତେ କ୍ଷମା କରିଦେ; ମୁଁ ସଦାବେଳେ ତରତର ହେଲାରୁ ଏ ଦଶା ଭୋଗିଲି, ମୁଁ ତ ହରବର ହୋଇ କାମକରେ; କାମ ପ୍ରତି ମୋର ମୋଟେ ଧ୍ୟାନ ନ ଥାଏ। ମିକୁ ଠେକୁଆ ମୁରୁକି ମୁରୁକି ହସି କହିଲା- ଏଥିରେ କିଛି କଥା ନାହିଁ। ଧୀରେ ଚାଲିବା ବି ଦୂରଦୃଷ୍ଟିର ପରିଚୟ। କାରଣ- ଯେ ବୁଝି ବିଚାରି ଚାଲେ, ସେ ନିରାପଦରେ ପହଞ୍ଚିଯାଏ।

ନୀତିଶିକ୍ଷା- ଚଞ୍ଚଳତା ସଦାବେଳେ ଠିକଣା ରାସ୍ତାରେ ନେଇଯାଏନା। ବୁଝିବିଚାରି ଧୈର୍ଯ୍ୟର ସହ କାମ କରିନେବା ପ୍ରକୃତରେ ବୁଦ୍ଧିମତାର ପରିଚୟ। ■


ଓସ୍କାର ସିଟି, ଲକ୍ଷ୍ମୀସାଗର କେନାଲ ରୋଡ୍, ଭୁବନେଶ୍ୱର
ମୋ- ୯୪୩୮୩୩୨୧୩୮

## ଛୋଟ ହାତର ଛବି





ଅଂଶୁମାନ ସାହୁ
ଅଷ୍ଟମ ଶ୍ରେଣୀ
ଓଡ଼ିଶା ଆଦର୍ଶ ବିଦ୍ୟାଳୟ
ଅଙ୍କରାନ୍ତିପୁର, ଢେଙ୍କାନାଳ





ଦମୟନ୍ତୀ ଟୁଡୁ
ଚତୁର୍ଥ ଶ୍ରେଣୀ
ସରକାରୀ ଉଚ୍ଚ ବିଦ୍ୟାଳୟ
ଅଦାପାଳ, ମୟୂରଭଞ୍ଜ





ଅଦ୍ୱିତା ବିଶ୍ୱାଳ
ଚତୁର୍ଥ ଶ୍ରେଣୀ
ଡିଏଭି ପବ୍ଲିକ୍ ସ୍କୁଲ
ପୋଖରୀପୁଟ, ଭୁବନେଶ୍ୱର





ମାନସ ରଞ୍ଜନ ଆଚାର୍ଯ୍ୟ
ପଞ୍ଚମ ଶ୍ରେଣୀ
ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର
ପୋଖରୀପୁଟ, ଭୁବନେଶ୍ୱର

### ଆଜିଠାରୁ ଭାରତ-ଦକ୍ଷିଣ ଆଫ୍ରିକା ଦ୍ୱିତୀୟ ଟେଷ୍ଟ

# ଗିଲ୍ ଖେଳିବେନି, ପନ୍ତ ନେବେ ନେତୃତ୍ୱ

ଗୌହାଟି,୨୧।୧୧(ଏଜେନ୍ସି)

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଚାଲିଥିବା ଟେଷ୍ଟ ସିରିଜ୍‌ର ଦ୍ୱିତୀୟ ମ୍ୟାଚ୍ ଆସନ୍ତାକାଲି ସ୍ଥାନୀୟ ବର୍ଷାପଡ଼ା ଷ୍ଟାଡିୟମ୍‌ରେ ଖେଳାଯିବ। କୋଲକାତାରେ ଖେଳାଯାଇଥିବା ପ୍ରଥମ ଟେଷ୍ଟରେ ଆହତ ହୋଇଥିବା ଅଧିନାୟକ ଶୁବମନ ଗିଲ (ନେକ୍ ସ୍ପାଜମ୍) ଆହତ ହୋଇଥିବାରୁ ଏଠାରେ ଦ୍ୱିତୀୟ ଟେଷ୍ଟ ଖେଳିବେ ନାହିଁ। ଏହା ଫଳରେ ତାଙ୍କ ସ୍ଥାନରେ ଉପଅଧିନାୟକ ଋଷଭ ପନ୍ତ ଦଳର ନେତୃତ୍ୱ ନେବେ। କୋଲକାତାରେ ଖେଳାଯାଇଥିବା ପ୍ରଥମ ଟେଷ୍ଟରେ ଭାରତ ୩୦ ରନ୍‌ରେ ପରାଜିତ ହୋଇଥିଲା। ଏହା ଫଳରେ ୨ ମ୍ୟାଚ୍ ବିଶିଷ୍ଟ ଟେଷ୍ଟ ସିରିଜ୍‌ରେ ଦକ୍ଷିଣ ଆଫ୍ରିକା ୧-୦ରେ ଆଗୁଆ ରହିଛି। ଏଠାରେ ଯଦି ଦଳ ପରାଜୟ ବରଣ କରେ ତେବେ ଗୌତମ ଗମ୍ଭୀରଙ୍କ ତତ୍ତ୍ୱାବଧାନରେ ଭାରତୀୟ ଦଳ ଘରୋଇ ମାଟିରେ ଦ୍ୱିତୀୟ ଥର ଲାଗି ସିରିଜ୍ ସୁଇପ୍ ବରଣ କରିବ। ଏଣୁ ଏହି ମ୍ୟାଚ୍ ଭାରତ ଲାଗି କର ଅବା ମରସ୍ଥିତି ସୃଷ୍ଟି କରିଛି। ଏହି ଟେଷ୍ଟ ଅଧଘଣ୍ଟା ଅର୍ଥାତ ସକାଳ ୯ଟାରୁ ଆରମ୍ଭ ହେଉଥିବାରୁ ପ୍ରଥମେ ଚା'ପାନ ବିରତି ଓ ପରେ ମଧ୍ୟାହ୍ନ ଭୋଜନ ବିରତି ହେବ।



ଗିଲ୍‌ଙ୍କ ଅନୁପସ୍ଥିତିରେ ପନ୍ତ୍ ଭାରତୀୟ ଦଳର ନେତୃତ୍ୱ ନେବେ। ଘରୋଇ ଦଳର ଚୂଡାନ୍ତ ଏକାଦଶ ଘୋଷଣା ହୋଇ ନ ଥିଲେ ମଧ୍ୟ କୋଲକାତାରେ ଅନୁଷ୍ଠିତ ପ୍ରଥମ ଟେଷ୍ଟରେ ଭଲ ଖେଳି ନ ଥିବା ଅକ୍ଷର ପଟେଲଙ୍କୁ ବାଦ୍ ଦେବାର ଯଥେଷ୍ଟ ସମ୍ଭାବନା ରହିଛି। ବିଶେଷ କରି ଦକ୍ଷିଣ ଆଫ୍ରିକା ସ୍ପିନରଙ୍କୁ ଉଚିତ ମୁକାବିଲା କରିବା ଲାଗି ଦଳ ଦୁଇ ଜଣ ବ୍ୟାଟର ଯଥା ନଂ-୩ରେ ବି ସାଇ ସୁଦର୍ଶନ ଓ ବ୍ୟାଟିଂ ଅଲରାଉଣ୍ଡର ନୀତୀଶ କୁମାର ରେଡ୍ଡୀଙ୍କୁ ଖେଳାଇବାର ସମ୍ଭାବନା ଅଧିକ। ଏମାନଙ୍କ ବ୍ୟତୀତ ପିଚ୍‌କୁ ଦେଖି ଦଳରେ କିଛି ପରିବର୍ତ୍ତନ କରାଯିବାର ସମ୍ଭାବନାକୁ ଏଡ଼ାଇ ଦେଇହେବ ନାହିଁ। ଭାରତ ଏପରି ସ୍ଥିତିରେ ଅଛି ଯେ ଆଗୁଆ ନିଷ୍ପତ୍ତି ନେବାରେ ସମର୍ଥ ହୋଇପାରୁ ନାହିଁ। ବ୍ୟାଟିଂ ହେଉ କିମ୍ବା ବୋଲିଂ ସବୁଥିରେ ଦକ୍ଷିଣ ଆଫ୍ରିକାକୁ ମୁକାବିଲା କରିବାରେ ଭାରତ ଲାଗି କଷ୍ଟକର ହୋଇଛି। ଏଣୁ ଭ୍ରମଣକାରୀ ଦଳକୁ କିପରି ମୁକାବିଲା କରିବ ତାହା ଏବେ ଦଳ ଲାଗି ଚିନ୍ତାର କାରଣ ପାଲଟିଛି।

ଅନ୍ୟ ପକ୍ଷରେ ଭ୍ରମଣକାରୀ ଦଳର ଦୁଇ ଟପ୍ ବୋଲର କାଗିସୋ ରାବାଡା ଖେଳୁ ନ ଥିଲାବେଳେ କେଶବ ମହାରାଜ ବିଫଳ ହୋଇଥିଲେ। ଏହା ସତ୍ତ୍ୱେ ଫାଷ୍ଟ ବୋଲର ମାର୍କୋ ଜାନ୍‌ସେନ୍ ଓ ସାଇମନ୍ ହାର୍ମରଙ୍କ ବିପଜ୍ଜନକ ବୋଲିଂ ବଳରେ ଦୀର୍ଘ ୩ ଦଶନ୍ଧି ମଧ୍ୟରେ ଭାରତ ମାଟିରେ ଦକ୍ଷିଣ ଆଫ୍ରିକା ପ୍ରଥମ ଟେଷ୍ଟ ବିଜୟ ହାସଲ କରିଥିଲା। କୋଲକାତା ଟେଷ୍ଟରେ ଅଲ୍‌ରାଉଣ୍ଡର ୱିଆନ୍ ମୁଲ୍ଡରଙ୍କୁ ବାଦ୍ ଦେଲେ ଅନ୍ୟ ସମସ୍ତ ଖେଳାଳିଙ୍କ ଯୋଗଦାନ କିଛି ନା କିଛି ରହିଥିଲା। କ୍ରମାଗତ ମ୍ୟାଚ୍ ଖେଳିଲାବେଳେ ଦଳଗୁଡିକ ବିଜୟୀ ହୋଇଥିବା ଏକାଦଶ ଖେଳାଳିଙ୍କୁ ପରିବର୍ତ୍ତନ କରି ନ ଥାନ୍ତି। ଦଳ ଯଦି ପ୍ରଭାବହୀନ ମୁଲ୍ଡରଙ୍କୁ ପରିବର୍ତ୍ତନ କରେ ତେବେ ତାଙ୍କ ସ୍ଥାନରେ ସ୍ପିନ୍ ଅଲରାଉଣ୍ଡର ସେନୁରନ୍ ମୁଥୁସ୍ୱାମୀ କିମ୍ବା ସ୍ପେଶାଲିଷ୍ଟ ବ୍ୟାଟର ଡିୱାଲ୍ଡ ବ୍ରେଭିସ୍‌ଙ୍କୁ ଖେଳାଇପାରେ। ଅନ୍ୟ କିଛି ପରିବର୍ତ୍ତନର ଆଶା କମ୍।

ଭାରତ ଗତ ୧୮ଟି ଟେଷ୍ଟରେ ନଂ-୩ରେ ୭ଜଣ ଖେଳାଳିଙ୍କୁ ଖେଳିବାକୁ ସୁଯୋଗ ଦେଇଛି। ଏହି ପୋଜିସନରେ ଗୌତମ ଗମ୍ଭୀର ସ୍ଥିର ନିଷ୍ପତ୍ତି ନେଇ ପାରୁ ନାହାନ୍ତି। ସେହିପରି ତାଙ୍କ କୋଚିଂ ସମୟରେ ପନ୍ତ୍‌ଙ୍କୁ ମିଶାଇ ୪ଜଣ ଖେଳାଳି ଦଳର ନେତୃତ୍ୱ ନେବାକୁ ଯାଉଛନ୍ତି। ଆଉ ଏକ ଘଟଣା ହେଲା ଏଠାରେ ପ୍ରଥମଥର ଟେଷ୍ଟ ମ୍ୟାଚ୍ ଖେଳାଯାଉଛି। ଏଣୁ ପିଚ୍ କିପରି ପ୍ରଦର୍ଶନ କରିବ ତାହା କେହି ଜାଣି ନାହାନ୍ତି। ଏଭଳି ସ୍ଥିତିରେ ଭାରତ ଘରୋଇ ମାଟିରେ ରକ୍ଷଣାତ୍ମକ ଖେଳିବାକୁ ବାଧ ହୋଇଛି।

**ଖେଳ ଆରମ୍ଭ: ସକାଳ ୯ଟା**
**ସିଧା ପ୍ରସାରଣ: ଷ୍ଟାରସ୍ପୋର୍ଟ୍ସ ନେଟ୍‌ୱର୍କ**
**ଲାଇଭ୍ ଷ୍ଟ୍ରିମିଂ: ଜିଓହଟ୍‌ଷ୍ଟାର**

## ଦିନିକିଆରେ ମଧ୍ୟ ବଭୁମାଙ୍କୁ ନେତୃତ୍ୱ

ଜୋହାନ୍ସବର୍ଗ,୨୧।୧୧(ଏଜେନ୍ସି): ଟେଷ୍ଟ ଅଧିନାୟକ ଟେମ୍ବା ବଭୂମାଙ୍କୁ ଭାରତ ସହ ଖେଳାଯିବାକୁ ଥିବା ୩ ମ୍ୟାଚ୍ ବିଶିଷ୍ଟ ଦିନିକିଆ ସିରିଜ୍ ଲାଗି ଦକ୍ଷିଣ ଆଫ୍ରିକା ଦଳର ନେତୃତ୍ୱ ଦିଆଯାଇଛି। କିନ୍ତୁ ଆହତ ହୋଇଥିବା କାଗିସୋ ରାବାଡାଙ୍କୁ ଦଳରୁ ବାଦ୍ ଦିଆଯାଇଛି। ଦିନିକିଆ ସିରିଜ୍‌ର ପ୍ରଥମ ମ୍ୟାଚ୍ ରାଞ୍ଚିରେ ନଭେମ୍ବର ୩୦, ରାୟପୁରରେ ଡିସେମ୍ବର ୩ ଓ ବିଶାଖାପାଟଣାରେ ଡିସେମ୍ବର ୬ରେ ଖେଳାଯିବ।

**ଦିନିକିଆ ଦଳ**: ଟେମ୍ବା ବଭୁମା (ଅଧିନାୟକ), ଓଟ୍ଟନେଲ ବାର୍ଟମ୍ୟାନ୍, କର୍ବିନ ବୋଶ୍, ମାଥ୍ୟୁ ବ୍ରିଜ୍‌କେ, ଡିୱାଲ୍ଡ ବ୍ରେଭିସ୍, ନାନ୍ଦ୍ରେ ବର୍ଜର, କ୍ୱିଣ୍ଟନ ଡି କକ୍, କେଶବ ମହାରାଜ, ଟୋନି ଡି ଜୋର୍ଜି, ରୁବିନ ହର୍ମାନ୍, ମାର୍କୋ ଜାନ୍‌ସେନ୍, ଆଇଡେନ୍ ମାରକ୍ରମ, ଲୁଙ୍ଗି ଏନ୍‌ଗିଡି, ରିୟାନ ରିକେଲଟନ, ପ୍ରେନ୍‌ଲାନ୍ ସୁବ୍ରାୟେନ୍।

### ମାରକ୍ରମ ଟି-୨୦ ଅଧିନାୟକ

ଦିନିକିଆ ସିରିଜ୍ ପରେ ଉଭୟ ଦେଶ ମଧ୍ୟରେ ୫ ମ୍ୟାଚ୍ ବିଶିଷ୍ଟ ଟି-୨୦ ସିରିଜ୍ ଖେଳାଯିବ। ଏହି ସିରିଜ୍‌ରେ ଆଇଡେନ୍ ମାର୍କରାମ ଦକ୍ଷିଣ ଆଫ୍ରିକା ଦଳର ନେତୃତ୍ୱ ନେବେ। ସିରିଜ୍‌ର ପ୍ରଥମ ମ୍ୟାଚ୍ ଡିସେମ୍ବର ୯ରେ କଟକ, ଦ୍ୱିତୀୟ ମ୍ୟାଚ୍ ଡିସେମ୍ବର ୧୧ରେ ମୋହାଲିର ମୁଲାନପୁର, ତୃତୀୟ ମ୍ୟାଚ୍ ଡିସେମ୍ବର ୧୪ରେ ଧର୍ମଶାଳା, ଚତୁର୍ଥ ମ୍ୟାଚ୍ ଡିସେମ୍ବର ୧୭ରେ ଲକ୍ଷ୍ନୌ ଡିସେମ୍ବର ୧୯ରେ ୫ମ ତଥା ଶେଷ ମ୍ୟାଚ୍ ଅହମ୍ମଦାବାଦ୍‌ରେ ଖେଳାଯିବ।

**ଟି-୨୦ ଦଳ**: ଆଇଡେନ୍ ମାରକ୍ରମ (ଅଧିନାୟକ), ରୀଜା ହେଣ୍ଡ୍ରିକ୍ସ, ଡିୱାଲ୍ଡ ବ୍ରେଭିସ୍, ଟ୍ରିଷ୍ଟାନ ଷ୍ଟବ୍ସ, କ୍ୱିଣ୍ଟନ ଡି କକ୍, ଟୋନି ଡି ଜୋର୍ଜି, ଡେଭିଡ୍ ମିଲର, ଡୋନୋଭାନ ଫେରେରା, କର୍ବିନ ବୋଶ୍, ମାର୍କୋ ଜାନ୍‌ସେନ୍, ଜର୍ଜ ଲିଣ୍ଡେ, କ୍ୱେନା ମାଫକା, ଲୁଙ୍ଗି ଏନ୍‌ଗିଡି, ଓଟ୍ଟନେଲ ବାର୍ଟମ୍ୟାନ୍, ଆନ୍‌ରିଚ୍ ନୋର୍ଜେ ଓ କେଶବ ମହାରାଜ।

### ବାରବାଟୀରେ ଟି-୨୦ ମୁକାବିଲା

## ଗ୍ୟାଲେରୀରେ ରହିବ ପାଥ୍-ୱେ

କଟକ,୨୧।୧୧(ସମିସ): ପ୍ରତି ଗ୍ୟାଲେରୀରେ ତିନୋଟି ଲେଖାଏ ପାଥ୍-ୱେ ନିର୍ମାଣ କରାଯାଉଛି। ଗ୍ୟାଲେରୀରେ ପ୍ରବେଶ ଓ ପ୍ରସ୍ଥାନ ନିମନ୍ତେ ସ୍ୱତନ୍ତ୍ର ରାସ୍ତା ଥିଲେ ମଧ୍ୟ ପାଥ-ୱେ ଜରିଆରେ ଦର୍ଶକ ମ୍ୟାଚ୍ ଚାଲିଥିବା ବେଳେ ଯାତାୟତ କରିପାରିବେ। ଏହି ରାସ୍ତା ଜରୁରୀକାଳୀନ ସମୟରେ ମଧ୍ୟ ଉପଯୋଗ କରାଯିବ। ବାରବାଟୀ ଷ୍ଟାଡିୟମରେ ଏଭଳି ବ୍ୟବସ୍ଥା ପ୍ରଥମଥର ହୋଇଛି ବୋଲି ଓଡ଼ିଶା କ୍ରିକେଟ ଆସୋସିଏସନ(ଓସିଏ) ପକ୍ଷରୁ ସୂଚନା ଦିଆଯାଇଛି। ବିଭିନ୍ନ ଗ୍ୟାଲେରୀର ନବୀକରଣ କାର୍ଯ୍ୟ ଶେଷ ହୋଇଥିବା ବେଳେ ଆଜି ଭୁବନେଶ୍ୱର ଆଇଆଇଟି ସିଭିଲ୍ ବିଭାଗର ୮ଜଣିଆ ପ୍ରତିନିଧି ଦଳ ବାରବାଟୀ ଷ୍ଟାଡିୟମ ଅନୁଧ୍ୟାନ କରି ଫେରିଛନ୍ତି। ଅନ୍ୟପକ୍ଷରେ ନବୀକରଣ କାର୍ଯ୍ୟ ପରେ ବାରବାଟୀରେ ସିଟ୍ ସଂଖ୍ୟା ପ୍ରାୟ ଅଢ଼େଇ ହଜାର କମିବ ବୋଲି ଓସିଏର କନସଲଣ୍ଟାଣ୍ଟ ବିଷ୍ଣୁପ୍ରସାଦ ମହାପାତ୍ର କହିଛନ୍ତି। ପ୍ରକାଶଥାଉକି, ଆଉ ୧୭ ଦିନ ପରେ ବାରବାଟୀରେ ଭାରତ-ଦକ୍ଷିଣଆଫ୍ରିକା ବିପକ୍ଷ ଟି-୨୦ ମୁକାବିଲା ହେବ। ଏହି ପରିପ୍ରେକ୍ଷୀରେ ଓସିଏ ପକ୍ଷରୁ ପ୍ରସ୍ତୁତି ଯୁଦ୍ଧକାଳୀନ ଭିତ୍ତିରେ ଆଗେଇ ଚାଲିଛି। ୧୯ ଇଞ୍ଚ ବିଶିଷ୍ଟ ସିମେଣ୍ଟ ସିଟ୍‌କୁ ଚଉଡା କରାଯାଇ ୨୨ ଇଞ୍ଚ କରାଯାଇଛି। ୭ଟି ଯାକ ଗ୍ୟାଲେରୀରେ ଏହି ନିର୍ମାଣ କାର୍ଯ୍ୟ ଶେଷ ହୋଇଛି। ଓସିଏ ଅନୁରୋଧକ୍ରମେ ଆଇଆଇଟି ପ୍ରତିନିଧି ଆଜି ଷ୍ଟାଡିୟମ ଅନୁଧ୍ୟାନ କରି ସ୍ଥିତାବସ୍ଥା ତଦାରଖ କରିବା ପରେ ସନ୍ତୋଷ ବ୍ୟକ୍ତ କରିଥିଲେ। ଷ୍ଟାଡିୟମର ଫିଟ୍‌ନେସ୍ ରିପୋର୍ଟ ଏହି ଟିମ୍ ପ୍ରସ୍ତୁତ କରିବ। ଡିସେମ୍ବର ୬ ତାରିଖ ସୁଦ୍ଧା ଫିଟନେସ୍ ରିପୋର୍ଟ ରାଜ୍ୟ ସରକାରଙ୍କୁ ପ୍ରଦାନ କରାଯିବ।



**ସିଟ୍ କମିଲା ଅଢ଼େଇ ହଜାର**
**ନବୀକରଣ କାର୍ଯ୍ୟ ଅନୁଧ୍ୟାନ କଲେ ଆଇଆଇଟି ଟିମ୍**

### ରାଇଜିଂ ଷ୍ଟାର୍ସ ଏସିଆ କପ୍ କ୍ରିକେଟ

## ଭାରତ ବିଦା: ଫାଇନାଲରେ ବାଂଲାଦେଶ

ଦୋହା,୨୧।୧୧(ଏଜେନ୍ସି): ସୁପର ଓଭରରେ ବୈଭବ ସୂର୍ଯ୍ୟବଂଶୀଙ୍କୁ ଖେଳିବାର ସୁଯୋଗ ନ ଦେବା ଭାରତ-ଏ' ଦଳ ଲାଗି ଘାତକ ସାବ୍ୟସ୍ତ ହୋଇଛି। ସୂର୍ଯ୍ୟବଂଶୀଙ୍କ ଅନୁପସ୍ଥିତିରେ ଭାରତ ସୁପର ଓଭରରେ ୨ଟି ବଲ୍‌ରେ ୨ଟି ୱିକେଟ ହରାଇ ଅଲଆଉଟ୍ ହୋଇଥିଲା। ଜବାବରେ ବାଂଲାଦେଶ-ଏ' ୱାଇଡ୍‌ବଲ ମାଧ୍ୟମରେ ଭାରତକୁ ହରାଇ ଏଠାରେ ଚାଲିଥିବା ରାଇଜିଂଷ୍ଟାର୍ସ ଏସିଆ କପ୍ ଫାଇନାଲରେ ପ୍ରବେଶ କରିଛି। ପାକିସ୍ତାନ ଓ ଶ୍ରୀଲଙ୍କା ମଧ୍ୟରେ ଦ୍ୱିତୀୟ ସେମିଫାଇନାଲ ମ୍ୟାଚ୍‌ର ବିଜେତା ସହ ବାଂଲାଦେଶ ଏଠାରେ ରବିବାର ଫାଇନାଲ ଖେଳିବ। ପ୍ରଥମ ସେମିଫାଇନାଲରେ ପ୍ରଥମେ ବ୍ୟାଟିଂ କରି ବାଂଲାଦେଶ-ଏ' ୬ ୱିକେଟରେ ୧୯୪ ରନ୍ କରିଥିଲା। ଜବାବରେ ବାଂଲା ଫିଲ୍ଡରଙ୍କ ମିସ୍ ଫିଲ୍ଡ ଯୋଗୁଁ ଭାରତ ମଧ୍ୟ ନିର୍ଦ୍ଧାରିତ ୨୦ ଓଭରରେ ୬ ୱିକେଟ ହରାଇ ସମାନ ୧୯୪ କରିଥିଲା। ଫଳରେ ସୁପର ଓଭର ଖେଳାଯାଇଥିଲା। ଏଥିରେ ପ୍ରଥମେ ବ୍ୟାଟିଂ କରିଥିବା ଭାରତ ଖାତା ଖୋଲିପରି ନଥଲା ।


୨୩ ନଭେମ୍ବର ୨୦୨୫ ରବିବାର

ସକାଳ THE SAKALA
A Unit of Nandighosha Network Pvt. Ltd.
ନନ୍ଦିଘୋଷ

Presented by: BHARAT MASALA
AN ISO 9001 : 2015 & HACCP CERTIFIED COMPANY
The Taste of New India

'ସକାଳ'ର ପଞ୍ଚମ ସ୍ୱନକ୍ଷତ୍ର ଉପଲକ୍ଷେ ରାଜ୍ୟସ୍ତରୀୟ
ବିତର୍କ ପ୍ରତିଯୋଗିତା ୨୦୨୫
ଭାଷା: ଓଡ଼ିଆ

5th Anniversary

In Association with:
CBSE-XI & XII SRI VINAYAKA Concept School BHUBANESWAR

ପ୍ରତିଯୋଗିତା ସ୍ଥାନ ଓ ଯୋଗାଯୋଗ ନଂ.

| | | |
|---|---|---|
| ଭୁବନେଶ୍ୱର | ଡ଼ିଏଭି ପବ୍ଲିକ ସ୍କୁଲ୍, ୟୁନିଟ୍-୮, ଭୁବନେଶ୍ୱର | ସୁଧାଂଶୁ ସାହୁ - ୭୩୭୧୬୯୪୧୪୨ |
| ଖୋର୍ଦ୍ଧା | ସିଗମା ପବ୍ଲିକ ସ୍କୁଲ, ଖୋର୍ଦ୍ଧା | ରଞ୍ଜିତ କେ.ଏନ୍ ସାମନ୍ତରାୟ - ୯୪୩୭୪୫୬୫୭୬ |
| ନୟାଗଡ଼ | ସାମ୍ବାଦିକ ଭବନ, ନୟାଗଡ଼ | ଅନିଲ କୁମାର ପଣ୍ଡା - ୭୩୭୭୭୧୦୦୯୭ |
| ଅନୁଗୋଳ | ରୋଟାରୀ ପବ୍ଲିକ ସ୍କୁଲ, ଅନୁଗୋଳ | ସଂଗ୍ରାମ ଦାସ - ୯୪୩୯୦୧୬୦୧୯ |
| ପୁରୀ | କେନ୍ଦ୍ରୀୟ ସଂସ୍କୃତ ବିଶ୍ୱବିଦ୍ୟାଳୟ, ସଦାଶିବ ପରିସର, ପୁରୀ | ହେମନ୍ତ କୁମାର ନାୟକ - ୯୯୩୭୫୫୨୧୭୨୯ |
| କଟକ | ସାରଳା ଭବନ, ବିଜୁ ପଟ୍ଟନାୟକ ଛକ, ତୁଳସିପୁର, କଟକ | ଭକ୍ତି ଭୂଷଣ ମହାନ୍ତି - ୯୩୩୮୧୦୧୦୮୩ |
| ଢେଙ୍କାନାଳ | ଢେଙ୍କାନାଳ, ସିନର୍ଜି ଇଞ୍ଜିନିରିଂ ବୈଷିକ ମହାବିଦ୍ୟାଳୟ | ସୟେଦ ଇମତିଆଜ୍ ହୁସେନ୍ - ୯୪୩୭୦୭୪୦୩୩ |
| ମୟୂରଭଞ୍ଜ | ସାଇଆଦର୍ଶ ଉଚ୍ଚମାଧମିକ ବିଦ୍ୟାଳୟ, ରଘୁନାଥପୁର ବାରିପଦା | ମନୋଜ କୁମାର ପଣ୍ଡା - ୯୪୩୮୨୪୮୪୯୧ |
| ଗଜପତି | ମହେନ୍ଦ୍ରଗିରି ପୌର ସରକାରୀ ଉଚ୍ଚ ବିଦ୍ୟାଳୟ, ପାରଳାଖେମୁଣ୍ଡି, ଗଜପତି | ରଶ୍ମି ରଞ୍ଜନ ମିଶ୍ର-୯୪୩୭୧୪୦୦୦୨ |
| ଗଞ୍ଜାମ | ସହିଦ ଲକ୍ଷ୍ମଣ ନାୟକ ସ୍ମୃତି ସରକାରୀ ଉଚ୍ଚ ବିଦ୍ୟାଳୟ, କୋର୍ଟପେଟା, ବ୍ରହ୍ମପୁର | କ୍ଷୀରସିନ୍ଧୁ ମହାନ୍ତି - ୭୭୪୯୮୧୧୭୦୩ |
| କନ୍ଧମାଳ | ଡିଆଇପିଆରଓ କନଫରେନ୍ସ ହଲ, ଫୁଲବାଣୀ, କନ୍ଧମାଳ | ସଞ୍ଜୟ ପାତ୍ର - ୭୦୦୮୬୨୫୬୧୯ |
| କେନ୍ଦ୍ରାପଡା | ସେଣ୍ଟ ଜାଭିୟର ହାଇସ୍କୁଲ, ଗୋପ, କେନ୍ଦ୍ରାପଡା | ଦେବଦତ୍ତ ଦାଶ - ୯୯୩୭୨୨୨୯୯୪ |
| ଜଗତସିଂହପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଜଗତସିଂହପୁର | ଶଶାଙ୍କ ଶେଖର ପଣ୍ଡା - ୯୮୬୧୩୩୭୯୮୨ |
| ଯାଜପୁର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଯାଜପୁର | ସନ୍ଦିପ୍ତ ରାୟ - ୯୪୩୯୪୯୭୬୪୫ |
| ବାଲେଶ୍ୱର | ସକାଳ-ନନ୍ଦିଘୋଷ କାର୍ଯ୍ୟାଳୟ ସମ୍ମିଳନୀ କକ୍ଷ, ପଡ଼ୁଆଁପଦା, ପ୍ରୁଫ ରୋଡ, ବାଲେଶ୍ୱର | ଅସୀମ ମହାପାତ୍ର - ୯୪୩୯୪୫୨୧୮୮ |
| ଭଦ୍ରକ | ଭଦ୍ରକ ସରକାରୀ ଉଚ୍ଚ ବିଦ୍ୟାଳୟ (ପୁରୁଣା ସରକାରୀ ବାଳିକା ବିଦ୍ୟାଳୟ), ଭଦ୍ରକ | ଉମାକଲ୍ୟାଣ ମହାପାତ୍ର - ୯୦୯୦୯୦୪୦୭୭ |
| କେନ୍ଦୁଝର | ସରସ୍ୱତୀ ଶିଶୁ ବିଦ୍ୟାମନ୍ଦୀର ବଣିଆପାଟ, କେନ୍ଦୁଝର (ଲର୍ଡ଼ ଜଗନ୍ନାଥ ସାଇନ୍ସ କଲେଜ ସମ୍ମୁଖ, କଲେଜ ରୋଡ଼) | ଶରତ ଦାସ - ୭୩୭୧୧୨୨୦୫୫ |
| ରାୟଗଡା | ସେଞ୍ଚୁରିୟନ ପବ୍ଲିକ ସ୍କୁଲ, ରିଙ୍ଗ ରୋଡ, ୟୁଜିଏମଆଇଟି କଲେଜ ପାଖରେ, ରାୟଗଡା | ଶିବ ନାରାୟଣ ଗୌଡ - ୭୦୦୮୯୪୧୨୧୬ |
| ନବରଙ୍ଗପୁର | ସରସ୍ୱତୀ ଶିଶୁ ବିଦ୍ୟା ମନ୍ଦିର, ନୂଆଁଗଡ, ମିର୍ଗାନ୍ ଗୁଡା, ନବରଙ୍ଗପୁର | ଗୌରାଙ୍ଗ ପାତ୍ର - ୭୯୭୮୭୩୩୬୩୬ |
| ମାଲକାନଗିରି | ମାଲକାନଗିରି ମହା ବିଦ୍ୟାଳୟ, ମାଲକାନଗିରି | ଅଶୋକ ମିଶ୍ର - ୯୦୭୮୯୩୨୨୬୬ |
| କୋରାପୁଟ | ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିର, ଅରବିନ୍ଦ ନଗର ପାରାବେଢା, ଜୟପୁର | ସୁପ୍ରିତ ପୂଜାରୀ - ୯୪୩୭୬୮୨୧୦୫ |
| ବଲାଙ୍ଗିର | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ଗାନ୍ଧୀନଗରପଡ଼ା, ବଲାଙ୍ଗିର | ଅଭିଳାଷ ହୋତା - ୭୦୦୮୦୮୪୨୪୭ |
| ଦେବଗଡ଼ | ଅପ୍ରାଇଜ ଏଜୁକେଶନାଲ ଇନ୍‌ଷ୍ଟିଚ୍ୟୁଟ, ପୁରୁଣାଗଡ଼, ଦେବଗଡ଼ | ବ୍ରିଜେଶ ସାହୁ - ୭୮୪୭୦୨୩୩୦୩ |
| କଳାହାଣ୍ଡି | ପି.ଏମ୍ ଶ୍ରୀ ମ୍ୟୁନିସିପାଲ ସରକାରୀ ଉଚ୍ଚ ବିଦ୍ୟାଳୟ, ଭବାନୀପାଟଣା, କଳାହାଣ୍ଡି | ସ୍ୱାଧୀନ ପାତ୍ର - ୯୪୩୭୨୨୨୯୨୨ |
| ନୂଆପଡା | ନ୍ୟାସନାଲ ହାଇସ୍କୁଲ ନୂଆପଡା | ଘନଶ୍ୟାମ ଭୋଇ - ୯୯୩୭୬୯୨୧୩୨ |
| ସମ୍ବଲପୁର | ଗୁରୁନାନକ ପବ୍ଲିକ ସ୍କୁଲ, ସମ୍ବଲପୁର | ସୁକାନ୍ତ କର - ୯୪୩୭୨୪୯୧୬୬ |
| ରାଉରକେଲା | ରାଉରକେଲା ମୁନିସିପାଲ ମହାବିଦ୍ୟାଳୟର ଅଡିଟୋରିୟମ୍, ଉଦିତନଗର, ରାଉରକେଲା - ୭୬୯୦୦୨ | ଦେବବ୍ରତ ପଟ୍ଟନାୟକ - ୯୪୩୭୦୮୨୭୭୭ |
| ଝାରସୁଗୁଡା | PKSS କଲେଜ, ଝାରସୁଗୁଡା | ତୁଳେଶ୍ୱରୀ ପ୍ରଧାନ - ୯୭୭୭୩୪୩୬୯୩ |
| ବୌଦ୍ଧ | ସରକାରୀ ବାଳିକା ଉଚ୍ଚ ବିଦ୍ୟାଳୟ, ବୌଦ୍ଧ | ବବୁଲ ପାଢ଼ୀ - ୯୪୩୭୫୨୨୯୪୦ |
| ବରଗଡ଼ | ରାଣା ପ୍ରତାପ ଉଚ୍ଚ ବିଦ୍ୟାଳୟ ବରଗଡ଼ | ସରୋଜ ଷଡଙ୍ଗୀ - ୯୯୩୭ ୦୨୧୩୩୦ |

ଜୁନିୟର: ହାଇସ୍କୁଲ ଛାତ୍ରଛାତ୍ରୀ
ସିନିୟର: କଲେଜ / ବିଶ୍ୱବିଦ୍ୟାଳୟ ଛାତ୍ରଛାତ୍ରୀ

ପ୍ରାରମ୍ଭିକ ବିତର୍କ ପ୍ରତିଯୋଗିତାର ବିଜେତାମାନଙ୍କୁ ପୁରସ୍କୃତ କରାଯିବ।
ଭାଗ ନେଉଥିବା ସମସ୍ତ ପ୍ରତିଯୋଗୀମାନଙ୍କୁ ସାର୍ଟିଫିକେଟ୍ ଅଫ୍ ପାର୍ଟିସିପେସନ୍ ପ୍ରଦାନ କରାଯିବ।

ଜିଲ୍ଲାସ୍ତରୀୟ ପ୍ରତିଯୋଗିତାରେ ପ୍ରଥମ ସ୍ଥାନ ଅଧିକାର କରିଥିବା ପ୍ରତିଯୋଗୀଙ୍କୁ ରାଜ୍ୟସ୍ତରର ପ୍ରତିଯୋଗିତା ପାଇଁ ଭୁବନେଶ୍ୱର ଡକାଯିବ।



PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED.
PRINTED AT THE SAKALA, SWOTI VILLAGE, PANIKOILI-755043, DIST: JAJPUR, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS